
# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

◆VOLUME- 44 ◆ISSUE-01 ◆THURSDAY ◆25 JUNE 2026 ◆PAGE-12 ◆₹ 7.00 | BHUBANESWAR | ◆ବର୍ଷ-୪୪ ◆ସଂଖ୍ୟା-୦୧ ◆ଗୁରୁବାର ◆୨୫ ଜୁନ୍ ୨୦୨୬ ◆ପୃଷ୍ଠା-୧୨ ◆ଟ.୭.୦୦

ରଜନୀକାନ୍ତଙ୍କୁ ପଛରେ ପକାଇଲେ ରଣବୀର

▶ପୃଷ୍ଠା ୧୧ ଦେଖନ୍ତୁ...


## ନୂଆ ବିଏସ୍-୬ ଗାଡ଼ି ପାଇଁ ୩ ବର୍ଷ ପିୟୁସିସି ଭ୍ୟାଲିଡିଟି

**ବଦଳିବ ପଲ୍ୟୁସନ୍ ସାର୍ଟିଫିକେଟ୍ ନିୟମ**

■ ନୂଆଦିଲ୍ଲୀ, ୨୪।୬ (ଏଜେନ୍ସି): କେନ୍ଦ୍ର ସରକାର ୨୦୨୦ ରେ ବିଏସ୍-୫(ଭାରତ ଷ୍ଟେଜ୍-୫)କୁ ବାଦ୍ ଦେଇ ସିଧାସଳଖ ବିଏସ୍-୬ ନିୟମ ଲାଗୁ କରିଥିଲେ। କାରଣ ଏହି ଗାଡ଼ିଗୁଡ଼ିକ ବେଶ ପରିବେଶ ଅନୁକୂଳ ଥିଲା। ଏହାର ଅତ୍ୟାଧୁନିକ ଜ୍ଞାନକୌଶଳ ତଥା ପରିବେଶ ଅନୁକୂଳ ଇଞ୍ଜିନ୍ ଯୋଗୁଁ ନୂଆ ଗାଡ଼ିଗୁଡ଼ିକର ବାରମ୍ବାର ପଲ୍ୟୁସନ ଯାଞ୍ଚ ନିୟମାରେ କୋହଳ କରିବାକୁ ସରକାର ଯୋଜନା ଚଳାଇଛନ୍ତି। ବର୍ତ୍ତମାନ କେନ୍ଦ୍ର ସରକାର ବିଏସ୍-୬ ଇଞ୍ଜିନ୍ ଥିବା ଗାଡ଼ିଗୁଡ଼ିକ ପାଇଁ 'ପଲ୍ୟୁସନ ଅଣ୍ଡର କଣ୍ଟ୍ରୋଲ୍ (ପିୟୁସି) ସାର୍ଟିଫିକେଟ୍‌ର ବୈଧତା ୧ ବର୍ଷରୁ ୩ ବର୍ଷକୁ ବୃଦ୍ଧି କରିବା ନେଇ ବିଚାର କରୁଛନ୍ତି। ୨୦୨୦ ଏପ୍ରିଲ୍ ପହିଲା ପରେ କିଣାଯାଇଥିବା ଯାନବାହାନ ପାଇଁ ଏହି ନିୟମ ଲାଗୁ ହେବ, କିନ୍ତୁ ପୁରୁଣା ଗାଡ଼ିଗୁଡ଼ିକ ପାଇଁ ନିୟମ ଆହୁରି କଡ଼ାକଡ଼ି କରାଯିବ।

ପିୟୁସି ସାର୍ଟିଫିକେଟ ନ ଥିଲେ ପ୍ରଥମ ଥର ପାଇଁ ଚାଳକଙ୍କର ୧,୦୦୦ରୁ ୧୦,୦୦୦ ଟଙ୍କା ପର୍ଯ୍ୟନ୍ତ ଚାଲାଣ କଟିପାରେ। ସେହିପରି ବାରମ୍ବାର ଭୁଲ୍ କଲେ ପ୍ରତିଥର ଅତିରିକ୍ତ ୨,୦୦୦ ଟଙ୍କା ଫାଇନ୍ ଦେବାକୁ ପଡ଼ିବା ସହିତ ଡ୍ରାଇଭିଂ ଲାଇସେନ୍ସକୁ ୩ ମାସ ପର୍ଯ୍ୟନ୍ତ ବାତିଲ ମଧ୍ୟ କରାଯାଇପାରେ। ବାଣିଜ୍ୟିକ ବିଏସ୍-୬ ଯାନଗୁଡ଼ିକ ପାଇଁ ନିୟମ ଭିନ୍ନ ହୋଇପାରେ। ସରକାର କହିଛନ୍ତି ଯେ ବିଏସ୍-୬ ଯାନଗୁଡ଼ିକ ପୁରୁଣା ମଡେଲ ତୁଳନାରେ ଯଥେଷ୍ଟ କମ୍ ପ୍ରଦୂଷଣ ▶ପୃଷ୍ଠା-୧୦

## କୋଲକାତାରେ ନିର୍ମାଣାଧୀନ ଗୋଦାମ ଭୁଶୁଡ଼ି ୭ ମୃତ



**ଏବେ ବି ଫସି ରହିଛନ୍ତି ୧୫ ଶ୍ରମିକ**

■ କୋଲକାତା, ୨୪।୬ (ଏଜେନ୍ସି): କୋଲକାତାର ତାରାତଲା ଅଞ୍ଚଳରେ ବୁଧବାର ଏକ ନିର୍ମାଣାଧୀନ ତିନି ମହଲା ଗୋଦାମ ଘର ହଠାତ୍ ଭୁଶୁଡ଼ି ପଡ଼ିଛି। ଫଳରେ ୭ ଜଣ ଶ୍ରମିକ ଏଥିରେ ଚାପି ହୋଇ ପ୍ରାଣ ହରାଇଛନ୍ତି ଏବଂ ଅନେକ ଆହତ ହୋଇଛନ୍ତି। ଅତିକମ୍‌ରେ ୧୫ ଶ୍ରମିକ ଭଗ୍ନସ୍ତୂପ ତଳେ ଚାପି ହୋଇ ରହିଥିବା ଅନୁମାନ କୁହାଯାଉଛି। ପ୍ରଶାସନ ପକ୍ଷରୁ ଯୁଦ୍ଧକାଳୀନ ଭିତ୍ତିରେ ଉଦ୍ଧାର କାର୍ଯ୍ୟ ଜାରି ରହିଛି। ଉଦ୍ଧାର କାର୍ଯ୍ୟରେ ଭାରତୀୟ ସେନାର ୪ଟି ଦଳ ସାମିଲ ହୋଇଛନ୍ତି। ଏହା ସହିତ ଏନ୍‌ଡିଆରଏଫ, ଏସଡିଆରଏଫ, କୋଲକାତା ପୁଲିସ ଏବଂ ଅଗ୍ନିଶମ ବାହିନୀ ମିଳିତ ଭାବେ କାର୍ଯ୍ୟ କରୁଛନ୍ତି। ଭଗ୍ନସ୍ତୂପ ତଳେ ଜୀବିତ ଥିବା ଲୋକଙ୍କୁ ଖୋଜିବା ପାଇଁ ସନ୍ଧାନୀ କୁକୁର ଏବଂ ଡ୍ରୋନ ସାହାଯ୍ୟ ▶ପୃଷ୍ଠା-୧୦

**ପିଲାଙ୍କ ପଢ଼ା ବହିରେ ତ୍ରୁଟି**


# ସରିଲା ତଦନ୍ତ; କାର୍ଯ୍ୟାନୁଷ୍ଠାନ କେବେ ?

## ସାର୍ବଜନୀନ ହେବ ତ ରିପୋର୍ଟ !

■ ଭୁବନେଶ୍ୱର, ୨୪।୬ (ସମିସ): ପିଲାଙ୍କ ପଢ଼ା ବହିରେ ମାଳମାଳ ତ୍ରୁଟି ଘଟଣାର ତଦନ୍ତ ପାଇଁ ଉନ୍ନୟନ କମିସନର ଦେଓ ରଞ୍ଜନ କୁମାର ସିଂହଙ୍କ ନେତୃତ୍ୱରେ ଗଠିତ ୩ ଜଣିଆ କମିଟିର ଅବଧି ଆଜି ସରିଛି। ୭ ଦିନ ଧରି ତନାଘନା କରିବା ପରେ ପୁସ୍ତକ ପ୍ରସ୍ତୁତିରେ କାହାର ଭୂମିକା କ'ଣ ରହିଥିଲା ଓ କିଏ ଉତ୍ତରଦାୟୀ, କମିଟି ତାହା ଅନୁଧ୍ୟାନ କରିଛି। ଆଜି ସକାଳେ କମିଟିର ଅନ୍ୟତମ ସଦସ୍ୟ ତଥା ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ସଚିବ ବିଜୟ କେତନ ଉପାଧ୍ୟାୟ ଏବଂ ଗଣଶିକ୍ଷା ବିଭାଗ ସଚିବ ଏନ୍ ତିରୁମାଳା ନାୟକଙ୍କ ସହ ଏସ୍‌ସିଇଆର୍‌ଟି କାର୍ଯ୍ୟାଳୟରେ ପହଞ୍ଚି ତନାଘନା କରିଛନ୍ତି। ଦୀର୍ଘ ସମୟ ପର୍ଯ୍ୟନ୍ତ ବିଭିନ୍ନ ତଥ୍ୟ ଯାଞ୍ଚ କରିବା ପରେ ଏକାଧିକ ଫାଇଲ ନେଇଛନ୍ତି। ମୁଖ୍ୟତଃ କଣ୍ଟେଣ୍ଟ ପ୍ରସ୍ତୁତି ଓ ବିକଶିତ କରାଯାଇଥିବା ଦସ୍ତାବିଜ୍‌କୁ ତନ୍ନତନ୍ନ କରି ଯାଞ୍ଚ କରିଛନ୍ତି।

ମୁଖ୍ୟମନ୍ତ୍ରୀଙ୍କ ପୂର୍ବ ନିର୍ଦ୍ଦେଶକ୍ରମେ କମିଟି ଆସନ୍ତାକାଲି ଚୂଡ଼ାନ୍ତ ତଦନ୍ତ ରିପୋର୍ଟ ଦାଖଲ କରିପାରେ ବୋଲି ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି। ତଦନ୍ତ ସରିବା ପରେ ଅଧିକାରୀଙ୍କ ମଧ୍ୟରେ ଛନକା ପଶିଛି। କେଉଁ ଅଧିକାରୀଙ୍କ ବିରୋଧରେ କେବେ ଓ କ'ଣ କାର୍ଯ୍ୟାନୁଷ୍ଠାନ ହେବ, ତାହାକୁ ନେଇ କ୍ଷମତା କରିଡରରେ ଆଲୋଚନା ଜୋର୍ ଧରିଛି। ଦିନକୁ ଦିନ ପୁସ୍ତକରେ ଥିବା ମାଳମାଳ ତ୍ରୁଟି ଲୋକଲୋଚନକୁ ଆସୁଥିବାରୁ ସରକାର ଅକଳରେ ▶ପୃଷ୍ଠା-୧୦

## ଇଂରାଜୀ ବହିରେ ଓଡ଼ିଆ ରଜଦୋଳି ଗୀତ !




■ ଭୁବନେଶ୍ୱର, ୨୪।୬ (ସମିସ): ପ୍ରଥମରୁ ଅଷ୍ଟମ ଶ୍ରେଣୀ ବହିରେ ମାଳମାଳ ତ୍ରୁଟି ପାଇଁ ସରକାର ଏବେ ବିଭିନ୍ନ ମହଲରେ କଡ଼ା ସମାଲୋଚନାର ଶିକାର ହୋଇଛନ୍ତି। ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଏହାକୁ ସାମାନ୍ୟ ଓ ସାଧାରଣ କଥା ବୋଲି ଉଲ୍ଲେଖ କରି ଢ଼ାଙ୍କିବାକୁ ଉଦ୍ୟମ କରିଥିଲେ ବି ଏହି ପ୍ରସଙ୍ଗ ଏବେ ଜାତୀୟ ଗଣମାଧ୍ୟମରେ ଶିରୋନାମା ପାଲଟିଛି। ପ୍ରତିଦିନ ଓଡ଼ିଆ ବହିରେ ରହିଥିବା ଭୁଲକୁ ନେଇ ସାମାଜିକ ଗଣମାଧ୍ୟମରେ ନୂଆନୂଆ କଥା ଶୁଣିବାକୁ ମିଳୁଛି। ଏହି କ୍ରମରେ ପଞ୍ଚମ ଶ୍ରେଣୀ ଇଂରାଜୀ ବହିରେ ଓଡ଼ିଆ ରଜ ଦୋଳିଗୀତ ସ୍ଥାନ ପାଇଥିବା ଜଣା ପଡ଼ିବା ପରେ ଅଭିଭାବକ ଓ ସାଧାରଣ ଲୋକେ ସରକାରଙ୍କୁ ସିଧା ନିଶାଣ କରିଛନ୍ତି। ଓଡ଼ିଆ ଅସ୍ମିତା ଇଂରାଜୀ ଆଡ଼କୁ ମାଡ଼ିଗଲା ବୋଲି ବି ସମାଲୋଚନା କରିଛନ୍ତି। ଏପରିକି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଓଡ଼ିଆ ଅସ୍ମିତା ଓ ଓଡ଼ିଆ ଭାଷାର ବସ୍ତ୍ରହରଣ କରିଥିବା ▶ପୃଷ୍ଠା-୧୦

**ଯୁଦ୍ଧ ବନ୍ଦ ପାଇଁ ଆମେରିକା ସଂସଦର ନିର୍ଦ୍ଦେଶ**

## ମୁଁ ମାନିବାକୁ ବାଧ୍ୟ ନୁହେଁ



■ ୱାଶିଂଟନ, ୨୪।୬ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ଏକ ବଡ଼ ରାଜନୈତିକ ଝଟକା ଦେଇ ଦେଶର ସଂସଦ ଇରାନ ବିରୋଧରେ ଚାଲିଥିବା ସାମରିକ କାର୍ଯ୍ୟାନୁଷ୍ଠାନ ବନ୍ଦ କରିବାକୁ ପ୍ରସ୍ତାବ ପାରିତ କରିଛି। ପୂର୍ବରୁ ପ୍ରତିନିଧି ସଭାରେ ପାସ୍ ହୋଇଥିବା ଏହି ପ୍ରସ୍ତାବକୁ ଗତକାଲି ସିନେଟ୍ ମଧ୍ୟ ଅନୁମୋଦନ ପ୍ରଦାନ କରିଛି। ତେବେ ଟ୍ରମ୍ପ ସଂସଦର ଏହି ଆଦେଶକୁ ସମାଲୋଚନା କରିବା ସହିତ ଏହାକୁ ମାନିବା ଲାଗି ସେ ବାଧ୍ୟ ନୁହନ୍ତି ବୋଲି କହିଛନ୍ତି।

ଗତକାଲି ସିନେଟରେ ହୋଇଥିବା ମତଦାନରେ ରାଷ୍ଟ୍ରପତି ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟିର କିଛି ସଦସ୍ୟ ମଧ୍ୟ ବିରୋଧୀଙ୍କ ସହ ହାତ ମିଳାଇଥିବା ଦେଖିବାକୁ ମିଳିଛି। ସିନେଟରେ ଏହି ଯୁଦ୍ଧ କ୍ଷମତା ସଂକ୍ରାନ୍ତୀୟ ପ୍ରସ୍ତାବ ୫୦-୪୮ ଭୋଟରେ ଗୃହୀତ ହୋଇଛି। ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟିର ୪ ଜଣ ସଦସ୍ୟ ଦଳୀୟ ଆଭିମୁଖ୍ୟ ବିରୋଧରେ ଯାଇ ଡେମୋକ୍ରାଟ ପ୍ରସ୍ତାବ ସପକ୍ଷରେ ଭୋଟ ଦେଇଛନ୍ତି। ଏହା ପୂର୍ବରୁ ଚଳିତ ମାସ ଆରମ୍ଭରେ ନିମ୍ନ ସଦନ ପ୍ରତିନିଧି ସଭା ମଧ୍ୟ ୨୧୫-୨୦୮ ଭୋଟରେ ଏହି ପ୍ରସ୍ତାବକୁ ଅନୁମୋଦନ କରିଥିଲା। ଫଳରେ ସଂସଦ ଏହି ପ୍ରସ୍ତାବ ପାସ୍ କରି ଟ୍ରମ୍ପଙ୍କ ଉପରେ ଯୁଦ୍ଧ ଅଙ୍କୁଶ ଲଗାଇଦେଇଛି।

ଯୁଦ୍ଧ ବନ୍ଦ କରିବା ଲାଗି ଇରାନ ସହିତ ଚୂଡ଼ାନ୍ତ ଚୁକ୍ତି ପାଇଁ କଥାବାର୍ତ୍ତା ଚାଲିଥିବା ବେଳେ ସଂସଦର ଏଭଳି ପ୍ରସ୍ତାବ ଟ୍ରମ୍ପଙ୍କ ପାଇଁ ଅପ୍ରୀତିକର ପରିସ୍ଥିତି ସୃଷ୍ଟି କରିଛି। କଥାବାର୍ତ୍ତା ବେଳେ ଇରାନ ଟ୍ରମ୍ପ ପ୍ରଶାସନକୁ ବିଶେଷ ଗୁରୁତ୍ୱ ଦେଇନପାରେ ବୋଲି କୁହାଯାଉଛି। କାରଣ ଯୁଦ୍ଧ ପାଇଁ ଆମେରିକାର ସଂସଦ ଟ୍ରମ୍ପଙ୍କ ହାତ ବାନ୍ଧିଦେଇଥିବାରୁ ଏଥିରୁ ଇରାନ ଫାଇଦା ନେବାକୁ ଉଦ୍ୟମ କରିପାରେ। ସେଥିପାଇଁ ଟ୍ରମ୍ପ ଏହି ପ୍ରସ୍ତାବର ସମାଲୋଚନା କରି କହିଛନ୍ତି ଯେ ଏଭଳି ସମୟରେ ଏହି ପ୍ରସ୍ତାବ ଆସିବାର ନଥିଲା।

୧୯୭୩ର 'ୱାର ପାୱାର୍ସ ଆକ୍ଟ' ଅନୁଯାୟୀ ଆମେରିକା ଇତିହାସରେ ଏହା ପ୍ରଥମ ଥର, ଯେଉଁଠାରେ ସଂସଦର ଉଭୟ ଗୃହ ଜଣେ ରାଷ୍ଟ୍ରପତିଙ୍କୁ ସାମରିକ କାର୍ଯ୍ୟାନୁଷ୍ଠାନ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଗତ ଫେବୃଆରୀ ୨୮ରୁ ଇରାନ ସହ ଆରମ୍ଭ ▶ପୃଷ୍ଠା-୧୦

## ସାମୁଦ୍ରିକ ବାଣିଜ୍ୟ ପ୍ରଗତିର ପ୍ରବେଶ ପଥ: ମୁଖ୍ୟମନ୍ତ୍ରୀ



**ସଂଘୀୟ ବ୍ୟବସ୍ଥା ପ୍ରତି ପ୍ରଧାନମନ୍ତ୍ରୀଙ୍କ ଆଭିମୁଖ୍ୟ ପ୍ରତିଫଳିତ**

■ ଭୁବନେଶ୍ୱର, ୨୪।୬ (ସମିସ): ବୁଧବାର ଲୋକସେବା ଭବନରେ ଅନୁଷ୍ଠିତ ହୋଇଛି ଚତୁର୍ଦ୍ଦଶ ମଲ୍ଟି ଏଜେନ୍ସି ମାରିଟାଇମ୍ ସିକ୍ୟୁରିଟି ଗ୍ରୁପ୍ (ଏମ୍‌ଏମ୍‌ଏସ୍‌ଜି) ବୈଠକ। ପ୍ରଥମ ଥର ପାଇଁ ଦିଲ୍ଲୀ ବାହାରେ ଅନୁଷ୍ଠିତ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି ଯେ ଆମର ସମୁଦ୍ର କେବଳ ଏକ ଭୌଗୋଳିକ ସୀମା ନୁହେଁ; ଏହା ବ୍ୟାପକ ସୁଯୋଗ, ସମୃଦ୍ଧି ଏବଂ ଆନ୍ତର୍ଜାତୀୟ ସହଭାଗିତାର ପ୍ରବେଶ ପଥ। ଭାରତ ଆଜି ବିଶ୍ୱରେ ଏକ ପ୍ରମୁଖ ସାମୁଦ୍ରିକ ଶକ୍ତି ଭାବେ ଉଭା ହେଉଛି। ଓଡ଼ିଶାରେ ଏହି ଉଚ୍ଚସ୍ତରୀୟ ଜାତୀୟ ବୈଠକର ଆୟୋଜନ ହେବା ଦେଶର ସଂଘୀୟ ବ୍ୟବସ୍ଥା ପ୍ରତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଆଭିମୁଖ୍ୟକୁ ପ୍ରତିଫଳିତ କରୁଛି ବୋଲି ସେ କହିଛନ୍ତି।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଆମର ସମୁଦ୍ର, ବନ୍ଦର, ମତ୍ସ୍ୟ ସମ୍ପଦ ଏବଂ ନୀଳ ଅର୍ଥନୀତି ଆମର ମହତ୍ତ୍ୱପୂର୍ଣ୍ଣ ଜାତୀୟ ସମ୍ପତ୍ତି। ଏଗୁଡ଼ିକର ସୁରକ୍ଷା କେବଳ ଦେଶର ସୁରକ୍ଷା ପାଇଁ ଜରୁରୀ ନୁହେଁ, ବରଂ ଆର୍ଥିକ ବିକାଶ ଓ ସମୁଦ୍ର ଉପରେ ନିର୍ଭର କରୁଥିବା ଲକ୍ଷ ଲକ୍ଷ ଉପକୂଳବାସୀଙ୍କ ଜୀବିକାର କଲ୍ୟାଣ ପାଇଁ ଅତ୍ୟନ୍ତ ଜରୁରୀ। ଆଜିର ସମୟରେ ସାମୁଦ୍ରିକ ସୁରକ୍ଷା କେବଳ ପାରମ୍ପରିକ ଆଇନ-ଶୃଙ୍ଖଳା ମଧ୍ୟରେ ସୀମିତ ନାହିଁ, ବରଂ ଏଥିରେ ଭିତ୍ତିଭୂମିର ସୁରକ୍ଷା, ସାଇବର ସୁରକ୍ଷା, ବିପର୍ଯ୍ୟୟ ପରିଚାଳନା ଏବଂ ପରିବେଶ ସୁରକ୍ଷା ଭଳି ଅନେକ ଆହ୍ୱାନ ରହିଛି। ବଙ୍ଗୋପସାଗର ତଟରେ ଓଡ଼ିଶାର ପ୍ରାୟ ୫୭୫ କିଲୋମିଟର ଦୀର୍ଘ ତଟରେଖା ରହିଛି। ବର୍ତ୍ତମାନ ଭାରତର ସାମୁଦ୍ରିକ ବିକାଶ ଗାଥାରେ ଓଡ଼ିଶା ପ୍ରମୁଖ ଭୂମିକା ଗ୍ରହଣ କରୁଛି। ରାଜ୍ୟର ସାମୁଦ୍ରିକ ରଣନୀତିକ ସ୍ଥିତିକୁ ଅଧିକ ମଜବୁତ କରିବା ପାଇଁ ଗଞ୍ଜାମଠାରେ ଏକ ▶ପୃଷ୍ଠା-୧୦

**ବାଣ ଭିଡ଼ିବା ବେଳେ ବିସ୍ଫୋରଣ**

## ପୁଅ ମୃତ; ବାପା, ମାଆ ଗୁରୁତର



■ ସାନଖେମୁଣ୍ଡି ୨୪।୬ (ସମିସ): ଗଞ୍ଜାମ ଜିଲ୍ଲା ସାନଖେମୁଣ୍ଡି ବ୍ଲକ ପାଟପୁର ଥାନା ସିଙ୍ଗିପୁର ଗ୍ରାମରେ ବାଣ ବିସ୍ଫୋରଣାରେ ପୁଅ ପ୍ରାଣ ହରାଇଥିବା ବେଳେ ବାପା -ମାଆ ଗୁରୁତର ଆହତ ହୋଇଛନ୍ତି। ମୃତକ ହେଲେ ସିଙ୍ଗିପୁର ଗ୍ରାମର ଆକାଶ ଦାସ (୨୧), ଗୁରୁତର ବାପା ଜଣଙ୍କ ହେଲେ ସନ୍ତୋଷ ଦାସ ଓ ମାଆ ବିଷ୍ଣୁ ପ୍ରିୟା ଦାସ। ସୂଚନା ମୁତାବକ ବୁଧବାର ସନ୍ଧ୍ୟାରେ ସନ୍ତୋଷ ଦାସଙ୍କ ଘରେ ଅଚାନକ ବାଣ ବିସ୍ଫୋରଣ ହୋଇଥିଲା। ଏହି ସମୟରେ ଘରେ ଥିବା ଆକାଶ ଦାସଙ୍କ ମୃତ୍ୟୁ ଘଟିଥିଲା। ତାଙ୍କ ବାପା ସନ୍ତୋଷ ଦାସ ଓ ମାଆ ବିଷ୍ଣୁ ପ୍ରିୟା ଦାସ ଗୁରୁତର ଆହତ ହୋଇଥିଲେ। ଘର ଛପର ସମ୍ପୂର୍ଣ୍ଣ ଉଡ଼ି ଯାଇଥିବା ବେଳେ ପଡ଼ିଶା ଘର କାନ୍ଥ ମଧ୍ୟ ଭାଙ୍ଗି ନଷ୍ଟ ହୋଇଯାଇଛି। ପାଟପୁର ପୋଲିସ ଆହତ ଓ ମୃତକକୁ ଉଦ୍ଧାର କରି ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଥିଲେ। ସନ୍ତୋଷ ଦାସ ବାଣ ଭିଡୁଥିବା ବେଳେ ବିସ୍ଫୋରଣ ହୋଇଥିବା ସନ୍ଦେହ କରାଯାଉଛି।

**ରଥ ପୂର୍ବରୁ ପୁରୀ ଅଶାନ୍ତ**

## ହୋଟେଲ ମାଲିକଙ୍କୁ ହତ୍ୟା



ଅଭିଯୁକ୍ତକୁ ପୁଲିସ୍‌ର ଏନ୍‌କାଉଣ୍ଟର

■ ପୁରୀ, ୨୪।୬ (ସମିସ): ଆଗକୁ ମହାପ୍ରଭୁଙ୍କ ପବିତ୍ର ରଥଯାତ୍ରା। ଶୃଙ୍ଖଳିତ ଘୋଷଯାତ୍ରା ପାଇଁ ପୁଲିସ ପ୍ରସ୍ତୁତି ଚଳାଇଥିବା ବେଳେ ଅଶାନ୍ତ ହୋଇପଡ଼ିଛି ପୁରୀ। ଆଇନ ଶୃଙ୍ଖଳା ପାଇଁ ତୁହାକୁ ତୁହା ବୈଠକ ଚାଲିଛି, କିନ୍ତୁ ଅପରାଧୀମାନେ ଏହାକୁ ଖୋଲାଖୋଲି ଚାଲେଞ୍ଜ କରିବାରେ ଲାଗିଛନ୍ତି। ଗତକାଲି ବିଳମ୍ବିତ ରାତିରେ ଘଟିଥିବା ହତ୍ୟାକାଣ୍ଡରୁ ଏହା ସ୍ପଷ୍ଟ ହୋଇଯାଇଛି।

ମଙ୍ଗଳବାର ବିଳମ୍ବିତ ରାତିରେ ବଳିଆପଣ୍ଡା ଥାନା ଅଞ୍ଚଳରେ ହୋଟେଲ ମାଲିକଙ୍କୁ ବୀଭତ୍ସ ଭାବେ ହତ୍ୟା କରାଯାଇଛି। ମୃତକ ହେଉଛନ୍ତି ବଳିଆପଣ୍ଡା ଥାନା ଧବଳେଶ୍ୱର ମନ୍ଦିର ନିକଟରେ ଥିବା ହୋଟେଲ 'ମନୋରମା' ରେସିଡେନ୍ସିର ମାଲିକ ପବିତ୍ର ନାୟକ। ତେବେ ହତ୍ୟାକାଣ୍ଡର କେଇଘଣ୍ଟା ମଧ୍ୟରେ ପୁଲିସ ଅଭିଯୁକ୍ତକୁ ଏନକାଉଣ୍ଟର କରିଛି। ହତ୍ୟାର ମୁଖ୍ୟ ଅଭିଯୁକ୍ତ କୁହାଯାଉଥିବା ସେହି ହୋଟେଲର ମ୍ୟାନେଜର ଚନ୍ଦନ କୁମାର ପଲ୍ଲାରକୁ ଏନ୍‌କାଉଣ୍ଟର କରିଛି ପୁଲିସ। ତେବେ ହତ୍ୟାକାଣ୍ଡର ପ୍ରକୃତ କାରଣ ସ୍ପଷ୍ଟ ହୋଇ ନ ଥିବାବେଳେ ସେହି ହୋଟେଲ ପାଇଁ ଏହି ହତ୍ୟାକାଣ୍ଡ ଘଟିଥିବା ପୁଲିସ ଅନୁସନ୍ଧାନରୁ ଜଣାପଡ଼ିଛି। ଅଭିଯୁକ୍ତ ▶ପୃଷ୍ଠା-୧୦






**ତଦନ୍ତରେ ସୀମିତ କାର୍ଯ୍ୟାନୁଷ୍ଠାନ**

# ଜେଲ୍‌ବାବୁଙ୍କୁ ବାନ୍ଧିବ କିଏ ?

**ସବୁ ଦେଖି ନିରବ ରହୁଛନ୍ତି ବିଭାଗୀୟ ମୁଖିଆ**

**ବଡ଼ବଡ଼ିଆଙ୍କୁ ସୁରକ୍ଷା ପାଇଁ ତଳତଳିଆଙ୍କୁ ବଳି**

■ ଭୁବନେଶ୍ୱର ୨୪।୬ (ସମିସ): ରାଜ୍ୟର ଜେଲ୍ ବିଭାଗକୁ ଶନି ଦଶା ପଡ଼ିଛି। କେତେବେଳେ ପାଚେରି ଡେଇଁ କଏଦୀ ଫେରାର ହୋଇ ଯାଉଛନ୍ତି ତ ଆଉ କେତେବେଳେ ଗ୍ୟାଙ୍ଗଷ୍ଟରର ଗାଡ଼ି ଜେଲ୍ ଭିତରକୁ ପଶୁଛି। ପୁଣି କେତେବେଳେ ନିଶା ବଟିକା ଓ କଫସିରପ୍ ଖାଇ ଅଧ ଡଜନ ଅନ୍ତେବାସୀ ଅସୁସ୍ଥ ହୋଇ ଯାଉଛନ୍ତି। ଏଇଭଳି ଅଘଟଣ ଜେଲ୍ ସୁରକ୍ଷାରେ ତ୍ରୁଟି ପରିଲକ୍ଷିତ ହେଉଥିବା ସ୍ପଷ୍ଟ ହୋଇଛି। ବାରମ୍ବାର ତ୍ରୁଟି ସାମ୍ନାକୁ ଆସୁଥିଲେ ମଧ୍ୟ କାର୍ଯ୍ୟାନୁଷ୍ଠାନ କେବଳ 'ତଦନ୍ତ' ମଧ୍ୟରେ ସୀମିତ ରହିଯାଉଛି। ଆଉ ସବୁଠାରୁ ଆଶ୍ଚର୍ଯ୍ୟଜନକ କଥା ହେଉଛି, ତଦନ୍ତ ରିପୋର୍ଟ ପାଇ ମଧ୍ୟ ମୁଖିଆ ଚୁପ୍ ବସିଛନ୍ତି। କେବଳ ଘଟଣା ଉପରୁ ନଜର ହଟାଇବା ଲାଗି ସମୟ ସମୟରେ ତଳିଆ କର୍ମଚାରୀଙ୍କୁ ବଳି ପକାଇ ଦିଆଯାଉଥିବା ବେଳେ ବଡ଼ବଡ଼ିଆଙ୍କ ଦେହରେ କେହି ଟିପ ମାରୁନାହାନ୍ତି।

ଖୋର୍ଦ୍ଧା ଜେଲରେ ନିଶା କାରବାର ଖବରପାଇ ଗତମାସ ୨୭ ତାରିଖ ଦିନ ଜେଲ୍ ବିଭାଗର ବରିଷ୍ଠ ଅଧିକାରୀମାନେ ଚଢ଼ଉ କରିଥିଲେ। ଅନ୍ତେବାସୀ ରହୁଥିବା ବିଭିନ୍ନ ୱାର୍ଡରୁ ବିପୁଳ ପରିମାଣର ବ୍ରାଉନସୁଗର ଓ ମୋବାଇଲ ଫୋନ୍ ଜବତ କରିଥିଲେ। ବେଆଇନ ବ୍ରାଉନସୁଗର ଜବତ ହୋଇଥିଲେ ମଧ୍ୟ ଜେଲ୍ ପକ୍ଷରୁ ସ୍ଥାନୀୟ ଥାନାରେ ଏତଲା ଦିଆଯାଇନଥିଲା। କେବଳ ଘଟଣାରୁ ନଜର ହଟାଇବାକୁ ୨ ଜଣ ତଳିଆ ଅଧିକାରୀଙ୍କୁ ଅନ୍ୟ ଜେଲକୁ ବଦଳି କରି ଦିଆଯାଇଥିଲା। ପାଣିକୋଇଲି ଅଳଙ୍କାର ଦୋକାନ ଲୁଟ୍ ଓ ହତ୍ୟା ଘଟଣାର ଅଭିଯୁକ୍ତ ମଧୁକାନ୍ତ ରଣା ଓ ରାଜା ସାହାଣୀ ଗତବର୍ଷ ଅକ୍ଟୋବର ୩ ତାରିଖ ରାତିରେ ଚୌଦ୍ୱାର ଜେଲ୍ ପାଚେରି ଡେଇଁ ଫେରାର ହୋଇଯାଇଥିଲେ। ବିଭାଗର ନିର୍ଦ୍ଦେଶ କ୍ରମେ ଜେଲ୍ ଡିଆଇଜି ବିଭାଗୀୟ ତଦନ୍ତ କରି ଦାଖଲ କରିଥିବା ରିପୋର୍ଟରେ ସାଙ୍ଘାତିକ କଥା ଉଲ୍ଲେଖ କରିଥିଲେ। ପୂର୍ବରୁ ମଧୁକାନ୍ତ ଓ ରାଜା ପୂର୍ବରୁ ମଧ୍ୟ ଜେଲରୁ ଖସିଯିବା ପାଇଁ ଉଦ୍ୟମ କରିଥିବା ଚୌଦ୍ୱାର ଜେଲ୍ କର୍ତ୍ତୃପକ୍ଷ ଜାଣିଥିଲେ। ଖାଲି ଜାଣି ନ ଥିଲେ, ସେମାନେ ରହୁଥିବା ହାଇ ସିକ୍ୟୁରିଟି ସେଲ୍ କାନ୍ଥରେ ୮/୯ ଇଞ୍ଚର ଗାତ ଠାବ କରିଥିବା ବେଳେ ୨ଟି ନୂଆ ଆରି, ଗୋଟିଏ ନୂଆ ବ୍ଲେଡ୍, ହାତ ତିଆରି ଛୁରି ଜବତ କରିଥିଲେ। ଘଟଣାର ପୂର୍ବଦିନ ଅର୍ଥାତ୍ ୨ ତାରିଖ ଦିନ ସକାଳେ ଜେଲର ବରିଷ୍ଠ ଅଧୀକ୍ଷକ ସୁଜିତ ରାଉଳ ମାତ୍ର ଘଣ୍ଟାକ ପାଇଁ ଅଫିସ୍ ଆସି ପୁଣି ଫେରି ଯାଇଥିଲେ। ସିସିଟିଭି କ୍ୟାମେରା ଫୁଟେଜ ଓ ଇନ୍ ▶ପୃଷ୍ଠା-୧୦

## ୪ରେ ଖାମେନେଇଙ୍କ ଅନ୍ତ୍ୟେଷ୍ଟି; ପ୍ରଧାନମନ୍ତ୍ରୀ ମୋଦୀଙ୍କୁ ନିମନ୍ତ୍ରଣ

ତେହେରାନ, ୨୪।୬(ଏଜେନ୍ସି): ଇରାନର ପୂର୍ବତନ ସର୍ବୋଚ୍ଚ ନେତା ଆୟାତୋଲ୍ଲା ଅଲି ଖାମେନେଇଙ୍କ ରାଷ୍ଟ୍ରୀୟ ଅନ୍ତ୍ୟେଷ୍ଟିକ୍ରିୟାରେ ଯୋଗଦେବା ପାଇଁ ଇରାନ ରାଷ୍ଟ୍ରପତି ମାସୁଦ ପେଜେସ୍କିଆନ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ନିମନ୍ତ୍ରଣ କରିଛନ୍ତି । ଜୁଲାଇ ୪ରୁ ଏହି ଶୋକ ସଭା କାର୍ଯ୍ୟକ୍ରମ ଆରମ୍ଭ ହେବ । ଗତ ଫେବୃଆରୀ ୨୮ରେ ଇସ୍ରାଏଲ ଏବଂ ଆମେରିକାର ମିଳିତ ବାୟୁସେନା ଆକ୍ରମଣରେ ଖାମେନେଇଙ୍କ ମୃତ୍ୟୁ ଘଟିଥିଲା । ପୂର୍ବରୁ ମାର୍ଚ୍ଚ ୪ରେ ତାଙ୍କର ଅନ୍ତ୍ୟେଷ୍ଟିକ୍ରିୟା ହେବାର ଥିଲା । କିନ୍ତୁ ଯୁଦ୍ଧ ପରିସ୍ଥିତି ଏବଂ ପ୍ରବଳ ଜନସମାଗମ ଆଶଙ୍କାରେ ଏହାକୁ ସ୍ଥଗିତ ରଖାଯାଇଥିଲା । ତେବେ ପ୍ରଧାନମନ୍ତ୍ରୀ ମୋଦୀ ଏହି କାର୍ଯ୍ୟକ୍ରମରେ ଯୋଗ ଦେବେ କି ନାହିଁ ସେ ନେଇ କୌଣସି ଆଧିକାରିକ ଘୋଷଣା କରାଯାଇ ନାହିଁ ।

## ସଂସଦରେ ଅଫିସ ହରାଇବ 'ସେନା'

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ଉଦ୍ଧବ ଠାକରେଙ୍କ ନେତୃତ୍ୱାଧୀନ ଶିବସେନା (ୟୁବିଟି)ର ୬ ଜଣ ଲୋକସଭା ସାଂସଦ ଉପମୁଖ୍ୟମନ୍ତ୍ରୀ ଏକନାଥ ସିନ୍ଦେଙ୍କ ଗୋଷ୍ଠୀରେ ସାମିଲ ହୋଇଛନ୍ତି । ଏହାପରେ ଦଳ ସଂସଦ ଭବନ ପରିସରରେ ଥିବା ଦଳୀୟ କାର୍ଯ୍ୟାଳୟ ହରାଇବା ସ୍ଥିତିରେ ପହଞ୍ଚିଛି । ଉଦ୍ଧବଙ୍କ ଶିବସେନାର ସଦସ୍ୟ ସଂଖ୍ୟା ୩କୁ ଖସିଛି । ନିୟମ ଅନୁଯାୟୀ, ଦଳର ୫ କିମ୍ବା ଊର୍ଦ୍ଧ୍ୱ ସାଂସଦ ଥିଲେ ହିଁ ସଂସଦ ଭବନ ପରିସରରେ ସ୍ୱତନ୍ତ୍ର କାର୍ଯ୍ୟାଳୟ ଆବଣ୍ଟନ କରାଯାଇଥାଏ । ବର୍ତ୍ତମାନ ଶିବସେନା (ୟୁବିଟି) ର ସଂସଦୀୟ କାର୍ଯ୍ୟାଳୟ ପୁରୁଣା ସଂସଦ ଭବନ ବା 'ସମ୍ବିଧାନ ସଦନ'ର ରୁମ୍ ନମ୍ବର ୧୨୮ଏରେ ପରିଚାଳିତ ହେଉଛି ।







## ମୁମ୍ବାଇ ବେହାଲ, ଅରୁଣାଚଳରେ ବର୍ଷାର ତାଣ୍ଡବ

■ ମୁମ୍ବାଇ ଜଳବନ୍ଦୀ, ବସ-ଟ୍ରେନ ସେବାରେ ବାଧା
■ ଅରୁଣାଚଳରେ ବନ୍ୟା ଯୋଗୁଁ ଅନେକ ଗ୍ରାମ ଜଳମଗ୍ନ, ଭାସିଗଲା ଘର

ମୁମ୍ବାଇ, ୨୪।୬ (ଏଜେନ୍ସି): ପ୍ରାୟ ୧୩ ଦିନ ବିଳମ୍ବରେ ମୁମ୍ବାଇରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବର୍ଷା ପହଞ୍ଚିଛି । ମାତ୍ର ପ୍ରଥମ ଦିନରେ ହିଁ ସହରରେ ବିପର୍ଯ୍ୟୟ ସୃଷ୍ଟି କରିଛି । ଗତ ୨୪ ଘଣ୍ଟା ମଧ୍ୟରେ ମୁମ୍ବାଇର କେତକ ଅଞ୍ଚଳରେ ୩୦୦ ମିଲିମିଟରରୁ ଅଧିକ ବର୍ଷା ରେକର୍ଡ କରାଯାଇଛି । ଫଳରେ ସମଗ୍ର ସହରରେ ଜଳବନ୍ଦୀ ସମସ୍ୟା ଉପୁଜିବା ସହ ରେଳ ଓ ସଡ଼କ ପରିବହନ ଗୁରୁତର ଭାବେ ବାଧାପ୍ରାପ୍ତ ହୋଇଛି । ପ୍ରବଳ ବର୍ଷା ଯୋଗୁଁ ମୁମ୍ବାଇର ଜୀବନରେଖା କୁହାଯାଉଥିବା ଲୋକାଲ୍ ଟ୍ରେନ୍ ସେବା ବିଶେଷ ଭାବେ ପ୍ରଭାବିତ ହୋଇଛି । କେନ୍ଦ୍ରୀୟ ରେଳବାଇର କେତକ ଷ୍ଟେସନରେ ଅତ୍ୟଧିକ ଜଳ ପ୍ରବାହ ଯୋଗୁଁ ରେଳ ଧାରଣା ଧସିଯାଇଥିବା ସୂଚନା ମିଳିଛି । ଫଳରେ ଥାନେ-ୱାଶି ସେକ୍ସନରେ ଟ୍ରେନ୍ ଚଳାଚଳ ବହୁ ସମୟ ଧରି ବନ୍ଦ ରହିଥିଲା । ପଶ୍ଚିମ ରେଳବାଇ ସେବା ସ୍ୱାଭାବିକ ଥିଲେ ମଧ୍ୟ ଯାତ୍ରୀମାନେ ପ୍ରବଳ ଭିଡ଼ ଓ ବିଳମ୍ବର ସମ୍ମୁଖୀନ ହୋଇଛନ୍ତି । ସହରର ତଳିଆ ଅଞ୍ଚଳ ସମ୍ପୂର୍ଣ୍ଣ ଜଳମଗ୍ନ ହୋଇଛି । ଅନ୍ଧେରୀ ସବୱେକୁ ସୁରକ୍ଷା ଦୃଷ୍ଟିରୁ ସାମୟିକ ଭାବେ ବନ୍ଦ କରିଦିଆଯାଇଛି । ପାଣିପାଗ ବିଭାଗ ଅନୁଯାୟୀ, ମାଲଭାନୀ ଫାୟାର ଷ୍ଟେସନରେ ସର୍ବାଧିକ ୩୩୪ ମିଲିମିଟର ଏବଂ ଏଫ-ସାଉଥ ୱାର୍ଡରେ ୩୨୮ ମିଲିମିଟର ବର୍ଷା ହୋଇଛି । ବର୍ଷା ଯୋଗୁଁ ଭିଖ୍‌ରୋଲି ପଶ୍ଚିମରେ ଏକ ଆବାସିକ କୋଠାର କାନ୍ଥ ଭୁଶୁଡି ପଡ଼ିଛି । ସହରର ବିଭିନ୍ନ ସ୍ଥାନରେ ଗଛ ଉପୁଡି ଯାନବାହାନ ନଷ୍ଟ ହୋଇଥିବା ଖବର ମଧ୍ୟ ମିଳିଛି । ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ମୁମ୍ବାଇ ଓ ପାଲଘର ପାଇଁ ପୂର୍ବରୁ ଜାରି କରାଯାଇଥିବା ରେଡ୍ ଆଲର୍ଟକୁ ପରେ ଅରେଞ୍ଜ ଆଲର୍ଟରେ ପରିବର୍ତ୍ତନ କରାଯାଇଛି । ସମୁଦ୍ରରେ ଜୁଆର ଆସିବା ସମ୍ଭାବନା ଥିବାରୁ ବିଏମ୍‌ସି ଓ ବିପର୍ଯ୍ୟୟ ପରିଚାଳନା ଟିମ୍‌କୁ ସତର୍କ ରହିବାକୁ ନିର୍ଦ୍ଦେଶ ଦିଆଯାଇଛି ।

ସେହିପରି ଅରୁଣାଚଳ ପ୍ରଦେଶର କେତକ ଅଞ୍ଚଳରେ ପ୍ରବଳ ବର୍ଷା ହୋଇଛି । ଫଳରେ ସୃଷ୍ଟି ହୋଇଥିବା ଆକସ୍ମିକ ବନ୍ୟା ବ୍ୟାପକ ଧ୍ୱଂସଲୀଳା ରଚିଛି । ରାଜ୍ୟର ଲୋୟର ସୁବନସିରି ଏବଂ କେୟି ପାନ୍ୟୋର ଜିଲ୍ଲାରେ ମାତ୍ର କେଇ ଘଣ୍ଟାର ପ୍ରବଳ ବର୍ଷା ଯୋଗୁଁ ଅନେକ ଗ୍ରାମ ଜଳମଗ୍ନ ହୋଇଛି । ଏହାସହ ଘରଦ୍ୱାର, ଭିତ୍ତିଭୂମି ଓ ଚାଷଜମିର ବହୁଳ କ୍ଷୟକ୍ଷତି ଘଟିଛି । କେୟି ପାନ୍ୟୋର ଜିଲ୍ଲାର ୟାଜାଲି ସ୍ଥିତ ଏକ କଲୋନୀରେ ବନ୍ୟା ଜଳ ପ୍ରବେଶ କରି ୧୫ଟି ଆବାସିକ କ୍ୱାର୍ଟର୍ସ ସମ୍ପୂର୍ଣ୍ଣ ରୂପେ ନଷ୍ଟ ହୋଇଛି । ଏହା ସହିତ ଏକ ପ୍ରମୁଖ ହାଇୱେ ବ୍ରିଜ୍ ବନ୍ୟା ଜଳରେ ଭାସିଯାଇଛି । ତେଣୁ ସେହି ଅଞ୍ଚଳରେ ଯୋଗାଯୋଗ ସମ୍ପୂର୍ଣ୍ଣ ବିଚ୍ଛିନ୍ନ ହୋଇଛି । ଅନେକ ଗ୍ରାମଗୁଡ଼ିକରେ ମଧ୍ୟ ବନ୍ୟା ଯୋଗୁଁ ବହୁ ବାସଗୃହ କ୍ଷତିଗ୍ରସ୍ତ ହୋଇଛି । ଚାଷ କାର୍ଯ୍ୟ ମଧ୍ୟ ଗମ୍ଭୀର ଭାବେ ପ୍ରଭାବିତ ହୋଇଥିବା ବେଳେ ବ୍ୟାପକ ଫଳ ବଗିଚା ଗୁଡ଼ିକ ବନ୍ୟା ଜଳରେ ଧୋଇଯାଇଛି ।

## ଫ୍ରାନ୍ସ ମହୋତ୍ସବରେ ଦୁଷ୍କର୍ମ, ସିରିଞ୍ଜ୍ ଆକ୍ରମଣ



ପ୍ୟାରିସ୍, ୨୪।୬ (ଏଜେନ୍ସି): ଫ୍ରାନ୍ସର ପାରମ୍ପରିକ ବାର୍ଷିକ ସଙ୍ଗୀତ ମହୋତ୍ସବ 'ଫେଟେ ଡି ଲା ମ୍ୟୁଜିକ୍' ପାଳନ ଅବସରରେ ବ୍ୟାପକ ହିଂସା, ଦୁଷ୍କର୍ମ, ଅସଦାଚରଣ ଏବଂ ମହିଳାମାନଙ୍କୁ ସିରିଞ୍ଜରେ ଆକ୍ରମଣ କରାଯାଇଥିବା ଜଣାପଡ଼ିଛି । ଗତ ରାତିରେ ପ୍ୟାରିସ୍ ସମେତ ଫ୍ରାନ୍ସର ବିଭିନ୍ନ ସହରରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଫ୍ରାନ୍ସ ତଥା ଅନ୍ୟ ଦେଶର ପର୍ଯ୍ୟଟକ ଯୋଗ ଦେଇଥିଲେ । ଏହି ସମୟରେ ପ୍ରାୟ ମହିଳାଙ୍କୁ ଦୁଷ୍କର୍ମ କରାଯାଇଥିବା ନେଇ ଅଭିଯୋଗ ହୋଇଛି । ଏହାସହ ଅନେକ ମହିଳାଙ୍କୁ ସିରିଞ୍ଜ୍‌ରେ ଫୋଡ଼ି ଆକ୍ରମଣ କରାଯାଇଥିବା ଜଣାପଡ଼ିଛି । ଅନେକ ମହିଳାଙ୍କ ସହ ଅସଦାଚରଣ, ଯୌନ ଉତ୍ପୀଡ଼ନ ଏବଂ ଛୁରାମାଡ ହୋଇଥିବା ମଧ୍ୟ ଅଭିଯୋଗ ରହିଛି । ଭିଡ଼ ଭିତରେ ହଠାତ୍ ଛୁଞ୍ଚି ଫୋଡ଼ି ହେବା ପରେ କିଛି ପୀଡ଼ିତାଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି । ପ୍ୟାରିସର 'ଚାଟେଲେଟ୍' ପରି କେତେକ ଅଞ୍ଚଳରେ ପ୍ରବଳ ଭିଡ଼ ଓ ଗୋଷ୍ଠୀ ସଂଘର୍ଷ ଯୋଗୁଁ ଆତଙ୍କର ସୃଷ୍ଟି ହୋଇଥିଲା । ଏହି ଘଟଣା ପରେ ମୋଟ ୨୪୩ ଜଣଙ୍କୁ ବିଶୃଙ୍ଖଳା କରିବା ଅଭିଯୋଗରେ ଗିରଫ କରାଯାଇଛି ।

# ତେଜୁଛି ରାମ ମନ୍ଦିର ଚାନ୍ଦା ଚୋରି ବିବାଦ

■ ଏସ୍‌ଆଇଟି ରିପୋର୍ଟରେ ୧୭ ଜଣଙ୍କ ନାମ
■ ଏଫ୍‌ଆଇଆର୍ ଦାଖଲ ପାଇଁ ସୁପାରିସ
■ ସନ୍ଦେହ ଘେରରେ ଟ୍ରଷ୍ଟ ସମ୍ପାଦକ ଚମ୍ପତ ରାୟ

ଲକ୍ଷ୍ନୌ, ୨୪।୬ (ଏଜେନ୍ସି): ଅଯୋଧ୍ୟାର ରାମ ମନ୍ଦିରରେ ସାତ କୋଟି ଟଙ୍କାର ଦାନ ଓ ଦକ୍ଷିଣା ଚୋରି ମାମଲା ଦିନକୁ ଦିନ ବିସ୍ଫୋରକ ହେବାରେ ଲାଗିଛି । ପ୍ରଭୁ ରାମଙ୍କ ନାମରେ ଆସିଥିବା କୋଟି କୋଟି ଟଙ୍କା ଘୋଟାଲାରେ ମନ୍ଦିର ଟ୍ରଷ୍ଟର ଅନେକ ବଡ଼ ବଡ଼ କର୍ମକର୍ତ୍ତା ସାମିଲ ଅଛନ୍ତି । ଏହି ଘଟଣାର ତଦନ୍ତ ଲାଗି ରାଜ୍ୟ ସରକାର ଦ୍ୱାରା ଗଠିତ ଏସ୍‌ଆଇଟି ଇତିମଧ୍ୟରେ ଯେଉଁ ପ୍ରାଥମିକ ରିପୋର୍ଟ ଦେଇଛି, ତାହା ସମସ୍ତଙ୍କର ହୋସ୍ ଉଡ଼ାଇ ଦେଇଛି । ଏଥିରେ ୧୭ ଜଣଙ୍କୁ ଅଭିଯୁକ୍ତ କରାଯିବା ସହିତ ସେମାନଙ୍କ ବିରୋଧରେ ତୁରନ୍ତ ଏଫ୍‌ଆଇଆର ଦାଖଲ ପାଇଁ କୁହାଯାଇଛି । କିନ୍ତୁ ପ୍ରଶାସନ ଏପର୍ଯ୍ୟନ୍ତ ଏଫଆଇଆର ଦାଖଲ କରିନଥିବାରୁ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ରିପୋର୍ଟରେ ଯେଉଁ ୧୭ ଜଣଙ୍କୁ ଅଭିଯୁକ୍ତ କରାଯାଇଛି, ସେମାନଙ୍କ ମଧ୍ୟରେ ରାମ ଜନ୍ମଭୂମି ଟ୍ରଷ୍ଟର ଅନେକ ବରିଷ୍ଠ ଓ ପ୍ରଭାବଶାଳୀ କର୍ମକର୍ତ୍ତା ଥିବା କୁହାଯାଉଛି । ମନ୍ଦିର ଟ୍ରଷ୍ଟ ଭାଙ୍ଗି ନୂଆ ପ୍ରଶାସକ ନିଯୁକ୍ତ ଲାଗି ମଧ୍ୟ ଏସ୍‌ଆଇଟି ସୁପାରିସ କରିଥିବା ଜଣପେଡ଼ିଛି ।



ନିର୍ଭରଯୋଗ୍ୟ ସୂତ୍ରରୁ ମିଳିଥିବା ଖବର ଅନୁଯାୟୀ ଅଯୋଧ୍ୟାରେ ପ୍ରାରମ୍ଭିକ ସରଜମିନ ଯାଞ୍ଚ ପରେ ଏସଆଇଟି ଯେଉଁ ରିପୋର୍ଟ ଦେଇଛି, ସେଥିରେ ଟ୍ରଷ୍ଟର ସାଧାରଣ ସଂପାଦକ ଚମ୍ପତ ରାୟ ଏବଂ ତାଙ୍କର ଅନେକ ସହଯୋଗୀଙ୍କ ନାମ ରହିଛି । ରିପୋର୍ଟରେ ୧୫୦ରୁ ଅଧିକ ସେବାଦାର ଏବଂ କର୍ମଚାରୀଙ୍କୁ ସନ୍ଦିଗ୍ଧ ତାଲିକାରେ ରଖିବା ସହିତ ସେମାନଙ୍କ ବିରୋଧରେ ମଧ୍ୟ ଏଫ୍‌ଆଇଆର ଦାଖଲ କରିବାକୁ କୁହାଯାଇଛି । ମନ୍ଦିର ଦାନ ବାକ୍ସର ଚାବି ରାମ ଶଙ୍କର ଯାଦବ ଓରଫ ଟିନ୍ନୁ ଯାଦବ ପାଖରୁ ମିଳିଛି । ଟିନ୍ନୁ ହେଉଛି ଚମ୍ପତ ରାୟଙ୍କ ଡ୍ରାଇଭର । ତାଙ୍କ ଘରୁ ମଧ୍ୟ ବିପୁଳ ପରିମାଣର ସଂପତ୍ତି ଜବତ ହୋଇଥିବାର ଖବର ମିଳିଛି । ଟିନ୍ନୁ ଜଣେ ଟେମ୍ପୋ ଡ୍ରାଇଭର ଥିଲେ । ରାମ ମନ୍ଦିର ନିର୍ମାଣ ଆରମ୍ଭ ବେଳେ ସେ ଚମ୍ପତ ରାୟଙ୍କ ଗାଡ଼ି ଡ୍ରାଇଭର ଭାବେ ଯୋଗ ଦେଇଥିଲେ । ଏହାପରେ ତାଙ୍କର ସଂପତ୍ତି ପରିମାଣ କୋଟି କୋଟି ଟଙ୍କାରେ ପହଞ୍ଚିଛି । ଜଣେ ଗାଡ଼ି ଡ୍ରାଇଭର ପାଖରେ ଦାନ ବାକ୍ସଗୁଡ଼ିକର ଚାବି କେମିତି ଆସିଲା ବୋଲି ଏସ୍‌ଆଇଟି ପ୍ରଶ୍ନ କରିଛି । କେବଳ ଟିନ୍ନୁ ନୁହେଁ, ଟ୍ରଷ୍ଟର ଅନେକ କର୍ମଚାରୀ ଓ କର୍ମକର୍ତ୍ତାଙ୍କ ଭାଗ୍ୟ ମଧ୍ୟ ବଦଳିଯାଇଛି । ରାତାରାତି ସେମାନେ କୋଟିପତି ହୋଇଯାଇଛନ୍ତି । ଚମ୍ପତ ରାୟଙ୍କର ଆଉ ଜଣେ ସହଯୋଗୀ ଫୁଲକାନ୍ତ ମିଶ୍ରଙ୍କ ସଂପତ୍ତି ମଧ୍ୟ ସନ୍ଦିଗ୍ଧ ଭାବେ ରାତାରାତି କୋଟି କୋଟି ଟଙ୍କା ହୋଇଯାଇଛି । ଏହି ସମସ୍ତ ଘୋଟାଲାର ମୁଖ୍ୟ କାର୍ପଟଦାର ଚମ୍ପତ ରାୟ ବୋଲି ବିରୋଧୀମାନେ ଅଭିଯୋଗ କରିବା ସହିତ ତାଙ୍କ ବିରୋଧରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି କରିଛନ୍ତି ।

ଆହୁରି ଅଭିଯୋଗ ହୋଇଛି ଯେ ମନ୍ଦିର ନିର୍ମାଣ ଦିନ ଠାରୁ ଟ୍ରଷ୍ଟରେ ଏଭଳି ଘୋଟାଲା ଚାଲିଥିବା ନେଇ ଅନେକ ସେବାଦାର ଜାଣିଥିଲେ । କିନ୍ତୁ ଏଥିରେ ପ୍ରଭାବଶାଳୀ ଲୋକ ସଂପୃକ୍ତ ଥିବାରୁ ଏହା ବିରୋଧରେ ସେମାନେ ମୁହଁ ଖୋଲୁନଥିଲେ । ଆହୁରି ଅଭିଯୋଗ ହୋଇଛି ଯେ ମନ୍ଦିରରୁ ୧୨୫୦ଟି ସୁନା, ରୁପା ଓ ହିରା ଖଚିତ ଏବଂ ଅଷ୍ଟଧାତୁ ଇଟା ମଧ୍ୟ ଗାଏବ ହୋଇଯାଇଛି ।

## ଇରାନର 'ଜେଲିଫିସ୍' ଡ୍ରୋନ୍ ଆକ୍ରମଣ



ୱାସିଂଟନ/ତେହେରାନ, ୨୪।୬(ଏଜେନ୍ସି):ଇରାନ ସହିତ ସଂଘର୍ଷ ସମୟରେ ଗତ ଏପ୍ରିଲରେ ଆମେରିକାର ଶକ୍ତିଶାଳୀ ଏଫ୍-୧୫ଇ ଷ୍ଟ୍ରାଇକ୍ ଇଗଲ୍ ଯୁଦ୍ଧ ବିମାନ ଖସିଥିଲା । ଏଥିରୁ ଉଦ୍ଧାର ହୋଇଥିବା ଆମେରିକୀୟ ପାଇଲଟ ବିମାନ ଖସିବା ନେଇ ଚାଞ୍ଚଲ୍ୟକର ବୟାନ ଦେଇଛନ୍ତି । ତାଙ୍କ ଅନୁଯାୟୀ, ବିମାନଟି କୌଣସି ମିସାଇଲ୍ ଦ୍ୱାରା ନୁହେଁ, ବରଂ 'ଜେଲିଫିସ୍' ଭଳି ଦେଖାଯାଉଥିବା ଅତ୍ୟାଧୁନିକ ଡ୍ରୋନ୍ ସମୂହର ଆକ୍ରମଣ ଯୋଗୁଁ ଦୁର୍ଘଟଣାଗ୍ରସ୍ତ ହୋଇଥିଲା । ଏହି ଦାବି ସତ୍ୟ ପ୍ରମାଣିତ ହେଲେ ଏହା ଇରାନର ଯୁଦ୍ଧ କୌଶଳର ନୂତନ ଦିଗ ଉନ୍ମୋଚିତ କରିବ । ପାଇଲଟଙ୍କ ସୂଚନା ଅନୁସାରେ, ଆକାଶରେ ଅନେକ ଗୁଡ଼ିଏ ଡ୍ରୋନ୍ ଏକାଠି ଗତି କରୁଥିଲେ । ଏହା ଦୂରରୁ ସାମୁଦ୍ରିକ 'ଜେଲିଫିସ୍' ଭଳି ଦେଖାଯାଉଥିଲା । ଏଥିରେ ଏକ ବଡ଼ 'ମଦରଶିପ୍' ଡ୍ରୋନ୍ ଉପରେ ରହିଥିବା ବେଳେ ତା' ତଳେ ଅନେକ ଛୋଟ ଡ୍ରୋନ୍ ଗୋଡ଼ ଭଳି ଝୁଲି ରହିଥିଲେ । ପାଇଲଟ୍ ଏହାକୁ 'ପୁରା ଏଲିଅନ୍ସ (ଅନ୍ୟ ଗ୍ରହର ଜୀବ) ମାନଙ୍କ କାମ ଭଳି ବୋଲି ବର୍ଣ୍ଣନା କରିଛନ୍ତି । ଏହି ଡ୍ରୋନ୍ ସମୂହ ଆକାଶରେ ଏକ 'ମାଇନଫିଲ୍ଡ' ଭଳି କାମ କରନ୍ତି, ଯାହା ଶତ୍ରୁ ପକ୍ଷର ବିମାନକୁ ଘେରିଯାଇ ଆକ୍ରମଣ କରିଥାନ୍ତି । ଏଗୁଡ଼ିକ କମ୍ ଉଚ୍ଚତାରେ ଉଡ଼ିପାରୁଥିବାରୁ ରାଡାର ଏବଂ ଏୟାର୍ ଡିଫେନ୍ସ ସିଷ୍ଟମ୍ ପକ୍ଷରେ ଏହାକୁ ଚିହ୍ନଟ କରିବା ବଡ଼ ଆହ୍ୱାନ ହୋଇଥାଏ । ଏହାର ଅଦ୍ଭୁତ ଆକୃତି ଶତ୍ରୁ ପାଇଲଟଙ୍କ ମଧ୍ୟରେ ଭୟ ସୃଷ୍ଟି କରିବା ପାଇଁ ଯଥେଷ୍ଟ । ବିଶେଷଜ୍ଞଙ୍କ ମତରେ, ଏହି ସମୂହରୁ କିଛି ଡ୍ରୋନ୍ ନଷ୍ଟ ହେଲେ ମଧ୍ୟ ଅନ୍ୟ ଡ୍ରୋନ୍ ଗୁଡ଼ିକ ସଙ୍ଗେ ସଙ୍ଗେ ସେହି ସ୍ଥାନ ପୂରଣ କରି ଆକ୍ରମଣ ଜାରି ରଖିପାରନ୍ତି । ପୂର୍ବରୁ ଏହିଭଳି ଅତ୍ୟାଧୁନିକ ଟେକ୍ନୋଲୋଜି କେବଳ ଚୀନ୍ ଏବଂ ରୁଷିଆ ପାଖରେ ଥିବା ବିଶ୍ୱାସ କରାଯାଉଥିଲା ।

## ଗ୍ରୀଷ୍ମ ତାଣ୍ଡବ; ପାଣିରେ ବୁଡ଼ି ୪୦ ମୃତ



ଲଣ୍ଡନ,୨୪।୬(ଏଜେନ୍ସି): ୟୁରୋପରେ ଭୟଙ୍କର ଗ୍ରୀଷ୍ମ ପ୍ରବାହ ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି । ଫ୍ରାନ୍ସରେ ଅତ୍ୟଧିକ ଗରମ ଯୋଗୁଁ ୫୮ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ସମଗ୍ର ୟୁରୋପରେ ଅତ୍ୟଧିକ ଗ୍ରୀଷ୍ମ ପ୍ରବାହ ଅନୁଭୂତ ହୋଇଛି । ସ୍ପେନ, ଇଟାଲୀ, ବ୍ରିଟେନ, ଫ୍ରାନ୍ସ ସମେତ ୧୪ଟି ଦେଶରେ ରେଡ୍ ଆଲର୍ଟ ଜାରି କରାଯାଇଛି । ଫ୍ରାନ୍ସରେ ଗରମରୁ ରକ୍ଷା ପାଇବା ପାଇଁ ଲୋକମାନେ ନଦୀ, ହ୍ରଦ ଓ କେନାଲରେ ଗାଧୋଇବାକୁ ଯାଇ ପାଣିରେ ବୁଡ଼ି ମୃତ୍ୟୁବରଣ କରିଛନ୍ତି । ଗ୍ରୀଷ୍ମ ପ୍ରବାହ ଯୋଗୁଁ ୧୮ ଜଣଙ୍କ ମୃତ୍ୟୁ ଘଟିଥିବାବେଳେ ପାଣିରେ ବୁଡ଼ି ୪୦ରୁ ଊର୍ଦ୍ଧ୍ୱ ମୃତ୍ୟୁବରଣ କରିଛନ୍ତି ।। ପରିସ୍ଥିତି ଏତେ ଗମ୍ଭୀର ହୋଇଛି ଯେ ଫ୍ରାନ୍ସର ଗୋଲଫେଶ ପରମାଣୁ ବିଦ୍ୟୁତ କେନ୍ଦ୍ରକୁ ବନ୍ଦ କରିବାକୁ ପଡ଼ିଛି । ୧୩୫୦ରୁ ଅଧିକ ବିଦ୍ୟାଳୟ ବନ୍ଦ କରାଯାଇଛି । ପ୍ୟାରିସ ସମେତ ଦେଶର ଅନେକ ସ୍ଥାନରେ ତାପମାତ୍ରା ୪୩ ଡିଗ୍ରୀ ସେଲସିୟସ୍ ପର୍ଯ୍ୟନ୍ତ ପହଞ୍ଚିଛି । ଚଳିତ ବର୍ଷର ଗ୍ରୀଷ୍ମ ପ୍ରବାହ ୨୦୦୩ ମସିହା ଗ୍ରୀଷ୍ମ ପ୍ରବାହ ସହ ସମାନ ହୋଇଛି । ତେବେ ୨୦୦୩ରେ ୧୬ ଦିନ ଧରି ଚାଲିଥିବା ଭୟଙ୍କର ଗରମରେ ପ୍ରାୟ ୧୫ ହଜାର ଲୋକଙ୍କ ମୃତ୍ୟୁ ଘଟିଥିଲା ।

## ସୀମାରେ ପାକିସ୍ତାନର ସାମରିକ ପ୍ରସ୍ତୁତି

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ପାକିସ୍ତାନ ଭାରତ ବିରୋଧରେ ଯୁଦ୍ଧ ଧମକ ଦେଇଥିବା ବେଳେ ସୀମାରେ ସାମରିକ ପ୍ରସ୍ତୁତିକୁ ବ୍ୟାପକ କରିଛି । ପାକିସ୍ତାନ ସେନାର ୮ମ ବ୍ରିଗେଡ୍ ନିୟନ୍ତ୍ରଣ ରେଖା ନିକଟରେ ୩୫ଟି ଆଣ୍ଟି-ଡ୍ରୋନ୍ ୟୁନିଟ୍ ମୁତୟନ କରିଛି । ସୀମାରେ ନଜର ରଖିବା ଓ ଶତ୍ରୁପକ୍ଷକୁ ଟାର୍ଗେଟ୍ କରିବା ପାଇଁ ଏଆଇ କ୍ଷମତା ସମ୍ପନ୍ନ ଫେନସିଂ କରିଛି । ବାଲୋଚିସ୍ତାନ ଓ ଖାଇବର ପଖତୁନଖ୍ୱାରେ ଦୁଇଟି ନୂତନ ଏୟାରବେସ୍ ନିର୍ମାଣ ହେଉଛି । ଚୀନ ପାକିସ୍ତାନକୁ ୩୬ଟି ଜେ ସିରିଜ୍ ମଲ୍ଟିରୋଲ୍ ଯୁଦ୍ଧ ବିମାନ ଯୋଗାଇ ଦେଇଛି ଏବଂ ୫ମ ପିଢ଼ିର ଜେ-୩୫ ଷ୍ଟେଲଥ୍ ଫାଇଟର ଜେଟ୍ ମଧ୍ୟ ମିଳିବାର ସମ୍ଭାବନା ରହିଛି ।

## ପାକିସ୍ତାନ ସୀମାରେ ଏୟାର ଇଣ୍ଡିଆ ବିମାନ

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ଦିଲ୍ଲୀରୁ ଅମୃତସର ଯାଉଥିବା ଏୟାର ଇଣ୍ଡିଆର ଯାତ୍ରୀବାହୀ ବିମାନ ଅଳ୍ପ ସମୟ ପାଇଁ ପାକିସ୍ତାନ ବାୟୁସୀମାରେ ପ୍ରବେଶ କରିଥିବା ଜଣାପଡ଼ିଛି । ଅମୃତସରରେ ଅବତରଣ କରିବା ପାଇଁ 'ଗୋ-ଆରାଉଣ୍ଡ' କରିବା ବେଳେ ଏପରି ଘଟିଥିବା ଏୟାରଲାଇନ୍ସ ବୁଧବାର ସ୍ପଷ୍ଟ କରିଛି । ଏୟାର ଇଣ୍ଡିଆର ବିମାନ ଏଆଇ୪୭୯ ଅଟ୍ଟାରୀ ନିକଟରେ ଥିବା ଅନ୍ତର୍ଜାତୀୟ ସୀମା ଅତିକ୍ରମ କରି ପାକିସ୍ତାନ ସୀମା ମଧ୍ୟରେ ପ୍ରାୟ ୨ମିନିଟ ଯାଏଁ ରହିଥିଲା । ତୁରନ୍ତ ପୁଣି ଭାରତୀୟ ସୀମାକୁ ଫେରି ଆସିଥିଲା ।

## ଶୁଭେନ୍ଦୁଙ୍କ ପ୍ରଶଂସାରେ ଶତମୁଖ ମହୁଆ



କଲିକତା, ୨୪।୬(ଏଜେନ୍ସି): ପଶ୍ଚିମବଙ୍ଗ ରାଜନୀତିରେ ଟିଏମ୍‌ସିର ଶକ୍ତିଶାଳୀ ନେତ୍ରୀ ତଥା ସାଂସଦ ମହୁଆ ମୈତ୍ର, ରାଜ୍ୟର ମୁଖ୍ୟମନ୍ତ୍ରୀ ତଥା ବିଜେପି ନେତା ଶୁଭେନ୍ଦୁ ଅଧିକାରୀଙ୍କୁ ଖୋଲାଖୋଲି ଭାବେ ପ୍ରଶଂସା କରିଛନ୍ତି । ମମତା ବାନାର୍ଜୀଙ୍କ ଅତ୍ୟନ୍ତ ବିଶ୍ୱସ୍ତ ଭାବେ ଜଣାଶୁଣା ମହୁଆ, ଶୁଭେନ୍ଦୁଙ୍କ ସହ ତାଙ୍କର ବେଶ୍ ଭାବପ୍ରବଣ ସମ୍ପର୍କ ଥିବା କଥା ବୁଧବାର କହିଛନ୍ତି । ବିବିସିକୁ ଦେଇଥିବା ଏକ ସାକ୍ଷାତକାରରେ ମହୁଆ କହିଛନ୍ତି ଯେ, ୨୦୧୪ରେ ତାଙ୍କୁ ଲୋକସଭା ଟିକେଟ ମିଳିନଥିଲା । ସେହି ସମୟରେ ସେ ଦୁଃଖରେ ଭାଙ୍ଗିପଡ଼ି ସାରା ରାତି କାନ୍ଦିଥିଲେ । ସେତେବେଳେ କେବଳ ଶୁଭେନ୍ଦୁ ହିଁ ତାଙ୍କୁ ସାନ୍ତ୍ୱନା ଦେବା ସହ ସାହାଯ୍ୟର ହାତ ବଢ଼ାଇଥିଲେ । ଏପରିକି ୨୦୧୬ରେ ମଧ୍ୟ ସେ କରିମପୁରରୁ ପ୍ରଥମ ଥର ବିଧାନସଭା ନିର୍ବାଚନ ଲଢୁଥିବା ବେଳେ ଦଳର କୌଣସି ବରିଷ୍ଠ ନେତା ତାଙ୍କ ପାଇଁ ପ୍ରଚାର କରିବାକୁ ଆସିନଥିଲେ । କିନ୍ତୁ କେବଳ ଶୁଭେନ୍ଦୁ ହିଁ ତାଙ୍କର ପ୍ରଥମ ନିର୍ବାଚନୀ ସଭା କରିଥିଲେ । ବର୍ତ୍ତମାନ ଟିଏମସି ମଧ୍ୟରେ ବଡ଼ ଧରଣର ବିଦ୍ରୋହ ଦେଖାଦେଇଛି । ଏହି ପରିପ୍ରେକ୍ଷୀରେ ମହୁଆ ବିଜେପିର କାର୍ଯ୍ୟଶୈଳୀ ଓ ଶୃଙ୍ଖଳାକୁ ପ୍ରଶଂସା କରିବା ସହ ଟିଏମସିରୁ ଅଯୋଗ୍ୟ ନେତା ମାନଙ୍କୁ ବାହାର କରି ଦଳର ଶୁଦ୍ଧିକରଣ କରିଥିବାରୁ ଶୁଭେନ୍ଦୁଙ୍କୁ ଧନ୍ୟବାଦ ଜଣାଇଛନ୍ତି । ଯଦିଓ ମହୁଆ ଶୁଭେନ୍ଦୁଙ୍କୁ ପ୍ରଶଂସା କରିଛନ୍ତି, ତଥାପି ସେ ତୃଣମୂଳ କଂଗ୍ରେସ ଛାଡ଼ିବା କିମ୍ବା ଦଳ କଂଗ୍ରେସ ସହ ମିଶ୍ରଣ ହେବା ଖବରକୁ ସମ୍ପୂର୍ଣ୍ଣ ରୂପେ ଖଣ୍ଡନ କରିଛନ୍ତି ।

## ୟୁକ୍ରେନରେ ଭାରତୀୟ ସେନା ମୁତୟନ ପ୍ରସ୍ତାବକୁ ହସରେ ଉଡ଼ାଇଲେ ଟ୍ରମ୍ପ

ୱାସିଂଟନ, ୨୪।୬(ଏଜେନ୍ସି): ରୁଷ-ୟୁକ୍ରେନ ଯୁଦ୍ଧ ସମାପ୍ତ କରିବା ପାଇଁ ଶାନ୍ତି ରକ୍ଷାକାରୀ ମିଶନ ପାଇଁ ଭାରତୀୟ ସେନାଙ୍କୁ ମୁତୟନ କରିବାକୁ ଉପରାଷ୍ଟ୍ରପତି ଜେଡି ଭାନ୍ସଙ୍କ ପ୍ରସ୍ତାବକୁ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ହସରେ ଉଡ଼ାଇ ଭାରତ ଏଥିପାଇଁ କେବେ ଅର୍ଥ ନଷ୍ଟ କରିବ ନାହିଁ ବୋଲି କହିଥିଲେ । ଦି ନ୍ୟୁୟର୍କ ଟାଇମ୍ସର ସାମ୍ବାଦିକ ମ୍ୟାଗି ହାବରମ୍ୟାନ ଏବଂ ଜୋନାଥନ ସ୍ୱାନଙ୍କ ଦ୍ୱାରା ଲିଖିତ 'ରେଜିମ ଚେଞ୍ଜ' (ସତ୍ତା ପରିବର୍ତ୍ତନ) ନାମକ ପୁସ୍ତକରେ ଏହି ଦାବି କରାଯାଇଛି । ୨୦୨୫ରେ ଓଭାଲ ଅଫିସରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ୟୁକ୍ରେନକୁ ଟ୍ରମ୍ପଙ୍କ ସ୍ୱତନ୍ତ୍ର ପ୍ରତିନିଧି କିଥ କେଲଗ ଫ୍ରାନ୍ସ, ବ୍ରିଟେନ ଏବଂ ନେଦରଲ୍ୟାଣ୍ଡ ପରି ୟୁରୋପୀୟ ଦେଶଗୁଡ଼ିକରୁ ଶାନ୍ତି ରକ୍ଷାକାରୀ ବାହିନୀ ପଠାଇବାକୁ ପ୍ରସ୍ତାବ ଦେଇଥିଲେ । କିନ୍ତୁ ଜେଡି ଭାନ୍ସ ଯୁକ୍ତି ବାଢିଥିଲେ ଯେ, ନାଟୋ ସଦସ୍ୟ ଦେଶଙ୍କ ସେନା ୟୁକ୍ରେନରେ ମୁତୟନ ହେଲେ ରୁଷ ଏହାକୁ ବିପଦ ଭାବେ ଗ୍ରହଣ କରିବ । ଏହାର ବିକଳ୍ପ ଭାବେ ଭାନ୍ସ ଭାରତ ଏବଂ ସାଉଦି ଆରବ ପରି ଅଣ-ୟୁରୋପୀୟ ଦେଶଗୁଡ଼ିକୁ ଏହି ଦାୟିତ୍ୱ ଦେବାକୁ କହିଥିଲେ । ପୁସ୍ତକ ଅନୁଯାୟୀ, ଟ୍ରମ୍ପ ଏହି ପ୍ରସ୍ତାବ ଶୁଣି ହସିଥିଲେ ଏବଂ କହିଥିଲେ, 'ଭାରତୀୟମାନେ ଏହା କରିବେ ନାହିଁ । ସେମାନେ ଏଭଳି କୌଣସି କାମ ପାଇଁ ଅର୍ଥ ଦେବେ ନାହିଁ' । ତେବେ ଟ୍ରମ୍ପ ସ୍ୱୀକାର କରିଥିଲେ ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହ ତାଙ୍କର ଉତ୍ତମ ସମ୍ପର୍କ ରହିଛି ।



## ନ୍ୟୁୟର୍କ ସିଟିରେ ଭାରତୀୟ କିଶୋରଙ୍କ ସ୍ମୃତିରେ 'ରୋମାଞ୍ଚ୍‌ସ ଲ'

ନ୍ୟୁୟର୍କ, ୨୪।୬(ଏଜେନ୍ସି): ଆମେରିକାର ନ୍ୟୁୟର୍କ ସିଟିର ସେଣ୍ଟ୍ରାଲ୍ ପାର୍କରେ ଘୋଡ଼ା ଗାଡ଼ି ଦୁର୍ଘଟଣାରେ ପ୍ରାଣ ହରାଇଥିବା ୧୮ ବର୍ଷୀୟ ଭାରତୀୟ କିଶୋର ରୋମାଞ୍ଚ ମହାଜନଙ୍କ ସମ୍ମାନାର୍ଥେ ସହରର ଘୋଡ଼ା ଗାଡ଼ି ନିଷେଧ ବିଲ୍‌ର ନାମ ପରିବର୍ତ୍ତନ କରାଯାଇଛି । ପୂର୍ବରୁ 'ରାଇଡର୍ସ ଲ' ନାମରେ ଜଣାଶୁଣା ଏହି ବିଲ୍ ଏବେ 'ରୋମାଞ୍ଚ୍‌ସ ଲ' ଭାବେ ନାମିତ ହୋଇଛି । ଗତ ସପ୍ତାହରେ ସେଣ୍ଟ୍ରାଲ୍ ପାର୍କରେ ରୋମାଞ୍ଚ ତାଙ୍କ ପରିବାର ସହ ଘୋଡ଼ା ଗାଡ଼ିରେ ଭ୍ରମଣ କରୁଥିଲେ । ଏହି ସମୟରେ ଘୋଡ଼ାଟି କୌଣସି କାରଣରୁ ଡରିଯାଇ ଦ୍ରୁତ ଗତିରେ ଦୌଡ଼ିବାକୁ ଲାଗିଥିଲା । ଫଳରେ ରୋମାଞ୍ଚଙ୍କ ମାଆ ଗାଡ଼ିରୁ ପଡ଼ିଯାଇଥିଲେ ଏବଂ ତାଙ୍କୁ ରକ୍ଷା କରିବା ପାଇଁ ରୋମାଞ୍ଚ ଗାଡ଼ିରୁ ଡେଇଁ ପଡ଼ିଥିଲେ । ଏହି ଦୁର୍ଘଟଣାରେ ଗୁରୁତର ଆହତ ହୋଇ ସେ ଚିକିତ୍ସାଧୀନ ଅବସ୍ଥାରେ ପ୍ରାଣ ହରାଇଥିଲେ । ତାଙ୍କ ପରିବାରର ଅନ୍ୟ ସଦସ୍ୟମାନେ ସାମାନ୍ୟ ଆହତ ହୋଇଥିବା ସୂଚନା ମିଳିଛି । ନ୍ୟୁୟର୍କ ସିଟି କାଉନସିଲ୍ ସଦସ୍ୟ କ୍ରିଷ୍ଟୋଫର ମାର୍ଟେ ସୋମବାର ଆୟୋଜିତ ଏକ ଶୋକସଭାରେ ଏହି ନାମ ପରିବର୍ତ୍ତନ ବିଷୟରେ ଘୋଷଣା କରିଥିଲେ । ଏହି ପ୍ରସ୍ତାବିତ ନିୟମ ଅନୁଯାୟୀ, ସହରରେ ନୂତନ ଘୋଡ଼ା ଗାଡ଼ି ଲାଇସେନ୍ସ ପ୍ରଦାନ ବନ୍ଦ କରାଯିବ ଏବଂ ୨୦୨୮ ଜୁନ୍ ୧ ସୁଦ୍ଧା ଏହି ଶିଳ୍ପକୁ ସମ୍ପୂର୍ଣ୍ଣ ରୂପେ ନିଷେଧ କରାଯିବ । ପୂର୍ବରୁ ଏହି ବିଲ୍ 'ରାଇଡର୍' ନାମକ ଏକ ୨୬ ବର୍ଷୀୟ ଘୋଡ଼ାର ନାମରେ ନାମିତ ଥିଲା । ୨୦୨୨ରେ କାର୍ଯ୍ୟରତ ଅବସ୍ଥାରେ ରାଇଡର୍ ଅସୁସ୍ଥ ହୋଇ ମୃତ୍ୟୁବରଣ କରିଥିଲା । ସୂଚନାଯୋଗ୍ୟ, ବିଗତ ୧୩ ମାସ ମଧ୍ୟରେ ୮ ଟି ଘୋଡ଼ା ଜନିତ ଦୁର୍ଘଟଣା ଘଟିସାରିଛି ।

## ୧୨୨.୪ ଡେସିବଲ୍ ତୀବ୍ରତାରେ ଚିତ୍କାର କରି ବିଶ୍ୱ ରେକର୍ଡ



କାନ୍‌ବେରା, ୨୪।୬(ଏଜେନ୍ସି): ଜଣେ ଅଷ୍ଟ୍ରେଲୀୟ ବ୍ୟକ୍ତି ବିଶ୍ୱର ସବୁଠାରୁ ଉଚ୍ଚ ସ୍ୱରରେ ଚିତ୍କାର କରୁଥିବା ବ୍ୟକ୍ତି ଭାବେ ଗିନିଜ୍ ୱାର୍ଲ୍ଡ ରେକର୍ଡରେ ନିଜ ନାମ ଲେଖାଇଛନ୍ତି । ଅଷ୍ଟ୍ରେଲିଆର ରାଜଧାନୀ କାନ୍‌ବେରାର ବାସିନ୍ଦା ୫୮ ବର୍ଷୀୟ ଜୋସେଫ୍ ମ୍ୟାକଗ୍ରେଲ୍-ବ୍ୟାଟଅପ୍ ୧୨୨.୪ ଡେସିବଲ୍ ତୀବ୍ରତାରେ ନାଓ ଶବ୍ଦଟିକୁ ଚିତ୍କାର କରି ଏହି ନୂତନ କୀର୍ତ୍ତିମାନ ସ୍ଥାପନ କରିଛନ୍ତି । ଏହି ସଫଳତା ସହ ଜୋସେଫ୍ ପ୍ରାୟ ୩୦ ବର୍ଷର ପୁରୁଣା ରେକର୍ଡକୁ ଭାଙ୍ଗିଛନ୍ତି । ଏହା ପୂର୍ବରୁ ୧୯୯୪ରେ ଉତ୍ତର ଆୟର୍ଲାଣ୍ଡର ଜଣେ ଶିକ୍ଷୟିତ୍ରୀ ଆନାଲିସା ଫ୍ଲାନାଗାନ୍ ୧୨୧.୭ ଡେସିବଲ୍ ତୀବ୍ରତାରେ 'କ୍ୱାଏଟ୍' ଶବ୍ଦ ଚିତ୍କାର କରି ବିଶ୍ୱ ରେକର୍ଡ କରିଥିଲେ । ଗିନିଜ୍ ୱାର୍ଲ୍ଡ ରେକର୍ଡ ଅନୁଯାୟୀ, ଜୋସେଫ୍‌ଙ୍କ ଏହି ଚିତ୍କାରର ଶବ୍ଦ ଏକ ଚେନ୍-ସ (ମୋଟର କରତ), ନିକଟରେ ଯାଉଥିବା ଆମ୍ବୁଲାନ୍ସ ସାଇରନ୍ କିମ୍ବା ଏକ ଜେଟ୍ ବିମାନ ଉଡ଼ାଣ ସମୟରେ ସୃଷ୍ଟି ହେଉଥିବା ଶବ୍ଦ ସହ ସମାନ । ଜୋସେଫ୍ ପେଶାରେ ଜଣେ ଏୟାର କଣ୍ଡିସନର ମିସ୍ତ୍ରୀ ଭାବେ କାମ କରନ୍ତି । ଜୋସେଫ୍ କହିଛନ୍ତି ଯେ, ଏହି ରେକର୍ଡ ପାଇଁ ଅଭ୍ୟାସ କରିବା ସମ୍ଭବ ନୁହେଁ । ଏହି ରେକର୍ଡ ପାଇଁ ତାଙ୍କୁ ୭ ଥର ଚେଷ୍ଟା କରିବାକୁ ପଡ଼ିଥିଲା । ଏଥିପାଇଁ ପ୍ରାୟ ଦୁଇ ଦିନ ପର୍ଯ୍ୟନ୍ତ ତାଙ୍କ ସ୍ୱର ବସି ଯାଇଥିଲା । ତେବେ ଜୋସେଫ୍ ବର୍ତ୍ତମାନ ବିଶ୍ୱର ସବୁଠାରୁ ଉଚ୍ଚ ସ୍ୱରର ବ୍ୟକ୍ତି ଭାବେ ରେକର୍ଡ କରିଥିବା ବେଳେ ଫ୍ଲାନାଗାନ୍ ଏବେ ମଧ୍ୟ ବିଶ୍ୱର ସବୁଠାରୁ ଉଚ୍ଚ ସ୍ୱରର ମହିଳା ଭାବେ ନିଜର ରେକର୍ଡ ବଜାୟ ରଖିଛନ୍ତି ।

## ବିନିକା ବ୍ଲକ୍ ଅଧ୍ୟକ୍ଷାଙ୍କ ଘରକୁ ଗୁଳିମାଡ଼ ଘଟଣାରେ ୪ ଗିରଫ
# ବିଜେଡି ନେତା ଅଶୋକ ନନ୍ଦଙ୍କୁ ହତ୍ୟା ପାଇଁ ହୋଇଥିଲା ଯୋଜନା

ତରଭା,୨୪।୬(ସମିସ): ସୁବର୍ଣ୍ଣପୁର ଜିଲ୍ଲା ବିନିକା ବ୍ଲକ୍ ଅଧ୍ୟକ୍ଷା ଦୀପ୍ତିରେଖା ନନ୍ଦ ଏବଂ ବିଜେଡି ନେତା ଅଶୋକ ନନ୍ଦଙ୍କ ଘର ଉପରକୁ ଗତ ଶୁକ୍ରବାର ରାତିରେ ଗୁଳି ମାଡ଼ ଘଟଣାରେ ପୁଲିସ ୪ ଜଣଙ୍କୁ ଗିରଫ କରିଛି। ଏମାନେ ହେଲେ ବଲାଙ୍ଗିର ଗାନ୍ଧୀନଗରପଡ଼ାର ମୁନା ବାରିକ (୩୦), ସୁବର୍ଣ୍ଣପୁର ଜିଲ୍ଲା ଏସ୍ ରାମପୁର ଥାନା ଅଧୀନ ସଂହାରପଡ଼ାର ଦୁର୍ବାସା ବେହେରା (୪୫), ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ଥାନା ଅଧୀନ ଲୁଡକିବେଡ଼ାର ଲୋକନାଥ ନାୟକ (୨୩) ଏବଂ ସୁବର୍ଣ୍ଣପୁର ଜିଲ୍ଲା ଏସ୍ ରାମପୁରଥାନାଅଧୀନ ବ୍ରାହ୍ମଣୀପାଲିର ତନ୍ମୟବାଗ(୨୬)। ଏମାନଙ୍କଠାରୁ ୨ଟି ପିସ୍ତଲ, ୨୦ଟି ଗୁଳି, ୨ଟି ମୋବାଇଲ୍ ଫୋନ୍, ୨ଟି ଖଣ୍ଡା, ଗୋଟିଏ ଛୁରି ଜବତ ହୋଇଛି। ତଦନ୍ତ ସମୟରେ ପ୍ରଥମେ ତନ୍ମୟ ଏହି ଗୁଳିକାଣ୍ଡରେ ସାମିଲ ଥିବା ଜଣାପଡିଥିଲା। ତେଣୁ ପୁଲିସ ତାକୁ ରିମାଣ୍ଡରେ ଆଣି ପଚରାଉଚରା କରିଥିଲା। ଅଶୋକଙ୍କ ସହ ତା'ର ଶତ୍ରୁତା ଥିବା ସେ ପୁଲିସ ଆଗରେ ସ୍ୱୀକାର କରିଥିଲା। ଘଟଣା ଦିନ ସେ ଦୁର୍ବାସାର ପ୍ରରୋଚନାରେ ଅନ୍ୟ ସହଯୋଗୀମାନଙ୍କ ସହ ମିଶି ଅଶୋକଙ୍କୁ ଗିଳି କରି ହତ୍ୟା କରିବାକୁ ଯୋଜନା କରିଥିଲା। ସେଦିନ ରାତିରେ ସେମାନେ କାରରେ ପହଞ୍ଚି ଅଶୋକଙ୍କୁ ଡାକିଥିଲେ। ଅଶୋକ ଘରୁ ବାହାରିବା ବେଳେ ସେମାନେ ତାଙ୍କ ଉପରକୁ ଆଖିବୁଜା ଗୁଳିମାଡ଼ କରିଥିଲେ; ଅଶୋକ କିନ୍ତୁ ବର୍ତ୍ତି ଯାଇଥିଲେ। ତାଙ୍କ ଘରର ଏଣେତେଣେ ଗୁଳି ବାଜିଥିଲା। ଏହାପରେ ସେମାନେ ଫେରାର୍ ହୋଇଯାଇଥିଲେ।

# ମହିଳାଙ୍କୁ କଚାଡ଼ି ମାରିଲା ଦନ୍ତା

ଅନୁଗୋଳ୨୪।୬(ସମିସ): ଜିଲ୍ଲାରେ ପୁଣି ଥରେ ହାତୀ ଆତଙ୍କ ଦେଖିବାକୁ ମିଳିଛି। ବୁଧବାର ସକାଳେ ଅନୁଗୋଳ ସଦର ରେଞ୍ଜ ଶରଧାପୁର ଗାଁରେ ଏକ ଜଙ୍ଗଲୀ ଦନ୍ତା ହାତୀ ଆକ୍ରମଣରେ ଗୁଲ ସାହୁ (୫୦) ନାମ୍ନୀ ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି। ଗୁଲ ସାହୁ ତାଙ୍କ ଭାଉଜ ହେଲେନ ସାହୁଙ୍କ ସହ ଗାଁ ନିକଟସ୍ଥ ଭାଲୁଖାଇ ନାଳକୁ ଗାଧୋଇବାକୁ ଯାଇଥିଲେ। ଗାଧୋଇ ସାରି ଘରକୁ ଫେରୁଥିବା ବେଳେ ଅଚାନକ ସେଠାରେ ଥିବା ଏକ ଦନ୍ତା ହାତୀ ସେମାନଙ୍କୁ ଆକ୍ରମଣ କରିଥିଲା। ହେଲେନ କୌଶଳକ୍ରମେ ବର୍ତ୍ତି ଯାଇଥିବାବେଳେ ହାତୀଟି ଗୁଲଙ୍କୁ ଶୁଣ୍ଢରେ ଟେକି କଚାଡ଼ି ଦେଇଥିଲା। ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ପ୍ରାଣବାୟୁ ଉଡ଼ିଯାଇଥିଲା। ଗତ ସୋମବାର ଜଗନ୍ନାଥପୁରରେ ଜଣେ ହାତୀ ଜଗୁଆଳିଙ୍କ ମୃତ୍ୟୁର ଦୁଇ ଦିନ ପରେ ଏଭଳି ଘଟଣା ସ୍ଥାନୀୟଅଞ୍ଚଳରେ ଭୟର ବାତାବରଣ ସୃଷ୍ଟି କରିଛି। ବାରମ୍ବାର ହାତୀ ଆକ୍ରମଣ ଓ ବନବିଭାଗର ଅବହେଳାକୁ ନେଇ ସ୍ଥାନୀୟ ଲୋକଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଘଟଣାସ୍ଥଳରେ ଉତ୍ତେଜନା ପ୍ରକାଶ ପାଇଥିବା ବେଳେ ବନବିଭାଗ କର୍ମଚାରୀ ପହଞ୍ଚି ତଦନ୍ତ ଜାରି ରଖିଛନ୍ତି।

## ଜେଲ୍ ଗଲେ କୋଟିପତି ନିର୍ବାହୀ ଯନ୍ତ୍ରୀ
# ଶ୍ରୀଲଙ୍କାରେ କରୁଥିଲେ ବେଟିଂ, ୧୧୯% ଆୟ ବହିର୍ଭୂତ ସମ୍ପତ୍ତି

ସମ୍ବଲପୁର, ୨୪।୬ (ସମିସ): ସମ୍ବଲପୁର ଭିଜିଲାନ୍ସ ଡିଭିଜନ ପକ୍ଷରୁ ଗତକାଲି ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ସମ୍ବଲପୁର କମାଣ୍ଡ ଏରିଆ ଡେଭେଲପମେଣ୍ଟ ଅଥରିଟି (ସିଏଡିଏ) ଅଧୀନସ୍ଥ ଉନ୍ନୟନ ବିଭାଗ-୪ର ନିର୍ବାହୀ ଯନ୍ତ୍ରୀ (କୃଷି) ଇଂ. ପଦ୍ମଲୋଚନ ନାୟକଙ୍କ ସମ୍ବଲପୁର ସମେତ ୭ଟି ସ୍ଥାନରେ ଏକକାଳୀନ ଚଢ଼ଉ କରାଯାଇଥିଲା। ତଦନ୍ତ ଓ ଯାଞ୍ଚ ପ୍ରକ୍ରିୟା ଜାରି ରହିଥିବାବେଳେ ତାଙ୍କ ପାଖରେ ଆୟଠାରୁ ୪ କୋଟି ୩୫ ଲକ୍ଷର ଅଧିକ ଟଙ୍କାର ସମ୍ପତ୍ତି ରହିଥିବା ଜଣାପଡ଼ିଛି। ଏହି ସମ୍ପତ୍ତି ସମ୍ପର୍କରେ ସେ କୌଣସି ସନ୍ତୋଷଜନକ ଉତ୍ତର ଦେଇପାରି ନ ଥିଲେ। ସମ୍ବଲପୁର ଭିଜିଲାନ୍ସ ଡିଭିଜନ ପକ୍ଷରୁ ଏକ ମାମଲା ରୁଜୁ କରାଯାଇ ଆଜି ତାଙ୍କୁ ଗିରଫକରି କୋର୍ଟଚାଲାଣ କରାଯାଇଥିବା ସାମ୍ବାଦିକ ସମ୍ମିଳନୀରେ ଭିଜିଲାନ୍ସ ଏସ୍‌ପି ପ୍ରଦ୍ୟୁମ୍ନ କୁମାର ଦ୍ୱିବେଦୀ ସୂଚନା ଦେଇଛନ୍ତି। ଏହାସହ ତଦନ୍ତ ସମୟରେ ତାଙ୍କ ପାଖରୁ ଏକ ପାସପୋର୍ଟ ଜବତ ହୋଇଛି। ଏଥିରୁ ଇଂ. ନାୟକ ଏକାଧିକ ଥର ବିଦେଶ ଗସ୍ତ କରିଥିବା ଜଣାପଡ଼ିଛି। ସେ ବିଶେଷକରି ଶ୍ରୀଲଙ୍କା ଗସ୍ତ କରିଛନ୍ତି। ତାଙ୍କ ମୋବାଇଲ ଓ ଅନ୍ୟାନ୍ୟ ଗ୍ୟାଜେଟ୍ ଯାଞ୍ଚରୁ ମିଳିଥିବା ସୂଚନା ଅନୁଯାୟୀ ସେ ଶ୍ରୀଲଙ୍କାରେ ଗ୍ୟାମ୍ବଲିଂ (ଜୁଆ) ଏବଂ ବେଟିଂରେ ଲିପ୍ତ ଥିଲେ। ଏଥିରେ ସେ କେତେ ଟଙ୍କା ନିବେଶ କରିଛନ୍ତି ଏବଂ ଅନ୍ୟ ତଥ୍ୟ ସକାଶେ ଖୋଳତାଡ଼ ଚାଲିଥିବା ଏସ୍‌ପି ଶ୍ରୀ ଦ୍ୱିବେଦୀ କହିଛନ୍ତି।

ଭିଜିଲାନ୍ସ ଏସ୍‌ପି ଶ୍ରୀ ଦ୍ୱିବେଦୀ କହିଛନ୍ତି ଯେ, ମଙ୍ଗଳବାର ଆୟ ବହିର୍ଭୂତ ସମ୍ପତ୍ତି ଅଭିଯୋଗରେ ସକାଳ ୭ଟାରୁ ସମ୍ବଲପୁରରେ ଭଡ଼ାଘର ଓ କାର୍ଯ୍ୟାଳୟ ସମେତ କଟକ, ବାଲେଶ୍ୱର ଓ ମାଲକାନଗିରିରେ ୭ଟି ସ୍ଥାନରେ ଏକକାଳୀନ ଚଢ଼ଉ କରାଯାଇଥିଲା। ଚଢ଼ଉ ଶେଷ ହେବାପରେ ବୁଧବାର ସମ୍ପତ୍ତିର ଆକଳନ କରାଯାଇ ୪ କୋଟି ୩୫ ଲକ୍ଷ ଟଙ୍କାର ଅଧିକ ସମ୍ପତ୍ତି ଥିବା ଜଣାପଡ଼ିଛି। ଏହା ତାଙ୍କ ବୈଧ ଆୟର ପ୍ରାୟ ୧୧୯ ପ୍ରତିଶତ ଅଧିକ। ନିର୍ବାହୀ ଯନ୍ତ୍ରୀ ଇଂ. ନାୟକଙ୍କ ନାମ ସହିତ ତାଙ୍କ ପତ୍ନୀ ଓ ସନ୍ତାନମାନଙ୍କ ନାମରେ ବିପୁଳ ପରିମାଣର ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ରହିଛି। ଯାହାକୁ ହିସାବ କଲେ ୫ କୋଟିରୁ ମଧ୍ୟ ଅଧିକ ହେବ। ବର୍ତ୍ତମାନ ସୁଦ୍ଧା ତାଙ୍କର ୧୮ ଟି ମୂଲ୍ୟବାନ ପ୍ଲଟ୍ ଠାବ କରାଯାଇଛି, ଯାହା ବାଲେଶ୍ୱର, ଯାଜପୁର ଜିଲାର କୋରେଇ ଥାନା ଅନ୍ତର୍ଗତ ରାସ୍ତା କଡ଼ରେ ଏବଂ କଟକର ବିଦ୍ୟାଧରପୁର ଭଳି ପ୍ରମୁଖ ସ୍ଥଳ ମାନଙ୍କରେ ରହିଛି। ଏହାବ୍ୟତୀତ କଟକରେ ଏକ ୩ ମହଲା ବିଶିଷ୍ଟ ସୁଦୃଶ୍ୟ ଅଟ୍ଟାଳିକା ରହିଛି ସେଥିଠାରେ ତାଙ୍କ ପରିବାର ରହୁଛନ୍ତି। ତାଙ୍କ ପୈତୃକ ଗ୍ରାମରେ ଏକ ୨ ମହଲା ଏବଂ ଏକ ୧ ମହଲା ବିଶିଷ୍ଟ ୨ଟି କୋଠା ରହିଛି। ଇନ୍ସୁରେନ୍ସ ପଲିସି, ମ୍ୟୁଚୁଆଲ୍ ଫଣ୍ଡ ଏବଂ ସେୟାର ମାର୍କେଟରେ ହୋଇଥିବା ବିପୁଳ ନିବେଶର ଯାଞ୍ଚ ପ୍ରକ୍ରିୟା ଏବେ ମଧ୍ୟ ଜାରି ରହିଛି, ଯାହାର ସମ୍ପୂର୍ଣ୍ଣ ରିପୋର୍ଟ ଆସିବା ପରେ ଏହି ସମ୍ପତ୍ତିର ପରିମାଣ ଆହୁରି ବୃଦ୍ଧି ପାଇପାରେ। କଟକ ବାସଭବନ ଯାଞ୍ଚବେଳେ ସେଠାରୁ ଆମେରିକୀୟ ଡଲାର, ନେପାଳୀ ମୁଦ୍ରା, ବାହାରିନ୍‌ର ଦିନାର ଏବଂ ଶ୍ରୀଲଙ୍କାର ମୁଦ୍ରା ଆଦି ବିଦେଶୀ ମୁଦ୍ରା ମଧ୍ୟ ମିଳିଛି। ତାଙ୍କ ପାଖରୁ ଜବତ ହୋଇଥିବା ପାସପୋର୍ଟରୁ ଏକାଧିକ ଥର ବିଦେଶ ଗସ୍ତ କରିଥିବା ଜଣାପଡ଼ିଥିବାବେଳେ ବହୁବାର ଶ୍ରୀଲଙ୍କା ଗସ୍ତ କରିଛନ୍ତି। ତାଙ୍କ ମୋବାଇଲ୍ ଓ ଅନ୍ୟାନ୍ୟ ଗ୍ୟାଜେଟ୍ ଯାଞ୍ଚରୁ ମିଳିଥିବା ସୂଚନା ଅନୁଯାୟୀ ସେ ଶ୍ରୀଲଙ୍କାରେ ଗ୍ୟାମ୍ବଲିଂ ଏବଂ ବେଟିଂରେ ଲିପ୍ତ ଥିଲେ। ଏନେଇ ତଦନ୍ତ ଜାରି ରହିଛି। ସେ କେବେ କେବେ ବିଦେଶ ଗସ୍ତ କରିଛନ୍ତି ସେ ସମ୍ପର୍କରେ ସବିଶେଷ ବିବରଣୀ ପାଇଁ ପାସପୋର୍ଟ ଅଫିସ୍ ସହ ଯୋଗାଯୋଗ କରାଯାଇଥିବା ସେ କହିଛନ୍ତି। ତାଙ୍କର ସମସ୍ତ ବ୍ୟାଙ୍କ ଆକାଉଣ୍ଟ ଓ ଜମା ରାଶିକୁ ଫ୍ରିଜ୍ କରାଯାଇଛି। ତାଙ୍କର ସମସ୍ତ ଆୟ ବହିର୍ଭୂତ ସମ୍ପତ୍ତିକୁ ବାଜ୍ୟାପ୍ତ (ସିଜ୍) କରିବା ପାଇଁ କୋର୍ଟରେ ଆଇନଗତ ପ୍ରକ୍ରିୟା ଭିଜିଲାନ୍ସ ବିଭାଗ ପକ୍ଷରୁ ଆରମ୍ଭ କରାଯିବ। ସରକାରୀ ନିର୍ମାଣ କାର୍ଯ୍ୟରେ ସମ୍ପୃକ୍ତ ଠିକାଦାରମାନଙ୍କଠାରୁ ସେ ଏହି ସମସ୍ତ ଅର୍ଥ ଆଦାୟ କରୁଥିବା ସନ୍ଦେହ କରାଯାଉଛି। ଚଢ଼ଉ ସମୟରେ ୩ଟି ଚାରିଚକିଆ ଯାନ, ୨ଟି ଜେସିବି ମେସିନ୍, ଗୋଟିଏ ଟ୍ୟାଙ୍କର, ଗୋଟିଏ ଟ୍ରାକ୍ଟର, ଗୋଟିଏ ଟ୍ରକ୍ ଏବଂ ୨ଟି ଦୁଇଚକିଆ ଯାନ ଠାବ କରାଯାଇଛି। ସୂଚନାଯୋଗ୍ୟ ଯେ, ଇଂ. ନାୟକ ୧୯୯୧ ଜୁଲାଇ ମାସରେ ନିଜର ଚାକିରୀକାଳ ସମ୍ବଲପୁରରୁ ହିଁ କନିଷ୍ଠ କୃଷି ଯନ୍ତ୍ରୀ ଭାବେ ମାତ୍ର ୨୬୦୦ ଟଙ୍କା ଦରମାରେ ଆରମ୍ଭ କରିଥିଲେ। ମଝିରେ ଥରେ ସହକାରୀ ଯନ୍ତ୍ରୀ (ଏଇଇ) ପାହ୍ୟାକୁ ପଦୋନ୍ନତି ପାଇ ସମ୍ବଲପୁରକୁ ବଦଳି ହୋଇ ଆସିଥିବାବେଳେ ସମ୍ପ୍ରତି ୧-୧୨-୨୦୨୩ରୁ ନିର୍ବାହୀ ଯନ୍ତ୍ରୀ ଭାବେ କାର୍ଯ୍ୟରତ ଥିଲେ। ଆସନ୍ତା ୨୦୨୭ ମସିହା ଫେବୃଆରୀ ମାସରେ ତାଙ୍କର ଅବସରଗ୍ରହଣ କରିବାର ଥିଲା ବୋଲି ଭିଜିଲାନ୍ସ ଏସ୍‌ପି ଶ୍ରୀ ଦ୍ୱିବେଦୀ ସୂଚନା ଦେଇଛନ୍ତି।



**୪ କୋଟି ୩୫ ଲକ୍ଷର ଆୟବହିର୍ଭୂତ ସମ୍ପତ୍ତି**
**୧୮ ଟି ପ୍ଲଟ, ୩ ମହଲା ଘର, ବହୁ ଯାନବାହନ**
**ବିଦେଶ ଗସ୍ତ ଓ ଗ୍ୟାମ୍ବଲିଂକୁ ନେଇ ତଦନ୍ତ ଜାରି**

## ରକ୍ତରଞ୍ଜିତ ରାମନଗର
# ବିଜେପି ବୁଥ୍ ସଭାପତିଙ୍କୁ ନିର୍ମମ ହତ୍ୟା

ମହାକାଳପଡ଼ା, ୨୪।୬ (ସମିସ): ମହାକାଳପଡ଼ା ବ୍ଲକ ଅନ୍ତର୍ଗତ ରାମନଗର ପଞ୍ଚାୟତରେ ଜଣେ ବିଜେପି କର୍ମୀଙ୍କ ନିର୍ମମ ହତ୍ୟା ଘଟଣା ସମଗ୍ର ଅଞ୍ଚଳକୁ ସ୍ତବ୍ଧ କରିଦେଇଛି। ବିଜେପିର ୧୯୭ନଂ ବୁଥ ସଭାପତି ତପନ ଦାସଙ୍କୁ ପଥରରେ ଛେଚି ହତ୍ୟା କରାଯାଇଥିବା ଘଟଣା ପରେ କେବଳ ଅଞ୍ଚଳରେ ଶୋକର ଛାୟା ଖେଳିଯାଇନାହିଁ, ବରଂ ସ୍ଥାନୀୟ ପ୍ରଶାସନ ଓ ପୁଲିସର କାର୍ଯ୍ୟଦକ୍ଷତା ଉପରେ ଗୁରୁତର ପ୍ରଶ୍ନ ଉଠିଛି। ଏହି ଘଟଣାରେ ଅଭିଯୁକ୍ତ ସଞ୍ଜୟ ମଣ୍ଡଳଙ୍କୁ ଜମ୍ମୁ ମେରାଇନ ଥାନା ପୁଲିସ ଗିରଫ କରିଥିବାବେଳେ ସ୍ଥାନୀୟ ଲୋକଙ୍କ ଅଭିଯୋଗ ହେଉଛି, ସେ ଦୀର୍ଘଦିନ ଧରି ଅଞ୍ଚଳରେ ଆତଙ୍କରାଜ ଚଳାଇ ଆସୁଥିଲେ। ପ୍ରତିଦିନ ସନ୍ଧ୍ୟା ସମୟରେ ରାସ୍ତା ଉପରେ ଲୋକଙ୍କୁ ଅଟକାଇ ଗାଳିଗୁଲଜ କରିବା, ବାଇକ୍ ଚାଳକଙ୍କୁ ହଇରାଣ କରିବା ଓ ଅଯଥା ଗଣ୍ଡଗୋଳ ସୃଷ୍ଟି କରିବା ତାଙ୍କର ନିତିଦିନିଆ ଅଭ୍ୟାସ ହୋଇପଡ଼ିଥିଲା। ଏସବୁ ଘଟଣାକୁ ଗୁରୁତ୍ୱ ଦିଆଯାଇ ନ ଥିବାରୁ ଶେଷରେ ଏକ ନିର୍ଦ୍ଦୋଷ ଜୀବନ ଚାଲିଗଲା ବୋଲି ଲୋକେ ମତ ପ୍ରକାଶ କରିଛନ୍ତି।

ସୂଚନା ମୁତାବକ, ଗତକାଲି ବିଳମ୍ବିତ ରାତିରେ ସଞ୍ଜୟ ମଣ୍ଡଳ ଘର ନିକଟରେ ଏକ ଭୋଜି ଚାଲିଥିବା ସମୟରେ ରାସ୍ତା ଉପରେ ଆତଙ୍କ ସୃଷ୍ଟି କରୁଥିଲେ। ଏହାକୁ ଦେଖି ତପନ ଦାସ ପରିସ୍ଥିତିକୁ ଶାନ୍ତ କରିବା ଓ ସଞ୍ଜୟଙ୍କୁ ବୁଝାଇବା ପାଇଁ ଆଗକୁ ଆସିଥିଲେ। କିନ୍ତୁ ସାମାନ୍ୟ କଥା କାଟାକାଟିରୁ ଘଟଣା ହିଂସାତ୍ମକ ରୂପ ନେଇଥିଲା। ସଞ୍ଜୟ ହଠାତ୍ ଉତ୍‌କ୍ଷିପ୍ତ ହୋଇ ଏକ କାଠ ଫାଳିଆରେ ତପନଙ୍କୁ ଆକ୍ରମଣ କରିଥିଲେ। ମୁଣ୍ଡରେ ଗୁରୁତର ଆଘାତ ଲାଗିବାରୁ ତପନ ଘଟଣାସ୍ଥଳରେ ତଳେ ପଡ଼ିଯାଇଥିଲେ। ଏତିକିରେ ଆକ୍ରମଣକାରୀଙ୍କ ରାଗ ଶାନ୍ତ ହୋଇ ନ ଥିଲା। ପରେ ପଥରରେ ତାଙ୍କ ମୁଣ୍ଡକୁ ଛେଚି ଦେଇଥିଲେ। ଫଳରେ ତପନଙ୍କ ମୃତ୍ୟୁ ଘଟିଥିଲା। ଏଭଳି ନିର୍ମମ ହତ୍ୟା ଘଟଣା ସମଗ୍ର ଅଞ୍ଚଳରେ ଭୟ ଓ ଅସୁରକ୍ଷାର ପରିବେଶ ସୃଷ୍ଟି କରିଛି। ଘଟଣା ପରେ ଅଭିଯୁକ୍ତ ଫେରାର ହୋଇଯାଇଥିବାବେଳେ ଜମ୍ମୁ ମେରାଇନ ଥାନା ଅଧିକାରିଣୀ ଅନିତା ସ୍ୱାଇଁଙ୍କ ନେତୃତ୍ୱରେ ପୁଲିସ ଟିମ୍ ତଦନ୍ତ ଆରମ୍ଭ କରିଥିଲା। ବିଭିନ୍ନ ସ୍ଥାନରେ ଚଢ଼ଉ କରି ଶେଷରେ ସଞ୍ଜୟ ମଣ୍ଡଳଙ୍କୁ ଗିରଫ କରାଯାଇଛି। ତାଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ ହୋଇଥିବାବେଳେ ଅଧିକ ତଦନ୍ତ ଚାଲିଛି।

ତେବେ ଏହି ଘଟଣା ପରେ ସାଧାରଣ ଲୋକଙ୍କ ମଧ୍ୟରେ ଗୋଟିଏ ପ୍ରଶ୍ନ ବାରମ୍ବାର ଉଠୁଛି। ଯଦି ସଞ୍ଜୟ ମଣ୍ଡଳଙ୍କ ବିରୋଧରେ ପୂର୍ବରୁ ଏତେ ଅଭିଯୋଗ ଥିଲା, ତେବେ ପୁଲିସ କିମ୍ବା ପ୍ରଶାସନ କାହିଁକି ତାଙ୍କ ବିରୋଧରେ କୌଣସି ପ୍ରତିରୋଧାତ୍ମକ ପଦକ୍ଷେପ ନେଇ ନ ଥିଲା? ସ୍ଥାନୀୟ ଲୋକଙ୍କ କହିବା ଅନୁଯାୟୀ, ଏହି ଅବହେଳା ହିଁ ଶେଷରେ ଜଣେ ରାଜନୈତିକ କର୍ମୀଙ୍କ ଜୀବନ ନେଇଛି। ଘଟଣାକୁ ନେଇ ରାମନଗର ଅଞ୍ଚଳରେ ତୀବ୍ର ଅସନ୍ତୋଷ ଦେଖାଦେଇଛି। ସ୍ଥାନୀୟ ବାସିନ୍ଦା ଅଭିଯୋଗ କରିଛନ୍ତି ଯେ, ଆଇନଶୃଙ୍ଖଳା ପରିସ୍ଥିତି ଦିନକୁ ଦିନ ଅବନତି ହେଉଥିବା ସତ୍ତ୍ୱେ ପ୍ରଶାସନ ନିରବଦ୍ରଷ୍ଟା ସାଜିଛି। ଅପରାଧୀଙ୍କ ମନରେ ପୁଲିସ ଭୟ ନ ଥିବାରୁ ଏଭଳି ଘଟଣା ବଢ଼ୁଛି ବୋଲି ଅଞ୍ଚଳବାସୀ କହିଛନ୍ତି। ଜଣେ ବୁଥ ସଭାପତିଙ୍କୁ ନିର୍ମମ ହତ୍ୟା କେବଳ ଏକ ଅପରାଧିକ ଘଟଣା ନୁହେଁ, ବରଂ ଅଞ୍ଚଳର ଆଇନଶୃଙ୍ଖଳା ବ୍ୟବସ୍ଥାର ଦୁର୍ବଳତାକୁ ମଧ୍ୟ ପଦାକୁ ଆଣିଛି। ତେଣୁ ଏହି ଘଟଣାର ନିରପେକ୍ଷ ତଦନ୍ତ ସହିତ ଭବିଷ୍ୟତରେ ଏଭଳି ଘଟଣା ନ ଘଟିବା ପାଇଁ ପ୍ରଶାସନ କେଉଁ ପଦକ୍ଷେପ ନେଉଛି, ତାହା ଉପରେ ସମସ୍ତଙ୍କ ନଜର ରହିଛି।



**ଅଭିଯୁକ୍ତ ସଞ୍ଜୟ ମଣ୍ଡଳ ଗିରଫ**

**ଆଇନଶୃଙ୍ଖଳା ବିଫଳତା ନେଇ ଉଠିଲା ପ୍ରଶ୍ନ**

## ■ ସାମ୍ବାଦିକଙ୍କୁ ପେନ୍‌ସନ୍ ମାମଲା
# ୩ ମାସରେ ନିଷ୍ପତ୍ତି ନେବାକୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ,୨୪।୬(ସବ୍ୟୁ): ସାମ୍ବାଦିକଙ୍କୁ ପେନ୍‌ସନ୍ ପ୍ରଦାନ ମାମଲାରେ ହାଇକୋର୍ଟ୍ ଏକ ଗୁରୁତ୍ୱପୂର୍ଣ୍ଣ ଆଦେଶ ଦେଇଛନ୍ତି। ଏ ପ୍ରସଙ୍ଗରେ ରାଜ୍ୟ ସରକାର ତିନି ମାସ ମଧ୍ୟରେ ଉପଯୁକ୍ତ ନିଷ୍ପତ୍ତି ନେବାକୁ ହାଇକୋର୍ଟ ଆଦେଶ ଦେଇଛନ୍ତି। ଏ ସଂକ୍ରାନ୍ତରେ ସମସ୍ତ ପ୍ରକାର ପ୍ରଶାସନିକ ପଦକ୍ଷେପ, ଆବଶ୍ୟକ ଆର୍ଥିକ ବ୍ୟବସ୍ଥା ଆଦି ବିଚାର କରି ପଦକ୍ଷେପ ନେବାକୁ ହାଇକୋର୍ଟର ବିଚାରପତି ଜଷ୍ଟିସ୍ ଏସ୍.କେ. ପାଣିଗ୍ରାହୀ ଆଦେଶ ଦେଇଛନ୍ତି। ଯଦି ଧାର୍ଯ୍ୟ ସମୟ ମଧ୍ୟରେ ରାଜ୍ୟ ସରକାର ଆବଶ୍ୟକ ପଦକ୍ଷେପ ଗ୍ରହଣ ନକଲେ ତାହେଲେ ଆବେଦନକାରୀ ପୁନର୍ବାର ଅଦାଲତଙ୍କ ଦ୍ୱାରସ୍ଥ ହୋଇପାରିବେ ବୋଲି ହାଇକୋର୍ଟ କହିଛନ୍ତି। ସିନିୟର୍ ଜର୍ଣ୍ଣାଲିଷ୍ଟ ଆସୋସିଏସନ, ଓଡ଼ିଶା ପକ୍ଷରୁ ଏହି ଅଦାଲତ ମାମଲା ରୁଜୁ କରାଯାଇଥିଲା। ଆଜି ପର୍ଯ୍ୟନ୍ତ ଓଡ଼ିଶାରେ ବରିଷ୍ଠ ସାମ୍ବାଦିକଙ୍କୁ ପେନ୍‌ସନ୍ ପ୍ରଦାନ କରାଯାଉ ନଥିବାରୁ ଅଦାଲତଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା। ରାଜ୍ୟ ସରକାର ଜବାବ ରଖି ଦର୍ଶାଇଥିଲେ ଯେ ସାମ୍ବାଦିକଙ୍କୁ ପେନ୍‌ସନ୍ ଦେବା ସଂକ୍ରାନ୍ତରେ ରାଜ୍ୟ ସରକାର ବିଚାରବିମର୍ଶ କରୁଛନ୍ତି। ଏଥିପାଇଁ ଅତିକମ୍‌ରେ ତିନିମାସ ସମୟ ଦିଆଯାଉ। ଏହି ଜବାବକୁ ଗ୍ରହଣ କରି ହାଇକୋର୍ଟ ରାଜ୍ୟ ସରକାରଙ୍କୁ ପେନ୍‌ସନ୍ ସଂକ୍ରାନ୍ତରେ ତିନିମାସ ମଧ୍ୟରେ ନିଷ୍ପତ୍ତି ନେବାକୁ ନିର୍ଦ୍ଦେଶ ଦେଇଛନ୍ତି।

## ■ ରଥଯାତ୍ରାରେ ଶୃଙ୍ଖଳିତ ପରିବହନ ଲକ୍ଷ୍ୟ
# ଅନ୍ୟ ରୁଟ୍ ବସଙ୍କୁ ମିଳିବ ପୁରୀ ପାଇଁ ଅସ୍ଥାୟୀ ପରମିଟ୍

ଭୁବନେଶ୍ୱର,୨୪।୬(ସମିସ): ବିଶ୍ୱପ୍ରସିଦ୍ଧ ପୁରୀ ରଥଯାତ୍ରାରେ ଶ୍ରଦ୍ଧାଳୁଙ୍କ ସୁଗମ ପରିବହନ ପାଇଁ ବୁଧବାର ଏକ ସମନ୍ୱୟ ବୈଠକ ଅନୁଷ୍ଠିତ ହୋଇଛି। ଆଞ୍ଚଳିକ ପରିବହନ ଅଧିକାରୀ(ଆରଟିଓ)ଙ୍କ ଭୁବନେଶ୍ୱର-୧ କାର୍ଯ୍ୟାଳୟରେ ପରିବହନ ଆୟୁକ୍ତ ଅମିତାଭ ଠାକୁରଙ୍କ ଅଧ୍ୟକ୍ଷତାରେ ବୈଠକ ଅନୁଷ୍ଠିତ ହୋଇଥିଲା। ଶ୍ରୀଗୁଣ୍ଡିଚା, ବାହୁଡ଼ା ଓ ସୁନାବେଶରେ ଶ୍ରୀକ୍ଷେତ୍ର ପୁରୀକୁ ଲକ୍ଷ ଲକ୍ଷ ଶ୍ରଦ୍ଧାଳୁଙ୍କ ସୁଅ ଛୁଟିବ।

- ■ ପରିବହନ ଆୟୁକ୍ତଙ୍କ ଅଧ୍ୟକ୍ଷତାରେ ସମନ୍ୱୟ ବୈଠକ
- ■ ୪୫୦ଟି ଇ-ରିକ୍ସା ହେବ ନିୟୋଜିତ
- ■ ନିର୍ଦ୍ଧାରିତ ମୂଲ୍ୟଠାରୁ ଅଧିକ ଭଡ଼ା ଆଦାୟ ରୋକିବା ଉପରେ ପଦକ୍ଷେପ

ଶ୍ରଦ୍ଧାଳୁମାନେ କିଭଳି ପୁରୀରେ ସୁବିଧାରେ ପହଞ୍ଚିବେ ଓ ଫେରିବେ, ସେ ବିଷୟରେ ବିଭିନ୍ନ ଦିଗ ଉପରେ ଆଲୋଚନା କରାଯିବା ସହ କେତେକ ନିଷ୍ପତ୍ତି ଗ୍ରହଣ କରାଯାଇଛି।

ଯାତ୍ରୀଙ୍କ ଚାହିଦା ପୂରଣ ପାଇଁ ପୁରୀକୁ ବହୁ ସଂଖ୍ୟାରେ ଷ୍ଟେଜ୍ କ୍ୟାରେଜ୍ ବସ୍ ଚଳାଚଳ କରିବାର ଆବଶ୍ୟକତା ରହିଛି। ଏଥିପାଇଁ ଶ୍ରୀଗୁଣ୍ଡିଚା ଯାତ୍ରା, ବାହୁଡ଼ା ଯାତ୍ରା ଓ ସୁନାବେଶ ନିମନ୍ତେ ଅସ୍ଥାୟୀ ପରମିଟ୍ ପ୍ରଦାନ କରାଯିବ। ରଥଯାତ୍ରାର ପୂର୍ବଦିନ ପାଇଁ ମଧ୍ୟ ଏହି ଅସ୍ଥାୟୀ ପରମିଟ୍ ମିଳିପାରିବ। ପୁରୀ ବାହାର ରୁଟ୍‌ର କୌଣସି ବି ବସ୍ ମାଲିକ ଏଥିପାଇଁ ଆବେଦନ କରିପାରିବେ। ଏବେ ପୁରୀକୁ ପ୍ରତିଦିନ ପ୍ରାୟ ୨୦୦ ଘରୋଇ ବସ୍ ଚଳାଚଳ କରୁଥିବା ବେଳେ ରଥଯାତ୍ରା ସମୟରେ ଏହି ସଂଖ୍ୟାକୁ ଦୁଇଗୁଣା କରିବାକୁ ଲକ୍ଷ୍ୟ ରଖାଯାଇଛି। ସେହିଭଳି ପୁରୀକୁ ଓଏସଆରଟିସି ଏବଂ କ୍ରୁଟ୍ ସରକାରୀ ବସ୍ ସଂଖ୍ୟା ମଧ୍ୟ ଏହି ସମୟରେ ବୃଦ୍ଧି କରାଯିବ। ରଥଯାତ୍ରା ସମୟରେ ପୁରୀଠାରେ ଏକ ସୂଚନା କେନ୍ଦ୍ର ତଥା ନିୟନ୍ତ୍ରଣ କକ୍ଷ ୨୪ ଘଣ୍ଟା ଖୋଲା ରହିବ। ଏଥିପାଇଁ ସ୍ୱତନ୍ତ୍ର ନମ୍ବର ଜାରି ହେବ। ତାଳବଣିଆରେ ମଧ୍ୟ ଏକ ହେଲ୍ପଡେସ୍କ କାର୍ଯ୍ୟ କରିବ। ଏହା ସହ ଏସଟିଏର ୨୪ ଘଣ୍ଟିଆ ଟୋଲ୍ ଫ୍ରି ନମ୍ବର ମଧ୍ୟ ସୂଚନା ପ୍ରଦାନ ପାଇଁ କାର୍ଯ୍ୟ କରିବା ନେଇ ଆଲୋଚନା ହୋଇଛି। ସେହିଭଳି ତାଳବଣିଆ ଓ ଅନ୍ୟ ପ୍ରମୁଖ ପାର୍କିଂ ସ୍ଥାନରୁ ନିଃଶୁଳ୍କ ଇ-ରିକ୍ସା ସୁବିଧା ପରିବହନ ବିଭାଗ ଦ୍ୱାରା କରାଯିବ। ଏଥିପାଇଁ ୪୫୦ଟି ଇ-ରିକ୍ସା ନିୟୋଜିତ କରିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ପ୍ରତି ବସରେ ଭଡ଼ା ଚାର୍ଟ ଲଗାଇବାକୁ ବାଧ୍ୟତାମୂଳକ କରାଯାଇଛି। କୌଣସି ବସ୍ ଯେପରି ନିର୍ଦ୍ଧାରିତ ଭଡ଼ାଠାରୁ ଅଧିକ ଟଙ୍କା ? ଆଦାୟ ନ କରନ୍ତି, ସେଥିପାଇଁ ପରିବହନ ବିଭାଗ ସହ ବସ୍ ମାଲିକ ସଂଘ ମଧ୍ୟ କଡ଼ା ଦୃଷ୍ଟି ଦେବେ।

ଜରୁରୀକାଳୀନ ପରିସ୍ଥିତିର ମୁକାବିଲା ପାଇଁ ଭୁବନେଶ୍ୱରରୁ ପୁରୀ ରାସ୍ତାରେ ପର୍ଯ୍ୟାପ୍ତ ସଂଖ୍ୟକ କ୍ରେନ୍ ଏବଂ ଆମ୍ବୁଲାନ୍ସ ମୁତୟନ କରାଯିବ। ଉଭୟ ସରକାରୀ ଓ ଘରୋଇ ଡାକ୍ତରଖାନାରେ ସଡ଼କ ଦୁର୍ଘଟଣାଗ୍ରସ୍ତଙ୍କ ତ୍ୱରିତ ଚିକିତ୍ସା ସୁନିଶ୍ଚିତ କରାଯିବ। ରଥଯାତ୍ରା ସମୟରେ ଭୁବନେଶ୍ୱର-ପୁରୀ ଏବଂ ପୁରୀ-କୋଣାର୍କ ରାଜପଥରେ ଯଦି କୌଣସି ଗାଡ଼ି ଖରାପ ହୁଏ, ତେବେ ତୁରନ୍ତ ମରାମତି ସେବା ଯୋଗାଇଦେବା ପାଇଁ ଗାଡ଼ି ନିର୍ମାତା ଓ ଡିଲରମାନଙ୍କୁ କୁହାଯାଇଛି। ବୈଠକରେ ଭୁବନେଶ୍ୱର ଓ କଟକ ଡିସିପି, ଟ୍ରାଫିକ ଡିସିପି, ପୁରୀର ଅତିରିକ୍ତ ଏସପି, ଜାତୀୟ ରାଜପଥ କର୍ତ୍ତୃପକ୍ଷ, ବସ୍ ମାଲିକ ସଂଘର କର୍ମକର୍ତ୍ତା, ଓଏସଆରଟିସି ଏବଂ କ୍ରୁଟ୍ ପ୍ରତିନିଧିମାନେ ଉପସ୍ଥିତ ଥିଲେ। ଭର୍ଚୁଆଲ ମାଧ୍ୟମରେ ପୁରୀ ଜିଲ୍ଲାପାଳ ଯୋଗ ଦେଇଥିଲେ।

# ବ୍ରହ୍ମପୁରରୁ ଆଇପିଏଲ ବୁକିକୁ ଉଠାଇ ନେଲା ପୁରୀ ପୁଲିସ

ବ୍ରହ୍ମପୁର/ପୁରୀ,୨୪।୬(ସମିସ): ବ୍ରହ୍ମପୁର ପୁଲିସ ଯେଉଁ ଆଇପିଏଲ ବୁକିକୁ ଧରିବାରେ ବିଫଳ ରହିଥିଲା ସେହି ବୁକିକୁ ପୁରୀ ସାଇବର ଥାନା ପୁଲିସ ଗତକାଲି ବ୍ରହ୍ମପୁରରୁ ଉଠାଇବାରେ ନେବାରେ ସଫଳ ହୋଇଛି। ବୁକି ଜଣକ ହେଲେ ବ୍ରହ୍ମପୁର ଲାଞ୍ଜିପଲ୍ଲୀ ରାମନଗରର କ୍ରିଷ୍ଣା ପ୍ରସାଦ ତ୍ରିପାଠୀ ଓରଫ ଶୀତୁ। ଶୀତୁ ବ୍ରହ୍ମପୁରରେ ରହି ପୁରୀରେ ଚଳାଇଥିଲେ ଆଇପିଏଲ୍ ବେଟିଂର ବଡ଼ ସିଣ୍ଡିକେଟ୍। ପୁରୀ ସାଇବର ଥାନା ପୁଲିସ ଗତ ଏପ୍ରିଲ ୨୯ ତାରିଖରେ ପୁରୀ ମାର୍କେଣ୍ଡେଶ୍ୱର ସାହିର ପ୍ରସନ୍ନ ପୃଷ୍ଟି, କୁମ୍ଭରପଦା ବଡ଼ ଶଙ୍ଖ ସାହିର ବି ନାଗେଶ୍ୱର ରାଓ, ବାସେଲିସାହିର ବିଶ୍ୱଜିତ ଲେଙ୍କା ଓ ଚନ୍ଦନପୁର ରମାକାନ୍ତ ସାହୁଙ୍କୁ ଗିରଫ କରିଥିଲା । ଗିରଫ ବେଳେ ପୁଲିସ ଅଭିଯୁକ୍ତ ଶୀତୁଙ୍କ ସମ୍ପୃକ୍ତି ରହିଥିବା ଜାଣିବାକୁ ପାଇଥିଲା। ପୁଲିସ ଅଧିକ ଖୋଳତାଡ଼ କରିବା ପରେ ବ୍ରହ୍ମପୁରରୁ ନମସ୍ତେ ଗ୍ରୁପ୍‌ର ମୁଖ୍ୟ କ୍ରିଷ୍ଣା ପ୍ରସାଦ ତ୍ରିପାଠୀ ଓରଫ ଶୀତୁ ଉଠାଇବା ପାଇଁ ତାଙ୍କ ମୋବାଇଲ ନମ୍ବରକୁ ଟ୍ରାକିଂ କରିଥିଲା। ନିକଟରେ ଶୀତୁ ବାହାରକୁ ଚାଲିଯାଇଥିବା ବେଳେ ଏବେ କିଛିଦିନ ହେବ ବ୍ରହ୍ମପୁର ଆସିଥିବା ଖବର ପୁରୀ ପୁଲିସ ଟ୍ରାକିଂ କରି ଜାଣିବାକୁ ପାଇଥିଲା। ଶୀତୁଙ୍କ ଠାରୁ ନଗଦ ୧୦ଲକ୍ଷ ୨୫ ହଜାର ଟଙ୍କା, ଦୁଇଟି ମୋବାଇଲ୍ ଫୋନ୍ ଜବତ କରିବା ସହ ବ୍ୟାଙ୍କ୍ ଆକାଉଣ୍ଟ ଫ୍ରିଜ୍ କରିଥିବା ଜଣାପଡ଼ିଛି । ସେହି ଆକାଉଣ୍ଟରେ ପ୍ରାୟ ୯ ଲକ୍ଷ ଥିବା ଜଣାପଡ଼ିଛି। ପୁରୀ ସାଇବର ଥାନା ଆଇଆଇସି ଗୀତାଞ୍ଜଳି ନାୟକଙ୍କ ନେତୃତ୍ୱରେ ଏକ ଟିମ୍ ଗତକାଲି ବ୍ରହ୍ମପୁରରେ ପହଞ୍ଚି ରାତି ୧୦ଟା ବେଳେ ଲାଞ୍ଜିପଲ୍ଲୀ ରାମନଗରରେ ରହୁଥିବା ବୁକି ଶୀତୁଙ୍କ ଘରେ ଚଢ଼ଉ କରିଥିଲେ। ପୁଲିସ ଶୀତୁ ଓ ଜଣେ ସହଯୋଗୀଙ୍କୁ ଉଠାଇ ନେଇ ବୈଦ୍ୟନାଥପୁର ଥାନାରେ ପହଞ୍ଚିଥିଲା। ଅଭିଯୁକ୍ତ ଶୀତୁଙ୍କ ଠାରୁ କିଛି ସୁନା ଅଳଙ୍କାର, ମୋବାଇଲ୍ ଫୋନ୍ ଓ ନଗଦ ୧୦ ଲକ୍ଷ ଟଙ୍କା ଜବତ କରିଥିଲା । ରାତି ୨ଟାରେ ଅଭିଯୁକ୍ତ ଶୀତୁକୁ ସାଙ୍ଗରେ ନେଇ ପୁରୀ ଫେରିଥିଲା ପୁଲିସ। ସୂଚନାଯୋଗ୍ୟ ଯେ,ଗତ ଏପ୍ରିଲ୍ ୨୮ ତାରିଖ ରାତିରେ ପୁରୀରେ ଧରାପଡିଥିଲା ଆଇପିଏଲ୍ ବେଟିଂ ଏକ ବଡ଼ ରାକେଟ। ବାସେଳି ସାହି ଥାନା ମଶାଣି ଚଣ୍ଡି ଛକରେ ଏକ ଘରେ ବେଟିଂ ଚାଲିଥିବାବେଳେ ପୁଲିସ ଚଢ଼ଉ କରି ବେଟିଂ ବୁକି ପ୍ରସନ୍ନ ପୃଷ୍ଟି ସହ କୁମ୍ଭରପଦା ବଡ଼ ଶଙ୍ଖ ସାହିର ବି ନାଗେଶ୍ୱର ରାଓ, ବାସେଲିସାହିର ବିଶ୍ୱଜିତ ଲେଙ୍କା ଓ ଚନ୍ଦନପୁର ରମାକାନ୍ତ ସାହୁ ଆଦି ୪ ଅଭିଯୁକ୍ତଙ୍କୁ ଗିରଫ କରିଥିଲା । ପୁଲିସ ସମସ୍ତ ଅଭିଯୁକ୍ତଙ୍କୁ ଜେରା କରି ବହୁ ତଥ୍ୟ ହାସଲ କରିବା ପରେ କୋର୍ଟ ଚାଲାଣ କରିଥିଲା। ସେତେବେଳେ ପୁଲିସ ସେମାନଙ୍କ ଠାରୁ ଜବତ ୨୫ଲକ୍ଷ ୩୫ ହଜାର ଟଙ୍କା ଜବତ କରିଥିଲା। ସ୍କାଏଏକ୍ସଚେଞ୍ଜ୍ ମୋବାଇଲ୍ ଆପ୍ଲିକେସନ୍‌ରେ ବେଟିଂ ଗ୍ୟାକେଟ୍ ଚାଲିଥୁବା ଜଣାପଡିଥିଲା। ଅଭିଯୁକ୍ତଙ୍କ ବ୍ୟାଙ୍କ୍ ଆକାଉଣ୍ଟ ଓ ମୋବାଇଲ୍ କଲ୍ ରେକର୍ଡ ଯାଞ୍ଚ କରିବା ପରେ ଅଭିଯୁକ୍ତ ଶୀତୁର ଲିଙ୍କ୍ ଥୁବା ଜାଣିବାକୁ ପାଇଥୁଲା ପୁଲିସ। ସିତୁର ବ୍ୟାଙ୍କ୍ ଆକାଉଣ୍ଟରେ କୋଟି କୋଟି ଟଙ୍କା ନେଣଦେଣ ହୋଇଥୁବା ପୁଲିସ ଅନୁସନ୍ଧାନରେ ଜଣାପଡିବା ପରେ ଅଭିଯୁକ୍ତକୁ ଧରିବାକୁ ଯୋଜନା କରିଥିଲା। ଅଭିଯୁକ୍ତ ସିତୁ ବ୍ରହ୍ମପୁରରୁ ପୁରୀ ପର୍ଯ୍ୟନ୍ତ ଆଇପିଏଲ୍ ଗ୍ୟାକେଟ୍ ବେଟିଂ ଜାଲ ବିଛାଇଛି। ସେ ଅନେକ ସମୟରେ ବ୍ରହ୍ମପୁରରେ ମଧ୍ୟ ରହୁ ନଥିଲା। ବାହାର ରାଜ୍ୟରେ ସେ ଆତ୍ମଗୋପନ କରି ରହୁଥିବାବେଳେ ପୁଲିସ ତାକୁ ଟ୍ରାକିଂ କରି ଅପେକ୍ଷା କରିଥୁଲା ଓ ବ୍ରହ୍ମପୁରରୁ ଶୀତୁଙ୍କୁ ପୁଲିସ ଉଠାଇ ନେବା ପରେ ବ୍ରହ୍ମପୁରର ବୁକି ମହଲରେ ଭୟର ବାତାବରଣ ଦେଖିବାକୁ ମିଳିଛି। ଏହାସହ କିଛି ବୁକି ସହର ଛାଡ଼ି ବାହାରକୁ ପଳେଇଯାଇଥିବା ଚା ଖଟିରେ ଚର୍ଚ୍ଚା ଜୋର ଧରି। ପୁଲିସ ବର୍ତ୍ତମାନ ଶୀତୁ ଠାରୁ ମିଳିଥିବା ତଥ୍ୟକୁ ଆଧାର କରି ତଦନ୍ତ ଜାରି ରଖିଛି।



**ନମସ୍ତେ ଗ୍ରୁପର ମୁଖ୍ୟ ଥିଲା ଶୀତୁ**

## ନ୍ୟାୟ ଦାବିରେ ଏସ୍‌ପି ଅଫିସ ଆଗରେ ଚାମେଲୀଙ୍କ ଧାରଣା
# ୭୨ ଘଣ୍ଟାର ମହଲତ, ଦିଲ୍ଲୀ ପର୍ଯ୍ୟନ୍ତ ଆନ୍ଦୋଳନ ଚେତାବନୀ

କେନ୍ଦ୍ରାପଡା,୨୪।୬(ସମିସ): ତିଖିରୀ ପଞ୍ଚାୟତ ସରପଞ୍ଚ ଚାମେଲୀ ଓଝାଙ୍କ ସହ ହୋଇଥିବା ଦୁର୍ବ୍ୟବହାର ଘଟଣାରେ ଦୋଷୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଦାବି କରି କେନ୍ଦ୍ରାପଡ଼ା ଏସ୍‌ପି ଅଫିସ ଆଗରେ ଗୁରୁବାର ଏକ ବିଶାଳ ଧାରଣା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଚାମେଲି ଓଝା ନିଜ ସମର୍ଥକ, ବିଭିନ୍ନ ଜିଲ୍ଲାର ସରପଞ୍ଚ ସଂଘ ପ୍ରତିନିଧି ଓ ମହିଳା ସଂଗଠନ ସଦସ୍ୟଙ୍କ ସହ ଏହି ଆନ୍ଦୋଳନରେ ସାମିଲ ହୋଇ ନ୍ୟାୟ ଦାବି କରିଛନ୍ତି। ଚାମେଲୀ ୭୨ ଘଣ୍ଟାର ସମୟ ଦେଇଥିବାବେଳେ ଦିଲ୍ଲୀ ପର୍ଯ୍ୟନ୍ତ ଆନ୍ଦୋଳନ ଚେତାବନୀ ଦେଇଛନ୍ତି।

ଆନ୍ଦୋଳନ ପୂର୍ବରୁ ଗରାପୁର ଡାକବଙ୍ଗଳା ଛକରେ ଥିବା ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ପରେ ଚାମେଲୀ ଓଝା ଖାଲି ପାଦରେ ପ୍ରାୟ ଦୁଇ କିଲୋମିଟର ପଦଯାତ୍ରା କରି ନିଜ ସମର୍ଥକଙ୍କ ସହ ଏସପି ଅଫିସ ନିକଟରେ ପହଞ୍ଚିଥିଲେ। ସେଠାରେ ପ୍ରାୟ ତିନି ଘଣ୍ଟା ଧରି ଧାରଣା ଚାଲିଥିଲା। ଧାରଣାରେ ଚାମେଲୀ ଓଝା ଦାବି କରିଥିଲେ ଯେ, ତାଙ୍କ ସହ ହୋଇଥିବା ଦୁର୍ବ୍ୟବହାର ଘଟଣାରେ ସଂପୃକ୍ତ ସମସ୍ତ ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ କରାଯାଉ। ସେହିପରି ମହାକାଳପଡ଼ା ବିଡିଓ ଓ ସମ୍ପୃକ୍ତ ଥାନା ଅଧିକାରୀଙ୍କୁ ନିଲମ୍ବନ କରିବାକୁ ସେ ଦାବି ଉଠାଇଥିଲେ। ପୁଲିସକୁ ଏ ନେଇ ୭୨ ଘଣ୍ଟାର ସମୟ ଦିଆଯାଇଥିବାବେଳେ ନିର୍ଦ୍ଧାରିତ ସମୟ ମଧ୍ୟରେ ପଦକ୍ଷେପ ନିଆ ନ ଗଲେ ଆନ୍ଦୋଳନ ତିଖିରୀରୁ ରାଜଭବନ ଓ ଦିଲ୍ଲୀ ପର୍ଯ୍ୟନ୍ତ ବିସ୍ତାର ହେବ ବୋଲି ଚେତାବନୀ ଦେଇଥିଲେ।



ଘଟଣାରେ ଏ ପର୍ଯ୍ୟନ୍ତ ପୁଲିସ ୪ ଜଣଙ୍କୁ ଗିରଫ କରିଥିବାବେଳେ ବାକି ଅଭିଯୁକ୍ତଙ୍କୁ କାହିଁକି ଗିରଫ କରାଯାଉନାହିଁ ବୋଲି ଚାମେଲୀଙ୍କ ଭାଇ ସୂର୍ଯ୍ୟକାନ୍ତ ଓଝା ପ୍ରଶ୍ନ ଉଠାଇଥିଲେ। ସେ କହିଥିଲେ, ନ୍ୟାୟ ପାଇବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ। ଏହି ଧାରଣାକୁ ସମର୍ଥନ ଜଣାଇବା ପାଇଁ କଟକ ଜିଲ୍ଲା ସରପଞ୍ଚ ସଂଘର ପ୍ରତିନିଧି କେନ୍ଦ୍ରାପଡ଼ାରେ ପହଞ୍ଚିଥିଲେ। ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କ ଅଧିକାରକୁ ବ୍ଲକ ପ୍ରଶାସନ କ୍ଷୁର୍ଣ୍ଣ କରୁଥିବା ଅଭିଯୋଗ କରି ସରପଞ୍ଚ ସଂଘ ଘଟଣାର ନିରପେକ୍ଷ ତଦନ୍ତ ଦାବି କରିଥିଲା। ଅନ୍ୟପକ୍ଷରେ ବିଭିନ୍ନ ମହିଳା ସଂଗଠନ ମଧ୍ୟ ଚାମେଲୀଙ୍କ ଆନ୍ଦୋଳନରେ ସାମିଲ ହୋଇ ନ୍ୟାୟ ଦାବିକୁ ଆହୁରି ଜୋରଦାର କରିଥିଲେ। ଧାରଣା ସ୍ଥଳରେ ଅତିରିକ୍ତ ଏସ୍‌ପି ଓ ଏସଡିଓ ପହଞ୍ଚି ଆନ୍ଦୋଳନକାରୀଙ୍କ ସହ ଆଲୋଚନା କରିଥିଲେ। ଖୁବଶୀଘ୍ର ଅନ୍ୟ ଅଭିଯୁକ୍ତଙ୍କୁ ଗିରଫ କରାଯିବ ଓ ଘଟଣାର ତଦନ୍ତ ନିରପେକ୍ଷ ଭାବେ ଚାଲିଛି ବୋଲି ପ୍ରଶାସନ ପକ୍ଷରୁ ଆଶ୍ୱାସନା ଦିଆଯାଇଥିଲା। ଏହାପରେ ଚାମେଲୀ ଓଝା ଓ ତାଙ୍କ ସମର୍ଥକ ଧାରଣା ପ୍ରତ୍ୟାହାର କରିଥିଲେ। ତେବେ ଚାମେଲୀ ଓଝାଙ୍କ ୭୨ ଘଣ୍ଟାର ସମୟ ଏବେ ପୁଲିସ ଓ ପ୍ରଶାସନ ପାଇଁ ଏକ ବଡ଼ ଚ୍ୟାଲେଞ୍ଜ ସୃଷ୍ଟି କରିଛି। ନିର୍ଦ୍ଧାରିତ ସମୟ ମଧ୍ୟରେ ଦାବି ପୂରଣ ହେଉଛି କି ନାହିଁ ଓ ଏହି ବିବାଦ ଆଗକୁ କେଉଁ ମୋଡ଼ ନେଉଛି, ତାହା ଉପରେ ସମସ୍ତଙ୍କ ନଜର ରହିଛି।

# ଜନସ୍ୱାର୍ଥ ମାମଲା ହାଇକୋର୍ଟରୁ ପ୍ରତ୍ୟାହାର

କଟକ,୨୪।୬(ସମିସ): ବହୁଚର୍ଚ୍ଚିତ କେନ୍ଦ୍ରାପଡ଼ା ଜିଲ୍ଲା ତିଖିରୀ ସରପଞ୍ଚ ଚାମେଲି ଓଝାଙ୍କୁ ଆକ୍ରମଣ ଓ ବେଆଇନ ଗିରଫଦାରୀ ପ୍ରସଂଗକୁ ନେଇ ଦାୟର ଜନସ୍ୱାର୍ଥ ମାମଲାକୁ ଆବେଦନକାରୀ ଆଜି ପ୍ରତ୍ୟାହାର କରିଛନ୍ତି। ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ.ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଭାରତୀୟ ବିକାଶ ପରିଷଦ ତରଫରୁ ଦାୟର ଏ ସଂପର୍କିତ ଜନସ୍ୱାର୍ଥ ଆବେଦନର ପ୍ରାରମ୍ଭିକ ଶୁଣାଣି କରିଥିବା ବେଳେ ଉକ୍ତ ଆବେଦନର ଗ୍ରହଣୀୟତାକୁ ନେଇ ପ୍ରଶ୍ନ ଉଠିଥିଲା। ଏହାପରେ ଆବେଦନ ପ୍ରତ୍ୟାହାର ପାଇଁ ଆବେଦନକାରୀଙ୍କ ତରଫରୁ ଅନୁମତି ଲୋଡା ଯାଇଥିଲା। ହାଇକୋର୍ଟ ଏଥିପାଇଁ ଅନୁମତି ଦେବା ସହିତ ମାମଲାର ଶୁଣାଣିରେ ଅନ୍ତ ଘଟାଇଛନ୍ତି। ଏଠାରେ ଉଲ୍ଲେଖ ଯୋଗ୍ୟ ଯେ ଚାମେଲିଙ୍କ ସ୍ୱାସ୍ଥ୍ୟାବସ୍ଥା ଓ ଚିକିତ୍ସା ସଂପର୍କିତ ରିପୋର୍ଟ ତଲବ ସହିତ ଘଟଣା ଦିନର ସିସିଟିଭି ଫୁଟେଜ ସଂରକ୍ଷିତ କରି ରଖିବାକୁ ନିର୍ଦ୍ଦେଶ ଦିଆଯାଉ ବୋଲି ଆବେଦନରେ ଉଲ୍ଲେଖ କରାଯାଇଥିଲା। ସମ୍ବେଦନଶୀଳ ସ୍ଥିତିରେ ସାଧାରଣ ଲୋକଙ୍କ ପ୍ରତି ପୁଲିସର ଉଚିତ ବ୍ୟବହାର ପ୍ରଦର୍ଶନ ନେଇ ଏକ ସ୍ୱତନ୍ତ୍ର ଗାଇଡଲାଇନ ଆଣିବା ପାଇଁ ନିର୍ଦ୍ଦେଶ ଦିଆଯାଉ ବୋଲି ଆବେଦନରେ ଦର୍ଶାଯାଇଥିଲା।

**ଧଳାଜହର କବଳରେ ଯୁବପିଢ଼ି**

# ଜିଲ୍ଲା ଅବକାରୀ ବିଭାଗ ନିଷ୍କ୍ରିୟ

କାକଟପୁର,୨୪।୬(ସମିସ)



ପୁରୀ ଜିଲ୍ଲା କାକଟପୁର ତଥା ସ୍ଥାନୀୟ ଗାଁମାନଙ୍କର ଛକ ଜାଗାମାନଙ୍କରେ ଏବେ ଧଳାଜହର ବା ବ୍ରାଉନ୍‌ସୁଗର ଓ ଅନ୍ୟାନ୍ୟ ମାଦକଦ୍ରବ୍ୟର କରାଳ ଗ୍ରାସରେ କ୍ଷୟ ହେବାରେ ଲାଗିଛି ଯୁବପିଢ଼ିଙ୍କ ଭବିଷ୍ୟତ। ଗଳିକନ୍ଦିଠାରୁ ଆରମ୍ଭ କରି ଶିକ୍ଷାନୁଷ୍ଠାନ ଆଖପାଖ ପର୍ଯ୍ୟନ୍ତ ସବୁଠି ଏହି ମାରାତ୍ମକ ନିଶା କାରବାର ବେଧଡ଼କ ଚାଲିଛି। ଦିନକୁ ଦିନ ଏହି ଅବୈଧ ବ୍ୟବସାୟର ଜାଲ ସହରଠାରୁ ଗ୍ରାମାଞ୍ଚଳ ପର୍ଯ୍ୟନ୍ତ ବ୍ୟାପିବାରେ ଲାଗିଥିବାବେଳେ, ଜିଲ୍ଲା ଅବକାରୀ ଅଧିକାରୀ ଓ ସ୍ଥାନୀୟ ପ୍ରଶାସନର ନିଷ୍କ୍ରିୟତା ଏବେ ସାଧାରଣରେ ଅନେକ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ସର୍ବନାଶ ଆଡ଼କୁ ଗତି କରୁଛି ଯୁବ ସମାଜ। ଦେଶ ଓ ରାଜ୍ୟର ଭବିଷ୍ୟତ କୁହାଯାଉଥିବା ଯୁବପିଢ଼ି ଆଜି ଏହି ମାରାତ୍ମକ ନିଶାର ଶିକାର ହେଉଛନ୍ତି। ସ୍କୁଲ ଓ କଲେଜ ପଢୁଆ ଛାତ୍ରଛାତ୍ରୀମାନଙ୍କୁ ଟାର୍ଗେଟ କରି ନିଶା ମାଫିଆମାନେ ନିଜର ଏଜେଣ୍ଟ ସଜାଇଛନ୍ତି। ଥରେ ଏହି ଧଳାଜହର ସଂସ୍ପର୍ଶରେ ଆସିବା ପରେ ଯୁବକମାନେ ନିଜର ମାନସିକ ଓ ଶାରୀରିକ ସନ୍ତୁଳନ ହରାଇ ବସୁଛନ୍ତି। ନିଶା ପାଇଁ ଅର୍ଥ ଯୋଗାଡ଼ କରିବାକୁ ଯାଇ ସେମାନେ ଚୋରି, ଛିନ୍‌ତାଇ ଏବଂ ହତ୍ୟା ଭଳି ଜଘନ୍ୟ ଅପରାଧ କରିବାକୁ ପଛାଉ ନାହାନ୍ତି। ଫଳରେ ସାମାଜିକ ଶାନ୍ତିଶୃଙ୍ଖଳା ବିପନ୍ନ ହେବା ସହ ଅନେକ ହସଖୁସିର ପରିବାର ଉଜୁଡ଼ିଯାଉଛି। ଅଭିଯୋଗ ହେଉଛି ଯେ, ଜିଲ୍ଲାର କେଉଁ ସ୍ଥାନରେ ଏବଂ କେଉଁମାନେ ଏହି ବେଆଇନ କାରବାର ଚଳାଇଛନ୍ତି, ସେ ନେଇ ସ୍ଥାନୀୟ ଲୋକେ ବାରମ୍ବାର ଅବକାରୀ ବିଭାଗକୁ ଅବଗତ କରାଉଛନ୍ତି। ତଥାପି ବିଭାଗୀୟ ଅଧିକାରୀଙ୍କ ପକ୍ଷରୁ କୌଣସି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ। କେବଳ କେତେବେଳେ କେମିତି ଲୋକଦେଖାଣିଆ ଚଢ଼ଉ କରି କିଛି ଗ୍ରାମ୍ ଗଞ୍ଜେଇ ବା ଦେଶୀ ମଦ ଜବତ କରି ବିଭାଗ ନିଜର ଦାୟିତ୍ୱ ଶେଷ କରୁଛି। ମୂଳ ମାଫିଆ ବା କିଙ୍ଗପିନ୍‌ମାନଙ୍କୁ ଗିରଫ କରାଯାଉ ନ ଥିବାରୁ ଏହି ନେଟ୍‌ୱର୍କ ଦିନକୁ ଦିନ ଅଧିକ ଶକ୍ତିଶାଳୀ ହେବାରେ ଲାଗିଛି। ଅବକାରୀ ଅଧିକାରୀଙ୍କ ଏହି ନିଷ୍କ୍ରିୟତା ଓ ନିରବତା ପଛରେ ନିଶା ମାଫିଆଙ୍କ ସହ କୌଣସି ସଲାସୁତରା ରହିଛି କି, ସେ ନେଇ ସାଧାରଣରେ ସନ୍ଦେହ ପ୍ରକାଶ ପାଇଲାଣି। ଯଦି ଠିକ୍ ସମୟରେ ପ୍ରଶାସନ ଜାଗ୍ରତ ନ ହୁଏ, ତେବେ ଆଗାମୀ ଦିନରେ ସମଗ୍ର ଯୁବସମାଜ ଧ୍ୱଂସମୁଖକୁ ଚାଲିଯିବ। କେବଳ କାଗଜପତ୍ରରେ ନୁହେଁ, ବାସ୍ତବ କ୍ଷେତ୍ରରେ କାର୍ଯ୍ୟାନୁଷ୍ଠାନର ଆବଶ୍ୟକତା ରହିଛି।

ଏହି ଜାତୀୟ ସମସ୍ୟାର ସମାଧାନ ପାଇଁ କେବଳ ପୁଲିସ ବା ଅବକାରୀ ବିଭାଗ ଉପରେ ନିର୍ଭର ନ କରି ଏକ ମିଳିତ ପ୍ରୟାସର ଆବଶ୍ୟକତା ରହିଛି। ଜିଲ୍ଲା ଅବକାରୀ ବିଭାଗ ନିଜର ନିଷ୍କ୍ରିୟତା ପରିହାର କରି ବିଭିନ୍ନ ସନ୍ଦିଗ୍ଧ ସ୍ଥାନରେ ନିୟମିତ ଓ ଅତର୍କିତ ଚଢ଼ଉ କରିବା ସହିତ ନିଶା ବେପାରୀଙ୍କ ବିରୋଧରେ ଜାମିନବିହୀନ ମାମଲା ରୁଜୁ କରାଯାଉ। ଶିକ୍ଷାନୁଷ୍ଠାନ ଏବଂ ଗ୍ରାମାଞ୍ଚଳରେ ନିଶା ନିବାରଣ ନେଇ ବ୍ୟାପକ ସଚେତନତା ସଭା କରାଯାଉ। ଯଦି ଜିଲ୍ଲା ଅବକାରୀ ଅଧିକାରୀ ଏବେ ବି ନିଜ କୁମ୍ଭକର୍ଣ୍ଣ ନିଦ୍ରାରୁ ନ ଜାଗନ୍ତି, ତେବେ ଆଗାମୀ ଦିନରେ ଏହା ଏକ ଭୟାବହ ସ୍ଥିତି ସୃଷ୍ଟି କରିବ, ଯାହାକୁ ନିୟନ୍ତ୍ରଣ କରିବା ଅସମ୍ଭବ ହୋଇପଡ଼ିବ ବୋଲି ଆଲୋଚନା ଜୋର୍ ଧରିଛି।

## ଚିଲିକା ଉତ୍ତରନାଶିରେ ରାତିରେ ବିଦେଶୀ ପକ୍ଷୀ ଶିକାର

କଣାସ,୨୪।୬(ସମିସ): ଏସିଆ ମହାଦେଶର ସର୍ବ ବୃହତ୍ତମ ଲବଣ ହ୍ରଦ ନୀଳାମ୍ବୁ ଚିଲିକାକୁ ପ୍ରତିବର୍ଷ ପୃଥିବୀର ବିଭିନ୍ନ ଦେଶରୁ ବିଭିନ୍ନ ଜାତିର ବିଦେଶୀ ପକ୍ଷୀ ଶୀତଋତୁର ଆଗମନରେ ଆସି ଚିଲିକାର ସୌନ୍ଦର୍ଯ୍ୟ ବୃଦ୍ଧି କରିଥା'ନ୍ତି। ଗ୍ରୀଷ୍ମ ଋତୁର ଆଗମନ ହେଲେ ସେମାନେ ପୁନଶ୍ଚ ନିଜ ନିଜ ଦେଶକୁ ଫେରିଯାଇଥା'ନ୍ତି। କିନ୍ତୁ ଏବେ କେତେ ବର୍ଷ ହେଲା ଦେଖାଯାଉଛି ଅନେକ ବିଦେଶାଗତ ପକ୍ଷୀ ନିଜ ନିଜ ଦେଶକୁ ନ ଫେରି ଖାଦ୍ୟ ଅନ୍ୱେଷଣରେ ଚିଲିକାରେ ରହିଯାଉଛନ୍ତି। ରହିଯାଉଥିବା ପକ୍ଷୀମାନେ ଖାଦ୍ୟ ପାଇଁ ଚିଲିକାର ଉତ୍ତରନାଶି ଦୟା ଓ ମକରା ନଦୀର ମୁହାଁଣ ନିକଟରେ ଦିନରେ ଆସ୍ଥାନ ଜମାଇ ରାତିରେ ଆଖପାଖ ଗ୍ରାମର ଧାନ ଜମିରେ ପୋକଜୋକ ଖାଇବା ପାଇଁ ଆସୁଛନ୍ତି। ତେବେ କେତେକ ଅସାଧୁ ବ୍ୟକ୍ତି ଖାଦ୍ୟରେ ବିଷାକ୍ତ ଜିନିଷ ଦେବା ଏବଂ ଫାଶ ବସାଇ ବିଦେଶାଗତ ପକ୍ଷୀମାନଙ୍କୁ ଧରି ନେଉଛନ୍ତି। ଉକ୍ତ ପକ୍ଷୀମାନେ ମଧ୍ୟ ସନ୍ଧ୍ୟା ସମୟରେ ଜମିମାନଙ୍କୁ ଆସନ୍ତି ଏବଂ ପ୍ରଭାତରୁ ଚିଲିକାର ଉତ୍ତରନାଶିକୁ ଫେରିଯାଆନ୍ତି। ବନ୍ୟପ୍ରାଣୀ ବିଭାଗ ପକ୍ଷରୁ ଏଥିପ୍ରତି ଦୃଷ୍ଟି ଦେବାକୁ ପକ୍ଷୀପ୍ରେମୀମାନେ ନିବେଦନ କରିଛନ୍ତି।

## ୩ ମାସ ହେଲା ଶିକ୍ଷା ବର୍ଷ ଆରମ୍ଭ; ଛାତ୍ରଛାତ୍ରୀଙ୍କୁ ମିଳିନି ବହି

କଣାସ,୨୪।୬(ସମିସ): ରାଜ୍ୟ ସରକାର ପ୍ରଥମରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀମାନେ କିପରି ଅଧିକ ସଂଖ୍ୟାରେ ବିଦ୍ୟାଳୟକୁ ଆସିବେ ସେଥିପାଇଁ ଛାତ୍ରଛାତ୍ରୀମାନଙ୍କୁ ମାଗଣାରେ ମଧ୍ୟାହ୍ନ ଭୋଜନ, ପାଠ୍ୟ ପୁସ୍ତକ, ପୋଷାକ, ଖେଳ ଉପକରଣ ଯୋଗାଇ ଦେଉଛନ୍ତି। ଚଳିତ ଶିକ୍ଷା ବର୍ଷ ତିନି ମାସ ବିତିଯାଇଥିଲେ ମଧ୍ୟ ପୁରୀ ଜିଲ୍ଲା କଣାସ ବ୍ଲକ୍‌ର ଛାତ୍ରଛାତ୍ରୀଙ୍କ ପାଇଁ ବର୍ତ୍ତମାନ ସୁଦ୍ଧା ପଞ୍ଚମ ଶ୍ରେଣୀ ଇଂରାଜୀ ବହି ଆଦୌ ଆସିନାହିଁ। ଯାହା ଫଳରେ କି ଛାତ୍ରଛାତ୍ରୀମାନେ ପାଠ ପଢ଼ିବାରେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ପ୍ରତ୍ୟେକ ଶ୍ରେଣୀର ୩୦ରୁ ୪୦ ପ୍ରତିଶତ ପାଠ୍ୟ ପୁସ୍ତକ ଆସିଥିବାରୁ ଶିକ୍ଷକମାନେ ବିଦ୍ୟାଳୟରେ ଛାତ୍ରଛାତ୍ରୀମାନଙ୍କୁ ପୁସ୍ତକ ବଣ୍ଟନରେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଯେଉଁ ଛାତ୍ରଛାତ୍ରୀମାନେ ସମସ୍ତ ପୁସ୍ତକ ପାଇନାହାନ୍ତି ସେମାନଙ୍କ ଅଭିଭାବକମାନେ ବିଦ୍ୟାଳୟକୁ ଆସି ଅସନ୍ତୋଷ ପ୍ରକାଶ କରୁଥିବା ଦେଖିବାକୁ ମିଳୁଛି। ଶିକ୍ଷକମାନେ ମଧ୍ୟ କେତେକ ଛାତ୍ରଛାତ୍ରୀ ଅଭିଭାବକଙ୍କଠାରୁ କଟୁ ମନ୍ତବ୍ୟ ଶୁଣୁଛନ୍ତି।

## ରାଷ୍ଟ୍ରପତି ଓ ପ୍ରଧାନମନ୍ତ୍ରୀଙ୍କୁ ଗାଳି କରୁଥିବା ଯୁବକ ଗିରଫ



କଣାସ,୨୪।୬(ସମିସ): ଗତ ୧୯ ଓ ୨୦ ତାରିଖ ଦିନ ରଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମୟୂରଭଞ୍ଜ ଜିଲ୍ଲା ଗସ୍ତରେ ଆସିଥିବାବେଳେ ଗଡ଼ିଶାଗୋଦା ଥାନା ବଡ଼ଓରା ଗ୍ରାମର ପ୍ରଶାନ୍ତ ସାହୁ କେତେକ ଯୁବକଙ୍କ ସହିତ ଫୋନ୍ ମାଧ୍ୟମରେ କଥା ହେବା ସହିତ ସୋସିଆଲ ମିଡିଆରେ ରାଷ୍ଟ୍ରପତି ଓ ପ୍ରଧାନମନ୍ତ୍ରୀଙ୍କୁ ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିବାରୁ ସାହୁପଡ଼ା ମଣ୍ଡଳ ବିଜେପି ଯୁବ ମୋର୍ଚ୍ଚା କର୍ମୀମାନେ ଉକ୍ତ ଯୁବକ ନାମରେ ଗଡ଼ିଶାଗୋଦା ଥାନାରେ ଲିଖିତ ଏତଲା ଦେଇଥିଲେ। ବୁଧବାର ଉକ୍ତ ଯୁବକଙ୍କୁ ଗଡ଼ିଶାଗୋଦା ଥାନା ଅଧିକାରୀ ଶାନ୍ତନୁ କୁମାର ପ୍ରଧାନ ଗିରଫ କରି କୋର୍ଟ ଚାଲାଣ କରିଛନ୍ତି।

## ଲକ୍ଷ୍ମୀନାରାୟଣ ମନ୍ଦିରର ପ୍ରତିଷ୍ଠା ଉତ୍ସବ ଉଦ୍‌ଯାପିତ



ନୟାହାଟ,୨୪।୬(ସମିସ): ନୟାହାଟ ଫାଣ୍ଡି ଅନ୍ତର୍ଗତ ଧୂମାଳ ପଞ୍ଚାୟତର ଯୋଗେଶ୍ୱରପୁର ଖାଣିଜୀପୁର ଗ୍ରାମରେ ୩ ଦିନ ଧରି ଚାଲିଥିବା ଲକ୍ଷ୍ମୀନାରାୟଣ ମନ୍ଦିରର ପ୍ରତିଷ୍ଠା ଉତ୍ସବ ବୁଧବାର ଉଦ୍‌ଯାପିତ ହୋଇଯାଇଛି। ଉକ୍ତ ଉତ୍ସବରେ ମୁଖ୍ୟ ଅତିଥି ଭାବେ ପୂର୍ବତନ ବିଧାୟକ ବାଇଧର ମଲ୍ଲିକ, ମୁଖ୍ୟବକ୍ତା ନିମାପଡ଼ା ବ୍ଲକ୍ ସାଂସଦ ପ୍ରତିନିଧି ପୂର୍ଣ୍ଣଚନ୍ଦ୍ର ଓଝା, ସମ୍ମାନିତ ଅତିଥି ଭାବେ ତୀର୍ଥବାସୀ ଦାସ, ନାରୀନେତ୍ରୀ ରାଜଲକ୍ଷ୍ମୀ ଦାଶ, ଲକୀ ସାହୁ, ପୂର୍ବତନ ମଣ୍ଡଳ ସଭାପତି ଦୀନକୃଷ୍ଣ ମହାନ୍ତି ପ୍ରମୁଖ ଯୋଗଦେଇଥିଲେ। ଏହି ଉତ୍ସବରେ ଅନୁଷ୍ଠାନର ସଭାପତି ପ୍ରକାଶ ଚନ୍ଦ୍ର ପରିଡ଼ା ସଭାପତିତ୍ୱ କରିଥିଲେ। ଲଲାଟ ବେହେରା ଅତିଥି ପରିଚୟ ପ୍ରଦାନ କରିଥିଲେ। ଅନୁଷ୍ଠାନର ନୂତନ କଲ୍ୟାଣ ମଣ୍ଡପ ନିର୍ମାଣ ପାଇଁ ଦାବି ହେଉଥିବାବେଳେ ଏହା ପୂରଣ କରିବା ପାଇଁ ପୂର୍ବତନ ବିଧାୟକ ପ୍ରତିଶ୍ରୁତି ଦେଇଥିଲେ।

## ମାତେଶ୍ୱରୀ ଜଗଦମ୍ବା ସରସ୍ୱତୀଙ୍କ ଅବ୍ୟକ୍ତ ସ୍ମୃତି ଦିବସ



ଚାରିଛକ,୨୪।୬(ସମିସ): ଚାରିଛକସ୍ଥିତ ଏକାନ୍ତ ଆଶ୍ରମ ପରିସରରେ ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ପକ୍ଷରୁ ଆଶ୍ରମର ଉପ ସେବାକେନ୍ଦ୍ରର ସଞ୍ଚାଳିକା ବ୍ରହ୍ମାକୁମାରୀ ମଞ୍ଜୁଙ୍କ ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ମାତେଶ୍ୱରୀ ଜଗଦମ୍ବା ସରସ୍ୱତୀଙ୍କ ୬୧ତମ ଅବ୍ୟକ୍ତ ସ୍ମୃତି ଦିବସ ପାଳନ କରାଯାଇଛି। ମୁଖ୍ୟ ଅତିଥି ରୂପେ ବିକେ ଦିଲ୍ଲୀପ ଯୋଗଦେଇ ଅବ୍ୟକ୍ତ ସ୍ମୃତି ଦିବସ ସମ୍ପର୍କରେ ଆଲୋଚନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିକେ ନାରାୟଣ, ବିକେ ଦଇତାରୀ, ବିକେ କେଦାର, ବିକେ ପଞ୍ଚୁ, ବିକେ ନବଘନ, ବିକେ ବୈକୁଣ୍ଠ, ବିକେ ଜାହାନ, ବିକେ ଜୟକୃଷ୍ଣ, ବିକେ ନିରଞ୍ଜନ, ଆଶ୍ରମର ବାବାଶ୍ରଦ୍ଧାନନ୍ଦ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ପିପିଲି ବ୍ଲକ୍‌ରେ ସ୍କୁଲକୁ ଯାଉନି ଖବରକାଗଜ

ପିପିଲି,୨୪।୬(ସମିସ): ରାଜ୍ୟ ଏବଂ ଦେଶ ବିଦେଶର ଖବର ଜାଣିବା ସହିତ ଦକ୍ଷତା ବିକାଶ ପାଇଁ ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ଏବଂ ହାଇସ୍କୁଲମାନଙ୍କରେ ପ୍ରାର୍ଥନା ସଭାମାନଙ୍କରେ ଖବର କାଗଜ ପାଠ କରିବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ତରଫରୁ ଆଦେଶନାମା ଜାରି ହୋଇଥିଲା। ପ୍ରତି ସ୍କୁଲ କଲେଜମାନଙ୍କରେ ଶିକ୍ଷକଶିକ୍ଷୟିତ୍ରୀମାନେ ଖବରକାଗଜ ପାଠ କରି ମୁଖ୍ୟ ଖବରକୁ ଖାତାରେ ଲିପିବଦ୍ଧ କରି ପ୍ରାର୍ଥନା ସଭାରେ ପିଲାଙ୍କ ସମ୍ମୁଖରେ ପଢ଼ିବାର ନିୟମ ସରକାରୀ ଆଦେଶ ନାମାରେ ଉଲ୍ଲେଖ ଅଛି। ମାତ୍ର ପୁରୀ ଜିଲ୍ଲା ପିପିଲି ବ୍ଲକ୍‌ରେ ଏହାର ବ୍ୟତିକ୍ରମ ଦେଖିବାକୁ ମିଳିଛି। ପିପିଲି ବ୍ଲକ୍‌ର କୌଣସି ସ୍କୁଲକୁ ଖବରକାଗଜ ଯାଉ ନ ଥିବାବେଳେ ନିୟମିତ ଖବର ପାଠ କରାଯାଉନାହିଁ। ପିପିଲି ବ୍ଲକ୍ ଶିକ୍ଷା ବିଭାଗରେ ପ୍ରାଥମିକ, ଉଚ୍ଚ ପ୍ରାଥମିକ ଏବଂ ଉଚ୍ଚ ବିଦ୍ୟାଳୟ ସହିତ ଘରୋଇ ସ୍କୁଲ ମିଶି ମୋଟ୍ ୨୪୪ଟି ସ୍କୁଲ ରହିଛି କିନ୍ତୁ କେହି ଖବରକାଗଜ ମଗାଉନାହାନ୍ତି। ଏଥିପ୍ରତି ଶିକ୍ଷା ବିଭାଗ ଦୃଷ୍ଟି ଦେବା ଜରୁରୀ। ପିପିଲି ବ୍ଲକ୍‌ରେ ତିନି ଜଣ ସହକାରୀ ବ୍ଲକ୍ ଶିକ୍ଷାଧିକାରୀ ଅଛନ୍ତି। ଏମାନେ ପ୍ରତି ସ୍କୁଲର ପ୍ରାର୍ଥନା ସଭାରେ ଖବରକାଗଜ ପଢ଼ା ହେଉଛି କି ନାହିଁ ସେ ସମ୍ପର୍କରେ ତଦନ୍ତ କରି ବ୍ଲକ୍ ଶିକ୍ଷାଧିକାରୀଙ୍କୁ ରିପୋର୍ଟ ଦେବା କଥା କିନ୍ତୁ ତାହା ମଧ୍ୟ କାର୍ଯ୍ୟକାରୀ କରାଯାଉନାହିଁ। ତେବେ ଏ ସମ୍ପର୍କରେ ପିପିଲି ବ୍ଲକ୍ ଶିକ୍ଷାଧିକାରୀ ପୀତବାସ ସେଠୀଙ୍କୁ ପଚାରିବାରେ ଖବରକାଗଜ ସହିତ ମାଗାଜିନ୍ କିଣିବାକୁ ସରକାର କେବଳ ଉଚ୍ଚବିଦ୍ୟାଳୟରେ ବାର୍ଷିକ ଅନୁଦାନ ଯୋଗାଇ ଦେଉଛନ୍ତି। ତେଣୁ ଉଚ୍ଚ ବିଦ୍ୟାଳୟମାନଙ୍କରେ ଏବଂ ପିପିଲି ମହାବିଦ୍ୟାଳୟରେ ଖବରକାଗଜ ଯାଉଛି ଏବଂ ମୁଖ୍ୟ ଖବର ପ୍ରାର୍ଥନା ସଭାରେ ପଠନ କରାଯାଉଛି। ପ୍ରାର୍ଥନା ସଭାରେ ଖବରକାଗଜ ପଠନ ଦ୍ୱାରା ଛାତ୍ରଛାତ୍ରୀଙ୍କ ମଧ୍ୟରେ ବ୍ଲକ୍‌ସ୍ତରରେ, ଜିଲ୍ଲାସ୍ତରରେ ତଥା ରାଜ୍ୟସ୍ତରରେ ବିଭିନ୍ନ ପ୍ରତିଯୋଗିତାରେ ସଫଳତା ପାଇପାରନ୍ତେ ବୋଲି ବିଇଓ କହିଛନ୍ତି। ତେବେ ପ୍ରଧାନଶିକ୍ଷକଶିକ୍ଷୟିତ୍ରୀମାନେ ଚାହିଁଲେ ଖବରକାଗଜ ଖଣ୍ଡେ କିଣିପାରନ୍ତେ। ମାତ୍ର ସେମାନଙ୍କର ଇଚ୍ଛାଶକ୍ତି ଅଭାବରୁ ପ୍ରାର୍ଥନା ସଭାରେ ଖବରକାଗଜ ପଢ଼ାଯାଇ ପାରୁନାହିଁ।

**ବିଦ୍ୟୁତ୍ ଆଘାତରେ ଯୁବକ ମୃତ**

## ହସ୍ପିଟାଲରେ ଉତ୍ତେଜନା

ଗୋପ,୨୪।୬(ସମିସ): ବିଦ୍ୟୁତ୍ ଆଘାତରେ ଜଣେ ଯୁବକଙ୍କ ମୃତ୍ୟୁକୁ ନେଇ ଗୋପ ହସ୍ପିଟାଲରେ ତୁମୁଳକାଣ୍ଡ ସୃଷ୍ଟି ହୋଇଛି। ମୃତ ଯୁବକ ହେଲେ ଗୋପ ବ୍ଲକ୍ ଅନ୍ତର୍ଗତ ଓଡ଼ମ୍ବା ଗ୍ରାମର ସୁବାସ ସ୍ୱାଇଁ। ସୂଚନା ଅନୁଯାୟୀ, ଘରେ କାମ କରୁଥିବାବେଳେ ସୁବାସ ବିଦ୍ୟୁତ୍ ଆଘାତର ଶିକାର ହୋଇଥିଲେ। ପରିବାର ଲୋକେ ତାଙ୍କୁ ତୁରନ୍ତ ଗୋପ ହସ୍ପିଟାଲକୁ ନେଇ ଆସିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିବା ଜଣାପଡ଼ିଛି। ଏହାପରେ ଉତ୍ୟକ୍ତ ଗ୍ରାମବାସୀ ଓ ପରିବାର ଲୋକେ ହସ୍ପିଟାଲ ପରିସରରେ ଉତ୍ତେଜନା ସୃଷ୍ଟି କରିଥିଲେ। ଅଭିଯୋଗ ହୋଇଛି ଯେ, ପ୍ରଥମେ ଯୁବକଙ୍କୁ ମୃତ ଘୋଷଣା କରାଯାଇଥିଲେ ମଧ୍ୟ ପରେ ତାଙ୍କୁ ସାଲାଇନ୍ ଦିଆଯାଇଥିଲା। ଏହାସହ ଆମ୍ବୁଲାନ୍ସ ନ ମିଳିବାରୁ ପରିବାର ଲୋକେ ବାଧ୍ୟ ହୋଇ ଏକ ଡାଲା ଅଟୋ ଗାଡ଼ିରେ ତାଙ୍କୁ ଭୁବନେଶ୍ୱର ନେବାକୁ ଉଦ୍ୟମ ହୋଇଥିଲା। ଘଟଣାକୁ ନେଇ ବର୍ତ୍ତମାନ ହସ୍ପିଟାଲ ପରିସରରେ ଉତ୍ତେଜନା ଲାଗି ରହିଥିବାବେଳେ ଗୋପ ପୁଲିସ ପହଞ୍ଚି ପରିସ୍ଥିତିକୁ ନିୟନ୍ତ୍ରଣ କରୁଛି। ଏପଟେ ଡାକ୍ତର ଶୁଭମ୍ ଜ୍ୟୋତି ଦାସଙ୍କ କହିବା ଅନୁସାରେ, ପେସେଣ୍ଟ ମେଡିକାଲ ଆସିବା ପୂର୍ବରୁ ମୃତ୍ୟୁ ହୋଇଯାଇଥିଲା। ପରେ ପେସେଣ୍ଟଙ୍କ ପରିବାର ଲୋକେ ମେତେ ଆକ୍ରମଣ କରିଥିଲେ ଏବଂ ବାଧ୍ୟ କଲେ ସାଲାଇନ ଲଗାଇବା ପାଇଁ। ଆକ୍ରମଣରେ ଡାକ୍ତରଙ୍କ ବେକରେ ଆଘାତ ଲାଗିଥିବା ଅଭିଯୋଗ କରିଛନ୍ତି। ଏପଟେ ପରିବାର ଲୋକେ ମୃତକଙ୍କୁ ମେଡିକାଲରୁ ଡାଲା ଅଟୋରେ ଭୁବନେଶ୍ୱର ନେଉଥିବା ବେଳେ ଗୋପ ଆଇଆଇସି ଗୋପ ବଜାରରୁ ଗାଡ଼ିକୁ ଅଟକାଇ ଆମ୍ବୁଲାନ୍ସ ଯୋଗେ ଭୁବନେଶ୍ୱର ପଠାଇଥିବା ଜଣାପଡ଼ିଛି। ମେଡିକାଲରେ ପହଞ୍ଚି ଗୋପ ପୁଲିସ ତଦନ୍ତ ଚଳାଇଛି।



■ ଚାରିଛକ ପ୍ରେସ୍ କ୍ଲବ୍‌ର ନୂତନ କର୍ମକର୍ତ୍ତା ନିର୍ବାଚନ

## ପ୍ରଫୁଲ୍ଲ କର ସଭାପତି, କେଦାରନାଥ ସାହୁ ସମ୍ପାଦକ

ଚାରିଛକ,୨୪।୬(ସମିସ): ଚାରିଛକ ପ୍ରେସ୍ କ୍ଲବ୍‌ର ବୁଧବାର ସାଧାରଣ ନିର୍ବାଚନ ମା' ବିଳାଶୁଣୀ କଲ୍ୟାଣ ମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି। ନିର୍ବାଚନ ଅଧିକାରୀ ଭାବେ ଡ. ସନ୍ତୋଷ କୁମାର ମିଶ୍ର ନିର୍ବାଚନ ପରିଚାଳନା କରିଥିବାବେଳେ ପ୍ରାକ୍ତନ ଆଇଆର୍‌ଏସ୍ ଚନ୍ଦ୍ରକାନ୍ତ ଦଳାଇ, ପ୍ରଫେସର ଗୋପୀନାଥ କର, ସନାତନ ପାତ୍ର, କୃଷ୍ଣଚନ୍ଦ୍ର ରାଉତ, ବନ ବିହାରୀ ଦାଶ ପ୍ରମୁଖ ସହଯୋଗ କରିଥିଲେ। ନିର୍ବାଚନରେ ସଭାପତିଭାବେ ପ୍ରଫୁଲ୍ଲ କୁମାର କର, ସାଧାରଣ ସମ୍ପାଦକ ଭାବେ ଡ. କେଦାରନାଥ ସାହୁ, ଉପସଭାପତି ଭାବେ ବସନ୍ତ କୁମାର ଦାସ, କାର୍ଯ୍ୟକାରୀ ସଭାପତି ଶିଶିର କୁମାର ସ୍ୱାଇଁ, ସହ ସମ୍ପାଦକ ଭାବେ ସନ୍ତୋଷ କୁମାର ଦାସ ଓ ସୁବାସ ଚନ୍ଦ୍ର ସାହୁ, ସଂଗଠନ ସମ୍ପାଦକ ଭାବେ ବିଜୟ କୁମାର ବେହେରା, କୋଷାଧ୍ୟକ୍ଷ ଭାବେ ସୌମ୍ୟରଞ୍ଜନ ତ୍ରିପାଠୀ, ମିଡିଆ ସେଲ ସଂଯୋଜକ ଭାବେ ବସନ୍ତ କୁମାର ମଲ୍ଲ, କାର୍ଯ୍ୟକାରୀ ସଦସ୍ୟ ଭାବେ ପ୍ରଫୁଲ୍ଲ କୁମାର ସାହୁ ଓ ପୂର୍ଣ୍ଣଚନ୍ଦ୍ର ମହାପାତ୍ରଙ୍କୁ ମନୋନୀତ କରାଯାଇଛି। ନିର୍ବାଚନରେ ଆଇନଜୀବୀ ସରତାଞ୍ଜଳି ନାୟକ, ଆଇନଜୀବୀ ରଜନୀକାନ୍ତ ତ୍ରିପାଠୀ, ଉପଦେଷ୍ଟା ପଣ୍ଡିତ ମୂରଲୀଧର ଭାରତୀ, କାହ୍ନୁ ଚରଣ ବେହେରା, ମାନସ କୁମାର ସାହୁ, ଶିଶିର କୁମାର ନାୟକ, ଅର୍ଜୁନ ପାତ୍ର, ଅଧୀନ ପାତ୍ର, ବରିଷ୍ଠ ସାମ୍ବାଦିକ ସନ୍ତୋଷ କୁମାର ଦାଶ, ବସନ୍ତ କୁମାର ନାୟକ, ରାଜେଶ ଲେଙ୍କା, ଶଶୀକାନ୍ତ ତ୍ରିପାଠୀ, କୈଳାଶ ଚନ୍ଦ୍ର ପାତ୍ର, ଅଚ୍ୟୁତାନନ୍ଦ ମିଶ୍ର, ବିନୋଦ କୁମାର ପ୍ରଧାନ, ମୃତ୍ୟୁଞ୍ଜୟ ମହାପାତ୍ର, ଦେବାଶିଷ ନାୟକ, ସୁଦର୍ଶନ ବେହେରା, ଅଜୟ କୁମାର ମଲ୍ଲିକ, ଶଶୀକାନ୍ତ ତ୍ରିପାଠୀ ପ୍ରମୁଖ ଯୋଗଦେଇଥିଲେ। ନବନିର୍ବାଚିତ ପ୍ରତିନିଧିମାନଙ୍କୁ ପ୍ରେସ୍ କ୍ଲବ୍ ତରଫରୁ ସ୍ୱାଗତ କରାଯାଇଥିଲା। ପ୍ରେସ୍ କ୍ଲବ୍‌ର ସମସ୍ତ ସଦସ୍ୟଙ୍କୁ ସାଥିରେ ନେଇ କ୍ଲବ୍‌ର ଉନ୍ନତିମୂଳକ କାର୍ଯ୍ୟ କରିବେ ବୋଲି ସଭାପତି ଶ୍ରୀ କର ଓ ସମ୍ପାଦକ ଡ. ସାହୁ ପ୍ରତିଶ୍ରୁତି ଦେଇଛନ୍ତି।



**'ଶିଶୁ ଶିକ୍ଷା ଓ ଯତ୍ନ' ଆଲୋଚନାଚକ୍ର**

## 'ଶିଶୁର ବୌଦ୍ଧିକ ବିକାଶରେ ଗୁଣାତ୍ମକ ଶିକ୍ଷା ଅପରିହାର୍ଯ୍ୟ'

ସାକ୍ଷୀଗୋପାଳ,୨୪।୬(ସମିସ): 'ଶିଶୁ ଶିକ୍ଷା ଓ ଯତ୍ନ' ଆଲୋଚନାଚକ୍ର କାର୍ଯ୍ୟକ୍ରମ ଅବସରରେ 'ସ୍ୱାଦ' ଅନୁଷ୍ଠାନ ପକ୍ଷରୁ ସତ୍ୟବାଦୀରେ ଆୟୋଜିତ ହୋଇଯାଇଛି। ଶିଶୁମାନଙ୍କର ବୌଦ୍ଧିକ ବିକାଶରେ ଗୁଣାତ୍ମକ ଶିକ୍ଷା ଅପରିହାର୍ଯ୍ୟ। ଉପଯୁକ୍ତ ଶିକ୍ଷା ଶିଶୁର ଶାରୀରିକ, ମାନସିକ ଓ ସାମାଜିକ ବିକାଶ ନିମନ୍ତେ ଗୁରୁତ୍ୱପୂର୍ଣ୍ଣ ବୋଲି ମୁଖ୍ୟ ଅତିଥି ଭାବେ ଯୋଗଦେଇ ବ୍ଲକ୍ ଶିକ୍ଷା ଅଧିକାରୀ କୈଳାସ ଚନ୍ଦ୍ର ପାଢ଼ୀ ମତବ୍ୟକ୍ତ କରିଥିଲେ। ମୁଖ୍ୟବକ୍ତା ଭାବେ ବ୍ଲକ୍ ଶିଶୁମଙ୍ଗଳ ଅଧିକାରୀ ରାଜଲକ୍ଷ୍ମୀ ଦାସ କହିଲେ, ବିଭିନ୍ନ ଭାଷାଭାଷୀ ଶିକ୍ଷା କ୍ଷେତ୍ରରେ ଶିଶୁମାନଙ୍କ ନିମନ୍ତେ ସ୍ଥାନୀୟ ଅଙ୍ଗନବାଡ଼ି କର୍ମୀମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ସେମାନେ ସ୍ଥାନୀୟ ମାତୃଭାଷାରେ ଶିଶୁମାନଙ୍କ ଜ୍ଞାନ କୌଶଳ ପାଇଁ ଶିକ୍ଷା ପ୍ରଦାନ କରିବାରେ ମାଧ୍ୟମ ସାଜି ତା'ର ଆଗାମୀ ଭବିଷ୍ୟତକୁ ସରସ ସୁନ୍ଦର କରିପାରିବେ। ସେ ପୁଣି କହିଲେ, ପ୍ରତି ରାଜସ୍ୱ ଗ୍ରାମ ବା ଦୁଇଟି ରାଜସ୍ୱ ଗ୍ରାମରେ ମିଳିତ ଭାବେ ଏକ ଜ୍ଞାନ ବିଜ୍ଞାନ ଲାଇବ୍ରେରୀ ବା ଖେଳନା ଲାଇବ୍ରେରୀ ସ୍ଥାପନ କରାଯିବ। ଯେଉଁଠିକୁ ଶିଶୁମାନଙ୍କୁ ତାଙ୍କ ଅଭିଭାବକ ବା ଅଙ୍ଗନବାଡ଼ି କର୍ମୀମାନେ ସପ୍ତାହକୁ ଥରେ ବୁଲାଇନେଲେ, ସେମାନଙ୍କର ମେଧା ଶକ୍ତିର ବିକାଶ ହୋଇପାରିବ। ଅନ୍ୟ ଅତିଥିମାନଙ୍କ ମଧ୍ୟରେ ପ୍ରଧାନଶିକ୍ଷକ ପ୍ରଶାନ୍ତ କୁମାର ତ୍ରିପାଠୀ, ଜିଲ୍ଲା ପରିଷଦ ସଦସ୍ୟା ବିଷ୍ଣୁପ୍ରିୟା ବରାଳ ଓ ପୁରୀ ଗୋପବନ୍ଧୁ ସେବା ପରିଷଦର ପରିଚାଳିକା ଏଲିନା ମିଶ୍ର ପ୍ରମୁଖ ଯୋଗଦେଇ ଆଲୋଚନାଚକ୍ରରେ ଭାଗ ନେଇଥିଲେ। କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ ଅନୁଷ୍ଠାନର ସମ୍ପାଦିକା ବୀଣାପାଣି ମିଶ୍ର ଏବଂ ଧନ୍ୟବାଦ ଦେଇଥିଲେ ବିପିନ ବିହାରୀ ଷଡ଼ଙ୍ଗୀ। ବ୍ଲକ୍‌ର ସମସ୍ତ ଅଙ୍ଗନବାଡ଼ି କର୍ମୀ, ସରପଞ୍ଚ ଓ ସ୍କୁଲ ଶିକ୍ଷକଶିକ୍ଷୟିତ୍ରୀମାନେ ଅଂଶଗ୍ରହଣ କରିଥିଲେ।

## ମା' ହରଚଣ୍ଡୀ ବିଗ୍ରହ ସ୍ଥାପନା ଓ ବିଶ୍ୱଶାନ୍ତି ମହାଯଜ୍ଞ



ଭୁବନେଶ୍ୱର,୨୪।୬(ସମିସ): ପୁରୀ ଜିଲ୍ଲା କୃଷ୍ଣପ୍ରସାଦ ବ୍ଲକ୍ ଅନ୍ତର୍ଗତ ବେତଗୋରଡ଼ି ଗ୍ରାମରେ ଗ୍ରାମଦେବତୀ ମା' ହରଚଣ୍ଡୀଙ୍କ ବିଗ୍ରହ ସ୍ଥାପନା ଓ ବିଶ୍ୱଶାନ୍ତି ମହାଯଜ୍ଞ ମହାସମାରୋହରେ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମ ସୋମବାରଠାରୁ ଆରମ୍ଭ ହୋଇ ବୁଧବାର ଉଦ୍‌ଯାପିତ ହୋଇଥିଲା। ମହୋତ୍ସବର ପ୍ରଥମ ଦିନରେ ଅଙ୍କୁରାରୋପଣ ସହିତ ପୂଜାର ଶୁଭାରମ୍ଭ ହୋଇଥିବାବେଳେ ପରବର୍ତ୍ତୀ ଦିନଗୁଡ଼ିକରେ ଅଧିବାସ ଓ ବିଭିନ୍ନ ପାରମ୍ପରିକ ଧାର୍ମିକ ବିଧିବିଧାନ ସମ୍ପନ୍ନ ହୋଇଥିଲା। ଏହି ଅବସରରେ ଆୟୋଜିତ କଳସ ଯାତ୍ରାରେ ଶତାଧିକ ମହିଳା ଓ ପୁରୁଷ ସାମିଲ୍ ହୋଇଥିଲେ। ଏହି ଆଧ୍ୟାତ୍ମିକ କାର୍ଯ୍ୟକ୍ରମ ଅବସରରେ ପ୍ରତି ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ମହୋତ୍ସବର ଅନ୍ତିମ ଦିନରେ ବାଜା ବାଣ ରୋଷଣୀ କରି ମା' ହରଚଣ୍ଡୀଙ୍କୁ ଗ୍ରାମ ପରିଭ୍ରମଣ କରାଯାଇଥିଲା। ବିଶେଷ ପୂଜାର୍ଚ୍ଚନା ସହିତ ବିଶ୍ୱଶାନ୍ତି ମହାଯଜ୍ଞ ଅନୁଷ୍ଠିତ ହୋଇଥିଲା। ପରିଶେଷରେ ସମସ୍ତ ଶ୍ରଦ୍ଧାଳୁଙ୍କୁ ପ୍ରସାଦ ବିତରଣ କରାଯାଇଥିଲା। ଗ୍ରାମବାସୀଙ୍କ ସମସ୍ତ ସହଯୋଗରେ ଏହି କାର୍ଯ୍ୟକ୍ରମ ସମାପ୍ତ ହୋଇଥିଲା।

■ ପଞ୍ଚାୟତ ଭୋଟ୍ ଆଗରୁ ନୂଆ ପୁରୁଣା ବିବାଦ

## ବିଜେପି ପାଇଁ ଶୁଭ ସଂକେତ ନୁହେଁ

ଗମ୍ଭାରୀପଦା,୨୪।୬(ସମିସ): ଯଦିଓ କାକଟପୁର ନିର୍ବାଚନମଣ୍ଡଳୀରେ ନୂଆ ପୁରୁଣା ମିଶି ବିଜେପି ବିଧାୟକ ପ୍ରାର୍ଥୀଙ୍କୁ ଜିତାଇ ପାରିନାହାନ୍ତି, କିନ୍ତୁ ବିଜେପି ରାଜ୍ୟରେ ସରକାର ଗଠନ କରିଥିବାରୁ ପୁରୁଣା ଆଶା ବାନ୍ଧିଥିଲେ କିଛିଟା ଉପକୃତ ହେବେ ବୋଲି। ହେଲେ ହଠାତ୍ ପଲ୍ଲପଲ୍ଲ ହୋଇ ନୂଆ ମାଡ଼ିଆସି ଠିକାଦାରୀ ହେଉ କିମ୍ବା ଯେକୌଣସି ସରକାରୀ ଯୋଜନାକୁ ନିଜ ଆଡ଼କୁ ଭିଡ଼ି ନେଉଛନ୍ତି। ସଭିଙ୍କ ନଜର ପଞ୍ଚାୟତ ନିର୍ବାଚନରେ କ୍ଷମତା ଆସନ ଉପରେ। ଏହାକୁ ନେଇ କାକଟପୁର ନିର୍ବାଚନମଣ୍ଡଳୀରେ ନୂଆ ପୁରୁଣା ନେତା ଓ କର୍ମୀଙ୍କ ମଧ୍ୟରେ ଛକାପଞ୍ଝା ତେଜୁଛି। ଯେବେଠାରୁ ବିଜେପି କ୍ଷମତାକୁ ଆସିଲା ସେବେଠାରୁ ପଦ୍ମ ଦଳ ସମସ୍ତଙ୍କର ଫେଭରାଇଟ ପାଲଟିଥିଲା, କିନ୍ତୁ ଦୁଇ ବର୍ଷ ଶାସନ କଲା ପରେ ଭୋଟରମାନେ ଆସ୍ତେ ଆସ୍ତେ ମୋହନ ସରକାରଙ୍କ କାର୍ଯ୍ୟକଳାପ ଉପରେ ବିରକ୍ତିଭାବ ପ୍ରକଟ କରି ପଞ୍ଚାୟତ ନିର୍ବାଚନରେ ପାନେ ଦେବେ ବୋଲି ଅଣ୍ଟା ଭିଡ଼ିଥିବାବେଳେ ବିଜେଡି ଓ କଂଗ୍ରେସ ଦଳର ନେତା ଓ କର୍ମୀମାନେ ପଦ ଲାଳସାରେ ବିଜେପିମୁହାଁ ହେଉଥିବା ଭୋଟରଙ୍କ ମଧ୍ୟରେ ଆଲୋଚନାର ବିଷୟ ପାଲଟିଛି। ରାଜ୍ୟସ୍ତରୀୟ ନେତାମାନେ ରାଜ୍ୟସଭା ନିର୍ବାଚନରେ ବିଜେଡିର ୮ ବିଧାୟକ କ୍ରସ୍ ଭୋଟିଂ କଲେ। ତୃଣମୂଳସ୍ତରରେ ବିଜେପିରେ ମିଶିବାକୁ ସରପଞ୍ଚ, ସମିତିସଭ୍ୟ, ବ୍ଲକ୍ ଅଧ୍ୟକ୍ଷ, ଉପାଧ୍ୟକ୍ଷଙ୍କ ଭିତରେ ଯେମିତି ପ୍ରତିଯୋଗିତା ଚାଲିଛି। ସରକାର ବଦଳିବା ପରେ ଏବେ ସୁଦ୍ଧା ପ୍ରାୟ ୧୮ଟି ବ୍ଲକ୍ ବିଜେଡିରୁ ହାତରୁ ବିଜେପିକୁ ପଳାଇଲାଣି। ଏହାକୁ ନେଇ ବିଭିନ୍ନ ଜିଲ୍ଲା, ବ୍ଲକ୍ ଓ ପଞ୍ଚାୟତ ରାଜନୀତିରେ ଟଣାଓଟରା ବଢ଼ିଲାଣି। ତଳସ୍ତରରେ ପୁରୁଣା ବିଜେପି ନେତା ଓ କର୍ମୀ ସେମାନଙ୍କୁ ଗ୍ରହଣ କରିପାରୁ ନାହାନ୍ତି। ଆଗାମୀ ପଞ୍ଚାୟତ ଓ ପୌର ନିର୍ବାଚନରେ କାଳେ ନୂଆ ଗୋଷ୍ଠୀ ନେତୃତ୍ୱଙ୍କ ଆଶୀର୍ବାଦ ପାଇଯିବେ, ସେଇ ଡର ପୁରୁଣାଙ୍କୁ ଘାରିଛି। ଏଭଳି ସ୍ଥିତି ବର୍ତ୍ତମାନ କାକଟପୁର ନିର୍ବାଚନମଣ୍ଡଳୀରେ ଦେଖିବାକୁ ମିଳୁଛି। ପଞ୍ଚାୟତ ନିର୍ବାଚନକୁ ଆଉ ବେଶି ଡେରି ନାହିଁ। ୨୦୨୭ ଫେବୃଆରୀ ସୁଦ୍ଧା ନିର୍ବାଚନ ହେବ। ଏବେଠାରୁ ଗାଁ ରାଜନୀତି ମୋଡ଼ ନେଲାଣି।

## ୧୪ ବର୍ଷ ହେଲା ବର ଗଛ ତଳେ ଚାଲିଛି ଅଗ୍ନିଶମ କାର୍ଯ୍ୟାଳୟ

କଣାସ,୨୪।୬(ସମିସ)






ପୁରୀ ଜିଲ୍ଲାର କଣାସ ବ୍ଲକ୍ ଚିଲିକା ଉପକୂଳରେ ଅବସ୍ଥାପିତ ହୋଇଥିବାବେଳେ ରାସ୍ତାଘାଟର ସୁବିଧା ନ ଥିବାରୁ କୌଣସି ଅଗ୍ନିକାଣ୍ଡ ହେଲେ ପୁରୀ, ଜଟଣୀ, ଖୋର୍ଦ୍ଧା, ଟାଙ୍ଗୀ ଓ ଭୁବନେଶ୍ୱରରୁ ଦମକଳ ବାହିନୀ ଆସି କଣାସ ଅଞ୍ଚଳରେ ପହଞ୍ଚିବାକୁ ୧ରୁ ୨ ଘଣ୍ଟା ସମୟ ଲାଗିଥାଏ। ଯାହାଫଳରେ କି ଅଗ୍ନିକାଣ୍ଡ ଘଟିଥିବା ଗ୍ରାମରେ ଦମକଳ ପହଞ୍ଚିଲାବେଳକୁ ସବୁ ପୋଡ଼ି ପାଉଁଶ ହୋଇଯାଇଥାଏ। କଣାସଠାରେ ଦମକଳ କେନ୍ଦ୍ର ଖୋଲିବା ପାଇଁ ଅଞ୍ଚଳବାସୀ ବାରମ୍ବାର ଦାବି କରିବାରୁ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ୨୦୧୨ ମସିହାରେ କଣାସ ପଞ୍ଚାୟତ ସମିତି ନିକଟ ରାଜସ୍ୱ ନିରୀକ୍ଷକ କାର୍ଯ୍ୟାଳୟରେ ଦମକଳ କେନ୍ଦ୍ର ଅସ୍ଥାୟୀଭାବେ ଖୋଲି ଆଗରେ ଥିବା ବରଗଛ ତଳେ ଦୁଇଟି ଦମକଳକୁ ରଖି ସେବା ଯୋଗାଉଛନ୍ତି। ଦମକଳ କେନ୍ଦ୍ର ପାଇଁ ସ୍ଥାନ ନିରୂପଣ ହେବା ପରେ ରାଜ୍ୟ ସରକାର ଦମକଳ ଗୃହ ନିର୍ମାଣ ପାଇଁ ଅର୍ଥ ଯୋଗାଇବା ପରେ ଗୃହ ନିର୍ମାଣ କାର୍ଯ୍ୟ ଦୁଇ ବର୍ଷ ହେଲା ଶେଷ ହୋଇଗଲାଣି। ଉକ୍ତ ଗୃହକୁ ବିଦ୍ୟୁତ୍ ସଂଯୋଗ ମଧ୍ୟ ଦିଆଯାଇଛି। କିନ୍ତୁ ପାନୀୟ ଜଳର ବ୍ୟବସ୍ଥା କରାଯାଇ ନ ଥିବାରୁ ଦମକଳ କେନ୍ଦ୍ର ସ୍ଥାନାନ୍ତରିତ ହୋଇପାରୁ ନାହିଁ। ଏ ସମ୍ପର୍କରେ ବିଡିଓ ସୌମ୍ୟରଞ୍ଜନ ସ୍ୱାଇଁଙ୍କୁ ପଚାରିବାରୁ ସେ କୁହନ୍ତି, ମୁଁ ବାରମ୍ବାର ଗ୍ରାମ୍ୟ ଜଳ ଯୋଗାଣ ବିଭାଗକୁ ଜଳ ଯୋଗାଇଦେବାକୁ ନିର୍ଦ୍ଦେଶ ଦେଇଛି। ଏ ସମ୍ପର୍କରେ ଜଳ ଯୋଗାଣ ବିଭାଗ ସହକାରୀ ଯନ୍ତ୍ରୀ ରଞ୍ଜନ ସାମନ୍ତରାୟଙ୍କୁ ପଚାରିବାରୁ ସେ କୁହନ୍ତି, ୧୫ ଦିନ ମଧ୍ୟରେ ମୁଁ ବ୍ୟବସ୍ଥା କରୁଛି। ଖୁବ୍‌ଶୀଘ୍ର ପାନୀୟ ଜଳ ପହଞ୍ଚିବ।

**ନୂତନ ଗୃହକୁ ସ୍ଥାନାନ୍ତର ହେବ କେବେ ?**

୨୪/୬/୨୦୨୬ (ବୁଧବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୪,୬୬,୩୦୮/- ସୁନା:୩୯.୯୦୦ ଗ୍ରାମ୍ ରୁପା: ୨୪.୯୦୦ ଗ୍ରାମ୍





## ରାଜ୍ୟସ୍ତରୀୟ ସହରାଞ୍ଚଳ ଜନସମ୍ପର୍କ ଓ ନାଗରିକ ସହଭାଗିତା କାର୍ଯ୍ୟକ୍ରମର ଶୁଭାରମ୍ଭ

# ବିଶ୍ୱସ୍ତରୀୟ ହେବ ପୁରୀ ମହାନଗର ନିଗମ

ପୁରୀ,୨୪।୬(ସମିସ)



ରାଜ୍ୟ ସରକାରଙ୍କ ଗୃହନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ବୁଧବାର ପୁରୀ ମହାନଗର ନିଗମଠାରେ 'ବିକାଶର ଧାରା ଓଡ଼ିଶା ସାରା' ଆଭିମୁଖ୍ୟରେ ରାଜ୍ୟସ୍ତରୀୟ ସହରାଞ୍ଚଳ ଜନସମ୍ପର୍କ ଓ ନାଗରିକ ସହଭାଗିତା କାର୍ଯ୍ୟକ୍ରମ-୨୦୨୬ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଗତ ଦୁଇବର୍ଷ ମଧ୍ୟରେ ଓଡ଼ିଶାର ସହରାଞ୍ଚଳରେ ହୋଇଥିବା ରୂପାନ୍ତରଣକାରୀ ପଦକ୍ଷେପଗୁଡ଼ିକୁ ପ୍ରଦର୍ଶିତ କରାଯାଇଥିଲା। ସମାବେଶକୁ ସମ୍ବୋଧିତ କରି ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡ. କୃଷ୍ଣ ଚନ୍ଦ୍ର ମହାପାତ୍ର ସହରୀ ଭିତ୍ତିଭୂମି, ଗୃହନିର୍ମାଣ, ଯାତାୟାତ, ପାନୀୟ ଜଳ ଯୋଗାଣ, ପରିମଳ ଏବଂ ଡିଜିଟାଲ ଶାସନ କ୍ଷେତ୍ରରେ ପୁଞ୍ଜିନିବେଶ ମାଧ୍ୟମରେ ସ୍ୱଚ୍ଛ, ସ୍ମାର୍ଟ, ଅଧିକ ସମାବେଶୀ ଓ ସୁଦୃଢ଼ ସହର ଗଠନ ପାଇଁ ରାଜ୍ୟ ସରକାରଙ୍କ ପ୍ରୟାସ ଉପରେ ଆଲୋକପାତ କରିଥିଲେ। ସେ କହିଥିଲେ ଯେ, ପୁରୀକୁ ଭୁବନେଶ୍ୱର-କଟକ-ପୁରୀ-ପାରାଦୀପ ଅର୍ଥନୈତିକ ଅଞ୍ଚଳ (ବିସିପିପିଇଆର୍) ଆଧାରରେ ସାମିଲ୍ କରାଯିବା ଏକ ବଡ଼ ପରିବର୍ତ୍ତନ ଆଣିବ। ଏହି ବୃହତ୍ ଆଞ୍ଚଳିକ ବିକାଶର ମୁଖ୍ୟ ଶକ୍ତି ଭାବେ ପୁରୀ ଏକ ପ୍ରମୁଖ ସାଂସ୍କୃତିକ ଓ ଐତିହ୍ୟ କେନ୍ଦ୍ର ରୂପେ ଗୁରୁତ୍ୱପୂର୍ଣ୍ଣ ପର୍ଯ୍ୟଟନ, ଆତିଥ୍ୟ ଏବଂ ଉପକୂଳବର୍ତ୍ତୀ ଭିତ୍ତିଭୂମି ପ୍ରକଳ୍ପଗୁଡ଼ିକୁ ଆଗକୁ ବଢ଼ାଇବ, ଯାହା ରାଜ୍ୟର ଅର୍ଥନୀତିକୁ ବିକାଶ କେନ୍ଦ୍ରରେ ପରିଣତ କରିବାରେ ସହାୟକ ହେବ। ପୁରୀ ସହରରେ ୧ ହଜାରରୁ ଉର୍ଦ୍ଧ୍ୱ ସଂଖ୍ୟା ବିଶିଷ୍ଟ ଆଧୁନିକ କନ୍‌ଭେନ୍‌ସନ ହଲ୍ କରାଯିବ। ରାଜ୍ୟର ୫୦ଟି ସହରାଞ୍ଚଳକୁ ମୁଖ୍ୟମନ୍ତ୍ରୀ ସ୍ମାର୍ଟ ଯୋଜନାରେ ସାମିଲ୍ କରାଯିବ। ପୁରୀ ମହାନଗର ନିଗମକୁ ବିଶ୍ୱସ୍ତରୀୟ କରାଯିବ ବୋଲି ମନ୍ତ୍ରୀ ସୂଚନା ଦେଇଥିଲେ। କାର୍ଯ୍ୟକ୍ରମରେ ପୁରୀ ବିଧାୟକ ସୁନୀଲ କୁମାର ମହାନ୍ତି ଯୋଗଦେଇଥିଲେ।

ଏହି କାର୍ଯ୍ୟକ୍ରମରେ ବିଭିନ୍ନ ପ୍ରମୁଖ ସହରୀ ପଦକ୍ଷେପଗୁଡ଼ିକୁ ନେଇ କେତେକ ଭିଡିଓ ପ୍ରଦର୍ଶିତ କରାଯାଇଥିଲା। ବିଭିନ୍ନ ଯୋଜନାର ହିତାଧିକାରୀ ସେମାନଙ୍କ ସଫଳତାର କାହାଣୀ ଓ ଅନୁଭୂତି ବାଣ୍ଟିଥିଲେ। ହିତାଧିକାରୀଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ପୂର୍ବରୁ ଗୃହନିର୍ମାଣ ଓ ନଗର ଉନ୍ନୟନ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଉଷା ପାଢ଼ୀ ଅଂଶଗ୍ରହଣକାରୀମାନଙ୍କୁ ସ୍ୱାଗତ କରିଥିଲେ ଏବଂ ନୂତନତା, ନାଗରିକ ସହଭାଗିତା ଓ ପ୍ରଯୁକ୍ତିବିଦ୍ୟା ଆଧାରିତ ସେବା ପ୍ରଦାନ ମାଧ୍ୟମରେ ସହରୀ ଶାସନକୁ ସୁଦୃଢ଼ କରିବା ପାଇଁ ବିଭାଗର ଆଭିମୁଖ୍ୟ ଉପସ୍ଥାପନ କରିଥିଲେ। ଏଥିରେ ଜଳସାଥୀ ଏବଂ ସହରୀ ପାନୀୟ ଜଳ ପ୍ରକଳ୍ପର ହିତାଧିକାରୀମାନଙ୍କ ସହ ଏକ ସ୍ୱତନ୍ତ୍ର ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଶ୍ରେଷ୍ଠ ଜଳସାଥୀ ଓ ସ୍ୱଚ୍ଛ ସାଥୀମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ବିଭାଗର 'ଦୁଇ ବର୍ଷର ସଫଳତା ସମୀକ୍ଷା ରିପୋର୍ଟ (୨୦୨୪-୨୦୨୬)'ର ଉନ୍ମୋଚନ ହୋଇଥିଲା। ବିଭାଗ ପକ୍ଷରୁ ଏକ ରାଜ୍ୟସ୍ତରୀୟ କ୍ୟୁଆର୍ କୋଡ୍ ଆଧାରିତ ସର୍ବସାଧାରଣ ଅଭିଯୋଗ, ମତାମତ ଏବଂ ପରାମର୍ଶ ପ୍ଲାଟ୍‌ଫର୍ମ ମଧ୍ୟ ଶୁଭାରମ୍ଭ କରାଯାଇଛି। ଯାହାଦ୍ୱାରା ନାଗରିକମାନେ ସିଧାସଳଖ ସହରୀ ସେବା ସମ୍ବନ୍ଧରେ ନିଜର ମତାମତ ଦେଇପାରିବେ, ଅଭିଯୋଗ ପଞ୍ଜୀକରଣ କରିପାରିବେ ଏବଂ

### ପୁରୀରେ ହେବ ଆଧୁନିକ କନ୍‌ଭେନସନ ହଲ୍

ପରାମର୍ଶ ଦେଇପାରିବେ। ଏକ ବିକଶିତ ଓଡ଼ିଶାର ଆକାଂକ୍ଷା ସହ ସମାନ୍ତରାଳ ଭାବେ ସ୍ଥିର, ସୁଦୃଢ଼ ଏବଂ ବିଶ୍ୱସ୍ତରୀୟ ପ୍ରତିଯୋଗିତାମୂଳକ ସହର ଗଠନ ପାଇଁ ରାଜ୍ୟର ରୋଡ୍‌ମ୍ୟାପ୍ ପ୍ରଦର୍ଶନ କରୁଥିବା ଆଭିମୁଖ୍ୟଭିତ୍ତିକ ଚଳଚ୍ଚିତ୍ର 'ଫ୍ୟୁଚର ଅର୍ବାନ ଓଡ଼ିଶା-ଭିଜନ ୨୦୩୬ ଏବଂ ୨୦୪୭'ର ସ୍କ୍ରିନିଂ ସହିତ କାର୍ଯ୍ୟକ୍ରମ ଶେଷ ହୋଇଥିଲା। ଏଥିରେ ଜନପ୍ରତିନିଧି, ବିଭାଗର ଅଧିକାରୀ, ମିଶନ ଶକ୍ତିର ସଦସ୍ୟା, ବିଭିନ୍ନ ସହରୀ ଯୋଜନାର ହିତାଧିକାରୀ ଏବଂ ନାଗରିକମାନେ ଯୋଗଦେଇଥିଲେ। ପୌର ପ୍ରଶାସନ ନିର୍ଦ୍ଦେଶକ ଅରିନ୍ଦମ ଡାକୁଆ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ପୁରୀ ମହାନଗର ନିଗମର କମିସନର ସ୍ନେହା ଅରୁଗୁଳା, ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ସ୍ୱତନ୍ତ୍ର ସଚିବ ବିନୟ କୁମାର ଦାଶ ଯୋଗଦେଇଥିଲେ।

## ପୁରୀବାସୀଙ୍କ ସହଜ ଶ୍ରୀମନ୍ଦିର ପ୍ରବେଶ ଓ ଦର୍ଶନ ପ୍ରସଙ୍ଗ | ଆଗକୁ ବାହାରିଲା ଓକିଲ ସଂଘ

ପୁରୀ,୨୪।୬(ସମିସ): ପୁରୀବାସୀ କିପରି ସହଜରେ ଶ୍ରୀମନ୍ଦିରକୁ ପ୍ରବେଶ କରିବେ ଏବଂ ଭିତରେ ଦର୍ଶନ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା କରିବାକୁ ଦୀର୍ଘଦିନ ହେବ ଦାବି ହୋଇଆସୁଛି। ପ୍ରତିବାଦ ପଦଯାତ୍ରା ୮୫ ଦିନରେ ପହଞ୍ଚିଲାଣି। ହେଲେ ଏ ପର୍ଯ୍ୟନ୍ତ କୌଣସି ସମାଧାନ ହୋଇନାହିଁ। ପୂର୍ବରୁ ପଶ୍ଚିମ ଦ୍ୱାରରେ ପୁରୀବାସୀ ଆଧାର କାର୍ଡ ଦେଖାଇ ଯାଉଥିଲେ। କିନ୍ତୁ ଏ ସରକାର ତାହାକୁ ବନ୍ଦ କରିଦେଲେ। ଜନପ୍ରତିନିଧି ଯେଉଁଭଳି ଭାବେ ସ୍ୱର ଉଠାଇବା କଥା ତାହା ହେଉନାହିଁ। ତେଣୁ ଏ ଦିଗରେ ସକ୍ରିୟତା ଦେଖାଇ ପୁରୀବାସୀଙ୍କ ପାଇଁ ଆଗକୁ ପାଦ ବଢ଼ାଇଛି ପୁରୀ ଓକିଲ ସଂଘ। ବୁଧବାର ଏହି ପ୍ରସଙ୍ଗରେ ସଂଘର ଏକ ବୈଠକ ସଭାପତି ପ୍ରେମାନନ୍ଦ ମହାନ୍ତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ସଂଘର ସାଧାରଣ ସମ୍ପାଦକ ଶରତ କୁମାର ରାୟଗୁରୁ, ବରିଷ୍ଠ ଆଇନଜୀବୀ ଆଦିତ୍ୟ ମିଶ୍ର, ସୋମନାଥ ଦାସ, ବିଜୟ ମିଶ୍ର, ପୁଲିନ ବିହାରୀ ଆଚାର୍ଯ୍ୟ, ବିଶ୍ୱକେଶନ ହରିଚନ୍ଦନ ମହାପାତ୍ର, ଶିବଶଙ୍କର ପ୍ରଧାନ, ସୂର୍ଯ୍ୟ ନାରାୟଣ ସ୍ୱାଇଁ ମହାପାତ୍ର, ସୁକାନ୍ତ ପ୍ରଧାନ, ମହେଶ ନନ୍ଦ ପ୍ରମୁଖ କହିଥିଲେ ଯେ, ଶ୍ରୀମନ୍ଦିରର ଚାରିଦ୍ୱାର କେବେ ବନ୍ଦ ନ ଥିଲା। ଚାରିଦ୍ୱାର ଖୋଲିବାର ବାହାନା କଲେ, କିନ୍ତୁ ଅନ୍ୟ ତିନିଦ୍ୱାରରେ ଲୋକଙ୍କୁ ଛାଡ଼ିଲେ ନାହିଁ। ପୁରୀ ଲୋକଙ୍କୁ ବି ଲମ୍ବା ଧାଡ଼ିରେ ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡୁଛି। ହେଲେ କେହି ଶୁଣୁ ନାହାନ୍ତି। ଆଇନ ମନ୍ତ୍ରୀଙ୍କ ପ୍ରତିଶ୍ରୁତି ପାଣିର ଗାର। ଓକାକ୍‌କୁ ତିନି ମାସ ତଳୁ ଦିଆଯାଇଛି କହି ବା ଏକ ରାଜନୀତିକ ଧୂଆଁ ବାଣ। ତେଣୁ ଆସନ୍ତା ଶୁକ୍ରବାର ଅପରାହ୍ଣ ୩ଟାରେ ବାର୍ ସମ୍ମୁଖରୁ ସମସ୍ତ ଓକିଲ ବନ୍ଧୁ ଶୋଭାଯାତ୍ରାରେ ବାହାରିବେ। ପଶ୍ଚିମ ଦ୍ୱାରରେ ମନ୍ଦିର ପ୍ରବେଶ ଆମ ଅଧିକାର, ତାକୁ କହିଁକି ଖର୍ବ କରାଯାଉଛି ସେ ବିଷୟରେ ପ୍ରଶାସନ ସହ ଆଲୋଚନା କରି ପଶ୍ଚିମ ଦ୍ୱାର ଦେଇ ଆଧାରକାର୍ଡ ଦେଖାଇ ମନ୍ଦିର ଯିବେ। ପଣ୍ଡା ଦ୍ୱାର ଓ ଘଣ୍ଟି ଦ୍ୱାର ଦେଇ ଦର୍ଶନ କରାଇବା ପାଇଁ ପ୍ରଶାସନକୁ ଅନୁରୋଧ କରାଯିବ। ପୁରୀ ଲୋକଙ୍କୁ ପଶ୍ଚିମ ଦ୍ୱାରରେ ପ୍ରବେଶ ସହ ଦର୍ଶନ ବ୍ୟବସ୍ଥା କରାଇବାକୁ ବୈଠକରେ ଦାବି କରିଛି ଓକିଲ ସଂଘ। ଏଥିରେ ଉପସଭାପତି ପ୍ରଦୀପ କୁମାର ଦାସ ଧନ୍ୟବାଦ ଜ୍ଞାପନ କରିଥିଲେ। ସୋମନାଥ ରଣା, କର୍ଣ୍ଣବୀର ମହାପାତ୍ର, ତପନ୍ ବାରିକ, ଶିବାନନ୍ଦ ପାତ୍ର, ବିଜୟ ସାହୁ, ନମିତା ସାମଲ ପ୍ରମୁଖ ଉପସ୍ଥିତ ଥିଲେ।

## ଅଲାରନାଥ ସେବାୟତଙ୍କ ସହ ଏସ୍‌ପିଙ୍କ ଆଲୋଚନା

ପୁରୀ,୨୪।୬(ସମିସ): ସ୍ନାନ ପୂର୍ଣ୍ଣିମାରେ ଅତ୍ୟଧିକ ସ୍ନାନ ପରେ ଜ୍ୱରରେ ପଡ଼ିବେ ଚତୁର୍ଦ୍ଧାବିଗ୍ରହ। ଚାଲିବ ଉପଚାର ସେବା, ଆରମ୍ଭ ହେବ ଅନବସର। ଏହି ସମୟରେ ବ୍ରହ୍ମଗିରି ଶ୍ରୀଅଲାରନାଥ ମନ୍ଦିରରେ ଭକ୍ତଙ୍କ ପ୍ରବଳ ସମାଗମ ହେବ। ଏହାକୁ ନଜରରେ ରଖି ବୁଧବାର ଏସ୍‌ପିଙ୍କ କାର୍ଯ୍ୟାଳୟରେ ଅଲାରନାଥ ମନ୍ଦିର ସେବାୟତ ପ୍ରତିନିଧିମାନଙ୍କ ସହ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏସ୍‌ପି ପ୍ରତୀକ୍ ସିଂ ଉପସ୍ଥିତ ରହି ଆସନ୍ତା ଦିନଗୁଡ଼ିକରେ ଭକ୍ତଙ୍କ ସୁରକ୍ଷା, ଯାତାୟାତ ନିୟନ୍ତ୍ରଣ, ଦର୍ଶନ ବ୍ୟବସ୍ଥା ଓ ଆଇନଶୃଙ୍ଖଳା ପରିଚାଳନା ସମ୍ପର୍କରେ ବିସ୍ତୃତ ଆଲୋଚନା କରିଥିଲେ। ବୈଠକରେ ସେବାୟତମାନେ ଭକ୍ତମାନଙ୍କ ଦର୍ଶନ ସୁବିଧା, ପ୍ରବେଶ ଓ ପ୍ରସ୍ଥାନ ବ୍ୟବସ୍ଥା, ପାର୍କିଂ, ଟ୍ରାଫିକ୍ ନିୟନ୍ତ୍ରଣ, ଭିଡ଼ ପରିଚାଳନା ଓ ଆବଶ୍ୟକ ସୁରକ୍ଷା ବ୍ୟବସ୍ଥା ସମ୍ପର୍କରେ ନିଜ ମତାମତ ରଖିଥିଲେ। ଏସ୍‌ପି ଶ୍ରୀ ସିଂ ସମସ୍ତ ପ୍ରସ୍ତାବକୁ ଗୁରୁତ୍ୱର ସହ ଶୁଣି ପୁଲିସ ପକ୍ଷରୁ ସମସ୍ତ ପ୍ରୟୋଜନୀୟ ବ୍ୟବସ୍ଥା କରାଯିବ ବୋଲି ଆଶ୍ୱାସନ ଦେଇଥିଲେ। ପୁରୀ ପୁଲିସ ପକ୍ଷରୁ ଅଲାରନାଥ ମନ୍ଦିର ଓ ଆଖପାଖ ଅଞ୍ଚଳରେ ପର୍ଯ୍ୟାପ୍ତ ମୁତୟନ କରାଯିବ। ଏଥିସହ ଟ୍ରାଫିକ୍ ପରିଚାଳନା ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା, ପାର୍କିଂ, ବ୍ୟାରିକେଡିଂ, ସିସିଟିଭି ନଜରଦାରୀ ଓ ପବ୍ଲିକ୍ ଆଡ୍ରେସ୍ ସିଷ୍ଟମ୍ ମାଧ୍ୟମରେ ଭକ୍ତମାନଙ୍କୁ ସହଯୋଗ ଯୋଗାଇ ଦିଆଯିବ। ଏସ୍‌ପି ଶ୍ରୀ ସିଂ କହିଥିଲେ ଯେ, ଭକ୍ତମାନଙ୍କ ସୁରକ୍ଷା ଓ ସୁବିଧା ପୁରୀ ପୁଲିସର ପ୍ରାଥମିକତା। ଭିଡ଼ ନିୟନ୍ତ୍ରଣ ସହ ଶାନ୍ତିପୂର୍ଣ୍ଣ ଓ ସୁଚାରୁ ଦର୍ଶନ ବ୍ୟବସ୍ଥା ପାଇଁ ପୁଲିସ, ମନ୍ଦିର ପ୍ରଶାସନ ଓ ସେବାୟତମାନଙ୍କ ମଧ୍ୟରେ ସମନ୍ୱୟ ରଖି କାର୍ଯ୍ୟ କରାଯିବ।

## ରଥଖଳାରୁ...

## ରଥରେ ସେଟିଙ୍ଗ୍ ହେଲା ୧୩ ପରସ୍ତ ପୋଟଳ



ପୁରୀ,୨୪।୬(ସମିସ): ଆସନ୍ତା ଜୁଲାଇ ୧୬ରେ ବିଶ୍ୱପ୍ରସିଦ୍ଧ ରଥଯାତ୍ରା। ବୁଧବାର ତିନିରଥରେ ଖପୁରୀ ସମେତ ପାରାଭାଡ଼ିକୁ ମିଶାଇ ୧୩ ପରାସ୍ତ ପୋଟଳ ସେଟିଙ୍ଗ୍ ସମ୍ପୂର୍ଣ୍ଣ ହୋଇଛି। ପୂର୍ବାହ୍ଣରେ ମୁଖ୍ୟ ରୂପକାର ସେବକ ଅନୁକୂଳ ପୂଜା ପୂର୍ବକ ନଡ଼ିଆ ବାଡ଼େଇ ତିନିରଥ ପ୍ରଭାରେ ରୂପ ଖୋଦେଇ ଆରମ୍ଭ କରିଛନ୍ତି। ପ୍ରଭାରେ ରାହୁ ବା କୀର୍ତ୍ତି ମୁଖ, ଦୁଇ ହାତରେ ଦୁଇଟି ଛୁରୀ ଧରିଥିବା ଚିତ୍ର, ବାଙ୍କରେ ଡାଳି ଲତା ଏବଂ ତଳ ଭାଗରେ ମଗର ମୁଖ ଇତ୍ୟାଦିର ରୂପ ଖୋଦେଇ ହେବ। ସେହିପରି ମହାରଣା ସେବକମାନେ ରଥରେ ସ୍ଥାପନ ପାଇଁ ଗୋଟିଏ ଗୋଟିଏ ବିଜେ ଚକା ନିର୍ମାଣ ଶେଷ କରିଛନ୍ତି। ତିନିରଥର ବେଦୀ ସିଂହାସନ ପ୍ରସ୍ତୁତି ପାଇଁ ଚାରି ନାହାକା ଆଗ ପଛ ଢମକରେ ୫ଟି ଲେଖାଏଁ ୨୦ ଫୁଟିଆ ଜଗତପୃଷ୍ଠ ଶେଣି ପଡ଼ି କଣ୍ଟା ବାଡ଼ିଆ ଶେଷ ହୋଇଛି। ଚିତ୍ରକାର ସେବକ ତିନିରଥର ଗୋଟିଏ ଗୋଟିଏ ସିଂହାସନ ମୁହାଁଟିରେ ରଙ୍ଗ କାର୍ଯ୍ୟ ଆରମ୍ଭ କରିଛନ୍ତି। ଏଥିସହ ବାକି ୧୨ଟି ନାଟ ଗୋଡ଼ରେ ରଙ୍ଗ ପୂର୍ବରୁ ପ୍ରାଇମର୍ ଦେଇଛନ୍ତି। ପାର୍ଶ୍ୱ ଦେବଦେବୀ ମୂର୍ତ୍ତିଗୁଡ଼ିକରେ ରଙ୍ଗ କାର୍ଯ୍ୟ



ସହ କଳସ, ଠେକେରାବାଡ଼, କନ୍ୟା ପଟା ସହ ତିନିରଥ ଗୁଜ, ଚକ, ଦଣ୍ଡା ଇତ୍ୟାଦି ବାହ୍ୟ ଅଂଶରେ ରଙ୍ଗ ଦେଉଛନ୍ତି। ଦୋଳବେଦୀ ଅସ୍ଥାୟୀ କମାରଶାଳରେ କମାର ସେବକ ଧୂଳି ଦଣ୍ଡା କଣ୍ଟା ନିର୍ମାଣ ଶେଷ କରି ତିନିରଥର ପ୍ରଭା କଣ୍ଟା, ସିଂହାସନ ଗୁଣ୍ଟି କଣ୍ଟା ତିଆରି କରୁଛନ୍ତି। ପାହି ମହାରଣା ରଥଯାତ୍ରାରେ ସେବା ପୂଜା ନୀତି ପାଇଁ କାଠ ନିର୍ମିତ ସରଞ୍ଜାମ ନିର୍ମାଣ ଜାରି ରଖିଛନ୍ତି।

## ପୁରୀରେ ପହଞ୍ଚିଲା ରଥ ଦଉଡ଼ି

ପୁରୀ,୨୪।୬(ସମିସ): ଆସନ୍ତା ଜୁଲାଇ ୧୬ ତାରିଖରେ ମହାପ୍ରଭୁଙ୍କ ରଥଯାତ୍ରା। ଏଥିପାଇଁ ପ୍ରଶାସନିକ ପ୍ରସ୍ତୁତି ଜାରି ରହିଛି। ଶ୍ରୀମନ୍ଦିର ପ୍ରଶାସନ ମଧ୍ୟ ରଥଯାତ୍ରା ପାଇଁ ଆବଶ୍ୟକ ସାମଗ୍ରୀ ଯୋଗାଡ଼ କରିବାରେ ଲାଗିଛି। ତେବେ ଚଳିତବର୍ଷ ପହଞ୍ଚିଛି ରଥ ଦଉଡ଼ି। ଗୁରୁବାର ବୀରପ୍ରତାପପୁରସ୍ଥିତ ରାଜ୍ୟ ସମବାୟ କତା ନିଗମରୁ ୨୮ଟି ଦଉଡ଼ି ୨ଟି ଗାଡ଼ିରେ ଆସି ପହଞ୍ଚିବା ପରେ ଶ୍ରୀମନ୍ଦିର କାର୍ଯ୍ୟାଳୟରେ ରଖାଯାଇଛି। ରଥ ନିର୍ମାଣ ତତ୍ତ୍ୱାବଧାରକ ଚିତ୍ତରଞ୍ଜନ ମହାପାତ୍ରଙ୍କ ସୂଚନା ଅନୁଯାୟୀ, ଚଳିତ ବର୍ଷ ୨ ସେଟ୍ ଅର୍ଥାତ୍ ୨୮ଟି ରଥଟଣା ଦଉଡ଼ି ଓଡ଼ିଶା କତା ନିଗମ ଅର୍ଡର ମୁତାବକ ଯୋଗାଇ ଦେଇଛି। ପ୍ରତ୍ୟେକ ରଥରେ ୪ଟି ଲେଖାଏଁ ମୋଟ୍ ୧୨ଟି ଦଉଡ଼ି ଲାଗିଥାଏ। ଅତିରିକ୍ତ ଦୁଇଟି ଲେଖାଏଁ ଦଉଡ଼ି ଆସିଛି। ଗୋଟିଏ ଟଣା ଦଉଡ଼ିର ଲମ୍ବ ପ୍ରାୟ ୨୨୦ ଫୁଟ୍ ଏବଂ ମୋଟେଇ ୮ ଇଞ୍ଚ ରହିଛି। ଦୀର୍ଘ ୨୨ ବର୍ଷ ହେଲାଣି ରାଜ୍ୟ ସମବାୟ କତା ନିଗମ ରଥଯାତ୍ରା ପାଇଁ ଆବଶ୍ୟକ ଦଉଡ଼ି ଯୋଗାଇ ଆସୁଛି। କେବଳ ପୁରୀ ନୁହେଁ, ଓଡ଼ିଶାର ଅନ୍ୟ ଜଗନ୍ନାଥ ମନ୍ଦିରକୁ ମଧ୍ୟ ନିଗମ ରଥ ଦଉଡ଼ି ଦେଉଥିବା ଜଣାପଡ଼ିଛି।



## ସୋସିଆଲ ମିଡିଆରେ ଅପପ୍ରଚାର ନେଇ ସେବାୟତଙ୍କ ପକ୍ଷରୁ ଏତଲା

ପୁରୀ,୨୪।୬(ସମିସ): ଶ୍ରୀମନ୍ଦିର ସେବାୟତ ସମାଜକୁ ବିନା କାରଣରେ ବଦନାମ କରିବା ତଥା ସୋସିଆଲ ମିଡିଆର ଅପବ୍ୟବହାର କରି ବିଶ୍ୱବ୍ୟାପୀ ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା ପ୍ରତି ଭୁଲ୍ ତଥ୍ୟ ପ୍ରଦାନ କରିବା ପ୍ରସଙ୍ଗରେ ସିଂହଦ୍ୱାର ଥାନାରେ ଅଭିଯୋଗ କରାଯାଇଛି। ସୋସିଆଲ ମିଡିଆ ଇନ୍‌ଫ୍ଲୁଏନ୍ସର ଅରବିନ୍ଦ ଦେବଙ୍କ ନାଁରେ ସିଂହଦ୍ୱାର ଥାନାରେ ଏତଲା ଦେଲେ ଶ୍ରୀମନ୍ଦିର ସେବାୟତ। କୌଣସି ସଠିକ୍ ତଥ୍ୟ ବିନା, କେବଳ ନିଜର ଆର୍ଥିକ ଲାଭ ପାଇଁ ଶ୍ରୀମନ୍ଦିରକୁ ବଦନାମ କରୁଥିବା ଏତଲାରେ ଦର୍ଶାଯାଇଛି। ଅରବିନ୍ଦ ଦେବ ଶ୍ରୀମନ୍ଦିରରେ ଦର୍ଶନ ସମ୍ପର୍କରେ ବିଭିନ୍ନ ଭିଡିଓ କରି ସୋସିଆଲ ମିଡିଆରେ ଅପପ୍ରଚାର କରୁଛନ୍ତି। ଏହାଦ୍ୱାରା ସମାଜରେ ଓ ବିଶ୍ୱ ସମୁଦାୟ ଆଗରେ ଶ୍ରୀମନ୍ଦିର ପରିଚାଳନା ପ୍ରତି ଭୁଲ୍ ଭାବ ସୃଷ୍ଟି ହେଉଛି। ଅରବିନ୍ଦ ନିଜକୁ 'ଇନ୍‌ଫ୍ଲୁଏନ୍ସର' କହି କୌଣସି ସଠିକ୍ ତଥ୍ୟ ବିନା ଓ ଭୁଲ୍ ତଥ୍ୟ ଦେଇ ୧୦ ଲକ୍ଷରୁ ଅଧିକ ଫଲୋୱର୍ସ ବଢ଼ାଇ ସୋସିଆଲ ମିଡିଆର ଅପପ୍ରଚାର କରୁଛନ୍ତି। ନିଜର ଲୋକପ୍ରିୟତା ବଢ଼ାଇବା ପାଇଁ କାଳ୍ପନିକ ସମାଚାର ପ୍ରଚାର କରି ସମାଜରେ ଅଶାନ୍ତି ସୃଷ୍ଟି କରୁଛନ୍ତି। ତେଣୁ ଅରବିନ୍ଦଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଛନ୍ତି ସେବାୟତ।

## ନିଖିଳ ଦଳାଇଙ୍କୁ 'ଯୋଗ ବିଶାରଦ' ସମ୍ମାନ

ପୁରୀ,୨୪।୬(ସମିସ): ଝାଡ଼େଶ୍ୱରୀ କ୍ଲବ୍‌ର ବାର୍ଷିକ ଉତ୍ସବ ମଙ୍ଗଳବାର କ୍ଲବ୍ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ରୂପେ ପୂର୍ବତନ ବିଧାୟକ ଜୟନ୍ତ ଷଡ଼ଙ୍ଗୀ, ସମ୍ମାନିତ ଅତିଥି ଭାବେ ପୂର୍ବତନ କାଉନ୍‌ସିଲର ପ୍ରୀତମ୍ ଜଗଦ୍ଦେବ, ସମାଜସେବୀ ସୁମୀତ୍ ଚନ୍ଦୁକା, କ୍ଲବ୍ ସଭାପତି କୃଷ୍ଣ ଚନ୍ଦ୍ର ଦାସ, ସମ୍ପାଦକ ପାର୍ଥସାରଥୀ ମହାପାତ୍ର, ଯୁଗ୍ମ ସଭାପତି ପ୍ରଦ୍ୟୁମ୍ନ କୁମାର ମିଶ୍ର, କୋଷାଧ୍ୟକ୍ଷ ଜିତେନ୍ଦ୍ର ନାଥ ଦାସ ଏବଂ କୃଷ୍ଣଚନ୍ଦ୍ର ପଣ୍ଡା ପ୍ରମୁଖ ଉପସ୍ଥିତ ରହି ପ୍ରାୟ ୨୫ଟି ବିଦ୍ୟାଳୟରୁ ଆସିଥିବା ୧୪୫ ଜଣ ପ୍ରତିଭାଙ୍କୁ ପୁରସ୍କାର ବିତରଣ କରିଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଅନ୍ତର୍ଜାତୀୟ ଯୋଗବିତ୍ ନିଖିଳ କୁମାର ଦଳାଇଙ୍କୁ ''ଯୋଗ ବିଶାରଦ' ଏବଂ ତାଙ୍କ ସହଧର୍ମିଣୀ ମଧୁଛନ୍ଦା ସ୍ୱାଇଁଙ୍କୁ ''ଯୋଗ ଶିରୋମଣି' ସମ୍ମାନ ପ୍ରଦାନ କରାଯାଇଥିଲା। ଏଥିରେ ସିତେନ୍ଦ୍ର ନାଥ ଦାସ ସହଯୋଗ କରିଥିଲେ। ପରିଶେଷରେ ବରିଷ୍ଠ ଜିମ୍ନାଷ୍ଟିକ୍ସ ପ୍ରଶିକ୍ଷକ ସଞ୍ଜୟ କୁମାର ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।



## ଆଧ୍ୟାତ୍ମିକ ଚେତନାର ଅନ୍ୟନାମ 'ଭାଗବତ'

ପୁରୀ,୨୪।୬(ସମିସ): ସାମ୍ପ୍ରତିକ ଅପସଂସ୍କୃତି ଓ ବିଶୃଙ୍ଖଳା ଆଡ଼କୁ ଧାବମାନ ସମାଜକୁ ଶୃଙ୍ଖଳିତ କରିବା ପାଇଁ ଘରେ ଘରେ ଭାଗବତ ଏକ ଆବଶ୍ୟକତା ବୋଲି କହିଛନ୍ତି ଭାଗବତ ଭାଷ୍ୟକାର ଡ. ବଦ୍ରି ମିଶ୍ର। ଦଉଡୋଟାର ଶ୍ରୀନିବାସ ପରିସରରେ କାର୍ଯ୍ୟକ୍ରମର ବ୍ୟାସ ଭାବେ ଯୋଗଦେଇ ସେ କହିଥିଲେ ଯେ, ଆଧ୍ୟାତ୍ମିକ ଚେତନାର ଅନ୍ୟ ନାମ ଭାଗବତ। ଏହି କାର୍ଯ୍ୟକ୍ରମରେ ଯୋଗଦେଇ ଓଡ଼ିଶାର ବିଶିଷ୍ଟ ପ୍ରବଚିକା ନିର୍ମଳା ଫତେସିଂହ ରୁକ୍ମିଣୀ ହରଣ ଉପରେ ବ୍ୟାଖ୍ୟା ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଶିକ୍ଷାବିତ୍ ପ୍ରଭାତ କୁମାର ମିଶ୍ର, ଦେବଯାନୀ ମିଶ୍ର, ରାଜଲକ୍ଷ୍ମୀ ମିଶ୍ର, ରାଜେନ୍ଦ୍ର ମିଶ୍ର, ରାଜଶ୍ରୀ ମିଶ୍ର, ଦ୍ରୌପଦୀ ବଳିୟାରସିଂହ, ବିଭୁଦତ୍ତ ମିଶ୍ର ପ୍ରମୁଖ ଯୋଗଦେଇଥିବା ବେଳେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ପରିଚାଳିକା ସୁନନ୍ଦା ପଟ୍ଟନାୟକ, ସୁଲୋଚନା ମିଶ୍ର, ଜ୍ୟୋତି ପ୍ରକାଶ ମହାପାତ୍ର, ଉଷାରାଣୀ ମହାନ୍ତି ଓ ପ୍ରଦ୍ୟୁମ୍ନ ପଟ୍ଟନାୟକ।

## ସରିଲା ରାଜେନ୍ଦ୍ରାଭିଷେକ | ଆଜି ମହାପ୍ରଭୁଙ୍କୁ ବିବାହ କରିବେ ରୁକ୍ମିଣୀ

**ଅପରାହ୍ଣ ୧ଟାରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ**

ପୁରୀ,୨୪।୬(ସମିସ): ବିଦର୍ଭ ରାଜା ଭିଷ୍ମକଙ୍କ କନ୍ୟା ରୁକ୍ମିଣୀଙ୍କୁ ଗୁରୁବାର ବିବାହ କରିବେ ମହାପ୍ରଭୁ। ଏଥିଲାଗି ବୁଧବାର ସନ୍ଧ୍ୟା ଧୂପ ବଢ଼ିବା ପରେ ଘଣ୍ଟ, କାହାଳୀ, ମହୁରି ବାଜି ମହାପ୍ରଭୁଙ୍କ ଅଭିଷେକ ନୀତି ସମ୍ପନ୍ନ ହୋଇଛି। ଏହି ନୀତିକୁ ରାଜେନ୍ଦ୍ରାଭିଷେକ କୁହାଯାଏ। ବୁଧବାର ଜ୍ୟେଷ୍ଠ ଶୁକ୍ଳ ଦଶମୀ। ଶ୍ରୀମନ୍ଦିରରେ ସନ୍ଧ୍ୟାଧୂପ ନୀତି ବଢ଼ିବା ପରେ ମଦନମୋହନ ମହାପ୍ରଭୁଙ୍କଠାରୁ ଆଜ୍ଞାମାଳ ପାଇ ଭୋଗବାଟ ଗଣେଶଙ୍କଠାରେ ପଡ଼ିଥିବା ଖଟ ଉପରେ ବିଜେ କରିଥିଲେ। ଏହାପରେ ଭିତର ଶୋଧ ହୋଇ ଜୟବିଜୟ ଦ୍ୱାର ବନ୍ଦ ରହି ଆଲଟ ଲାଗି ହୋଇଥିଲା। ଜଣେ ସେବକ ଡଗର ଭାବେ ଆସି ମଦନମୋହନଙ୍କୁ ରୁକ୍ମିଣୀ ବିବାହ ପ୍ରସ୍ତାବ ଜଣାଇଥିଲେ। ଏହାପରେ ମହାଜନେ ଠାକୁରଙ୍କୁ ହାତରେ ବିଜେ କରାଇ ଆଣି ବଟମୂଳେ ଥିବା ରଥରେ ବିଜେ କରାଇଥିଲେ। ବିମାନବଡୁମାନେ ଘଣ୍ଟ, ଛତା, କାହାଳୀ ସହିତ ରଥାରୁଢ଼ ମହାପ୍ରଭୁଙ୍କୁ ଭିତର ବେଢ଼ାରେ ଗୋଟିଏ ଘେରା ପରିକ୍ରମା କରାଇଥିଲେ। କୁତ କଉତୁକ ଋଷି (ଜଣେ ସେବକ) ଦଣ୍ଡ ପ୍ରଣାମ କରି ମହାପ୍ରଭୁଙ୍କୁ ଦକ୍ଷିଣୀ ଘରକୁ ନେଇଥିଲେ। ସେଠାରେ ଠାକୁର ଖଟ ଉପରେ ବିଜେ ହେବା ପରେ ପଞ୍ଚାମୃତ ମହାସ୍ନାନ ହୋଇଥିଲା। ଫୁଲ ଚନ୍ଦନ ଲାଗି ହୋଇ ବେଶ ହୋଇଥିଲା। ଶୀତଳ ଭୋଗ ମଣୋହି ହୋଇ ଖିରି, ଅମାଲୁ ଭୋଗ ବନ୍ଦାପନା ବଢ଼ିଥିଲା। ଏହାପରେ ଠାକୁର ଦକ୍ଷିଣଘର ସ୍ୱସ୍ଥାନକୁ ବିଜେ ହୋଇଥିଲେ। ଶ୍ରୀଜଗନ୍ନାଥଙ୍କ ନିକଟରେ ଛତି ଟେକା ହୋଇ ଅଭିଷେକ ନୀତି ସମ୍ପନ୍ନ ହୋଇଥିଲା। ଗୁରୁବାର ରୁକ୍ମିଣୀ ହରଣ ନୀତି ଅନୁଷ୍ଠିତ ହେବ। ମହାପ୍ରଭୁ ରୁକ୍ମିଣୀଙ୍କୁ ବିବାହ କରିବେ। ଏଥିପାଇଁ ସମସ୍ତ ପ୍ରସ୍ତୁତି ଶେଷ ହୋଇଛି। ପ୍ରଥମ ଭୋଗ ଶେଷ ହେବା ପରେ ଆପାତତଃ ଅପରାହ୍ଣ ୧ଟାରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ସୂଚନା ମିଳିଛି।

## କଂଗ୍ରେସ ନେତାଙ୍କ ମୁହଁରେ ରାହୁଲ ଗାନ୍ଧୀଙ୍କ କଥା

# 'ଭାରତର ଶିକ୍ଷା ବ୍ୟବସ୍ଥା ଏକ ଶୋଷଣ କରୁଥିବା ମେସିନ୍'

ପୁରୀ,୨୪।୬(ସମିସ)



ପୁରୀ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟରେ ବୁଧବାର ଜିଲ୍ଲା କଂଗ୍ରେସ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଭାରତୀୟ ଶିକ୍ଷା ବ୍ୟବସ୍ଥାକୁ ବିରୋଧ କରି ଗତ ୧୭ ତାରିଖରେ ରାଜସ୍ଥାନର କୋଟାଠାରେ ହଜାର ହଜାର ଛାତ୍ରଛାତ୍ରୀଙ୍କୁ ଲୋକସଭାର ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ 'ଛାତ୍ରୋଁ କି ଗୁଞ୍ଜ ମହାରାଲି'ରେ ଯେଉଁ ସମ୍ବୋଧନ କରିଥିଲେ ତା'ର ଏକ ଭିଡିଓ ପ୍ରଦର୍ଶନ କରାଯାଇଥିଲା। ଏହା ଉପରେ ଦଳୀୟ ନେତୃତ୍ୱ ଚର୍ଚ୍ଚା କରିଥିଲେ। କଂଗ୍ରେସ ଜିଲ୍ଲା ସଭାପତି ଇଂ. ରାଜେଶ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସମ୍ମିଳନୀରେ ଦଳର ବରିଷ୍ଠ ନେତାମାନେ ରାହୁଲଙ୍କ ବକ୍ତବ୍ୟକୁ ଉଦ୍ଧୃତ କରି କହିଥିଲେ ଯେ, ବହୁ ବାପା-ମା' ଜମି-ସୁନା ବିକି, ବନ୍ଧକ ପକାଇ ପିଲାଙ୍କୁ ପାଠ ପଢ଼ାଉଛନ୍ତି। ହେଲେ ଆମ ଶିକ୍ଷା ବ୍ୟବସ୍ଥା ସେମାନଙ୍କ ସ୍ୱପ୍ନ ଭାଙ୍ଗି ଦେଉଛି ଏବଂ ଆତ୍ମହତ୍ୟା ପରି ଚରମ ପଦକ୍ଷେପ ନେବାକୁ ବାଧ୍ୟ କରୁଛି। କୋଟାରେ ରାହୁଲ ଗାନ୍ଧୀ ମୁଖ୍ୟତଃ ଯେଉଁ ବିଷୟ ଉଠାଇଥିଲେ ତାହା ଥିଲା, ଭାରତର ଶିକ୍ଷା ବ୍ୟବସ୍ଥା ଏକ ଶୋଷଣ କରୁଥିବା ମେସିନ୍। ଏହା ଲଜ୍ଜାଜନକ ଏବଂ ଏଥିରେ ପରିବର୍ତ୍ତନ ହେବା ଆବଶ୍ୟକ। ଶିକ୍ଷା ବ୍ୟବସ୍ଥା ଛାତ୍ରଛାତ୍ରୀମାନଙ୍କ ସ୍ୱପ୍ନକୁ ସାକାର କରିବା ପାଇଁ ପ୍ରସ୍ତୁତ କରାଯାଇନାହିଁ। ଏହା ରୋଜଗାରଭିତ୍ତିକ ନୁହେଁ। ଭାରତରେ ମାତ୍ର ୧.୨ ପ୍ରତିଶତ ଲୋକ ହିଁ ଦରମାପ୍ରାପ୍ତ ଚାକିରି ପାଇପାରୁଛନ୍ତି। ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ ପରେ ମଧ୍ୟ ଚାକିରିର ଗ୍ୟାରେଣ୍ଟି ନାହିଁ। ୨୨ ଲକ୍ଷ ଛାତ୍ରଛାତ୍ରୀ ନିଟ୍ ପରୀକ୍ଷା ଦେଉଥିବାବେଳେ ସେମାନଙ୍କ ପରିବାର ୧.୩୨ ଲକ୍ଷ କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି, ଯାହା କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟର ବଜେଟ୍ ସହ ସମାନ। ନିଟ୍, ଜେଇଇ, ଏସ୍‌ଏସ୍‌ସି, ୟୁପିଏସ୍‌ସି ଭଳି ପରୀକ୍ଷା ପାଇଁ ଛାତ୍ରମାନେ ମୋଟ୍ ୩.୫ ଲକ୍ଷ କୋଟି ଟଙ୍କା ଫି' ଆକାରରେ ଦେଉଛନ୍ତି, ଯାହା ଶିକ୍ଷା, ସ୍ୱାସ୍ଥ୍ୟ ଆଦି ୫ଟି ମନ୍ତ୍ରଣାଳୟର ମୋଟ ବଜେଟ୍ ସହ ସମାନ। ସ୍କୁଲରୁ କଲେଜ ପର୍ଯ୍ୟନ୍ତ ସରକାରୀ ବ୍ୟବସ୍ଥା ଧ୍ୱଂସ ହୋଇ ବେସରକାରୀ ଶିକ୍ଷା ଓ କୋଚିଂ ମାଫିଆ ରାଜ୍ କରୁଛି।

ସବୁଠୁ ଦୁଃଖଦ କଥା ହେଲା ଛାତ୍ରଛାତ୍ରୀଙ୍କ ଆତ୍ମହତ୍ୟା। ପ୍ରଶ୍ନପତ୍ର ଲିକ୍ ପରେ ଆତ୍ମହତ୍ୟା କରିଥିଲେ ନିଟ୍ ଆଶାୟୀ ଛାତ୍ରୀ ଆକାଂକ୍ଷା। ଏହା ଆକାଂକ୍ଷାଙ୍କ ବିଫଳତା ନ ଥିଲା, ବରଂ ବ୍ୟବସ୍ଥା ତାଙ୍କୁ ବିଫଳ କରିଥିଲା। ଭାରତୀୟ ଶିକ୍ଷା ବ୍ୟବସ୍ଥା ଏକ ''ପ୍ରତ୍ୟାଖ୍ୟାନ ବ୍ୟବସ୍ଥା', ଚୟନ ବ୍ୟବସ୍ଥା ନୁହେଁ। ଏଠାରେ ୧୦୦ ଜଣ ଇଞ୍ଜିନିୟରଙ୍କ ମଧ୍ୟରୁ ୮୦ ଜଣ ବେକାର। ଆମକୁ ଏହି ବ୍ୟବସ୍ଥାକୁ ବଦଳାଇ ଏମିତି ଏକ ବ୍ୟବସ୍ଥା ଆଣିବାକୁ ହେବ ଯାହା ଛାତ୍ରଙ୍କୁ ବଡ଼ ସ୍ୱପ୍ନ ଦେଖିବାକୁ ଓ କମ୍ ଖର୍ଚ୍ଚରେ ତାହା ସାକାର କରିବାର ସୁଯୋଗ ଦେବ। ଶେଷରେ ରାହୁଲ ଛାତ୍ରଛାତ୍ରୀଙ୍କୁ କହିଥିଲେ, ''ଆପଣ ସଫଳ ହେଲେ ଭାରତ ସଫଳ ହେବ' ବୋଲି ସାମ୍ବାଦିକ ସମ୍ମିଳନୀରେ ଉପସ୍ଥିତ କଂଗ୍ରେସ ନେତା ତାଙ୍କ ଭାଷଣକୁ ଚର୍ଚ୍ଚା କରି କହିଥିଲେ।

ଏହି ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ କଂଗ୍ରେସ ନେତା ତଥା ପିସିସି ମୁଖପାତ୍ର ମନୋରଞ୍ଜନ ଦାସ, ପୂର୍ବତନ ଜିଲ୍ଲା ସଭାପତି ଉତ୍ତମ କୁମାର ଆଚାର୍ଯ୍ୟ, ମହିଳା କଂଗ୍ରେସ ସଭାନେତ୍ରୀ ସରସ୍ୱତୀ ପାତ୍ର, ବିଦ୍ୟୁତ୍‌ଲତା ଆଚାର୍ଯ୍ୟ, ସୁଜିତ୍ ମହାପାତ୍ର, ଆଇନ ସେଲ ଅଧ୍ୟକ୍ଷ କାଳୀପ୍ରସାଦ ନାୟକ, ପୁରୀ ନଗର କଂଗ୍ରେସ (କ) ସଭାପତି ବିଶ୍ୱରଞ୍ଜନ ମହାପାତ୍ର, ସେବାଦଳ ମୁଖ୍ୟ ବିଶ୍ୱକେଶନ ହରିଚନ୍ଦନ ମହାପାତ୍ର, ଉମାକାନ୍ତ ବରାଳ, ସୁକାନ୍ତ ପ୍ରଧାନ, ବିଶ୍ୱନାଥ ଦାଶ, ସ୍ୱାଧୀନ ପଣ୍ଡା, ସସ୍ମିତା ସ୍ୱାଇଁ, ରଜତ ସାହୁ, ଅମରେନ୍ଦ୍ର ପାଇକରାୟ, ଆର୍ତ୍ତତ୍ରାଣ ସାହୁ, ଅମୀୟ ମହାପାତ୍ର, ସୀତାକାନ୍ତ ମହାନ୍ତି, ଅର୍ଜୁନ ସାହୁ, ରାଧାଶ୍ୟାମ ସାହୁ, ଜିବେଶ ଚନ୍ଦ୍ର ରଥ, ରଞ୍ଜନ ସାହୁ, ରସାନନ୍ଦ ବିଶୋଇ, ଅଶ୍ୱିନୀ ବଳବନ୍ତରାୟ, ଆଶୁତୋଷ ମିଶ୍ର ଓ ଆଦର୍ଶ ମିଶ୍ର, ଦୁର୍ଗାପ୍ରସାଦ ସାମନ୍ତରାୟ ପ୍ରମୁଖ ଉପସ୍ଥିତ ଥିଲେ।

# ସମ୍ପାଦକୀୟ



ଦେଶବାସୀ ଦୁର୍ନୀତି ବିରୋଧୀ ସଂଗ୍ରାମରେ ହତୋତ୍ସାହିତ ହେବା ଅନୁଚିତ।
- ଆନ୍ନା ହଜାରେ

ସକାଳ THE SAKALA

## ଅସ୍ମିତା-ଷଡ଼୍‌ଯନ୍ତ୍ର

ଓଡ଼ିଆ ଅସ୍ମିତାର ନାରା ଦେଇ ଓଡ଼ିଶାରେ ଶାସନ କ୍ଷମତାକୁ ଆସିଥିବା ଡବଲ୍ ଇଞ୍ଜିନ ସରକାରକୁ ଦୁଇବର୍ଷ ପୂରିଛି। ବର୍ଷପୂର୍ତ୍ତି ଉତ୍ସବରେ ସରକାର ନିଜ ପିଠି ନିଜେ ଥାପୁଡ଼ାଇବାରେ ଅବହେଳା କରିନାହାନ୍ତି। କିନ୍ତୁ ଇତିମଧ୍ୟରେ ଓଡ଼ିଶାର ବାସ୍ତବଚିତ୍ର ହାଟରେ ପଡ଼ି ଦାଣ୍ଡରେ ଗଡ଼ୁଛି ଏବଂ ଓଡ଼ିଆ ଅସ୍ମିତା କେତେ ଉପରକୁ ଉଠିଛି କି ଭୂଲୁଣ୍ଠିତ ହୋଇଛି ତାହାର ରିପୋର୍ଟ କାର୍ଡ ଜନସାଧାରଣଙ୍କ ଆଗରେ ଝଲସୁଛି। ଓଡ଼ିଆ ଅସ୍ମିତାର ପ୍ରାଣକେନ୍ଦ୍ର ଶ୍ରୀଜଗନ୍ନାଥଙ୍କ ରଥଯାତ୍ରାକୁ ୟୁନେସ୍କୋର ଅସ୍ପର୍ଶମାନ ସାଂସ୍କୃତିକ ଐତିହ୍ୟ ମାନ୍ୟତା ଉଦ୍ୟମ କେନ୍ଦ୍ର ସଂଗୀତ ନାଟକ ଏକାଡେମିର ଇନଭେଣ୍ଟରି ଅର୍ଗଳି ଡେଇଁଲାଣି କି ନାହିଁ ତାହା ଅଜଣା। ଓଡ଼ିଶୀ ସଂଗୀତକୁ ଶାସ୍ତ୍ରୀୟ ମାନ୍ୟତା ପ୍ରସଙ୍ଗ ଡବଲ୍ ଇଞ୍ଜିନ ସରକାରର ଓଡ଼ିଆ ଅସ୍ମିତା ତାଲିକାରେ ବୋଧହୁଏ ନାହିଁ। ନୂଆ ବିଷୟକୁ ମାନ୍ୟତା ବା ତାଲିକାଭୁକ୍ତ କରିବା ଦୂରେ ଥାଉ ତାଲିକାଭୁକ୍ତ ବିଷୟକୁ ବାଦ୍ ଦେବାରେ କିନ୍ତୁ ଡବଲ୍ ଇଞ୍ଜିନ ସରକାରଙ୍କ ତୁଳନା ନାହିଁ। ଡବଲ୍ ଇଞ୍ଜିନ୍ ସରକାର ଆସୁଆସୁ ରାଜନୈତିକ ଅସୂୟାଗ୍ରସ୍ତ ହୋଇପଡ଼ି ପ୍ରଥମ ଦଫାରେ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନାରୁ ପ୍ରବାଦ ପୁରୁଷ ବିଶ୍ୱବନ୍ଦ୍ୟ ବିଜୁ ବାବୁଙ୍କ ନାମକୁ ବାଦ୍ ଦେବାର ଉଦ୍ୟମ ଆରମ୍ଭ କରିଥିଲେ। ଏବେ ସେ ସବୁକୁ ବଳିଯାଇଛି ସରକାରୀ ପାଠ୍ୟପୁସ୍ତକରେ ଓଡ଼ିଶାର ସାହିତ୍ୟିକ, ସଂଗୀତଜ୍ଞଙ୍କୁ ବାଦ୍ ଦେବାର ଅକ୍ଷମଣୀୟ ତ୍ରୁଟି।

ଏବେ ଯେଉଁ ତ୍ରୁଟି(ବରଂ ଉଦ୍ଦେଶ୍ୟମୂଳକ ଷଡ଼ଯନ୍ତ୍ର କହିଲେ ଠିକ୍ ହେବ) ଟି ସାମ୍ନାକୁ ଆସିଛି ତାହା ଓଡ଼ିଆ ଜାତି, ଓଡ଼ିଆ ଭାଷା ସାହିତ୍ୟ ଓ ଓଡ଼ିଶା ସ୍ୱାଭିମାନ ପ୍ରତି କୁଠାରରଘାତ ଭଳି। ଅଷ୍ଟମ ଶ୍ରେଣୀ ପାଇଁ ଉଦ୍ଦିଷ୍ଟ 'କୃତି' ପୁସ୍ତକର ପୃଷ୍ଠା ୯୨ରେ 'ଦେଶଭକ୍ତି ସଂଗୀତ' ଶୀର୍ଷକ ବିଷୟବସ୍ତୁରେ ୫ଟି ଦେଶାତ୍ମବୋଧକ ସଂଗୀତ ସ୍ଥାନ ପାଇଛି। ସେଥିମଧ୍ୟରୁ ଗୋଟିଏ ବଙ୍ଗୀୟ କବି ବଙ୍କିମଚନ୍ଦ୍ର ଚଟ୍ଟୋପାଧ୍ୟାୟଙ୍କ ରଚିତ 'ମନସା ସତତଂ ସ୍ମରଣୀୟମ୍' ଥିବା ବେଳେ ଅନ୍ୟ ଚାରୋଟି ଓଡ଼ିଆ କବିତା ରହିଛି। କିନ୍ତୁ ବିଡ଼ମ୍ବନା ହେଲା କେବଳ ବଙ୍କିମଚନ୍ଦ୍ରଙ୍କ ବ୍ୟତୀତ ଅନ୍ୟ ଚାରୋଟି କବିତାର କବି କିଏ ତାହା ଉଲ୍ଲେଖ ନାହିଁ। ପ୍ରାତଃସ୍ମରଣୀୟ ଗୋଦାବରୀଶ ମିଶ୍ରଙ୍କ ରଚିତ କବିତାରେ ଏତେ ବନାନ ଅଶୁଦ୍ଧି ରହିଛି ଯେ ତାହା ଓଡ଼ିଶାର ବରପୁତ୍ରଙ୍କ ପ୍ରତି ଅପମାନ ଭଳି। ସେହିପରି ପୃଷ୍ଠା ୯୪ରେ 'ପ୍ରେରଣା ଓ କଳ୍ପନା' ଶୀର୍ଷକ ବିଷୟରେ ସଙ୍ଗୀତକାର ଭାବରେ କେବଳ ରବୀନ୍ଦ୍ର ଜୈନଙ୍କ ବିଷୟରେ ଗୋଟିଏ ଅନୁଚ୍ଛେଦ ରହିଛି। ଓଡ଼ିଆ ସଙ୍ଗୀତକାରଙ୍କ ବିଷୟରେ ଜାଣିବା ଓଡ଼ିଆ ଛାତ୍ରଛାତ୍ରୀଙ୍କ ଅଧିକାର ବହିର୍ଭୂତ ନା ତାହା ସ୍ଥାନିତ କରିବା ଅପରାଧ ବୋଲି ପୁସ୍ତକ ପ୍ରଣେତାମାନେ ବିଚାର କଲେ? ଏହା ଉଦ୍ଦେଶ୍ୟମୂଳକ ମାନବୀକୃତ ଷଡ଼ଯନ୍ତ୍ର କି ନୁହେଁ ସୁଧୀ ପାଠକବୃନ୍ଦ ବିଚାର କରିବେ।

ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ବିଭିନ୍ନ ବିଷୟର ପାଠ୍ୟପୁସ୍ତକରେ ପ୍ରତିଦିନ ନୂଆ ନୂଆ ତ୍ରୁଟି ସାର୍ବଜନିନ ହେଉଛି। ଏଭଳି ରାଶିରାଶି ତ୍ରୁଟିସମ୍ବଳିତ ପାଠ୍ୟପୁସ୍ତକରୁ ଓଡ଼ିଆ ପିଲାମାନେ କେତେ ଜ୍ଞାନ ଅର୍ଜନ କରିବେ, ଜାତୀୟସ୍ତରରେ କେତେ ପ୍ରତିଯୋଗୀକ୍ଷମ ହୋଇପାରିବେ ତାହା ଏକ ଗୁରୁତର ପ୍ରସଙ୍ଗ। କିନ୍ତୁ ସବୁଠାରୁ ଉଦ୍‌ବେଗଜନକ ଓ ସ୍ପର୍ଶକାତର ପ୍ରସଙ୍ଗଟି ହେଉଛି ପାଠ୍ୟପୁସ୍ତକ ମାଧ୍ୟମରେ ଓଡ଼ିଆ ଭାଷା ସଂସ୍କୃତିର ଭିତ୍ତିକୁ ଦୋହଲାଇ ଦେବାର ଷଡ଼ଯନ୍ତ୍ର ଆରମ୍ଭ ହୋଇଛି ଏହି ଅପ୍ରିୟ ସତ୍ୟକୁ ସ୍ୱୀକାର କରିବାକୁ ପଡ଼ିବ। ପାଠ୍ୟପୁସ୍ତକରେ ଓଡ଼ିଆ ଇତିହାସ ଓ ସଂସ୍କୃତିକୁ ବିକୃତ କରିବା କିମ୍ବା ଗୌଣ କରିବାର ଷଡ଼ଯନ୍ତ୍ର ଆଜିର ନୁହେଁ। ଏହାପୂର୍ବରୁ କେନ୍ଦ୍ର ସରକାରଙ୍କ ଅଧୀନ ଏନ୍‌ସିଇଆରଟି ଅଷ୍ଟମ ଶ୍ରେଣୀ ସାମାଜିକ ବିଜ୍ଞାନ ପୁସ୍ତକର ପ୍ରଥମ ଭାଗରୁ ଓଡ଼ିଶାର ପାଇକ ବିଦ୍ରୋହ ବିଷୟକୁ ବାଦ୍ ଦିଆଯାଇଛି, ଅଥଚ ପଶ୍ଚିମବଙ୍ଗର ସନ୍ନ୍ୟାସୀ ବିଦ୍ରୋହ, ବିହାରର କୋଲ୍ ବିଦ୍ରୋହ ଆଦି ସ୍ଥାନିତ ହୋଇଛି। ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସମେତ ପ୍ରାୟ ସବୁ ମହଲରୁ ଏହାକୁ ନେଇ ଅସନ୍ତୋଷ ପ୍ରକାଶ ପାଇବା ଏବଂ ପ୍ରତିବାଦର ସ୍ୱର ତୀବ୍ର ହେବା ପରେ ତାହା ଦ୍ୱିତୀୟ ଭାଗରେ ସ୍ଥାନ ପାଇଛି, ଯେଉଁଠାରେ ଦେଶର ବିଭିନ୍ନ ଆଞ୍ଚଳିକ ବିଦ୍ରୋହ ବିଷୟ ସ୍ଥାନିତ ହୋଇଛି। ଅର୍ଥାତ୍ ଯେଉଁ ପାଇକ ବିଦ୍ରୋହ ଦେଶର ପ୍ରଥମ ସଶସ୍ତ୍ର ସଂଗ୍ରାମର ଜାତୀୟ ମାନ୍ୟତା ପାଇବା କଥା ତାହାକୁ 'ଆଞ୍ଚଳିକ' ବର୍ଗରେ ସୀମିତ କରି ଜାତୀୟ ମାନ୍ୟତା ପ୍ରସଙ୍ଗକୁ ସମାଧି ଦିଆଯାଇଛି।

ଓଡ଼ିଆ ଅସ୍ମିତା ପ୍ରତି କୁଠାରଘାତ ଏବଂ ଓଡ଼ିଆ ପ୍ରାଣକୁ କ୍ଷତାକ୍ତ କରିବାର ଆଉ ଦୁଇ/ତିନିଟି ଉଦାହରଣ ନିଆଯାଉ। ୧୮୯୯ ମସିହାରେ ମା'ରମାଦେବୀ, ସହିଦ ଲକ୍ଷ୍ମଣ ନାୟକଙ୍କ ଭଳି ସ୍ୱାଧୀନତା ସଂଗ୍ରାମୀମାନଙ୍କ ଜନ୍ମ। ଗତବର୍ଷ ରାଜ୍ୟ ଓ କେନ୍ଦ୍ର ସରକାର ଇନ୍ଦୋରର ପୂର୍ବତନ ମହାରାଣୀ ଅହଲ୍ୟାବାଇ ହୋଲ୍‌କରଙ୍କର ୩୦୦ତମ ଜନ୍ମବାର୍ଷିକୀ ପାଳନ କଲେ। ଅଥଚ ଓଡ଼ିଶାରେ ମହିଳା ସଶକ୍ତୀକରଣର ବାର୍ତ୍ତାବହ, ସ୍ୱାଧୀନତା ସଂଗ୍ରାମୀ, ସର୍ବୋଦୟ ନେତ୍ରୀ ମା'ରମାଦେବୀ ଏବଂ ଦେଶମାତୃତା ପାଇଁ ହସିହସି ଫାଶୀଖୁଣ୍ଟରେ ଝୁଲିଥିବା ଆଦିବାସୀ ନେତା ଲକ୍ଷ୍ମଣ ନାୟକଙ୍କ ୧୨୫ତମ ଜନ୍ମବାର୍ଷିକୀ ଉତ୍ସବ ପାଳନ ହେଲା ନାହିଁ। ସେହିପରି ନିକଟରେ ବଙ୍ଗୀୟ ନେତା ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ତିରୋଧାନ ଦିବସକୁ ବଳିଦାନ ଦିବସ ରୂପେ ଓଡ଼ିଶା ସରକାର ପାଳନ କଲେ। ଏଥିରେ ଆପତ୍ତି ନାହିଁ। କିନ୍ତୁ ପ୍ରଶ୍ନ ଉଠୁଛି ବ୍ରିଟିଶରଙ୍କ ବିରୋଧରେ ବିପ୍ଳବର ମୂଳଦୁଆ ପକାଇଥିବା ଦେଶର ପ୍ରଥମ ସହିଦ ଓଡ଼ିଶାର ଜୟୀ ରାଜଗୁରୁଙ୍କ ସହିଦ ଦିବସ ପଶ୍ଚିମବଙ୍ଗବାସୀ ପାଳନ କରିବେ ତ? ଜୟୀ ରାଜଗୁରୁଙ୍କୁ ଯେଉଁ ବରଗଛରେ ଦୁଇଗୋଡ଼ ବାନ୍ଧି ଅମାନୁଷିକ ଭାବେ ହତ୍ୟା କରାଯାଇଥିଲା ତାହା ଆଜି ପର୍ଯ୍ୟନ୍ତ ସେହି ରାଜ୍ୟର ମେଦିନୀପୁରର ବାଘତୋଟାରେ ଅଛି। ଅହଲ୍ୟାବାଇଙ୍କ ଜନ୍ମଜୟନ୍ତୀ ପାଳନ ବେଳେ ଓଡ଼ିଶାର ବୀରାରମଣୀ ରାଣୀ ଶୁକଦେଇଙ୍କ ଜନ୍ମ ଓ ପୁଣ୍ୟତିଥି ଜାତୀୟସ୍ତରରେ ପାଳନ ହେବ କି? ବିର୍ସାମୁଣ୍ଡାଙ୍କ ଭଳି ବୀର ସୁରେନ୍ଦ୍ର ସାଏ ଓ ଲକ୍ଷ୍ମଣ ନାୟକ କେବେ ଜାତୀୟ ଗୌରବ ଲାଭ କରିବେ?

ଓଡ଼ିଆ ଅସ୍ମିତା ହନନର ତାଲିକା ପ୍ରସ୍ତୁତ କଲେ ଏବଂ ତ୍ରୁଟି ଖୋଜିଲେ କମଳର ଲୋମ ଗଣନା କରିବା ଭଳି ହେବ। ଏହାକୁ ତ୍ରୁଟି ବଦଳରେ ବରଂ ଓଡ଼ିଆ ସଂସ୍କୃତି ବିରୋଧରେ ଜଗନ୍ୟ ଷଡ଼ଯନ୍ତ୍ର କହିଲେ ଠିକ୍ ହେବ। ଓଡ଼ିଆପ୍ରାଣ ନାଗରିକ, ଶିକ୍ଷାବିତ୍ ଓ ବୁଦ୍ଧିଜୀବୀଙ୍କ ମତରେ 'ଜଣେ ବଙ୍ଗାଳୀ କହିଥିଲେ 'ଓଡ଼ିଆ ଏକ ସ୍ୱତନ୍ତ୍ର ଭାଷା ନୁହେଁ।' ଏବେ ବୋଧହୁଏ ସେହି ଉକ୍ତିକୁ ଚରିତାର୍ଥ କରିବା ସହିତ ଆଉ ଦୁଇପାଦ ଆଗକୁ ଯାଇ 'ଓଡ଼ିଆ ଏକ ସ୍ୱତନ୍ତ୍ର ସଂସ୍କୃତି ସ୍ୱତନ୍ତ୍ର ନୁହେଁ' ବୋଲି ପ୍ରମାଣ କରିବାର ଷଡ଼ଯନ୍ତ୍ର ଆରମ୍ଭ ହୋଇଯାଇଛି।' ଓଡ଼ିଆ ପ୍ରାଣର ଏହି ଅବ୍ୟକ୍ତ ବେଦନା ରାଜ୍ୟ ସରକାର ଶୀଘ୍ର ଅନୁଭବ କଲେ ଓଡ଼ିଆ ଅସ୍ମିତା ଆହୁରି ଅପମାନିତ ହେବାରୁ ରକ୍ଷା ପାଇବ। ●

## ସାବଧାନ! ଦୁଃଶାସନ ବଞ୍ଚିଛି

ଡକ୍ଟର ଅବଶ ପରିଡ଼ା

ରାୟଗଡ଼ାରେ ଜଣୈକା ମହିଳା ଏନଜିଓ କର୍ମୀଙ୍କୁ ବିବସ୍ତ୍ର କରିବାର ଗଣଉଦ୍ୟମ ଭିଡ଼ହିଂସାର ଅନ୍ୟ ଏକ ଭୟଙ୍କର ରୂପ। ଏଥିରେ ଭିଡ଼ ମନସ୍ତତ୍ତ୍ୱ, ଗୁଜବ, ଭୁଲ ତଥ୍ୟ, ନୈତିକତା, ଚେତନା ଓ ପାଗଳାମି ଭଳି ଅନେକ ସାମାଜିକ ଓ ବ୍ୟକ୍ତିଗତ ଉପାଦାନଗୁଡ଼ିକ ଅଛି। କିନ୍ତୁ ଏହି ଲଜ୍ଜାକର ଘଟଣାରେ ଦୁଇଟି ବିଚଳିତକାରୀ ବାସ୍ତବତା ମଧ୍ୟ ଅଛି, ଯାହା ଆମ ସଭ୍ୟସମାଜର ମୂଳଦୁଆକୁ ଦୋହଲାଇ ଦେଇଛି। ପ୍ରଥମଟି ହେଉଛି ଭିଡ଼ହିଂସା ବ୍ୟତୀତ ଏହା ଏକ ସାର୍ବଜନୀନ ସ୍ଥାନରେ ଯୌନ ହିଂସାର କାର୍ଯ୍ୟ। ଯେତେବେଳେ ଜଣେ ମହିଳାଙ୍କୁ ଜନଗହଳିପୂର୍ଣ୍ଣ ସ୍ଥାନରେ ବିବସ୍ତ୍ର, ଅପମାନିତ ଓ ଆକ୍ରମଣ କରାଯାଏ, ସେତେବେଳେ ହିଂସା କେବଳ ଶରୀର ବିରୁଦ୍ଧରେ ନୁହେଁ, ବରଂ ମହିଳାଙ୍କ ମର୍ଯ୍ୟାଦା, ପରିଚୟ ଓ ମୌଳିକ ମାନବାଧିକାର ବିରୁଦ୍ଧରେ ମଧ୍ୟ ହୋଇଥାଏ। ଦ୍ୱିତୀୟଟି ଆହୁରି ଚିନ୍ତାଜନକ। ପୁଲିସର କହିବା ଅନୁଯାୟୀ ଏହି ଘଟଣାରେ ଅନେକ ନାବାଳକଙ୍କ ସମ୍ପୃକ୍ତି ଅଛି। ଏତେ ଛୋଟ ପିଲାମାନେ ଘୃଣା, ନିଷ୍ଠୁରତା କିମ୍ବା ସାର୍ବଜନୀନ ସ୍ଥାନରେ ଅନ୍ୟମାନଙ୍କୁ ଅପମାନିତ କରିବା କଥା ଶିଖିଲେ କେମିତି? ପରିବାର, ଶିକ୍ଷା, ସାମାଜିକ ଗଣମାଧ୍ୟମ ଓ ବୃହତ ସାମାଜିକ ପରିବେଶରୁ ସେମାନେ କ'ଣ ଏସବୁ ଶିଖୁଛନ୍ତି? ଏଠି ଜାଣି ରଖିବାକୁ ହେବ ଯେ ଯେଉଁଠି ନାବାଳକମାନେ ସାମୂହିକ ହିଂସାର ଅଂଶ ହୋଇଛନ୍ତି, ସେଠାରେ ଦୁଇଟି ବିଫଳତା ଆସେ। ପ୍ରଥମଟି ହେଉଛି ଆଇନ ଶୃଙ୍ଖଳା ନିୟନ୍ତ୍ରଣହୀନ ହୁଏ। ଦ୍ୱିତୀୟ ବିଫଳତା ହେଉଛି ନୈତିକ ଅଧୋପତନ ସହ ସାମାଜିକ ସଙ୍କଟ ମାଡ଼ି ଆସେ।

କିଛିଦିନ ତଳେ ପ୍ରକାଶିତ ଜାତୀୟ ଅପରାଧ ରେକର୍ଡ ବ୍ୟୁରୋର ଏକ ତଥ୍ୟ ଅନୁଯାୟୀ ଓଡ଼ିଶାର ସାର୍ବଜନୀନ ସ୍ଥାନ ଏବଂ ରାସ୍ତାରେ ହୋଇଥିବା ଯୌନ ନିର୍ଯାତନା ମାମଲା ସଂଖ୍ୟା ଭାରତରେ ସର୍ବାଧିକ। ଆହୁରି ଚିନ୍ତାଜନକ କଥା ହେଉଛି ଯେ ମହିଳାମାନଙ୍କ ପୋଷାକ ଟାଣିବା, ଚିରିବା, ବିବସ୍ତ୍ର କରିବାରେ ଆମ ରାଜ୍ୟ ଦେଶର ଶୀର୍ଷରେ ରହିଛି। ସେହିପରି ମହିଳାଙ୍କ ମର୍ଯ୍ୟାଦାକୁ ଆଘାତ ଦେବା ମାମଲାରେ ମଧ୍ୟ ଓଡ଼ିଶା ସର୍ବଭାରତୀୟ ସ୍ତରରେ ଦ୍ୱିତୀୟ ସ୍ଥାନରେ ଅଛି। ଏହି ସବୁ ତଥ୍ୟ ଦେଖିଲା ପରେ ସାର୍ବଜନୀନ ସ୍ଥାନରେ ଯୌନ ହିଂସା ଘଟଣାଗୁଡ଼ିକୁ କିଛି ବ୍ୟକ୍ତିଙ୍କ ଦ୍ୱାରା ବା ନିର୍ଦ୍ଦିଷ୍ଟ ଶ୍ରେଣୀ ଦ୍ୱାରା କରାଯାଇଥିବା ପୃଥକ ଅପରାଧ ଭାବରେ ବିବେଚନା କରିବା ଉଚିତ୍ ନୁହେଁ। ଏଗୁଡ଼ିକ ଶ୍ରେଣୀ, ଜାତି ଓ ଶିକ୍ଷାଗତ ଯୋଗ୍ୟତାରେ ଆଉ ସୀମିତ ନାହିଁ। ବରଂ ସମାଜ ମଧ୍ୟରେ ଥିବା ଗଭୀର ସାମାଜିକ ଓ ମାନସିକ ସମସ୍ୟାର ଲକ୍ଷଣ ହୋଇସାରିଛି। ସମ୍ଭବତଃ, ଦୁଃଶାସନର ମାନସିକତା ଓ କୁରୁସଭାର ନିରବତା ଏବେ ବି ଆମ ଚାରିପାଖରେ ବଞ୍ଚିରହିଛି।

ସାର୍ବଜନୀନ ଯୌନ ହିଂସା ଅଧିକାଂଶ କ୍ଷେତ୍ରରେ ଯୌନ ଇଚ୍ଛା ବିଷୟରେ ହୋଇ ନ ଥାଏ। ସାର୍ବଜନୀନ ବିବସ୍ତ୍ରୀକରଣ କିମ୍ବା ଯୌନ ନିର୍ଯାତନା ପ୍ରାୟତଃ ମହିଳାମାନଙ୍କ ଉପରେ ଶକ୍ତି ପ୍ରଦର୍ଶନ କରିବା ପାଇଁ ଏକ ଅସ୍ତ୍ର ଭାବରେ ବ୍ୟବହୃତ ହୁଏ। ଆମ ସମାଜରେ ମହିଳାଙ୍କ ଗରିମା ସହିତ ଶାଳୀନତା ଦୃଢ଼ ଭାବରେ ଜଡ଼ିତ। ତେଣୁ ଆକ୍ରମଣକାରୀମାନେ ଜାଣନ୍ତି ଯେ ସାର୍ବଜନୀନ ଅପମାନ ହିଁ ମହିଳାଙ୍କୁ ଗଭୀର ଭାବପ୍ରବଣ ଆଘାତ ସୃଷ୍ଟି କରିପାରିବ। ବିବାଦ ସମାଧାନ କରିବା, କ୍ରୋଧ ପ୍ରକାଶ କରିବା, ଦଣ୍ଡ ଦେବା କିମ୍ବା ନିୟନ୍ତ୍ରଣ ଜାହିର କରିବା ପାଇଁ ଅନେକ ମହିଳାଙ୍କ ଶରୀର ଏକ ପ୍ରତୀକାତ୍ମକ ଯୁଦ୍ଧକ୍ଷେତ୍ର ହୋଇସାରିଛି। ମହିଳାଙ୍କ ସାର୍ବଜନୀନ ବିବସ୍ତ୍ରୀକରଣ ହେଉଛି ଦଣ୍ଡର ଏକ ଅଂଶ, ଯେଉଁଠି ସେମାନଙ୍କୁ ଅପମାନିତ କରାଯାଇପାରିବ ଏବଂ ତାହା ସହିତ ପୁରୁଷ ନିଜ ପ୍ରାଧାନ୍ୟ ମଧ୍ୟ ପ୍ରଦର୍ଶିତ କରିପାରିବେ। ଠିକ୍ ଯେମିତି କୁରୁସଭାରେ ଦ୍ରୌପଦୀଙ୍କୁ ବସ୍ତ୍ରହରଣ କରି ଏକପ୍ରକାର ଦଣ୍ଡ ଦିଆଯାଇଥିଲା।

ଆଉ ଏକ ଅସହଜ କଥା ହେଉଛି ଯେ ଡାହାଣୀ ଓ ଗୁଣିଗାରେଡ଼ି ସନ୍ଦେହରେ ଅଭିଯୁକ୍ତ ମହିଳାମାନଙ୍କୁ ନିବସ୍ତ୍ର କରିବା ବା ଉଲଗ୍ନ କରି ଚଲେଇବା ହେଉଛି ଓଡ଼ିଶାରେ ଏକ ସାଧାରଣ ଘଟଣା। ଅନେକ ଆଦିବାସୀ ଅଞ୍ଚଳ ଓ ଗ୍ରାମାଞ୍ଚଳରେ ଏପରି କାର୍ଯ୍ୟଗୁଡ଼ିକୁ ଲିଙ୍ଗଗତ ହିଂସାର ନିଷ୍ଠୁର ରୂପ ଭାବରେ ସ୍ୱୀକୃତି ଦିଆ ଯାଏନାହିଁ; ବରଂ ଆମେ ଏହାକୁ ସାଂସ୍କୃତିକ ପ୍ରଥା, ଅନ୍ଧବିଶ୍ୱାସ କିମ୍ବା ଉପସାଂସ୍କୃତିକ ପରମ୍ପରା ଭାବରେ ଯୁକ୍ତିଯୁକ୍ତ କରିଦେଉ। ସମାଜଶାସ୍ତ୍ର ଅନୁସାରେ, ଯେତେବେଳେ ଏକ ସମାଜ ଏପରି ପ୍ରଥା ବିରୁଦ୍ଧରେ ଦୃଢ଼ ନୈତିକ ପ୍ରତିବନ୍ଧକ, ସାମୂହିକ ନିନ୍ଦା ଏବଂ କଠୋର ଦଣ୍ଡ ଲାଗୁ କରିବାରେ ବିଫଳ ହୁଏ, ସେତେବେଳେ ଅଜାଣତରେ ମହିଳାଙ୍କ ସାର୍ବଜନୀନ ଅପମାନକୁ ଦଣ୍ଡର ଏକପ୍ରକାର ବୈଧ କରିଥାଏ। ଏହାର ପରିଣାମ ଆଜି ଦୃଶ୍ୟମାନ। ଡକ୍ଟର ଫିଓନା ଭେରା-ଗ୍ରେଙ୍କ ଅଧ୍ୟୟନରୁ ଜଣାପଡ଼ିଛି ଯେ ସାର୍ବଜନୀନ ଯୌନ ଉତ୍ପୀଡ଼ନ ପୃଥକ ଘଟଣାଗୁଡ଼ିକର ଏକ ସଂଗ୍ରହ ନୁହେଁ; ବରଂ ଦୈନନ୍ଦିନ ସାମାଜିକ ଜୀବନରେ ସନ୍ନିହିତ ଗଭୀର ସଂରଚନିକ ଅସମାନତାର ପ୍ରତିଫଳନ।

ରାୟଗଡ଼ା ଭିଡ଼ ଆକ୍ରମଣରେ ନାବାଳକମାନଙ୍କ ସମ୍ପୃକ୍ତି ସୂଚାଇ ଦେଉଛି ଯେ ହିଂସା ଆଉ ବୟସ୍କମାନଙ୍କ ମଧ୍ୟରେ ସୀମିତ ନାହିଁ। ଏନ୍‌ସିଆରବି ରିପୋର୍ଟ ଅନୁଯାୟୀ, ଭାରତରେ ନାବାଳକ ଅପରାଧ ପ୍ରାୟ ୧୨ ପ୍ରତିଶତ ବୃଦ୍ଧି ପାଇଛି। ୧ ହଜାରରୁ ଅଧିକ ବଳାତ୍କାର ମାମଲାରେ ନାବାଳକମାନଙ୍କୁ ଗିରଫ କରାଯାଇଥିଲା। ଗିରଫ ସମସ୍ତ ନାବାଳକଙ୍କ ମଧ୍ୟରୁ ପ୍ରାୟ ୭୮ ପ୍ରତିଶତ ୧୬ ରୁ ୧୮ ବୟସ ବର୍ଗର। ଏଥିରେ ଅନ୍ୟ ବର୍ଗଟି ଥିଲା ୧୨ ରୁ ୧୬ ବର୍ଷ ମଧ୍ୟରେ। ସମାଜବିଜ୍ଞାନ ଦୃଷ୍ଟିରୁ ଏହି ସଂଖ୍ୟାଗୁଡ଼ିକ ଆମ ବିଶ୍ୱାସକୁ ଏକପ୍ରକାର ଭାଙ୍ଗି ଦେଉନି କି? ସାମାଜିକ ଶିକ୍ଷା ତତ୍ତ୍ୱ କୁହେ ଯେ ଯୁବପିଢ଼ି ପ୍ରାୟତଃ ପ୍ରଭାବଶାଳୀ ବୟସ୍କଙ୍କୁ ନିରୀକ୍ଷଣ ଏବଂ ଅନୁକରଣ କରି ଆଚରଣ ଶିଖନ୍ତି। କିନ୍ତୁ ଏବେ ନାବାଳକମାନେ କେବଳ ନିର୍ଦ୍ଦୋଷ ଦର୍ଶକ ହୋଇ ରହିନାହାନ୍ତି; ସେମାନେ ଅଭିଯୁକ୍ତ, ଅପରାଧୀ। ଏହାର ଅର୍ଥ ଆମର ସାମାଜିକୀକରଣ, ଲାଳନପାଳନ ଓ ପାରିବାରିକ ପରିବେଶ ଏକ ଭଲ ଚରିତ୍ର ଗଠନ ପାଇଁ ଯଥେଷ୍ଟ ଅନୁକୂଳ ହେଉନି। ଅନେକ ଗବେଷଣା ଅନୁଯାୟୀ ଦାରିଦ୍ର୍ୟ ବ୍ୟତୀତ ପିତାମାତାଙ୍କ ନିଶାଦ୍ରବ୍ୟ ସେବନ, ପିତାମାତାଙ୍କ ଦୁଃବ୍ୟବହାର ଏବଂ ତଦାରଖର ଅଭାବ ଦ୍ୱାରା ନାବାଳକମାନେ ଭୁଲ ବାଟକୁ ଯାଉଛନ୍ତି।

ଆମେ ଜାଣୁ ଯେ ଭିଡ଼ ହିଂସା ସମୟରେ ବ୍ୟକ୍ତିଗତ ନୈତିକ ଦାୟିତ୍ୱ ଦୁର୍ବଳ ହୋଇଯାଏ। ଯାହାକୁ ମନସ୍ତତ୍ତ୍ୱବିତ୍‌ମାନେ 'ଦାୟିତ୍ୱର ପ୍ରସାରଣ' ବୋଲି କୁହନ୍ତି। ଜଣେ କିଶୋର ଯିଏ କେବେବି ଏକାକୀ ହିଂସା କରିପାରିବ ନାହିଁ, ଯଦି ସେ ଆକ୍ରମଣାତ୍ମକ ଭିଡ଼ ମଧ୍ୟରେ ରହେ ତେବେ ସେ ଜଣେ ସକ୍ରିୟ ଅଂଶଗ୍ରହଣକାରୀ ହୋଇଯାଏ। ଆଉ ଗୋଟିଏ ତତ୍ତ୍ୱ କୁହେ ଯେ ଯୌନଗତ ଆଚରଣ ଓ ଦଳଗତ ଆଚରଣ ସମୟରେ ପୁରୁଷଙ୍କ ମଧ୍ୟରେ ସମ୍ପର୍କ ଅଧିକ ଦୃଢ଼ ହୋଇଥାଏ। ଆମେ ରହୁଥିବା ସମାଜ ପୁରୁଷଙ୍କଠାରୁ ଯେଉଁ ଗୁଣ ଏବଂ ଆଚରଣ ଆଶା କରେ ତାହା ହେଉଛି ପୁରୁଷତ୍ୱ। ପରିବାର, ସମ୍ପ୍ରଦାୟ, ଗଣମାଧ୍ୟମ ଓ ଶିକ୍ଷା ମାଧ୍ୟମରେ ଯୁବାବସ୍ଥାରୁ ପୁରୁଷତ୍ୱର ଶିକ୍ଷା ଦିଆଯାଏ। ଆଜିକାଲି ସାମାଜିକ ଗଣମାଧ୍ୟମରେ ଅଧିକ ସମୟ କାଟୁଥିବା ଆମ କିଶୋର ପୁଅମାନେ ପୁରୁଷତ୍ୱ ବିଷୟରେ କ'ଣ ଶିଖୁଛନ୍ତି? ଏହାକୁ ନେଇ ହୋଇଥିବା ଏକ ଅଧ୍ୟୟନରୁ ଜଣାପଡ଼ିଛି ଯେ ଡିଜିଟାଲ ପ୍ଲାଟଫର୍ମ ଓ ସାମାଜିକ ଗଣମାଧ୍ୟମରେ ପାରମ୍ପରିକ ପୁରୁଷତ୍ୱର ପ୍ରଚାର ଅଧିକ। ଶାରୀରିକ ଶକ୍ତି, ଧନୀ, ଆବେଗହୀନ ଓ ନିଜ ଭାବନା ଉପରେ ନିୟନ୍ତ୍ରଣକୁ ପ୍ରକୃତ ପୁରୁଷ ଗୁଣ ଭାବରେ ଉପସ୍ଥାପନ କରାଯାଉଛି। ଏପରିକି ମହିଳାଙ୍କୁ ନିୟନ୍ତ୍ରଣରେ ରଖିବା ହେଉଛି ଜଣେ ଶକ୍ତ ପୁରୁଷର ଗୁଣ ବୋଲି ଅନେକ ସାମାଜିକ ଗଣମାଧ୍ୟମ ବିଷୟବସ୍ତୁର ପ୍ରକାଶ ପାଉଛି।

ନିର୍ଭୟା ପରି ଏକ ହାଇ-ପ୍ରୋଫାଇଲ୍ ଅପରାଧ ଓ ଦଣ୍ଡ ପରେ ଆଶା କରାଯାଉଥିଲା ଯେ ସାର୍ବଜନୀନ ଯୌନ ହିଂସା କମିଯିବ। କିନ୍ତୁ ବିଡ଼ମ୍ବନା ଯେ ଏହା କୌଣସି ପ୍ରକାରର ଆଇନଗତ ସଚେତନତା କିମ୍ବା ଆଚରଣଗତ ପରିବର୍ତ୍ତନ ଆଣିଲାନାହିଁ। ତେଣୁ ଏବେ ରାୟଗଡ଼ା ଘଟଣା ଆମ ପାଖେ ସେହି ଜଟିଳ ପ୍ରଶ୍ନ ଛାଡ଼ି ଯାଇଛି। ଆଇନର ଦଣ୍ଡ, ସଚେତନତା କ'ଣ ସତରେ ଆମ ଆଚରଣ ଓ ମାନସିକତାକୁ ପରିବର୍ତ୍ତନ କରିପାରିବ? ଯେତେବେଳେ ନାବାଳକମାନେ ସାର୍ବଜନୀନ ଯୌନ ହିଂସାରେ ଅଧିକ ଅଂଶଗ୍ରହଣ କରୁଛନ୍ତି, ଏହା ପରିବାର, ବିଦ୍ୟାଳୟ, ସମ୍ପ୍ରଦାୟ ଓ ଡିଜିଟାଲ୍ ପ୍ଲାଟଫର୍ମଗୁଡ଼ିକର ବିଫଳତାକୁ ପ୍ରକାଶ କରୁନାହିଁ କି? ସମ୍ଭବତଃ ଏଥିରେ ମହିଳାମାନଙ୍କ ପ୍ରତି ମର୍ଯ୍ୟାଦା, ସହାନୁଭୂତି ଓ ସମ୍ମାନର ମୂଲ୍ୟାଙ୍କନ କମ୍ କରାଯାଉଛି ଏବଂ ଦୁଃଶାସନର ମାନସିକତା ଲୁଚି ରହିଛି। ●

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨

## ବଦଳୁଛି ବଜାର କୌଶଳ

ପ୍ରଣତି ଆଚାର୍ଯ୍ୟ ମିଶ୍ର

ଭାରତରେ ଉତ୍ପାଦଗୁଡ଼ିକର ଅନଲାଇନ୍ ବିକ୍ରି ଦୀର୍ଘ ଦିନରୁ ଚାଲିଆସୁଛି। କିନ୍ତୁ କୋଭିଡ୍ ମହାମାରୀ ସମୟରେ ଏଥିରେ ପ୍ରବଳ ଅଭିବୃଦ୍ଧି ଦେଖାଦେଲା। ସେତିକିବେଳେ ଲୋକମାନେ ବୁଝିପାରିଲେ ଯେ ଯୋଗାଣ ଶୃଙ୍ଖଳା ପରିଚାଳନା(ସପ୍ଲାଇଚେନ୍ ମ୍ୟାନେଜମେଣ୍ଟ) କିପରି ଯାଦୁ କରିପାରେ। ଆଜି ଦେଶର ଯେକୌଣସି କୋଣରୁ ଯେକୌଣସି ସାମଗ୍ରୀ କିଣାବିକା କରାଯାଇପାରୁଛି ଏବଂ ଇ-କମର୍ସ କମ୍ପାନୀଗୁଡ଼ିକ ଏହି ଚମତ୍କାର କରୁଛନ୍ତି। ସେମାନେ ସାରା ବିଶ୍ୱରେ ବ୍ୟାପାର କରିବାର ଶୈଳୀକୁ ବଦଳାଇ ଦେଇଛନ୍ତି।

ଏହା ଏଭଳି ଏକ ବ୍ୟବସାୟ, ଯେଉଁଠାରେ ଗ୍ରାହକ ବିକ୍ରେତାଙ୍କ ବିଷୟରେ ଜାଣି ନ ଥା'ନ୍ତି। କିନ୍ତୁ ତାଙ୍କର ବିଶ୍ୱାସ ଥାଏ ଯେ ତାଙ୍କୁ ସଠିକ୍ ଜିନିଷ ସଠିକ୍ ମୂଲ୍ୟରେ ଉପଲବ୍ଧ ହେଉଛି। ଯଦି ପସନ୍ଦ ନ ହେଲା ତେବେ ସାମଗ୍ରୀ ଫେରସ୍ତର ସୁବିଧା ମଧ୍ୟ ଅଛି। ଏହାବ୍ୟତୀତ ଗ୍ରାହକ ଜାଣନ୍ତି ଯେ ସାମଗ୍ରୀ ବାବଦକୁ ସେ ଦେଉଥିବା ଟଙ୍କା ସୁରକ୍ଷିତ। ଏମାନଙ୍କର ଡେଲିଭରି ବା ଯୋଗାଣ ମଧ୍ୟ ଅତ୍ୟନ୍ତ ଦ୍ରୁତ ଓ ସମୟାନୁବର୍ତ୍ତୀ। ଏହା ଏମିତି ଏକ ଦୁନିଆ, ଯେଉଁଠି ଗ୍ରାହକ ହିଁ ରାଜା। କାରଣ ତାଙ୍କୁ ଗୋଟିଏ ଜିନିଷ ପାଇଁ ଶହ ଶହ ବିକଳ୍ପ ମିଳିଥାଏ। ଏହି କାରଣରୁ ୨୦୨୪ରେ ଭାରତର ଇ-କମର୍ସ ବଜାର ୧୪୭.୩ ବିଲିୟନ ଡଲାରରେ ପହଞ୍ଚିଛି ଏବଂ ଏଥିରେ ୧୮.୭ ପ୍ରତିଶତ ବୃଦ୍ଧି ଘଟିଛି। ଆମାଜନ, ଫ୍ଲିପକାର୍ଟ, ମାୟନ୍ତ୍ରା, ଜିଓ ମାର୍ଟ, ଟାଟା କ୍ଲିକ୍ ଭଳି କମ୍ପାନୀଗୁଡ଼ିକ ଏକ୍ଷେତ୍ରରେ କୋଟି କୋଟି ଟଙ୍କାର ସାମଗ୍ରୀ ବିକ୍ରି କରୁଛନ୍ତି ଏବଂ ସେମାନଙ୍କ ଗ୍ରାହକ ସଂଖ୍ୟା କ୍ରମାଗତ ଭାବେ ବଢ଼ୁଛି।

ଭାରତରେ ସ୍ମାର୍ଟଫୋନ୍ ଓ ଇଣ୍ଟରନେଟ୍ ଶସ୍ତା ହେବା ଯୋଗୁଁ ଲୋକଙ୍କ ଚିନ୍ତାଧାରା ଓ କିଣାବିକା କରିବାର ଶୈଳୀ ବଦଳିଛି, ଯାହା ଫଳରେ ଏହି ବଜାର ଦ୍ରୁତଗତିରେ ବଢ଼ୁଛି। ଏହି କମ୍ପାନୀଗୁଡ଼ିକ ଛୁଞ୍ଚିଠାରୁ ଆରମ୍ଭ କରି ମୋଟର କାର୍ ପର୍ଯ୍ୟନ୍ତ ସବୁକିଛି ଅନଲାଇନ୍‌ରେ ବିକ୍ରି କରୁଛନ୍ତି। ଏବେ ଏହି ବଜାର ଛୋଟ ସହର, ଗାଁ ଗହଳି ପର୍ଯ୍ୟନ୍ତ ପହଞ୍ଚି ଗଲାଣି। ଆଶା କରାଯାଉଛି ଯେ ୨୦୨୭ ସୁଦ୍ଧା ଭାରତରେ ଇ-କମର୍ସର ୪୦ କୋଟି ଗ୍ରାହକ ହେବେ। ୨୦୩୦ ସୁଦ୍ଧା ଏମାନଙ୍କର ମୋଟ ବିକ୍ରି ୨୫୦ରୁ ୩୦୦ ବିଲିୟନ ଡଲାରରେ ପହଞ୍ଚିବ। ଏହାର ସକାରାତ୍ମକ ପ୍ରଭାବ ଆମ ଅର୍ଥନୀତି ଉପରେ ପଡ଼ିଛି।

ସ୍ୱଦେଶୀ ଇ-କମର୍ସ କମ୍ପାନୀ ଫ୍ଲିପକାର୍ଟ ଏକ ବହି ଦୋକାନ ଭାବେ ଆରମ୍ଭ ହୋଇଥିଲା, ଯାହା ପରବର୍ତ୍ତୀ ସମୟରେ ଏକ ବ୍ୟାପକ ଅନଲାଇନ୍ ବଜାର ଭାବେ ବିକଶିତ ହେଲା। ଏହା 'କ୍ୟାଶ୍ ଅନ୍ ଡେଲିଭରି' ଭଳି କ୍ରାନ୍ତିକାରୀ ସୁବିଧା ଆରମ୍ଭ କରିଥିଲା, ଯାହା ଅନଲାଇନ୍ ସପିଂକୁ ଲୋକପ୍ରିୟ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କଲା। ବ୍ୟାପାରର ଏହି ଖେଳରେ ଏବେ କ୍ୱିକ୍-କମର୍ସ କମ୍ପାନୀଗୁଡ଼ିକ ମଧ୍ୟ ଦ୍ରୁତଗତିରେ ଆଗକୁ ବଢ଼ୁଛନ୍ତି। ବ୍ଲିଙ୍କିଟ୍, ଇନଷ୍ଟାମାର୍ଟ, ଜେପ୍ଟୋ ଭଳି କମ୍ପାନୀଗୁଡ଼ିକ ମିନିଟ୍ ମଧ୍ୟରେ ଗ୍ରାହକଙ୍କ ଘରେ ଜରୁରୀ ସାମଗ୍ରୀ ପହଞ୍ଚାଇ ଦେଉଛନ୍ତି। ଫଳସ୍ୱରୂପ, ସେମାନେ ଏବେ ଇ-କମର୍ସ କମ୍ପାନୀଗୁଡ଼ିକୁ କଡ଼ା ଟକ୍କର ଦେଉଛନ୍ତି। ସେମାନଙ୍କ କାରବାର ବାର୍ଷିକ ୪୦ ପ୍ରତିଶତ ହାରରେ ବୃଦ୍ଧି ପାଉଛି ଏବଂ ମୋଟାମୋଟି ଆକଳନ ଅନୁଯାୟୀ, ଚଳିତ ବର୍ଷ ସେମାନଙ୍କର ମୋଟ କାରବାର ପ୍ରାୟ ୭ ବିଲିୟନ ଡଲାରରେ ପହଞ୍ଚିଯିବ।

କର୍ଣ୍ଣେଲ ଏସସି ଜନସନଙ୍କ ରିପୋର୍ଟ ଅନୁଯାୟୀ, ଭାରତରେ କ୍ୱିକ୍-କମର୍ସ କାରବାର ଚଳିତ ବର୍ଷ (୨୦୨୬) ବଢ଼ି ୬୫, ୬୪୫.୪୦ କୋଟି ଟଙ୍କା ହୋଇଯାଇଛି। ୨୦୨୨ ତୁଳନାରେ ଏହି ଅଭିବୃଦ୍ଧି ୨୪ ଗୁଣ ଅଧିକ। ବେନ୍ ଆଣ୍ଡ କମ୍ପାନୀର ଏକ ରିପୋର୍ଟ ଦର୍ଶାଉଛି ଯେ ୨୦୨୪ରେ କ୍ୱିକ୍ କମର୍ସ କମ୍ପାନୀଗୁଡ଼ିକର ଅର୍ଡର ଉଲ୍ଲେଖନୀୟ ଭାବେ ବୃଦ୍ଧି ପାଇଛି। ଦେଶର ମୋଟ ଅନଲାଇନ୍ ଗ୍ରୋସରୀ ଅର୍ଡରର ଦୁଇ-ତୃତୀୟାଂଶ କ୍ୱିକ୍-କମର୍ସ ପ୍ଲାଟଫର୍ମରୁ ହୋଇଥିଲା। ଇ-କମର୍ସ ବଜାରରେ କ୍ୱିକ୍-କମର୍ସ କମ୍ପାନୀଗୁଡ଼ିକ ନିଜର ପ୍ରଭାବ ଦୃଢ଼ କରିଚାଲିଛନ୍ତି। ଆମର ଇ-କମର୍ସ ଦେଶର ଦୃଢ଼ତା, ନବସୃଜନ ଓ ଉଦ୍ୟମଶୀଳତାର ଏକ ପ୍ରମାଣ। ଆମାଜନ ଓ ଫ୍ଲିପକାର୍ଟ ଭଳି ବିଶ୍ୱସ୍ତରୀୟ କମ୍ପାନୀଠାରୁ ଆରମ୍ଭ କରି ଅନ୍ୟାନ୍ୟ ପ୍ଲାଟଫର୍ମ ବଜାର ପରିସର ବୃଦ୍ଧି କରିବାରେ ନିଜର ଅନନ୍ୟ ଅବଦାନ ଦେଇଛନ୍ତି।

ସବୁଠାରୁ ବଡ଼ କଥା ହେଉଛି ଏହି କମ୍ପାନୀଗୁଡ଼ିକ ବ୍ୟାପକ ସ୍ତରରେ ନିଯୁକ୍ତି ସୁଯୋଗ ସୃଷ୍ଟି କରୁଛନ୍ତି। ପିଆଇଏଫ୍ ଫାଉଣ୍ଡେସନର ଏକ ରିପୋର୍ଟ ଅନୁଯାୟୀ, ଏହି କମ୍ପାନୀଗୁଡ଼ିକ ଗତ ବର୍ଷ ୧.୫୮ କୋଟି ଲୋକଙ୍କୁ ରୋଜଗାର ଦେଇଛନ୍ତି। ସେଥିମଧ୍ୟରେ ୩୫ ଲକ୍ଷ ମହିଳା ଅଛନ୍ତି। ରିପୋର୍ଟରେ ଏହା ମଧ୍ୟ କୁହାଯାଇଛି ଯେ ଇ-କମର୍ସ କମ୍ପାନୀଗୁଡ଼ିକ ସାଧାରଣ ବ୍ୟବସାୟୀ ତୁଳନାରେ ୫୪ ପ୍ରତିଶତ ଅଧିକ ଲୋକଙ୍କୁ ନିଯୁକ୍ତି ଦେଉଛନ୍ତି। ଦ୍ୱିତୀୟ ଓ ତୃତୀୟ ଶ୍ରେଣୀର ସହରଗୁଡ଼ିକରେ ଗ୍ରାହକ ହାରାହାରି ୫, ୦୦୦ ଟଙ୍କାରୁ ଅଧିକ ଅନଲାଇନ୍ କିଣାବିକା କରୁଛନ୍ତି, ଯାହା ବଡ଼ ସହର ଅପେକ୍ଷା ଅଧିକ। ଇ-କମର୍ସ କମ୍ପାନୀଗୁଡ଼ିକ ଡେଲିଭରି ବୟ ସହିତ ଦକ୍ଷ ବ୍ୟକ୍ତିମାନଙ୍କୁ ମଧ୍ୟ ନିଯୁକ୍ତି ଦେଉଛନ୍ତି। ଏହି କମ୍ପାନୀଗୁଡ଼ିକ ୱେୟାର ହାଉସିଂ, ଲଜିଷ୍ଟିକ୍ସ, ଡିଜିଟାଲ୍ ଓ ଟେକ୍ନୋଲୋଜି ମ୍ୟାନେଜମେଣ୍ଟ, ଫାଇନାନ୍ସ ଇତ୍ୟାଦି କ୍ଷେତ୍ରରେ ବହୁଳ ପରିମାଣରେ ରୋଜଗାର ପ୍ରଦାନ କରୁଛନ୍ତି। ଆଗାମୀ ସମୟରେ ଏହି କ୍ଷେତ୍ରରେ କାରବାର ବୃଦ୍ଧି ସହିତ ନିଯୁକ୍ତି ସୁଯୋଗ ଆହୁରି ବଢ଼ିବ। ଇ-କମର୍ସ କମ୍ପାନୀଗୁଡ଼ିକ ଅତ୍ୟନ୍ତ ସୁନିୟୋଜିତ ଭାବେ କାର୍ଯ୍ୟ କରୁଛନ୍ତି।

ଆଜି ଇ-କମର୍ସ ଓ କ୍ୱିକ୍-କମର୍ସ କେବଳ ସାମଗ୍ରୀ କିଣାବିକାର ମାଧ୍ୟମ ହୋଇ ରହିନାହିଁ, ବରଂ ଏହା ଭାରତୀୟ ଅର୍ଥନୀତିର ଏକ ଶକ୍ତିଶାଳୀ ସ୍ତମ୍ଭ ଭାବେ ଉଭା ହୋଇଛି। ଗ୍ରାହକଙ୍କୁ ରାଜାର ସମ୍ମାନ ଦେବା ସହିତ ଏହି ବ୍ୟବସ୍ଥା ଲକ୍ଷ ଲକ୍ଷ ଲୋକଙ୍କୁ, ବିଶେଷ କରି ମହିଳାମାନଙ୍କୁ, ନିଯୁକ୍ତି ସୁଯୋଗ ଯୋଗାଇ ଦେଇ ସ୍ୱାବଲମ୍ବୀ କରିପାରିଛି। ବୈଷୟିକ ଜ୍ଞାନକୌଶଳର ଅଭିବୃଦ୍ଧି ଏବଂ ଯୋଗାଣ ଶୃଙ୍ଖଳାର ସଠିକ୍ ପରିଚାଳନା ଆଗାମୀ ଦିନରେ ଭାରତକୁ ବିଶ୍ୱର ଏକ ପ୍ରମୁଖ ଡିଜିଟାଲ୍ ବଜାରରେ ପରିଣତ କରିବାର ସାମର୍ଥ୍ୟ ରଖେ। ●

ନୟାଗଡ଼, ମୋ: ୯୪୩୭୬୪୨୯୪୭

## କଲ୍ୟାଣମୁଖୀ ଅର୍ଥନୀତିର ବ୍ୟାଖ୍ୟାକର: ବୈଦ୍ୟନାଥ ମିଶ୍ର

ସାହିତ୍ୟ ସରିତ୍

ପ୍ରଫେସର ମଣୀନ୍ଦ୍ର କୁମାର ମେହେର

ଜଣେ ଅର୍ଥନୀତିର ତତ୍ତ୍ୱ ଜାଣିଲେ ଅର୍ଥନୀତିଜ୍ଞ ହୋଇପାରନ୍ତି। ମାତ୍ର ସେହି ତତ୍ତ୍ୱ ଲୋକମଙ୍ଗଳ ସକାଶେ ଅଭିପ୍ରେତ ବୋଲି ଯେଉଁମାନେ ହୃଦୟଙ୍ଗମ କରିପାରିବାର ସହାନୁଭୂତିରେ ଆପ୍ଲୁତ ସେମାନେ ହିଁ ସର୍ଜନା କରିପାରନ୍ତି ହୃଦୟସ୍ପର୍ଶୀ ସାହିତ୍ୟ। ପୁଣି ଯାହାର ମୂଳଲକ୍ଷ୍ୟ ଲୋକହିତ ସାଧନ, ତାହାକୁ ବୋଧଗମ୍ୟ ଭାଷାରେ ପ୍ରକାଶ କରିବା ହିଁ ପ୍ରକୃତ ବିଦ୍ୱାନବ୍ୟକ୍ତିଙ୍କ ପ୍ରତିଭାର ପରିଚାୟକ। ଏ ପରିପ୍ରେକ୍ଷୀରେ ପ୍ରଫେସର ବୈଦ୍ୟନାଥ ମିଶ୍ରଙ୍କ ଅବଦାନ ଅନସ୍ୱୀକାର୍ଯ୍ୟ ନିଶ୍ଚୟ। ଅର୍ଥନୀତିର ଜଟିଳ ତତ୍ତ୍ୱକୁ ଆଧାର କରି ଯେ ଆକର୍ଷଣୀୟ ସାହିତ୍ୟ ସର୍ଜନା ସମ୍ଭବ - ଏହା ସେ ପ୍ରମାଣିତ କରିଦେଲେ ଆନ୍ତରିକ ସାଧନା ଦ୍ୱାରା। ଅର୍ଥନୈତିକ ବିଚାରଧାରାକୁ କେନ୍ଦ୍ର କରି ସରଳ ଭାଷାରେ ସେ ଯେଉଁ ପ୍ରବନ୍ଧ ରଚନା କଲେ ତାହା ବିଭିନ୍ନ ପତ୍ରପତ୍ରିକାରେ ପ୍ରକାଶିତ ହୋଇ ସୁଖପାଠ୍ୟ ହେବା ସହିତ ପାଠକୀୟ ଚେତନାକୁ ସାମାଜିକ କଲ୍ୟାଣ ଅଭିମୁଖୀ କରିଦେଲା। ପୁଞ୍ଜିବାଦ କହିଲେ କ'ଣ, ସାମ୍ୟବାଦର ବିଶେଷତ୍ୱ ଓ ମହାତ୍ମା ଗାନ୍ଧୀଙ୍କ ଅର୍ଥନୀତିର ନୈତିକ ଦିଗଗୁଡ଼ିକର କି ମାର୍ମିକ ଉପସ୍ଥାପନ କରିଦେଲେ ସେ!

ଅଧିକରୁ ଅଧିକ ଅର୍ଥ ଉପାର୍ଜନ ଯେକୌଣସି ବ୍ୟକ୍ତିର ଅଧିକାରଭୁକ୍ତ। କିନ୍ତୁ ସ୍ୱଅର୍ଜିତ ବିପୁଳ ସମ୍ପଦକୁ ସମ୍ପୂର୍ଣ୍ଣ ଭାବରେ ନିଜର ଭୋଗବିଳାସ ପାଇଁ କେହି ବିନିଯୋଗ କରିପାରିବ ସ୍ୱାଧୀନ ଭାବରେ - ଏ ଅଧିକାର ତା'ର ରହିବା ଉଚିତ ନୁହେଁ। ଏ କଥା ମହାତ୍ମା ଗାନ୍ଧୀ ଯେଭଳି ସୁସ୍ପଷ୍ଟ ଭାବରେ ଅବତାରଣା କଲେ ସମଗ୍ର ପୃଥିବୀରେ ତା'ର ତୁଳନା ନାହିଁ। ସ୍ୱଚ୍ଛନ୍ଦ ସାଂସାରିକ ଜୀବନ ଅତିବାହିତ କରିବା ସକାଶେ ଆବଶ୍ୟକ ଅର୍ଥରାଶିକୁ କେବଳ ନିଜ ନିକଟରେ ରଖି ବଳକା ଅର୍ଥ ସମାଜର ଅନଗ୍ରସର ଲୋକଙ୍କ ପାଇଁ ସ୍ୱଇଚ୍ଛାରେ ଦାନ କରିବେ। ଫଳରେ ଏହି ଶ୍ରେଣୀର ବ୍ୟକ୍ତିବୃନ୍ଦ ହେବେ ସମାଜର ଟ୍ରଷ୍ଟି। କଥାଟି ଶୁଣିବା ପାଇଁ ଅତ୍ୟନ୍ତ ସୁଖକର। ମାତ୍ର ବାସ୍ତବ କ୍ଷେତ୍ରରେ ଏହାର ପ୍ରୟୋଗ ଯେ ଅସମ୍ଭବ - ଏହି ବିଷୟକୁ ନେଇ ଗାନ୍ଧିଜୀ ସମାଲୋଚନାର ଶରବ୍ୟ ହୋଇଛନ୍ତି। କିଏ କାହିଁକି ସ୍ୱଇଚ୍ଛାରେ କଷ୍ଟାର୍ଜିତ ଧନ ଦାନ କରିବେ? କିନ୍ତୁ ଗାନ୍ଧିଜୀଙ୍କ ପରିକଳ୍ପିତ ଅର୍ଥନୀତିକୁ ବିସ୍ତୃତ ଭାବରେ ବୈଦ୍ୟନାଥ ମିଶ୍ର ବ୍ୟାଖ୍ୟା କରିଦେଇଛନ୍ତି। ବାସ୍ତବିକ ଧନିକ ସମ୍ପ୍ରଦାୟକୁ ସମ୍ବେଦନଶୀଳ ହେବାର ଏହା ଏକ ସୁବର୍ଣ୍ଣ ସୁଯୋଗ। ସ୍ୱଇଚ୍ଛାରେ ଟ୍ରଷ୍ଟି ହେବାକୁ ଅନିଚ୍ଛୁକଙ୍କ ପ୍ରତି ପ୍ରଯୁଜ୍ୟ ହେବ ଗାନ୍ଧିଜୀଙ୍କ ଅମୋଘ ଅହିଂସ ଅସ୍ତ୍ର 'ଅସହଯୋଗ'। ସମାଜର ସହଯୋଗରେ ହିଁ ଜଣେ ଧନ ଉପାର୍ଜନ କରିଥାଏ। ଯଦି ସେଥିରୁ ଉଦବୃତ୍ତ ଅର୍ଥ ସେ ସାମାଜିକ ବିକାଶ ପାଇଁ ବିନିଯୋଗ କରିବାରେ କୁଣ୍ଠିତ, ସମାଜ ତା'କୁ କାହିଁକି ସମର୍ଥନ କରିବ? ଯେଉଁ ଅପରାଜେୟ ବ୍ରିଟିଶ ଶାସକକୁ ଅସହଯୋଗ ବଳରେ ହିଁ ଦୁର୍ବଳ କରିଦେଇଥିଲେ ଗାନ୍ଧିଜୀ, ସେହି ଶକ୍ତିଶାଳୀ ନୀତି ସମାଜରେ କାର୍ଯ୍ୟକ୍ଷମ ହେବ ନାହିଁ କାହିଁକି? ଅସହଯୋଗର ପ୍ରଭାବ ଅନ୍ୟ କୌଣସି ମତବାଦଠାରୁ କେତେ ବାସ୍ତବଧର୍ମୀ ତାହା ବୈଦ୍ୟନାଥ ମିଶ୍ର ବଳିଷ୍ଠ ଭାବରେ ପ୍ରତିପାଦନ କରିଦେଲେ।

ପ୍ରଫେସର ମିଶ୍ର ସମାଜର ତଳସ୍ତରରୁ ଆସିଥିବାରୁ ଦେଶର ଦାରିଦ୍ର୍ୟ ଦୂରୀକରଣ କେଉଁ ଅର୍ଥନୀତିର ଆଦର୍ଶ ବଳରେ ସମ୍ଭବ, ତାହା ଗଭୀର ଭାବରେ ଚିନ୍ତା କରିଛନ୍ତି। ତାଙ୍କ ରଚିତ ପୁସ୍ତକଗୁଡ଼ିକରେ ପ୍ରସଙ୍ଗଗୁଡ଼ିକର ଚିତ୍ତାକର୍ଷକ ବର୍ଣ୍ଣନା ସାଧାରଣ ପାଠକବର୍ଗ ମଧ୍ୟରେ ବି ସକାରାତ୍ମକ ଚିନ୍ତନକୁ ପ୍ରଶସ୍ତ କରି ଦେଇପାରେ। ତା' ମଧ୍ୟରେ ଅନ୍ତର୍ଭୁକ୍ତ 'ପୁଞ୍ଜିବାଦ, ସମାଜବାଦ ଓ ଗାନ୍ଧୀବାଦ', 'ଭାରତର ଆର୍ଥନୀତିକ ସମସ୍ୟା', 'ଆର୍ଥନୀତିକ ଯୋଜନା', 'ଶାସନ ଓ ସଂସ୍କାର', 'ସମାଜବାଦ ଓ ଗଣତନ୍ତ୍ର', 'ସାମାଜିକ ମୂଲ୍ୟବୋଧ', 'ରାଜନୀତିର ସୁଖ ଓ ଦୁଃଖ', 'ଚନ୍ଦ୍ରଲୋକରେ ଚହଲ' ଆଦି ଅନେକ ପୁସ୍ତକ। ଜୀବନରେ ଶିକ୍ଷା, ସମାଜ, ରାଜନୀତି କ୍ଷେତ୍ରରେ ଯେଉଁଠି ସେ ଲକ୍ଷ୍ୟ କରିଛନ୍ତି ଦରିଦ୍ରମାନଙ୍କ ପ୍ରତି ପ୍ରକାଶିତ ସହାନୁଭୂତି ମଧ୍ୟରେ ଲୁକ୍କାୟିତ ହୋଇ ରହିଛି ଛଦ୍ମତାର ଆବିଳତା, ସେଥିରେ ସେ ପୀଡ଼ାଗ୍ରସ୍ତ ହୋଇଛନ୍ତି। ରାଜନୈତିକ ଜୀବନରେ ଯେଉଁସବୁ ତିକ୍ତ ଅନୁଭୂତିର ସମ୍ମୁଖୀନ ହୋଇଛନ୍ତି, ତାହାକୁ ନିଷ୍କପଟ ଭାବରେ ଖବରକାଗଜରେ ବ୍ୟକ୍ତ କରିଛନ୍ତି। ସମାଜରେ ଅର୍ଥନୈତିକ ସମାନତା ପ୍ରତିଷ୍ଠା କରିବାର ବିଶିଷ୍ଟ ବ୍ୟକ୍ତିଙ୍କ ଅନାନ୍ତରିକତା ତାଙ୍କୁ ଆହତ କରିଛି ଗଭୀର ଭାବରେ। ଦାରିଦ୍ର୍ୟ ନିପୀଡ଼ିତ ସମାଜ ପ୍ରତି ସହାନୁଭୂତି ବ୍ୟକ୍ତ ଲକ୍ଷ୍ୟରେ ବିଶିଷ୍ଟ ବ୍ୟକ୍ତିଙ୍କ ଉଦବେଗ ସୃଷ୍ଟିକାରୀ ଉଦବୋଧନ କେତେ ଶଠତାପୂର୍ଣ୍ଣ, ତାହା ନିର୍ଭୀକ ଭାବରେ ବର୍ଣ୍ଣନା କରିଦେଇଛନ୍ତି।

ଯେଉଁ ଯୁବସମାଜ ସାମାଜିକ କ୍ଷେତ୍ରରେ ପରିବର୍ତ୍ତନ ଅସମ୍ଭବ ନୁହେଁ ବୋଲି ଅନୁଭବ କରିପାରନ୍ତି ଏବଂ ସ୍ୱଦେଶର ଯଥାର୍ଥ ପ୍ରଗତି ପାଇଁ କାର୍ଯ୍ୟ କରିବାକୁ ପ୍ରତିଜ୍ଞାବଦ୍ଧ ହୋଇଛନ୍ତି ସେମାନଙ୍କ ପାଇଁ ପ୍ରଫେସର ବୈଦ୍ୟନାଥ ମିଶ୍ରଙ୍କ ପୁସ୍ତକାବଳୀ ଶ୍ରେଷ୍ଠ ପ୍ରେରଣା-ପ୍ରଦାନ -କ୍ଷମ ଏକ ଏକ ଆଲୋକବର୍ତ୍ତିକା ଭାବେ ବିଦ୍ୟମାନ। ●

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ। ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ। ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୂନ ୧୫ ଦିନ ରହିବ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର। ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ। ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## WALK IN INTERVIEW

Wanted Teaching Guest Faculties for **Logic, Sanskrit, Odia, Education, Commerce, I.T.** subjects and Library Attendant (one in each) will be held in the office of the undersigned at **09:00 a.m. on 30/06/2026.** Interested candidates having minimum **55% of marks** in concerned subjects (Teaching) in **Master Degree level** & **+2 Passed** qualification for Library Attendant should attend the interview with their **Resume, original photo** copies testimonials.

**Principal**
**RAGHUNATHJEW H.S SCHOOL**
**DEULASAHI, CUTTACK-753008.**

24001/248/2627

## GOVERNMENT OF ODISHA
## TOURISM DEVELOPMENT OFFICE, PURI

No. Acct. TDOP-39/26-1403/TDO, Puri, Date: 24.06.2026
Email: oritourpuri@gmail.com, Tel No.: 06752-222664

## SHORT TENDER CALL NOTICE

Tourism Development Office, Puri on behalf of Department of Tourism, Government of Odisha, Bhubaneswar invites tender in sealed covers from intending Agencies/Firms/Event Managers for installation of Temporary Tourism Information Stalls at different places of Puri in connection with Car Festival, 2026. Detailed information is available on the Puri District website: **https://puri.odisha.gov.in.**

OIPR-24001/24409/1/26-27/0001 **Sd/- Asst. Director, Tourism**

GOVERNMENT OF ODISHA 25001/504/2627

### OFFICE OF THE EXECUTIVE ENGINEER
### RURAL WORKS DIVISION-II, SUNDARGARH

**Lt. No. 4502 / Dt. 22.06.2026**

**1st Corrigendum to Bid Identification No. Online – EERKL-15/2026-27**

Due to some unavoidable circumstances in respect of the tender for Building Works invited in Tender Call Notice Bid Identification No. Online – EERKL-15/2026-27 by the Executive Engineer, Rural Works Division-II, Sundargarh, the date of online bidding and opening, which was scheduled from 19.06.2026 to 30.06.2026, is hereby extended as follows:

| Availability of Tender Online (From) | | Last Date & Time of Seeking Tender Clarification | Date & time of Opening of Tender (Technical Bid) |
|---|---|---|---|
| FROM | TO | | Online-EERKL-15/2026-27 |
| 24.06.2026 at 10.00 AM | 02.07.2026 up to 5.00 P.M. | 01.07.2026 up to 5.00 P.M. | 03.07.2026 at 11.00 A.M. |

**Executive Engineer**
**R.W. Division-II, Sundargarh**

OIPR-25001/25193/1/26-27/0023

GOVERNMENT OF ODISHA 34001/389/2627

### OFFICE OF THE SUPERINTENDING ENGINEER, JEYPORE (R&B) DIVISION, JEYPORE

**e-Procurement Notice**

**Bid Identification No. S.E (R&B)-07/2026-27/JYP(K)**
**No. 3844 Date: 18.06.2026**

Bid Documents consisting of work, Estimated Cost, Cost of Tender Paper, EMD, Time of Completion, Class of Contractors and the set of terms and conditions of contract and other necessary documents can be seen in Govt. Website i.e. www.tendersodisha.gov.in.

1. **Name of the Work** : Road & Building Work as mentioned in DTCN.
2. **No. of Works** : 4 Nos.
3. **Estimated Cost** : Rs. 18.45 Lakhs to Rs. 27.82 Lakhs
4. **Period of Completion** : 1 (One) to 3 (Three) Months
5. **Date & Time of Bidding** : From 11.00 Hours of 25.06.2026 up to 17.00 Hours of 04.07.2026
6. **Last Date & Time for Receipt of Bids in Portal** : 17.00 Hours of 04.07.2026
7. **Bids Received Online Shall Be Opened On** : 11.00 Hours of 06.07.2026
8. **Name and Address of the Officer Inviting Bid** : Superintending Engineer, Jeypore (R&B) Division, Jeypore.

Further details can be seen from www.tendersodisha.gov.in.

**Superintending Engineer**
**Jeypore (R&B) Division, Jeypore**

OIPR-34001/34027/1/26-27/0007

OFFICE OF THE PRINCIPAL

### NATIONAL COLLEGE, NUAPADA

AT/PO/DIST-NUAPADA (ODISHA) – 766105
e-Mail: principalncn@gmail.com

Notice No.: 13/NCN Date: 23/06/2026

**Quotation Call Notice**

Sealed quotations are invited from the interested firms/suppliers having valid GSTIN & PAN to supply the following items prescribed by the Government of Odisha, Department of Higher Education, Odisha, Bhubaneswar vide Letter No. 16578 Dtd. 23.03.2026 following all norms and specification of the items as specified in this letter. The sealed quotations along with the copies of GSTIN & PAN etc. should be reached to the undersigned by **5.00 PM on or before 07.07.2026** by Registered/Speed Post/Courier Services. For further details please visit the college website **www.nationalcollegenpd.com**. The quotation should be inclusive of spot delivery, installation charges and taxes. The undersigned reserves the right to cancel or withdraw the Quotation Call.

| Sl. No. | Item | Specification | Company |
|---|---|---|---|
| 1 | Desktop Set | i10, 12th Gen, 8GB RAM, 512 GB, 23.8 inch above | HP / Dell / Lenovo |
| 2 | UPS | 650VA / 360W | Microtek / Luminous / Vguard |
| 3 | MFM Printer | Laser Jet, Colour Inkjet | HP / Canon / Samsung |

**Sd/- Principal**
**National College, Nuapada**

6001/57/2627

### EOI FOR EMPANELMENT OF SUPPLIER FOR DAIRY ANIMALS

**EOI No. 10474, Date: 22.06.2026**

**EOI for Empanelment of "Supplier for Dairy Animals"**

Suppliers for supply of milch cow/buffalo from outside the State for sub-schemes under **Mukhyamantri Kamdhenu Yojana (MKY) / Mukhyamantri Krushi Udyoga Yojana (MKUY)**

The Fisheries & ARD Department has launched the **Mukhyamantri Kamdhenu Yojana (MKY)** to accelerate the growth of the dairy sector in the State through the induction of high-genetic-potential dairy cows/buffaloes from outside Odisha, with the objective of enhancing the quality and productivity of the State's dairy animal population.

The Director of Animal Husbandry and Veterinary Services, Odisha, Cuttack invites **Expression of Interest (EOI)** from intending Firms/Organizations/Agencies/Individuals for empanelment towards supply of high milk yielding cows/buffaloes from outside the state for animal induction by farmers under State Plan Scheme "Mukhyamantri Kamdhenu Yojana" and "Mukhyamantri Krushi Udyoga Yojana (MKUY)".

The details of the Expression of Interest (Non-transferable) as well as terms and conditions and information docket are available on the DAH & VS, Odisha website: https://odishaahvs.nic.in. Interested parties are requested to download the required documents and submit their response to the undersigned at the above-mentioned address along with the cost of the EOI document of **Rs. 2360/- (Rs. 2000/- + 18% GST)** in shape of Bank Draft drawn in favour of the **Director, AH & VS**, payable at Cuttack.

The cost of EOI documents is compulsory and the bank draft should be enclosed in original along with the EOI documents. The cost paid for EOI documents is non-refundable.

**Time Line**

| | |
|---|---|
| Date & Time of release of EOI | 25.06.2026 |
| Submission of queries on EOI & Pre-bid meeting | At DAH&VS, Mangalabag, Cuttack, Odisha on 02.07.2026 at 11:30 AM |
| Start Date & Time of submission of EOI documents | 27.06.2026 (10:00 AM) |
| Last Date & Time of submission of EOI | 17.07.2026 (05:00 PM) |
| Date & Time of opening of Bid | 20.07.2026 (11:30 AM) |

**DIRECTOR**
Animal Husbandry and Veterinary Services,
Odisha, Mangalabag, Cuttack

OIPR-6001/6014/1/26-27/0006

## AFFIDAVIT

By virtue of an affidavit no.172 before the Notary Public, Bhubaneswar, dtd.24.06.2026, I, Hapi Swain, At-Baghuapalli, PS-Fategarh, Dist.-Nayagarh, Odisha–752077, hereby declare that I have changed my name from Hapi Swain to Soumya Ranjan Swain. Henceforth, I shall be known as **Soumya Ranjan Swain** for all purposes.

## AFFIDAVIT

By Virtue of an affidavit sworn before in the Court of Executive Magistrate, Basta, Balasore. I, Harihar Dandapat,S/o- Muralidhar Dandapat of permanent Resident At -Tigiria, Po-Pandarungi, Ps-Basta, Dist-Balasore, Odisha, 756029. Declared by Affidavit Sl No: - 1552, Dtd-17/04/2026. That, I, Have changed my name from SANAYASI KHATUA to HARIHAR DANDAPAT. Hence forth, I shall be Known as **HARIHAR DANDAPAT** for all future purpose.

**Harihar Dandapat**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, Vide no- 977, dated 20.06.2026, I, MANISA NAYAK, Daughter of - Pradeep Kumar Nayak & Wife of - Sudhakar Kachhap permanent resident of Village - Bhurbhusi, PO - Betal, PS - Kodinga, Dist - Nabarangpur, Odisha, Pin - 764075, declare that I have changed my name from MONISHARANI KACHHAP to MANISA NAYAK. Henceforth, I shall be known as **MANISA NAYAK** for all purposes.

**Sd/- Manisa Nayak**

## AFFIDAVIT

By virtue of an affidavit sworn before the Executive Magistrate, Bargarh dated 16.06.2026, I, Alestar Minz, Address- Vill.-Khaliapali, Po.- Bardol, Ps./Dist.- Bargarh, Odisha declare that, my daughter's actual name is **Sonia Minz** and date of birth is **12.11.2012** but in her Aadhar card her name has been wrongly mentioned as Dania Minch. That, **Sonia Minz** and **Dania Minch** is one and same person.

## ବିକ୍ରି କବଲା ହଜିଛି

ଆମ୍ଭେ ଶ୍ରୀ ନାରାୟଣ ପ୍ରସାଦ ସାହୁ, ପିତା- ସ୍ୱର୍ଗତ ଦାଶରଥି ସାହୁ, ସା/ପୋ- ପାଟପୁର, ଥାନା- ଉଦଳା, ଜି- ମୟୂରଭଞ୍ଜ ପ୍ରକାଶ କରୁଅଛି ଯେ ତା. ୦୮.୦୬.୨୦୨୬ ରିଖ ସୋମବାର ଦିନ ଉଦଳା କଚେରୀରୁ ପାଟପୁର ସ୍ଥିତ ମୋ ଘରକୁ ଫେରିବା ବାଟରେ ମୋର ଅରିଜିନାଲ ରେଜେଷ୍ଟ୍ରି ବିକ୍ରି କବଲା ନ. ୧୮୨୯, ତା. ୨୨.୧୦.୧୯୮୮ କେଉଁଠାରେ ହଜିଯାଇଛି । ବହୁ ଖୋଜା ଖୋଜି କରିବା ସତ୍ତ୍ୱେ ମୁଁ ପାଇପାରିନାହିଁ ଯଦି କେହି ସହୃଦୟ ବ୍ୟକ୍ତି ଉକ୍ତ କବଲାଟି ପାଇଥାନ୍ତି, ଦୟାକରି ମୋବାଇଲ ନଂ. ୯୧୭୮୨୭୮୯୦୭ରେ ଜଣାଇବାକୁ ଅନୁରୋଧ କରୁଛି ।

ନାରାୟଣ ପ୍ରସାଦ ସାହୁ

## ପଶ୍ଚିମ ରେଳବାଇ ରତଲାମ ମଣ୍ଡଳ

### ଇ-ଟେଣ୍ଡର ବିଜ୍ଞପ୍ତି

ପଶ୍ଚିମ ରେଳବାଇ, ରତଲାମ ମଣ୍ଡଳ ପକ୍ଷରୁ ଏକ ଇ-ଟେଣ୍ଡର ବିଜ୍ଞପ୍ତି ଜାରି କରାଯାଇଛି । ଟେଣ୍ଡର ବିଜ୍ଞପ୍ତି ସଂଖ୍ୟା M247GLRSRP262715, ତାରିଖ 23.06.2026 । ଏହି ଟେଣ୍ଡର 80ଟି ବିଦ୍ୟୁତ ଲୋକୋମୋଟିଭ୍‌ର ରିପାଇଫି କାର୍ଯ୍ୟ ପାଇଁ ଆହ୍ୱାନ କରାଯାଇଛି । କାର୍ଯ୍ୟଟି ପଶ୍ଚିମ ରେଳବାଇର ଦାହୋଦସ୍ଥିତ CVWM କାର୍ଯ୍ୟାଳୟରେ ସମ୍ପାଦିତ ହେବ । ଏହାର ଆନୁମାନିକ ମୂଲ୍ୟ ଟ.8,80,39,200/- ଧାର୍ଯ୍ୟ କରାଯାଇଥିବା ବେଳେ ଅମାନତ ଜମା ଡିପୋଜିଟ୍ ( E M D ) ରାଶି ଟ.17,60,800/- ନିର୍ଦ୍ଧାରଣ କରାଯାଇଛି । ଇ-ଟେଣ୍ଡର ଦାଖଲ କରିବାର ଶେଷ ସମୟ 15.07.2026 ତାରିଖ ଦିନ ଅପରାହ୍ନ 2.30 ଘଣ୍ଟା ପର୍ଯ୍ୟନ୍ତ ରହିଛି ଏବଂ ସେହି ଦିନ ଅପରାହ୍ନ 3.00 ଘଣ୍ଟାରେ ଟେଣ୍ଡର ଖୋଲାଯିବ । ଟେଣ୍ଡର ସମ୍ବନ୍ଧୀୟ ବିସ୍ତୃତ ବିବରଣୀ ଏବଂ ଦଲିଲପତ୍ର www.ireps.gov.in ୱେବସାଇଟର E-Tenders/Works/IRElectrical ରୁ ପ୍ରାପ୍ତ କରିପାରିବେ ।

Apex/109

Like us on: facebook.com/WesternRly

## ପଶ୍ଚିମ ରେଳବାଇ ରତଲାମ ମଣ୍ଡଳ

### ଇ-ଟେଣ୍ଡର ବିଜ୍ଞପ୍ତି

ପଶ୍ଚିମ ରେଳବାଇ, ରତଲାମ ମଣ୍ଡଳର DRM (S&T), ୱର୍କସ୍ ରତଲାମ ପକ୍ଷରୁ ଟେଣ୍ଡର ନଂ SnT-RTM-26-Tele-14, ତାରିଖ 23.06.2026 ଅନୁସାରେ ଏକ ଇ-ଟେଣ୍ଡର ଆମନ୍ତ୍ରଣ କରାଯାଇଛି । ଏହି କାର୍ଯ୍ୟ ଅନ୍ତର୍ଗତ ରତଲାମ ମଣ୍ଡଳର ବ୍ଲକ୍ ସେକ୍ସନରେ ଥିବା ବର୍ତ୍ତମାନର ଭୂଗର୍ଭସ୍ଥ ସିଗ୍ନାଲ ଏବଂ ଟେଲିକମ୍ କେବୁଲଗୁଡ଼ିକର ଡ୍ରୋନ୍ ଓ D G P S ସର୍ଭେ କରାଯାଇ କେବୁଲ ରୁଟ୍ ପ୍ଲାନ୍ ପ୍ରସ୍ତୁତ କରାଯିବ । ଏହି ଟେଣ୍ଡରର ଆନୁମାନିକ ମୂଲ୍ୟ 7,71,13,920.00 ଟଙ୍କା ହୋଇଥିବାବେଳେ ବିଡ୍ ସିକ୍ୟୁରିଟି / ଅମାନତ ଜମା ଭାବେ 15,42,300.00 ଟଙ୍କା ଜମା କରିବାକୁ ପଡ଼ିବ । ବିଡ୍ ଦାଖଲ କରିବାର ଶେଷ ତାରିଖ ଓ ସମୟ : 20.07.2026 , ଅପରାହ୍ନ 3.00 ଘଣ୍ଟା ରହିଛି ଏବଂ ବିଡ୍‌ଗୁଡ଼ିକ ସେହି ଦିନ ଅପରାହ୍ନ 3.30 ଘଣ୍ଟା ପରେ ଖୋଲାଯିବ । କାର୍ଯ୍ୟ ସମାପ୍ତି ପାଇଁ 12 ମାସର ଅବଧି ନିର୍ଦ୍ଧାରିତ ହୋଇଛି । ବିଡ୍ ଖୋଲିବା କାର୍ଯ୍ୟ Sr. DSTE, DRM କାର୍ଯ୍ୟାଳୟ, ରତଲାମ, ମଧ୍ୟପ୍ରଦେଶରେ ସମ୍ପନ୍ନ ହେବ । ଆଗ୍ରହୀ ଟେଣ୍ଡରଦାତାମାନେ ଇ-ଟେଣ୍ଡର ପୋର୍ଟାଲ www.ireps.gov.in ରେ ଟେଣ୍ଡର ସମ୍ବନ୍ଧୀୟ ସମସ୍ତ ବିବରଣୀ ଦେଖିପାରିବେ ଏବଂ ସେହି ପୋର୍ଟାଲ ମାଧ୍ୟମରେ ନିଜର ପ୍ରସ୍ତାବ ଦାଖଲ କରିବାକୁ ପଡ଼ିବ ।

Apex/107

Like us on: facebook.com/WesternRly

## ସାର୍ବଜନୀନ ସୂଚନା

ଏହି ସୂଚନା ମାଧ୍ୟମରେ ମୋର ମହକିଲ ଶ୍ରୀମତୀ କଳ୍ପନା କବାଟ, ପିତା- ପରମାନନ୍ଦ କବାଟ ବନଜା ବେହେରାଙ୍କ ସପକ୍ଷରେ ମୂଳ ବିକ୍ରୟ ପତ୍ର ପଞ୍ଜିକୃତ ନଂ- ୧୧୧୨୧୮୦୧୩୪୮ (୩୧.୦୩.୨୦୧୮) ବନଜା ବେହେରାଙ୍କ ସପକ୍ଷରେ ଏବଂ ୧୧୧୨୨୪୦୦୮୭୩ (୧୬.୦୨.୨୦୨୬) କଳ୍ପନା କବାଟ ସପକ୍ଷରେ ସଂଶୋଧନ ପତ୍ର ପଞ୍ଜିକୃତ ନଂ- ୧୧୧୨୨୨୦୩୯୧୬(୦୨.୦୭.୨୦୨୨) ସହିତ ବନଜା ବେହେରାଙ୍କ ସପକ୍ଷରେ RoR ଖାତା ନଂ- ୩୧୧/୨୭୦୬ ଏବଂ ୩୧୧/୩୧୧୧ କଳ୍ପନା କବାଟ ସପକ୍ଷରେ ମୌଜା-କଣ୍ଟିଲୋ, ତହସିଲ-ଜଟଣୀ, ଜିଲ୍ଲା- ଖୋର୍ଦ୍ଧା, ରାଜ୍ୟ-ଓଡିଶାଙ୍କ ସପକ୍ଷରେ ଥିବା ସମ୍ପୃକ୍ତ ROR ହଜାଇଛନ୍ତି । ଏଥିପାଇଁ ଘଟଗାଁ ଥାନାରେ ଏକ FIR (ଅଭିଯୋଗ ନଂ- ୨୪୪୯୨୦୧୫୦୭୨୬୦୦୦୧୦) ୨୨.୦୬.୨୦୨୬ରେ ଦାୟର କରାଯାଇଛି । ସମସ୍ତ ବ୍ୟକ୍ତିଙ୍କୁ ଏହି ନୋଟିସ୍ ପ୍ରକାଶ ପାଇବାର ପର୍ଯ୍ୟାପ୍ତ ପ୍ରମାଣ ସହିତ ୧୫ ଦିନ ମଧ୍ୟରେ ଉକ୍ତ ସମ୍ପତ୍ତି କିମ୍ବା ଏହାର ଯେକୌଣସି ଅଂଶ ବିଷୟରେ ସେମାନଙ୍କର ଦାବି କିମ୍ବା ଆପତ୍ତି ଦାଖଲ କରିବାକୁ ଏତଦ୍ୱାରା ସୂଚିତ କରାଯାଉଛି । ଯଦି ଉପରୋକ୍ତ ଡକ୍ୟୁମେଣ୍ଟଗୁଡ଼ିକ ୧୫ ଦିନ ମଧ୍ୟରେ ନ ମିଳେ, ତେବେ ରେଜିଷ୍ଟ୍ରି ଅଫିସରୁ ପ୍ରାପ୍ତ ଡକ୍ୟୁମେଣ୍ଟଗୁଡ଼ିକର ପ୍ରମାଣିତ କପିକୁ ମୂଳ ଡକ୍ୟୁମେଣ୍ଟ ଭାବରେ ବିବେଚନା କରାଯିବ ।

ସମୀର କୁମାର ପାଇକରାୟ (ଆଡ୍‌ଭୋକେଟ୍)
ଭୁବନେଶ୍ୱର କୋର୍ଟ,
ଫୋନ୍: ୭୦୦୮୦୦୫୪୧୯

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, Vide no - 980, dated 22.06.2026, I, MUNA NAYAK, Son of - Sunadhar Harijan, permanent resident of Village - Jatabal, PO - Jatabal, PS - Dabugam, Dist - Nabarangpur, Odisha, Pin - 764071, declare that I have changed my name from MUNA HARIJAN to MUNA NAYAK. Henceforth, I shall be known as **MUNA NAYAK** for all purposes.

**Sd/- Muna Nayak**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, Vide no- 987, dated 23.06.2026 I, NALINI PUJARI, Daughter of - Madhu Pujari & Wife of - Jhadeswar Patro, permanent resident of Village - Sirisi, PO - Sirisi, PS - Papadahandi, Dist - Nabarangpur, Odisha, Pin - 764071, declare that I have changed my name from NALINI RAJGOND to NALINI PUJARI. Henceforth, I shall be known as **NALINI PUJARI** for all purposes.

**Sd/- Nalilin Pujari**

## AFFIDAVIT

By virtue of an affidavit before the Notary Public, Sukinda, Jajpur, dtd.23.06.2026, I, Satyajit Behura, Village /PO/PS-Sukinda, Dist.-Jajpur do hereby declare that I have changed my minor son's name from Saipriti Behura to Saiprit Behura. Henceforth, he shall be known as **Saiprit Behura** for all purposes.

**Sd/- Satyajit Behura**

## AFFIDAVIT

I Sk Akhlak Hosain holding indian Passport No-M7901874 residing At- Sayedpur, Noor Mohalla, Po/Ps-Binjharpur, Dist-Jajpur, Odisha, Pin-755004 declare by Court Affidavit vide no 2966 Dt-22/06/2026 have change the of my mother Khursida Bibi (Old Name) to Khursida Jahanara Begum (New Name) and my father Sofean Shaikh (Old Name) to Sk Sufiyan (New Name) . And have changed my Date of Birth from 10.09.1990. to 10.09.1993 For all Future Purposes.

**Sk Akhlak Hosain**

## AFFIDAVIT

I, Bismaya Kumar Swain, aged about 60 years, S/o-Late Manmohan Swain, resident of At: Plot No-RP/119, Pandav Nagar, Tankapani road, Po/Ps-Badagada, Bhubaneswar, Dist- Khordha, Pin-751018, State: Odisha declared by this affidavit No. 45, dtd- 24/06/2026 that now onwards I shall be known as **BISMAY KUMAR SWAIN** for all future purposes.

## AFFIDAVIT

By virtue of an affidavit (SL No. 1580, dtd- 23/06/2026) sworn before The Executive Magistrate, Bhubana, Dhenkanal. I, **Tirthabasi Swain,** S/o-Jogi Swain, permanent resident of Vill/PO: Balibo(L), PS: Bhubana, Dist: Dhenkanal, PIN- 759017, State: Odisha. Correctly record in all relevant documents including in his birth certificate bearing Regd No-4736/2015, on dt-03.08.2015 Issued by the registered birth Dhenkanal Municipality. declare that I have changed my minor son's name from **Saswat Sekhar Swain** (old name) to **Sai Sritam Swain** (new name). Henceforth, he shall be known as **Sai Sritam Swain** (new name) for all purposes.

**Tirthabasi Swain**

## AFFIDAVIT

I, Paresh Agrawal, aged about 43 years, S/O-Pawan Kumar Agrawal, resident of Kansari Pada, Balangir, Po- Balangir, Ps-Town Bolangir, Dist-Balangir, Odisha, Pin-767001 do hereby declare by this affidavit No. 1296, dtd- 24/06/2026, that now onwards I shall be known as **PARESH KUMAR AGRAWAL** for all future purposes.

## AFFIDAVIT

By virtue of an affidavit (Sl No.235, dtd- 22/06/2026) sworn before the Executive Magistrate, Khariar, Nuapada. I, **Kunal Tandi** (applicant name), S/o Narayan Tandi, resident of Village: Khariar, Ward No.4, PO/PS: Khariar, Dist: Nuapada, Odisha declare that I have changed my minor son's name from **Prince Tandi** (old name) to **Prinsu Tandi** (new name). Henceforth, he shall be known as **Prinsu Tandi** (new name) for all purpose.

**Kunal Tandi**

24001/233/2627

## ଓଡ଼ିଶା ସରକାର
## କେନ୍ଦୁଝର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ
## ଅଧିସୂଚନା

ନଥି ସଂ - IX(A)-11/2026-324 ତାରିଖ: ୦୯.୦୬.୨୦୨୬

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ସରକାର (Appropriate Government) ସରକାରୀ ବ୍ୟୟରେ ମୌଜା-ବାଳକାଟି, ଥାନା- ଆନନ୍ଦପୁର, ତହସିଲ-ଆନନ୍ଦପୁର, ଜିଲ୍ଲା-କେନ୍ଦୁଝରରେ ନିମ୍ନ ତଫସିଲ ମତେ ପ୍ରାୟ ଏ୨,୯୩୦ ରକବା ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାଯ୍ୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁର୍ନବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act 2013) ର ୧୧(୧) ଧାରା ରେ ଭାରପ୍ରାପ୍ତ ହୋଇ ସରକାର (Appropriate Government ) ଏତଦଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାଯ୍ୟୋଚିତ କ୍ଷତିପୂରଣ ଅଧୁକାର ଏବଂ ଭୂ-ଅର୍ଜନ, ପୁର୍ନବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧-ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ- ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ।
୨-ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ-ଅଧିକ୍ଷଣ ଯନ୍ତ୍ରୀ, ଡ୍ରେନେଜ ଡିଭିଜନ, ଭଦ୍ରକ ।
୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ- ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ।
୪-ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ - ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।
୫-ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ-ଉପ ଜିଲ୍ଲାପାଳ, ଆନନ୍ଦପୁର ।

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | ପ୍ଲଟର ମୋଟ ରକବା | ଅଧ ସୂଚିତ ଜମିର ରକବା | ରସ୍ତତର ନାମ |
|---|---|---|---|---|---|---|---|---|
| କେନ୍ଦୁଝର | ଆନନ୍ଦପୁର | ବାଳକାଟି | ଗ୍ରାମାଞ୍ଚଳ | ସଂଲଗ୍ନ | ସଂଲଗ୍ନ | ୧୫.୩୭୦ | ୨.୯୩୦ | ସଂଲଗ୍ନ |

ଉକ୍ତ ଅଧିସୂଚିତ ଜମି ରକବା ମଧ୍ୟରୁ ଏ୦.୦୦ ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।
ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ଅଧିକାରୀ, ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, କେନ୍ଦୁଝରରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।
ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି କେନ୍ଦୁଝର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ରାଜ୍ୟପାଳଙ୍କ ଆଦେଶକ୍ରମେ
ବିଶାଳ ସିଂ
ଜିଲ୍ଲାପାଳ, କେନ୍ଦୁଝର

### ଭୂମି ଅନୁସୂଚୀ

ପ୍ରକଳ୍ପର ନାମ –ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ଜମି ଅଧିଗ୍ରହଣ,
ମୌଜା- ବାଳକାଟି, ଥାନା –ଆନନ୍ଦପୁର, ତହସିଲ-ଆନନ୍ଦପୁର, ଜିଲ୍ଲା- କେନ୍ଦୁଝର

| କ୍ରମିକ ନଂ. | ଖତିୟାନ ନଂ. | ପ୍ରଜାର ନାମ ଓ ଠିକଣା | ପ୍ଲଟ୍ ନଂ. | କିସମ | ମୋଟ ରକବା (ଏକର) | ଅର୍ଜନ ରକବା (ଏକର) |
|---|---|---|---|---|---|---|
| ୧ | ୧୧ | ଆର୍ତ ସାହୁ ପି- ଅଇଁଠୁ ସାହୁ , ଜା- ତେଲି ବା- ନିଜଗାଁ | ୩୪ | ଶାରଦ ଏକ | ୦.୨୩୦ | ୦.୨୩୦ |
| ୨ | ୧୨ | ଇନ୍ଦ୍ରମଣି ଜେନା ପି-ଜନ୍ଧା ଜେନା, କନ୍ଦ ଜେନା, ବୈସିମ ଜେନା, ପି- ମଦନ ଜେନା, ଜା- ପାଣ, ବା- ଦଧିବାମନପୁର | ୧୭୨ | ଶାରଦ ଦୋଫସଲି ଏକ | ୦.୧୯୦ | ୦.୦୨୦ |
| | | | ୧୭୪ | ବିଆଲି ଦୋଫସଲି ଏକ | ୦.୬୪୦ | ୦.୦୩୦ |
| | | | ୧୭୮ | ଶାରଦ ଦୋଫସଲି ଏକ | ୦.୨୦୦ | ୦.୦୨୦ |
| ୩ | ୨୭୫/୨୩ | ଶ୍ରୀମତୀ ସାରୁଅ ସାହାଣୀ ସା-ଚକ୍ରଧର ସହାଣୀ , ଜା- ଖଣ୍ଡାୟତ ବା- ଦୁଡୁଗାଁ | ୧୯୪ | ବାଜେଫସଲ ଏକ | ୧.୨୨୦ | ୦.୦୩୦ |
| ୪ | ୩୧ | କେଳା ବାରିକ ପି- କପିଳ ବାରିକ, ଲକ୍ଷ୍ମୀଧର , ବାରିକ, ନାରାୟଣ ବାରିକ, ଚହଳିଆ ବାରିକ , ପି- ଧଡି ବାରିକ, ନାଣ୍ଡୁ ବାରିକ , ପି- ସପନ ବାରିକ , ଜା- ନିଆରି , ବା- ଫକିରପୁର | ୧୭୧ | ଶାରଦ ଦୋଫସଲି ଏକ | ୦.୩୪୮ | ୦.୨୨୦ |
| ୫ | ୫୦ | ଗୁମାନ ଜେନା, ଗୋପାଳ ଜେନା, ଗଙ୍ଗା ଜେନା ସିରିଆ ଜେନା, ରଙ୍ଗା ଜେନା, ପି- ରତନ ଜେନା, ଗଇ ଜେନା ସା- ରତନ ଜେନା, ମାନ ଜେନା, ବିଭୁତି ଜେନା, ପୋଇନ ଜେନା ପି- ପତନ ଜେନା ଜଳା ଜେନା - ପତନ ଜେନା, ଗୋପି ଜେନା, ମାଧବ ଜେନା, ଲେଖନ ଜେନା ପି- ଗାଣ୍ଡୁ ଜେନା, ବେଙ୍ଗ ଜେନା ସା- ଗାଣ୍ଡୁ ଜେନା, ବଇ ଜେନା, ମଠୁ ଜେନା, କାର୍ତିକ ଜେନା ପି-ମେନା ଜେନା ଜା- ପାଣ ବା-ଦଧିବାମନପୁର | ୧୯୩ | ବିଆଲି ଦୋଫସଲି | ୦.୫୦୦ | ୦.୦୪୦ |
| | | | ୧୯୩/ ୧୨୦୯ | ବିଆଲି ଦୋଫସଲି | ୦.୫୦୦ | ୦.୦୫୦ |
| ୬ | ୯୦ | ଦୈତାରୀ ଦାସ, ଆରତ ଦାସ, ସାରତ ଦାସ ପି- ରାମଚନ୍ଦ୍ର ଦାସ ଜା- ବ୍ରାହ୍ମଣ ବା-ଫକିରପୁର ଭାଗସୂତ୍ରେ ଦଖଲ - ନ ଜେନା, ପି- ବଇ ଜେନା, ଗୌରଙ୍ଗ ଜେନା ପି- ଶୁକୁରୀ ଜେନା ବିଦା ଜେନା ପି- ଲୋକେଇ ଜେନା, ରଷି ଜେନା ପି-କ୍ଷେ ଜେନା ଜା- ପାଣ ବା- ଦଧିବାମନପୁର ସ୍ନ ୧୯୫୦ ଠାରୁ | ୧୩୨ | ପତିତ | ୩.୫୦୦ | ୦.୦୬୦ |
| | | | ୧୩୫ | ବିଆଲି | ୧.୯୦ | ୦.୧୫୦ |
| | | | ୧୫୭ | ଶାରଦ ଦୋଫସଲି ଏକ | ୦.୪୭୦ | ୦.୧୨୦ |
| ୭ | ୧୧୭ | ନାଣ୍ଡୁ ବାରିକ ପି- ସପନ ବାରିକ ଜା- ନିଆରି ବା- ଫକିରପୁର | ୩୩ | ଶାରଦ ଏକ | ୦.୩୫୦ | ୦.୦୪୦ |
| ୮ | ୧୩୪ | ପଦୁ ଜେନା, ବିପିନ ଜେନା, ଉପ ଜେନା ପି- ବେନୁ ଜେନା, କୁଣ ଜେନା ସା-ବେନୁ ଜେନା, ଛଚି ଜେନା ପି- କାଙ୍ଗାଳି ଜେନା, ବିଲେଇ ଜେନା, ଝୁଲ ଜେନା, ପି- କରୁଣୀ ଜେନା, ଗୋଲେଖ ଜେନା, ରମ୍ଭା ଜେନା, ରମା ଜେନା, ପି- ଅନୁ ଜେନା, ସଖୀ ଜେନା ସା-ଅନୁ ଜେନା, ହାର ଜେନା ସା-ଦାମ ଜେନା, ସଜୀ ଜେନା ସା-କପିଳ ଜେନା ଜା-ପାଣ ବା- ଦଧିବାମନପୁର | ୧୫୯ | ଶାରଦ ଦୋଫସଲି ଏକ | ୦.୩୦୦ | ୦.୦୨୦ |
| | | | ୧୬୫ | ଶାରଦ ଦୋଫସଲି ଏକ | ୦.୨୧୦ | ୦.୦୨୦ |
| | | | ୧୬୪/ ୧୧୭୧ | ଶାରଦ ଦୋଫସଲି ଏକ | ୦.୧୧୦ | ୦.୦୭୦ |
| ୯ | ୧୩୬ | ପଦ୍ମଲାଭ କର ପି- ନିଧୁ କର ଜା- ବ୍ରାହ୍ମଣ ବା- ତରତରା | ୧୦ | ଶାରଦ ଏକ | ୦.୦୮୦ | ୦.୦୮୦ |
| ୧୦ | ୧୪୨ | ପୁନି ଖଟୁଆ, ଧନୀ ଖଟୁଆ , ପି- ଅପର୍ତ୍ତି ଖଟୁଆ. ରାଜନ ମହାନ୍ତି, ବାବାଜି ମହାନ୍ତି, ପି-ଶୁକୁଟା ମହାନ୍ତି, ପଠାଣି ମହାନ୍ତି ପି-ସଦେଇ ମହାନ୍ତି ଜା- ଗୋଲା ବା- ଅକରୁଆ ଜବର ଦଖଲ ଚକ୍ରଧର ଦାସ ପି- ପୁରୁଷୋତମ ଦାସ, ଜା-ବ୍ରାହ୍ମଣ, ବା- ଫକିର ପୁର ସ୍ନ ୧୯୬୫ ଠାରୁ | ୨୪ | ବାଜେଫସଲ ଏକ | ୦.୧୦୦ | ୦.୧୦୦ |
| ୧୧ | ୧୭୯ | ବିଷ୍ଣୁ ଦାସ ପି- ସଦା ଦାସ ଜା- ପାଣ ବା- ଆମ୍ବ ଗଡିଆ | ୧୬୬ | ଶାରଦ ଦୋଫସଲି ଏକ | ୦.୩୭୦ | ୦.୦୫ |
| ୧୨ | ୨୦୦ | ଭିକାରି ସାହାଣି, ବାବାଜି ସାହାଣି, ସଙ୍ଖାଳି ସାହାଣି, ପି-ସାହାଣି, ରଙ୍ଗାଧର ସାହାଣି, ଘନ ସାହାଣି, ଯମୁନା ସାହାଣି, ବାଇଧର ସାହାଣି ପି- କାହ୍ନୁ ସାହାଣି, ବଇଁଶି ସାହାଣି, ସା- କାହ୍ନୁ ସାହାଣି, ସାରି ସାହାଣି, ସା- ନିଧୁଆ ସାହାଣି, ଦୁଃଖୁ ସାହାଣି,ସା-ପଦିଆ ସାହାଣି, ମଙ୍ଗଳି ସାହାଣି, ପି- ଶଙ୍କର ସାହାଣି, ମଡି ସାହାଣି, ପି- ଭାଲୁ ସାହାଣି, ପାଟିଆ ସାହାଣି ପି-ମଗୁରା ସାହାଣି, ବେନୁଆ ସାହାଣି, ଧନିଆ ସାହାଣି, ପି-ରାମ ସାହାଣି, ଜା-ଖଣ୍ଡାୟତ ବା- ଫକିରପୁର | ୧୬୮ | ଶାରଦ ଦୋଫସଲି ଏକ | ୦.୨୯୦ | ୦.୦୫୦ |
| | | | ୧୬୯ | ଶାରଦ ଦୋଫସଲି ଏକ | ୦.୧୫୦ | ୦.୦୮୦ |
| | | | ୧୬୯/ ୧୦୧୬ | ଶାରଦ ଦୋଫସଲି ଏକ | ୦.୧୭୦ | ୦.୦୮୦ |
| | | | ୧୬୯/ ୧୧୯୮ | ଶାରଦ ଦୋଫସଲି ଏକ | ୦.୧୦୦ | ୦.୦୫୦ |
| ୧୩ | ୨୨୧ | ମୁରଲୀଧର ସାହୁ, ପି- ମିନ୍ଧୁ ସାହୁ, ଜା- ବଣିଆ - ଫକିରପୁର | ୬୭ | ଶାରଦ ଏକ | ୦.୧୫୦ | ୦.୦୩୦ |
| ୧୪ | ୨୩୩ | ରଘୁନାଥ ଜେନା ପି- ହରି ଜେନା ଜା-ଖଣ୍ଡାୟତ ବା- ତରତରା | ୬ | ଶାରଦ ଏକ | ୦.୧୭୦ | ୦.୦୩୦ |
| | | | ୧୯/୧୦୩୬ | ଶାରଦ ଦୁଇ | ୦.୩୦୦ | ୦.୨୦୦ |
| ୧୫ | ୨୬୫/୬ | ଆରତ ସାହୁ ପି- ଅଇଁଠୁ ସାହୁ ଜା-ତେଲି ବା- ଦୁଡୁଗାଁ | ୨୯ | ଶାରଦ ଦୋଫସଲି ଏକ | ୦.୧୧୦ | ୦.୦୭୦ |
| | | | ୩୦ | ଶାରଦ ଦୋଫସଲି ଏକ | ୦.୧୬୦ | ୦.୧୨୦ |
| | | | ୨୬ | ଶାରଦ ଦୋଫସଲି ଏକ | ୦.୨୫୦ | ୦.୦୮୦ |
| | | | ୨୭ | ଶାରଦ ଦୋଫସଲି ଏକ | ୦.୧୫୦ | ୦.୧୧୦ |
| | | | ୨୮ | ଶାରଦ ଦୋଫସଲି ଏକ | ୦.୧୯୦ | ୦.୧୪୦ |
| ୧୬ | ୨୭୫/ ୯୪ | ପ୍ରଭାତ କୁମାର ପଣ୍ଡା, ପ୍ରଦୀପ କୁମାର ପଣ୍ଡା ପି- ଯୋଗେନ୍ଦ୍ର ୧୦୨୩ ପଣ୍ଡା ଜା- ବ୍ରାହ୍ମଣ ବା-ଫକିରପୁର | ୪୦/ ୧୦୨୩ | ଶାରଦ ଦୋଫସଲି ଏକ | ୦.୧୫୦ | ୦.୦୫୦ |
| ୧୭ | ୨୭୫/ ୧୧୩ | ମାନଗୋବିନ୍ଦ ନାହାକ, ପି-ପୋକ ନାହାକ, ଜା- ଖଣ୍ଡୁଆଳ ବା-ବାଳକାଟି | ୩୮/ ୧୦୨୧ | ଶାରଦ ଦୋଫସଲି ଏକ | ୧.୪୨୦ | ୦.୧୮୦ |
| ୧୮ | ୨୭୫/ ୧୩୨ | ରଘୁନାଥ ସେଠୀ, ପି- ଗିରିଧାରୀ ସେଠୀ, ଜା-ଧୋବା ବା- ଡୁଡୁଗାଁ | ୧୮୦/ ୧୪୦୭ | ଶାରଦ ଦୋଫସଲି ଏକ | ୦.୨୬୩ | ୦.୦୭୦ |
| ୧୯ | ୨୭୫/ ୧୩୬ | ଆନନ୍ଦ କୁମାର ସାହୁ ପି-ଆରତ ସାହୁ, ନିତ୍ୟାନନ୍ଦ ସାହୁ ପି- ରାମ ସାହୁ ଜା- କୁବେର ବା- ଡୁଡୁଗାଁ | ୧୮ | ଶାରଦ ଦୁଇ | ୦.୪୬୩ | ୦.୧୨୦ |
| ୨୦ | ୨୭୫/ ୧୩୯ | ଆରତ ସାହୁ ପି-ଅଇଁଠୁ ସାହୁ ଜା-ତେଲି ବା-ଡୁଡୁଗାଁ | ୩୧ | ଶାରଦ ଏକ | ୦.୧୨୩ | ୦.୧୨୦ |
| | | | | ମୋଟ | ୧୫.୩୭୦ | ୨.୯୩୦ |

AMIN
L.A. (Gen.) Section
Collectorate, Keonjhar

Land Acquisition Inspector
L.A. (Gen.) Section
Collectorate, Keonjhar

ଭୂ-ଅର୍ଜନ ଅଧିକାରୀ କେନ୍ଦୁଝର
ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ କେନ୍ଦୁଝର

OIPR-24001/24045/3/26-27/0006

## ଗାଁରେ ଏଲ୍ଇଡି ଲଗାଇବାରେ ବ୍ୟାପକ ଅନିୟମିତତା

# ଜିଲ୍ଲା ପରିଷଦରେ ପଶିଲା ଭିଜିଲାନ୍ସ; ଫାଇଲ ଉଠାଇ ନେଲା ଟିମ୍

ନୟାଗଡ଼,୨୪।୬(ସମିସ)

ନୟାଗଡ଼ ଜିଲ୍ଲାର ୧୯୧ ପଞ୍ଚାୟତର ୭୬୪ ଗାଁରେ ଏଲ୍ଇଡି ଲାଇଟ୍ ଲଗାଯାଇଥିଲା। ଏହି ଲାଇଟଗୁଡ଼ିକ ବାରମ୍ବାର ଅଚଳ ପାଇଁ ପଞ୍ଚାୟତରୁ ଜିଲ୍ଲା ପରିଷଦ ଯାଏଁ ବାରମ୍ବାର ଆଲୋଚନା ଓ ହଟଚମଟ ହୋଇଥିଲା। ଟେଣ୍ଡର ହାତେଇଥିବା ଠିକାସଂସ୍ଥା ବାଲେଶ୍ୱରର ଟ୍ରାନ୍ସ ପାୱାର ମନମାନୀକୁ ନେଇ ଜିଲ୍ଲା ପ୍ରଶାସନ ଅଡୁଆରେ ପଡ଼ିଥିଲା। ଏହି ଘଟଣାକୁ ନେଇ ଆଜି ଭିଜିଲାନ୍ସ ଟିମ୍ ଜିଲ୍ଲା ପରିଷଦ କାର୍ଯ୍ୟାଳୟକୁ ଯାଇ ଏଲ୍ଇଡି ଲାଇଟ ଲାଗିବା ଫାଇଲକୁ ନେଇଥିବା ସୂଚନା ମିଳିଛି। ନୟାଗଡ଼ ଜିଲ୍ଲାର ୭୬୪ ଗାଁ ରାଜ୍ୟ ସରକାରଙ୍କ ଅନୁଦାନରେ ଆଲୋକିକରଣ ବ୍ୟବସ୍ଥା କରାଯାଇଥିଲା। ନୟାଗଡ଼ ଜିଲ୍ଲା ପରିଷଦ ପକ୍ଷରୁ ଏନେଇ ଟେଣ୍ଡର କରାଯାଇ ଟ୍ରାନ୍ସ ପାୱାର ଠିକାସଂସ୍ଥାକୁ ଦାୟିତ୍ୱ ଦିଆଯାଇଥିଲା। ଜିଲ୍ଲାର ଗ୍ରାମବାସୀ ଉଜ୍ଜ୍ୱଳ ଆଲୋକ ବ୍ୟବସ୍ଥା ପାଇଁ ଖୁସି ହୋଇଥିଲା। କେତେଟି ଦିନ ଖୁସିରେ ବିତିଥିବା ବେଳେ ଏବେ ଅନ୍ଧାକାର ରାଜୁତି କରୁଛି। ୨୦୧୮-୧୯ ମସିହାରେ ଆଲୋକୀକରଣ କାର୍ଯ୍ୟ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଅନୁମୋଦନ ମିଳିଥିଲା। ନୟାଗଡ଼ ଜିଲ୍ଲା ପ୍ରତି ପଞ୍ଚାୟତରେ ଗୋଟିଏ ଗାଁକୁ ଏଥିରେ ସାମିଲ କରିବା ପାଇଁ ପ୍ରସ୍ତାବ ରହିଥିଲା। ମାତ୍ର କୌଣସି କାରଣବଶତଃ ଏହି କାମ ହୋଇ ପାରିନଥିବା ବେଳେ ୨୦୧୮-୧୯, ୨୦୧୯-୨୦, ୨୦୨୦-୨୧, ୨୦୨୧-୨୨ ମସିହା ୪ ବର୍ଷର ଅନୁଦାନରେ ଏକକାଳୀନ କାମ କରିବା ପାଇଁ ନିଷ୍ପତ୍ତି ନିଆଗଲା। ଫଳରେ ପ୍ରତି ପଞ୍ଚାୟତ ସର୍ବାଧିକ ଜନସଂଖ୍ୟା ଥିବା ୪ଟି ଗାଁକୁ ପ୍ରାଧାନ୍ୟ ଦିଆଯାଇ ଏଲ୍ଇଡି ଲାଇଟ ଲଗାଗଲା। ପ୍ରତି ଗାଁରେ ୧୦ଟି ଏଲ୍ଇଡି ଲାଇଟ ଲଗାଯାଇଥିଲା। ଏଥିପାଇଁ ପ୍ରତି ପଞ୍ଚାୟତରୁ ଏସ୍ଏଫ୍ସି ପାଣ୍ଠିରୁ ଅନୁଦାନ ଅଣାଯାଇଥିଲା। ପ୍ରତି ପଞ୍ଚାୟତରୁ ୨ ଲକ୍ଷ ୬୦ ହଜାର ଟଙ୍କା ଅଣାଯାଇ ଜିଲ୍ଲା ପରିଷଦ ପକ୍ଷରୁ ଉକ୍ତ କାର୍ଯ୍ୟ ସମାପନ ହୋଇଥିଲା। ଜିଲ୍ଲାରେ ୧୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ବ୍ୟୟ କରାଯାଇଥିଲା। ୨୦୨୨ ମସିହାରେ ଉକ୍ତ ଏଲ୍ଇଡି ଲାଇଟ୍ ଲଗାଇବା ପାଇଁ ଠିକାସଂସ୍ଥାକୁ ଦାୟିତ୍ୱ ଦିଆଯାଇଥିଲା। ୧୯୪ ପଞ୍ଚାୟତରେ ଲାଇଟ ଲଗାଇବା କାର୍ଯ୍ୟ କରାଯାଇଥିବା ବେଳେ ଏବେ ୯୦ ପ୍ରତିଶତ ଏଲଇଡି ଅଚଳ ହୋଇପଡ଼ିଛି। ଠିକାସଂସ୍ଥା ମରାମତି ପାଇଁ ୫ ବର୍ଷର ଗ୍ୟାରେଣ୍ଟି ଦେଇଥିବା ବେଳେ ଗୋଟିଏ ବର୍ଷ ବି ଉକ୍ତ ଲାଇଟ ଜଳିନଥିଲା। ବାରମ୍ବାର ଏ ନେଇ ପଞ୍ଚାୟତ ସମିତି ବୈଠକ, ଜିଲ୍ଲା ପରିଷଦ ବୈଠକରେ ତୁମ୍ବି ତୋଫାନ ହୋଇଥିବା ବେଳେ ସଂପୃକ୍ତ ଠିକାସଂସ୍ଥାକୁ ଜିଲ୍ଲା ପ୍ରଶାସନ ଚିଠି କରିଥିଲା। ଠିକାସଂସ୍ଥା କିଛି ଏଲ୍ଇଡି ଲାଇଟ ମରାମତି କରିଥିବା ବେଳେ ଏହା ପଛରେ ବଡ଼ଧରଣର କେଳେଙ୍କାରୀ ରହିଥିବା ନେଇ ବାରମ୍ବାର ଅଭିଯୋଗ ହୋଇଥିଲା।

- **ବଡ଼ କେଳେଙ୍କାରୀ ନେଇ ଖୋଳତାଡ଼**
- **ଟେଣ୍ଡର ଅନିୟମିତତା, ବଢ଼ିଲା ଅଡୁଆ**

ଏପରିକି ଜିଲ୍ଲା ପରିଷଦ ବୈଠକରେ ଉକ୍ତ ମାମଲାର ତଦନ୍ତ ପାଇଁ ମଧ୍ୟ ପ୍ରସ୍ତାବ ପାରିତ ହୋଇଥିଲା। ଗତ ଜୁନ ୬ ତାରିଖରେ ଜିଲ୍ଲାପାଳ ଉକ୍ତ ଠିକାସଂସ୍ଥାର ଟେଣ୍ଡର ଚୁକ୍ତି ବାତିଲ କରିଥିବା ସୂଚନା ମିଳିଛି। ଏପରିକି ଉକ୍ତ ସଂସ୍ଥାଠାରୁ ଜରିମାନା ବାବଦରେ ଅର୍ଥ ମଧ୍ୟ ଆଦାୟ କରାଯାଇଛି। ଏହି ଘଟଣାକୁ ନେଇ ଭିଜିଲାନ୍ସରେ ଅଭିଯୋଗ ପରେ ଆଜି ଭିଜିଲାନ୍ସ ବିଭାଗ ଘଟଣାର ତଦନ୍ତ ଆରମ୍ଭ କରିଛି। ଜିଲ୍ଲା ପରିଷଦ କାର୍ଯ୍ୟାଳୟଠାରୁ ଫାଇଲ୍ ଆଣିବା ସହ ବିଭିନ୍ନ ସ୍ଥାନରେ ଛାନଭିନ୍ କରାଯାଉଥିବା ସୂଚନା ମିଳିଛି। ଭିଜିଲାନ୍ସ ବିଭାଗ ପକ୍ଷରୁ ମିଳିଥିବା ସୂଚନାନୁସାରେ, କେନ୍ଦୁଝର, ନୟାଗଡ଼ ଓ ଯାଜପୁର ଜିଲ୍ଲାରେ ଏଭଳି ଅନିୟମିତତା ଅଭିଯୋଗ ଆଧାରରେ ତଦନ୍ତ କରାଯାଇଛି। ଗୋଟିଏ ଜିଲ୍ଲା ପାଇଁ ୨୭ ଜଣିଆ ଟିମ୍ ନିଯୁକ୍ତ କରାଯାଇଛି। ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ, ଡିଏସ୍‌ପି ଏବଂ ଇନ୍ସପେକ୍ଟରଙ୍କ ସମେତ ବହୁ କର୍ମଚାରୀ ସାମିଲ ହୋଇଛନ୍ତି। ମୋଟ ୮୧ ଜଣ ଅଧିକାରୀ ୫୦ରୁ ଊର୍ଦ୍ଧ୍ୱ ସ୍ଥାନରେ ଚଢ଼ଉ କରିଛନ୍ତି। ତଦନ୍ତ ସମୟରେ ବ୍ୟାପକ ଅନିୟମିତତା, ଟେଣ୍ଡର ନିର୍ଦ୍ଦେଶାବଳୀର ଉଲ୍ଲଂଘନ ଏବଂ ଅଧିକାରୀଙ୍କ ଦ୍ୱାରା ସରକାରୀ ପାଣ୍ଠିର ଅପବ୍ୟବହାର ହୋଇଥିବା ନିଶ୍ଚିତ ହୋଇଛି। ଭିଜିଲାନ୍ସ ବିଭାଗ ଅନିୟମିତତାର ମୂଲ୍ୟାୟନ କରୁଥିବା ସୂଚନା ମିଳିଛି। ଏହି କେଳେଙ୍କାରୀରେ ବହୁ ସରକାରୀ ଅଧିକାରୀ ପଡ଼ିବା ନିଶ୍ଚିତ ବୋଲି ଆଲୋଚନା ହେଉଛି।

## ● ମହିଳାଙ୍କୁ ପ୍ରେମ ନିବେଦନ ଓ ଦୁଷ୍କର୍ମ ଘଟଣା

# ଜାତୀୟ ମାନବାଧିକାର କମିଶନରେ ମାମଲା

ନୟାଗଡ଼,୨୪।୬(ସମିସ): ନୟାଗଡ଼ ଜିଲ୍ଲା ଶରଣକୁଳ ଥାନା ଅଧିକାରୀ ସୁଜିତ କୁମାର ଦାଶଙ୍କ ନିକଟରେ ନ୍ୟାୟ ପାଇବା ଆଶାରେ ଦ୍ୱାରସ୍ଥ ହୋଇ ନିର୍ଯାତନାର ଶିକାର ହୋଇଥିବା ଜଣେ ପୀଡ଼ିତାଙ୍କୁ ନ୍ୟାୟ ଦେବା ବଦଳରେ ଭଡ଼ା ଘରକୁ ଡାକିନେଇ ଦୁଷ୍କର୍ମ କରିବା ଏବଂ ୨ ଟି ମିଥ୍ୟା ମାମଲା କରି ଜେଲ ପଠାଇବା ଘଟଣାକୁ ନେଇ ଜାତୀୟ ମାନବାଧିକାର କମିଶନଙ୍କ ନିକଟରେ ଅପିଲ୍ ହୋଇଛି। ଦୋଷୀ ପୁଲିସ ଇନ୍ସପେକ୍ଟର ସୁଜିତ କୁମାର ଦାଶଙ୍କ ବିରୁଦ୍ଧରେ କଠୋରରୁ କଠୋର କାର୍ଯ୍ୟାନୁଷ୍ଠାନ ନେବା ସାଙ୍ଗେ ସାଙ୍ଗେ ସମ୍ପୃକ୍ତ ପୀଡ଼ିତା ମହିଳାଙ୍କୁ ୫୦ ଲକ୍ଷ କ୍ଷତିପୂରଣ ପାଇଁ ଦାବି ରଖାଯାଇଛି। ଲଢ଼େଇ ପରିବାର ସଂଗଠନ ରାଜ୍ୟ ସଭାପତି ସୁବ୍ରତ କଜୁମାର ଦାଶ ଏନେଇ ଅପିଲ କରିବା ପରେ ୧୪୫୭୨/୨୦୨୬ରେ ମାମଲା ରୁଜୁ ହୋଇଛି। ଉକ୍ତ ଘଟଣାରେ କ୍ରାଇମବ୍ରାଞ୍ଚ ଶିଶୁ ଓ ମହିଳା ଅପରାଧ ଶାଖା ପକ୍ଷରୁ ତଦନ୍ତ ଚାଲିଛି। ରାଜ୍ୟ ପୁଲିସ ମହାନିର୍ଦ୍ଦେଶକଙ୍କ ନିର୍ଦ୍ଦେଶ ଅନୁସାରେ, ୪ ଜଣିଆ ଟିମ୍ ଏହି ଘଟଣାର ତଦନ୍ତ କରୁଛନ୍ତି। ପୀଡ଼ିତା ମହିଳାଙ୍କ ଡାକ୍ତରୀ ମାଇନା କରାଯିବା ସହ ଓଡ଼ଗାଁ କୋର୍ଟରେ ବୟାନ ରେକର୍ଡ କରାଯାଇଛି। ମହିଳାଙ୍କୁ ସୁଜିତ୍ ଶରଣକୁଳ ଥାନା ବାଉଁଶିଆ ଭଡ଼ା ଘରେ ଡିସେମ୍ବର ମାସ ମହୋତ୍ସବ ସମୟରେ ଦୁଷ୍କର୍ମ କରିଥିବା ସୂଚନା ମିଳିଛି। ସେହି ଅନୁସାରେ, ଭଡ଼ା ଘରକୁ ସିଲ୍ କରି ଦିଆଯାଇଛି। ତଦନ୍ତ ପ୍ରକ୍ରିୟାର ସ୍ୱଚ୍ଛତା ଓ ନିରପେକ୍ଷତାକୁ ଦୃଷ୍ଟିରେ ରଖି ଇନ୍ସପେକ୍ଟର ସୁଜିତ ଦାସଙ୍କୁ ଶରଣକୂଳ ଥାନାରୁ ଜିଲ୍ଲା ମୁଖ୍ୟାଳୟକୁ ବଦଳି କରାଯାଇଥିଲା। ଜିଲ୍ଲା ମୁଖ୍ୟାଳୟରେ ସେ ଯୋଗ ଦେଇ ସ୍ୱାସ୍ଥ୍ୟ ଗତ କାରଣ ଦର୍ଶାଇ ସୁଜିତ୍ ଛୁଟି ନେଇ ଫେରାର ରହିଛନ୍ତି। ନୟାଗଡ଼ ଜିଲ୍ଲା ଶରଣକୁଳ ଥାନା ଅଧିକାରୀ ସୁଜିତ କୁମାର ଦାଶଙ୍କୁ ପୁଲିସ ମହାନିର୍ଦ୍ଦେଶକ ନିଲମ୍ବନ କରିଛନ୍ତି। ସେପଟେ ସୁଜିତ ଉଚ୍ଚ ନ୍ୟାୟାଳୟରେ ଜାମିନ ପାଇଁ ଆବେଦନ କରିଛନ୍ତି।

# ଭାପୁର ରଥଯାତ୍ରା ପ୍ରସ୍ତୁତି ବୈଠକ




ଭାପୁର,୨୪।୬(ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ଭାପୁର ବଜାର ଉପକଣ୍ଠରେ ଥିବା ଜଗନ୍ନାଥ ମନ୍ଦିର ପରିଚାଳନା କମିଟି ପକ୍ଷରୁ ସବୁବର୍ଷ ପରି ଏବର୍ଷ ରଥଯାତ୍ରା ପାଇଁ ସମସ୍ତ ପ୍ରସ୍ତୁତି ଚାଲିଛି। ରଥ ନିର୍ମାଣ କାର୍‌ଯ୍ୟ ସରିଯାଇଛି। ବୁଧବାର ଦିନ ପ୍ରଶାସନିକ ଅଧିକାରୀ ଓ ମନ୍ଦିର ପରିଚାଳନା କମିଟି, ଜଗନ୍ନାଥ ଭକ୍ତମାନଙ୍କୁ ନେଇ ରଥଯାତ୍ରା ପ୍ରସ୍ତୁତି ବୈଠକ ଆୟୋଜିତ ହୋଇଯାଇଛି। ଭାପୁର ବଜାରର ପୂର୍ବତନ ସଭାପତି ଗଙ୍ଗାଧର ବାରିକଙ୍କ ସହଯୋଜନାରେ ରଥଯାତ୍ରା ପରିଚାଳନା କମିଟିର ସ୍ଥାୟୀ ସଭାପତି ଭାପୁର ତହସିଲଦାର ଲୋପାମୁଦ୍ରା ରଥଙ୍କ ସଭାପତିତ୍ୱରେ ଭାପୁର କଲ୍ୟାଣ ମଣ୍ଡପରେ ବୁଧବାର ଦିନ ଏହି ବୈଠକ ଆୟୋଜିତ ହୋଇଥିଲା। ଏଥିରେ ବିଧାୟକ ଇଂ ଦୁଷ୍ମନ୍ତ କୁମାର ସ୍ୱାଇଁ, ସାଂସଦଙ୍କ ଜିଲ୍ଲା ପ୍ରତିନିଧ ଗୟାଧର ପରିଡା, ବିଡିଓ ସାରଦା ପ୍ରସନ୍ନ ପଣ୍ଡା, ସମାଜସେବୀ ଜିତେନ୍ଦ୍ର କୁମାର ରଣସିଂହ, ଅଗ୍ନିଶମ ବିଭାଗ ଅଧିକାରୀ ନୀଳକଣ୍ଠ ମହାନ୍ତି, ବିଦ୍ୟୁତ ବିଭାଗ ଯନ୍ତ୍ରୀ ଜିତେନ୍ଦ୍ର କୁମାର ଦାସ , ଗ୍ରାମ୍ୟ ଜଳଯୋଗାଣ ବିଭାଗ ଯନ୍ତ୍ରୀ ନୃସିଂହ ଚରଣ ଦାସ, ଫାଣ୍ଡି ଅଧିକାରୀ ସୁଶାନ୍ତ କୁମାର ବେହେରାଙ୍କ ସହ ଅନେକ ସରକାରୀ ପଦାଧିକାରୀ ଭାଗ ନେଇଥିଲେ। ସେହିପରି ମନ୍ଦିର ପିରିଚାଳନା କମିଟିର ସଭାପତି ଅଧ୍ୟାପକ ସୁମନ୍ତ କୁମାର ଜେନା, ବରିଷ୍ଠ ନାଗରିକ ସଙ୍ଘ ସଭାପତି ପ୍ରଭାକର ସାହୁ, ଗଜପତି ଭୂମିକାରେ କାର୍‌ଯ୍ୟ ସମ୍ପାଦନ କରୁଥିବା ସାଧୁଚରଣ ସିଂହ, ସାଂସଦଙ୍କ ବ୍ଲକ ପ୍ରତିନିଧି ତୋଫାନ ପ୍ରଧାନଙ୍କ ସହ ଅନେକ ସରପଞ୍ଚ ଓ ସମିତି ସଭ୍ୟ ଓ ଅଞ୍ଚଳର ବୁଦ୍ଧିଜୀବୀ ମାନେ ଭାଗନେଇ ରଥଯାତ୍ରାକୁ ସରସ ସୁନ୍ଦର କରିବା ପାଇଁ ମତ ରଖିଥିଲେ।

# କଂଗ୍ରେସ ପକ୍ଷରୁ 'ଛାତ୍ରୋଁ କି ଗୁଞ୍ଜ' କାର୍ଯ୍ୟକ୍ରମ




ନୟାଗଡ଼,୨୪।୬(ସମିସ): ନୟାଗଡ଼ ଡିସିସି ସଭାପତି ରଣଜିତ ଦାଶଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପିସିସି ପର୍ଯ୍ୟବେକ୍ଷକ ପ୍ରକାଶ ମିଶ୍ର ଏବଂ ଯୁବ କଂଗ୍ରେସ ରାଜ୍ୟ ସାଧାରଣ ସମ୍ପାଦକ ସୁଦୀପ ସାମଲ ପ୍ରମୁଖଙ୍କ ଉପସ୍ଥିତିରେ "ଛାତ୍ରୋଁ କି ଗୁଞ୍ଜ' ଓ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଜୁନ୍ ୧୭ ଦିନ ରାଜସ୍ଥାନର କୋଟାଠାରେ ହଜାର ହଜାର ଛାତ୍ରଛାତ୍ରୀଙ୍କ ସମାବେଶରେ ସାମିଲ ହୋଇ ନେତା ପ୍ରତିପକ୍ଷ ରାହୁଲ ଗାନ୍ଧୀଙ୍କ ଉଦବୋଧନ ସମ୍ବୋଧିତ "ଛାତ୍ରୋଁ କି ଗୁଞ୍ଜ' କାର୍ଯ୍ୟକ୍ରମରେ ପ୍ରାରମ୍ଭିକ ସମାବେଶରେ ବିଭିନ୍ନ ପ୍ରତିଯୋଗିତାମୂଳକ ପରୀକ୍ଷାର ଆଶାୟୀ ଏବଂ ସେମାନଙ୍କ ପରିବାର ସଦସ୍ୟଙ୍କ ସହ ଏକ ଘଣ୍ଟା ଧରି ଚାଲିଥିବା ଆଲୋଚନାରେ ରାହୁଲ ଗାନ୍ଧୀ ଭାରତର ଶିକ୍ଷା ବ୍ୟବସ୍ଥାକୁ ଶୋଷଣ କରୁଥିବା ମେସିନ ବୋଲି କହିଥିଲେ। ଏହି ତ୍ରୁଟି ପୂର୍ଣ୍ଣ ଶିକ୍ଷା ବ୍ୟବସ୍ଥା ରୋଜଗାର ଭିତ୍ତିକ ନୁହେଁ। ଭାରତରେ ବର୍ତ୍ତମାନ ମାତ୍ର ୧.୨ ପ୍ରତିଶତ ଲୋକ ହିଁ ଦରମା ପ୍ରାପ୍ତ ଚାକିରି ପାଇପାରିବେ। ଏହା ଛାତ୍ରଛାତ୍ରୀ ଏବଂ ସେମାନଙ୍କ ପରିବାର ନିଜ ପାଠପଢ଼ା ପାଇଁ ବହୁତ ବଡ଼ ଅର୍ଥ ଖର୍ଚ୍ଚ କରିବା ପରେ ଘଟୁଛି। ୨୨ ଲକ୍ଷ ଛାତ୍ରଛାତ୍ରୀ ନିଟ୍ ପରୀକ୍ଷା ଦିଅନ୍ତି ଏବଂ ସେମାନଙ୍କ ପରିବାର ଏଥିପାଇଁ ୧.୩୨ ଲକ୍ଷ କୋଟି ଟଙ୍କା ଖର୍ଚ୍ଚ କରନ୍ତି। ଏହି ପରିମାଣ ଭାରତ ସରକାରଙ୍କ ଶିକ୍ଷା ମନ୍ତ୍ରଣାଳୟର ସମଗ୍ର ବଜେଟ୍ ସହ ସମାନ। ନିଟ୍, ଏସଏସସି, ଆରଆରବି, ୟୁପିଏସସି ଏବଂ ଜେଇଇ ପରୀକ୍ଷା ପାଇଁ ଛାତ୍ରଛାତ୍ରୀଙ୍କ ଦ୍ୱାରା ଦିଆଯାଉଥିବା ସମୁଦାୟ ଫି' ପ୍ରାୟ ୩.୫ ଲକ୍ଷ କୋଟି ଟଙ୍କା, ଯାହା ଶିକ୍ଷା, ସ୍ୱାସ୍ଥ୍ୟ, ଶ୍ରମ, ବିଜ୍ଞାନ, ପ୍ରଯୁକ୍ତିବିଦ୍ୟା ଏବଂ ମହିଳା ଓ ଶିଶୁ ବିକାଶ ସମେତ ୫ଟି ମନ୍ତ୍ରଣାଳୟର ମୋଟ ବଜେଟ ସହିତ ସମାନ ଅଟେ ଆକାଂକ୍ଷାଙ୍କ ଦୁଃଖଦ ଆଃହତ୍ୟା ପ୍ରସଙ୍ଗରେ ସେ ଜଣେ ନିଟ୍ ଆଶାୟୀ ଥିଲେ କିନ୍ତୁ ପ୍ରଶ୍ନପତ୍ର ଲିକ୍ ହେବା ପରେ ଆରହତ୍ୟା କରିଥିଲେ। ଏହି ବ୍ୟବସ୍ଥା ଦ୍ୱାରା ଆତ୍ମହତ୍ୟା କରିବାକୁ ବାଧ୍ୟ ହେଉଥିବା ଆକାଂକ୍ଷାଙ୍କ ଭଳି ଆଉ କୌଣସି ଛାତ୍ରଛାତ୍ରୀ ରହିବା ଉଚିତ ନୁହେଁ। ଏହା ଆକାଂକ୍ଷାଙ୍କ ବିଫଳତା ନଥିଲା, ବରଂ ବ୍ୟବସ୍ଥା ତାଙ୍କୁ ବିଫଳ କରିଥିଲା ଦେଶର ହଜାର ହଜାର ଉତ୍ସାହୀ ଛାତ୍ରଛାତ୍ରୀ ଏହି ସମାବେଶରେ ସାମିଲ ହୋଇ ପ୍ରଚଳିତ ଶିକ୍ଷା ବ୍ୟବସ୍ଥାର ପରିବର୍ତ୍ତନ ବିଷୟରେ ନିଜର ମତାମତ ପ୍ରକାଶ କରିବାକୁ ଆସିଥିଲେ। ଏହି କାର୍ଯ୍ୟକ୍ରମକୁ ଏଲଇଡି ମାଧ୍ୟମରେ ଗଣମାଧ୍ୟମ ପ୍ରତିନିଧି ଏବଂ ଛାତ୍ରନେତାଙ୍କ ପାଇଁ ପ୍ରଚାରପ୍ରସାର କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଡିସିସି ଉପସଭାପତି ଲକ୍ଷ୍ମୀଧର ତ୍ରିପାଠୀ, ବିଭୁ ପ୍ରସାଦ ମିଶ୍ର, ଯୁବ ନେତା କମଳ ଚରଣ ସାହୁ, ପ୍ରତୀକ ମହାପାତ୍ର, ଆଲୋକ ପ୍ରଧାନ, ଛାତ୍ର ନେତା ଦିଲ୍ଲୀପ କୁମାର ବିଶୋଇ, ଶିବରଞ୍ଜନ ସାହୁ, ଓମପ୍ରକାଶ ପ୍ରଧାନ ପ୍ରମୁଖ ଯୋଗ ଦେଇଥିଲେ।

# ସହରାଞ୍ଚଳ ଜନସମ୍ପର୍କ ଓ ନାଗରିକ ସହଭାଗିତା କାର୍ଯ୍ୟକ୍ରମ



ଓଡ଼ଗାଁ,୨୪।୬(ସମିସ): ନୟାଗଡ଼ ଜିଲ୍ଲାର ଓଡ଼ଗାଁ ବିଜ୍ଞାପିତ ଅଞ୍ଚଳ ପରିଷଦ (ଏନ୍ଏସି) ପକ୍ଷରୁ ରାଜ୍ୟସ୍ତରୀୟ 'ସହରାଞ୍ଚଳ ଜନସମ୍ପର୍କ ଓ ନାଗରିକ ସହଭାଗିତା-୨୦୨୬' କାର୍ଯ୍ୟକ୍ରମ ବୁଧବାର ଅପରାହ୍ନରେ ସ୍ଥାନୀୟ ସାଗର କଲ୍ୟାଣୀ ମଣ୍ଡପଠାରେ ଅନୁଷ୍ଠିତ ହୋଇଯାଇଛି। ଏନ୍ଏସିର କାର୍‌ଯ୍ୟନିର୍ବାହୀ ଅଧିକାରୀ ନିହାର ରଞ୍ଜନ ବେହେରାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍‌ଯ୍ୟକ୍ରମରେ ଓଡ଼ଗାଁ ତହସିଲଦାର ଡ. ମାନସ ରଞ୍ଜନ ଭୋଇ ମୁଖ୍ୟ ଅତିଥି ଏବଂ ଓଡ଼ଗାଁ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରୀତିବାଳା ରଣା ମୁଖ୍ୟ ବକ୍ତା ଭାବେ ଯୋଗଦେଇଥିଲେ। ଏହି ଅବସରରେ ୪୧ ଜଣ ହିତାଧିକାରୀଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାର କାର୍‌ଯ୍ୟାଦେଶ ପ୍ରଦାନ କରାଯାଇଥିବା ବେଳେ ଅନ୍ୟ ୧୫ ଜଣ ହିତାଧିକାରୀଙ୍କୁ ଅନ୍ନପୂର୍ଣ୍ଣା କାର୍ଡ ବଣ୍ଟନ କରାଯାଇଥିଲା। ତହସିଲଦାର ଡ. ଭୋଇ କହିଥିଲେ ଯେ, ସହଯୋଗ ଓ ସହଭାଗିତାର ବଳରେ ଓଡ଼ଗାଁ ଏକ ସ୍ୱଚ୍ଛ ଓ ସୁନ୍ଦର ସହର ଭାବେ ଆଗକୁ ବଢୁଛି। କାର୍ଯ୍ୟକ୍ରମକୁ ଭାବଗ୍ରାହୀ ମହାପାତ୍ର ସଂଯୋଜନା କରିଥିବା ବେଳେ ରଞ୍ଜନ କୁମାର ଦାଶ ମଞ୍ଚ ପରିଚାଳନା କରିଥିବା ବେଳେ ଏନ୍ଏସିର ସମସ୍ତ କର୍ମଚାରୀ କାର୍‌ଯ୍ୟକ୍ରମର ସଫଳ ଆୟୋଜନ ଓ ସାକାର କରିବାରେ ସହଯୋଗ ପ୍ରଦାନ କରିଥିଲେ।

# ଏନ୍ଏସି ପକ୍ଷରୁ ରଥଯାତ୍ରା ପ୍ରସ୍ତୁତି ବୈଠକ




ଖଣ୍ଡପଡ଼ା,୨୪।୬(ସମିସ): ଖଣ୍ଡପଡ଼ା ଗଡଜାତର ସର୍ବ ପୁରାତନ ରଥଯାତ୍ରା ନିମନ୍ତେ ଏନଏସି ଅଧ୍ୟକ୍ଷା ଆରତୀ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ପୂର୍ତ୍ତ ଡାକ ବଙ୍ଗଳା ପରିସରରେ ଆୟୋଜିତ ଉକ୍ତ ବୈଠକରେ ଖଣ୍ଡପଡ଼ା ରାଜା ତଥା ପୂର୍ବତନ ବିଧାୟକ ସିଦ୍ଧାର୍ଥ ଶେଖର ସିଂହ, ବିଧାୟକ ଇଂ ଦୁଷ୍ମନ୍ତ କୁମାର ସ୍ୱାଇଁ, ତହସିଲଦାର ବିଶ୍ୱ ବିଶ୍ରୁତ ତ୍ରିପାଠୀ, କାର୍ଯ୍ୟନିର୍ବାହୀ ଅଧିକାରୀ ଅଭିଷେକ ମିଶ୍ର, ଏସ୍‌ଡିପିଓ ସରୋଜ କୁମାର ସାହୁ, ଥାନା ଅଧିକାରୀ କୃତ୍ତିବାସ ହରିଚନ୍ଦନ, ସମାଜସେବୀ ବିଧାନ ଚନ୍ଦ୍ର ପ୍ରଧାନ, ଚିତ୍ତରଞ୍ଜନ ମିଶ୍ରଙ୍କ ସମେତ ଅଗ୍ନିଶମ ବିଭାଗ, ବନବିଭାଗ, ଜନସ୍ୱାସ୍ଥ୍ୟ ବିଭାଗ ଓ ସ୍ୱାସ୍ଥ୍ୟ ବିଭାଗର କର୍ମଚାରୀମାନେ ଯୋଗ ଦେଇଥିଲେ। ପରମ୍ପରା ଅନୁଯାୟୀ ରାଜ ପରିବାର ଏବଂ ଦେବୋତ୍ତର ବିଭାଗ ପକ୍ଷରୁ ଦୁଇଟି ରଥ କାର୍ଯ୍ୟ ଜାରି ରହିଥିବା ଜଣାପଡ଼ିଛି। ଜୁଲାଇ ୧୬ ତାରିଖରୁ ଆରମ୍ଭ ହେଉଥିବା ରଥଯାତ୍ରାରେ ଶାନ୍ତିଶୃଙ୍ଖଳା ରକ୍ଷା କରିବା, ବିଭିନ୍ନ ସ୍ଥାନରେ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଷ୍ଟଲ ଖୋଲିବା, ଅଗ୍ନିଶମ ବିଭାଗ ପକ୍ଷରୁ ଜଳ ସିଞ୍ଚନ କରିବା, ଏନଏସି ପକ୍ଷରୁ ପାନୀୟ ଜଳ, ଆଲୋକୀକରଣ ଏବଂ ଦହି ପଣା ବ୍ୟବସ୍ଥାକୁ ସୁଚାରୁରୂପେ ତୁଲାଇବା ପାଇଁ ଅଧ୍ୟକ୍ଷା ଶ୍ରୀମତୀ ପ୍ରଧାନ ସମସ୍ତଙ୍କ ସହଯୋଗ କାମନା କରିଥିଲେ। ଉକ୍ତ ବୈଠକରେ ଖଣ୍ଡପଡ଼ା ଅଞ୍ଚଳର ବହୁ ବୁଦ୍ଧିଜୀବୀ, ସେବାୟତ, ସ୍ୱେଚ୍ଛାସେବୀ ଅନୁଷ୍ଠାନ, ଗଣମାଧ୍ୟମ ପ୍ରତିନିଧି ଓ ସାଧାରଣ ଲୋକମାନେ ଉପସ୍ଥିତ ରହି ନିଜ ନିଜର ମତ ପ୍ରକାଶ କରିଥିଲେ।

## 'ରାତି ପାହିବାକୁ ଅଳପ ବାକି' ମଞ୍ଚସ୍ଥ

ଭାପୁର,୨୪।୬(ସମିସ): ଭାପୁର ବ୍ଲକର ଅଗ୍ରଣୀ କଳାକାର ସଙ୍ଘ ଶାଳପଡା ଗ୍ରାମର ମା ମଙ୍ଗଳା ଯୁବ ନାଟ୍ୟ ସଂସଦ ତରଫରୁ ସାମାଜିକ ନାଟକ 'ରାତି ପାହିବାକୁ ଅଳପ ବାକି' ମଞ୍ଚସ୍ଥ କରାଯାଇଛି। ଶୀତଳଷଷ୍ଠୀ ଯାତ୍ରା ଉପଲକ୍ଷେ ବେଗୁନିଆ ବ୍ଲକ ତଣାଳ ଗ୍ରାମର ବାବା ବିଶ୍ୱନାଥ ଦେବଙ୍କ ଯାତ୍ରା ପଡିଆରେ ଆୟୋଜିତ ଏକ ବନ୍ଧୁତା ପୂର୍ଣ୍ଣ ନାଟକ ପ୍ରତିଯୋଗିତାରେ ଭାଗ ନେଇ ଶାଳପଡା ଗ୍ରାମର ଯୁବକ ମାନେ ଉଚ୍ଚ ମାନର କଳା ପରିବେଷଣ କରି ପ୍ରଶଂସିତ ହୋଇଥିଲେ। ମନୋଜ ପଣ୍ଡାଙ୍କ ରଚିତ ଓ କାନନ ବିହାରୀ ପଟ୍ଟନାୟକଙ୍କ ନିର୍ଦ୍ଦେଶିତ ପାରିବାରିକ ସାମାଜିକ ନାଟକ 'ରାତି ପାହିବାକୁ ଅଳପ ବାକି' ଦର୍ଶକ ମାନଙ୍କ ହୃଦୟ ଜିତିନେଇଥିଲା। ଯୁବ କଳାକାର ମାନସ, ଆଲୋକ, ମହେଶ୍ୱର, ସମୀର, କାହ୍ନା, ବୁଲୁ, ବିଜୟ, ବାବୁଲି, ସାଜନ, ଚିକୁନ, ମାଧବଙ୍କ ସହ ମହିଳା କଳାକାର କବିତା, ସବିତା, ଝିଲି, ବିଜୟନ୍ତୀ ଓ ଲକ୍ଷ୍ମୀ ସୁନ୍ଦର ଅଭିନୟ କରିଥିଲେ।

## ଅଞ୍ଚଳର ବିକାଶ କଥା ଚିନ୍ତା କଲେ ବିକାଶର ଧାରା ଆଗକୁ ବଢ଼ିବ

ଗଣିଆ,୨୪ଲ୬(ସମିସ): ଗଣିଆ ବ୍ଲକରେ ବିକାଶର ଧାରା ଓଡ଼ିଶା ସାରା' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କନ୍ଧମାଳ ସାଂସଦ ସୁକାନ୍ତ କୁମାର ପାଣିଗ୍ରାହୀ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ପୂର୍ବତନ ବିଧାୟକ ପୂର୍ଣ୍ଣଚନ୍ଦ୍ର ନାୟକ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଅନ୍ତର୍ଯ୍ୟାମୀ ମିଶ୍ର, ବରିଷ୍ଠ ବିଜେପି ନେତା ରାଘବ ମଲ୍ଲିକ, ବିଡ଼ିଓ ଲବଣ୍ୟେନ୍ଦୁ ମହାନ୍ତି, ବିଜେପି ମଣ୍ଡଳ ସଭାପତି ମହାବୀର ପ୍ରସାଦ ମିଶ୍ର ପ୍ରମୁଖ ମଞ୍ଚାସୀନ ଥିଲେ। ଓଡ଼ିଶାରେ ଦୁଇ ବର୍ଷର ସରକାରଙ୍କ ସଫଳତା ସମ୍ପର୍କରେ ବିଡିଓ ଅଭିଭାଷଣ ପ୍ରଦାନ କରିଥିଲେ। ସମସ୍ତେ ନିଜ ନିଜ ଅଞ୍ଚଳର ବିକାଶ ପାଇଁ ଚିନ୍ତା କଲେ ବିକାଶର ଧାରା ଆଗକୁ ବଢିବ ବୋଲି ସାଂସଦ ପ୍ରକାଶ କରିବା ସହିତ ମା ମାନଙ୍କର ବିକାଶ ପାଇଁ ମୋଦିଙ୍କର ଅବଦାନ ଅତୁଳନୀୟ ବୋଲି ବର୍ଣ୍ଣନା କରିଥିଲେ। ଏହି ଅବସରରେ ଗଣିଆ ବ୍ଲକର ସମସ୍ତ ଲୋକପ୍ରତିନିଧି ମାନଙ୍କୁ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନାର ନୂତନ କାର୍ଡ ପ୍ରଦାନ କରିବା ସହିତ ବିଧବା ଏବଂ ବାର୍ଦ୍ଧକ୍ୟ ଭତ୍ତା ପ୍ରଦାନ କରିଥିଲେ। ଗଣିଆ ବ୍ଲକର ସମସ୍ତ କର୍ମଚାରୀ ଏହି କାର୍ଯ୍ୟକ୍ରମରେ ସଂପୂର୍ଣ୍ଣ ସହଯୋଗ କରିଥିଲେ। ପରେ ପରେ ଗଣିଆ -ଓ୍ୱାଲିପୁର ରାସ୍ତାର ଶିଳାନ୍ୟାସ,ବେଲପଡାପାଟଣା ଦଧିବାମନ ଜୀଉ ମନ୍ଦିର ପ୍ରତିଷ୍ଠା ଉତ୍ସବରେ ଯୋଗଦାନ ତଥା କାଳିଆପଡା ମା ବ୍ରାହ୍ମଣୀ ଦେବୀଙ୍କ ନୂତନ ମନ୍ଦିର ପ୍ରତିଷ୍ଠା କାର୍ଯ୍ୟକ୍ରମରେ ଯୋଗଦାନ କରିଥିଲେ।

## ରଥଖଳାରେ ଦ୍ରୁତ ଗତିରେ ଚାଲିଛି ରଥ ନିର୍ମାଣ

ରଣପୁର,୨୪।୬(ସମିସ): ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପାଇଁ ଦ୍ୱିତୀୟ ଶ୍ରୀକ୍ଷେତ୍ର ରଥଖଳାରେ ଚାଲିଛି ରଥ ନିର୍ମାଣ କାର୍ଯ୍ୟ। ମହାପ୍ରଭୁ ଶ୍ରୀଜଗନ୍ନାଥ, ବଳଭଦ୍ର ଏବଂ ଦେବୀ ସୁଭଦ୍ରାଙ୍କ ପାଇଁ ନିୟମିତ ନୀତିକାନ୍ତି ଅନୁଯାୟୀ ତିନୋଟି ରଥ - ତାଳଧ୍ୱଜ, ତାଳଧ୍ୱଜ ଓ ଦର୍ପଦଳନର ନିର୍ମାଣ କାର୍ଯ୍ୟ ଦ୍ରୁତ ଗତିରେ ପ୍ରସ୍ତୁତି ଚାଲିଛି। ଦ୍ୱିତୀୟ ଶ୍ରୀକ୍ଷେତ୍ର ରୂପେ ପରିଚିତ ନୟାଗଡ ଜିଲ୍ଲା ରଣପୁରର ଶ୍ରୀଜଗନ୍ନାଥ ମନ୍ଦିରର ରଥଖଳାରେ ନିର୍ମାଣ ଚାଲିଛି ରଥ କାର୍ଯ୍ୟ। ମହାରଣାମାନେ ଦିନ ରାତି ଅକ୍ଲାନ୍ତ ପରିଶ୍ରମ କରି ରଥ ନିର୍ମାଣ ପାଇଁ ଲାଗି ପଡ଼ିଛନ୍ତି। ମନ୍ଦିର ପରିସର ମଧ୍ୟରେ ଠାକୁର ନିର୍ମାଣ ଚାଲୁ ଥିବା ବେଳେ ମନ୍ଦିର ବାହାର ରଥ ଖଳାରେ ରଥ ଚକ ଓ ଅଖ କାମ ଚାଲୁ ରହିଛି। ଦ୍ରୁତ ଗତିରେ ରଥ କାମ ଆଗେଇ ଚାଲିଛି ସ୍ନାନ ପୂର୍ଣ୍ଣିମାକୁ ଚକ ଠିଆ ହେବ ନେଇ ମହାରଣା କହିଛନ୍ତି।

# 'ବିକାଶର ଧାରା ଓଡ଼ିଶା ସାରା' କାର୍ଯ୍ୟକ୍ରମ

ଦଶପଲ୍ଲା,୨୪।୬(ସମିସ)




କନ୍ଧମାଳ ସଂସଦୀୟ କ୍ଷେତ୍ର ଅନ୍ତର୍ଗତ ଦଶପଲ୍ଲା ନିର୍ବାଚନ ମଣ୍ଡଳୀରେ ତୃଣମୂଳ ସ୍ତରରେ ବିକାଶ ପ୍ରକ୍ରିୟାକୁ ଅଧିକ ତ୍ୱରାନ୍ୱିତ କରାଯିବା ସହିତ ବିକାଶ ଧାରା ବଜାୟ ରହିବ ବୋଲି ସାଂସଦ ସୁକାନ୍ତ ପାଣିଗ୍ରାହୀ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି। ଆଜି ଦଶପଲ୍ଲା ବ୍ଲକ ପରିସରରେ ଆୟୋଜିତ ଓଡ଼ିଶା ସାରା ବିକାଶ ଧାରା କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଯୋଗ ଦେଇ ଶ୍ରୀ ପାଣିଗ୍ରାହୀ ରାଜ୍ୟ ସରକାରଙ୍କ ଦୁଇ ବର୍ଷର ସଫଳତା ଓ ଲୋକାଭିମୁଖୀ ଯୋଜନା ଉପରେ ଆଲୋକପାତ କରିଥିଲେ। ବିଡିଓ ଶରତ ଚନ୍ଦ୍ର ମଲ୍ଲିକଙ୍କ ଆୟୋଜନରେ ବିଗତ ତିନିଦିନିଆ କାର୍ଯ୍ୟକ୍ରମର ଅନ୍ତିମ ଦିବସରେ ମିଶନ ଶକ୍ତି ମହିଳାଙ୍କୁ ନେଇ ବିଭିନ୍ନ ସଚେତନତା ଓ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଆକାଂକ୍ଷା ବ୍ଲକ୍ ସଂଯୋଜିକା ସଂଜୀବନୀ ମାଝୀ ମଞ୍ଚ ସଂଯୋଜନା କରିବା ସହିତ ବିଭିନ୍ନ ବିଭାଗୀୟ ସଫଳତାକୁ ଉପସ୍ଥାପନା କରିଥିଲେ। ଅନ୍ୟତମ ମଞ୍ଚାସୀନ ଅତିଥି ଭାବରେ ପୂର୍ବତନ ବିଧାୟକ ପୂର୍ଣ୍ଣଚନ୍ଦ୍ର ନାୟକ, ଅତିରିକ୍ତ ବିଡିଓ ଗୋବିନ୍ଦ ଚନ୍ଦ୍ର ଦାସ, ଏନ୍ଏସି ଅଧ୍ୟକ୍ଷା ପୁନମ୍ ପ୍ରିୟଦର୍ଶିନୀ, ତହସିଲଦାର ସ୍ମୃତି ରଞ୍ଜନ ଶତପଥୀ, ଗୋଷ୍ଠୀ ଶିକ୍ଷାଧିକାରୀ ଭକ୍ତି ବିନୋଦ ସଲ, ଥାନା ଭାରପ୍ରାପ୍ତ ନିରୀକ୍ଷକ ବିନୟ ରଞ୍ଜନ ପରିଡ଼ା, ବରିଷ୍ଠ ନାଗରିକ ମଞ୍ଚ ସଭାପତି ପ୍ରାଣକୃଷ୍ଣ ବେହେରା ପ୍ରମୁଖ ଯୋଗ ଦେଇଥିଲେ।

**ନୂଆଗାଁ ବ୍ଲକ୍ ପରିସର:** ନୂଆଗାଁ ବ୍ଲକ୍ ପରିସରରେ 'ବିକାଶର ଧାରା ଓଡ଼ିଶା ସାରା' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏହି ଯୋଜନା ଅଧୀନରେ ୧୦ ଜଣ ଲେଖାଏଁ ନୂତନ ହିତାଧିକାରୀଙ୍କୁ ଭତ୍ତା, ରାସନ କାର୍ଡ, ଆବାସ ଯୋଜନାର ଅନୁମୋଦନ ପତ୍ର ଓ ଗୋଷ୍ଠୀ ଜଙ୍ଗଲ ଜମି ଶିରୋନାମା ପତ୍ର ବଣ୍ଟନ କରାଯାଇଥିଲା। ଏହାସହ ଅଙ୍ଗନବାଡି କର୍ମୀମାନଙ୍କ ଡିଜିଟାଲ ସଶକ୍ତୀକରଣ ଉଦ୍ଦେଶ୍ୟରେ ସ୍ମାର୍ଟ ମୋବାଇଲ ଫୋନ ବଣ୍ଟନ କରାଯାଇଥିଲା। ଭକନ୍ଧମାଳ ସାଂସଦ ସୁକାନ୍ତ କୁମାର ପାଣିଗ୍ରାହୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ବିକାଶମୂଳକ ଯୋଜନା ସମ୍ପର୍କରେ ଆଲୋକପାତ କରିଥିଲେ। ସମ୍ମାନିତ ଅତିଥି ଭାବେ ନୟାଗଡ଼ ଜିଲ୍ଲାପାଳ ମଧୁମିତା ରଥ, ନୂଆଗାଁ ବିଡିଓ ଡ. ଅମୃତ କୁମାର ରାଉଳ, ବ୍ଲକ ଉପାଧ୍ୟକ୍ଷ ପର୍ଶୁରାମ ସ୍ୱାଇଁ, ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଅଧ୍ୟକ୍ଷ ତ୍ରିନାଥ ମଲ୍ଲିକ, ପୂର୍ବତନ ବିଧାୟକ ପୂର୍ଣ୍ଣଚନ୍ଦ୍ର ନାୟକ ଏବଂ ଅତିରିକ୍ତ ବିଡିଓ ମୀନକେତନ ବେହେରା ପ୍ରମୁଖ ମଞ୍ଚାସୀନ ରହି ଉଦ୍‌ବୋଧନ ଦେଇଥିଲେ। ଅତିଥିମାନେ ବିଭିନ୍ନ ବିଭାଗ ପକ୍ଷରୁ ଖୋଲାଯାଇଥିବା ପ୍ରଦର୍ଶନୀ ଓ ସଚେତନତା ଷ୍ଟଲ୍ ବୁଲି ଦେଖିଥିଲେ। ଷ୍ଟଲଗୁଡ଼ିକଡ଼ିକରେ ପ୍ରଦର୍ଶିତ ବିଭିନ୍ନ ଯୋଜନା, ସେବା ଓ ଉନ୍ନୟନମୂଳକ କାର୍ଯ୍ୟ୍ୟକ୍ରମ ସମ୍ପର୍କରେ ସେମାନେ ଅବଗତ ହୋଇଥିଲେ ଏବଂ ସମ୍ପୃକ୍ତ ଅଧିକାରୀମାନଙ୍କ ସହ ଆଲୋଚନା କରିଥିଲେ। ଏହି କାର୍‌ଯ୍ୟକ୍ରମରେ ବ୍ଲକର ସରକାରୀ ଅଧିକାରୀ, କର୍ମଚାରୀ, ଅଙ୍ଗନବାଡି କର୍ମୀ, ସ୍ୱୟଂସହାୟକ ଗୋଷ୍ଠୀ ସଦସ୍ୟା ଏବଂ ବହୁ ସଂଖ୍ୟକ ହିତାଧିକାରୀ ଉପସ୍ଥିତ ଥିଲେ।

**ଗଣିଆ :** ଗଣିଆ ବ୍ଲକରେ ବିକାଶର ଧାରା ଓଡ଼ିଶା ସାରା କାର୍‌ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍‌ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କନ୍ଧମାଳ ସାଂସଦ ସୁକାନ୍ତ କୁମାର ପାଣିଗ୍ରାହୀ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ପୂର୍ବତନ ବିଧାୟକ ପୂର୍ଣ୍ଣଚନ୍ଦ୍ର ନାୟକ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଅନ୍ତର୍‌ଯ୍ୟାମୀ ମିଶ୍ର, ବରିଷ୍ଠ ବିଜେପି ନେତା ରାଘବ ମଲ୍ଲିକ, ବିଡ଼ିଓ ଲବଣ୍ୟେନ୍ଦୁ ମହାନ୍ତି, ବିଜେପି ମଣ୍ଡଳ ସଭାପତି ମହାବୀର ପ୍ରସାଦ ମିଶ୍ର ପ୍ରମୁଖ ମଞ୍ଚାସୀନ ଥିଲେ। ଓଡ଼ିଶାରେ ଦୁଇ ବର୍ଷର ସରକାରଙ୍କ ସଫଳତା ସମ୍ପର୍କରେ ବିଡିଓ ଅଭିଭାଷଣ ପ୍ରଦାନ କରିଥିଲେ। ସମସ୍ତେ ନିଜ ନିଜ ଅଞ୍ଚଳର ବିକାଶ ପାଇଁ ଚିନ୍ତା କଲେ ବିକାଶର ଧାରା ଆଗକୁ ବଢିବ ବୋଲି ସାଂସଦ ପ୍ରକାଶ କରିବା ସହିତ ମା ମାନଙ୍କର ବିକାଶ ପାଇଁ ମୋଦିଙ୍କର ଅବଦାନ ଅତୁଳନୀୟ ବୋଲି ବର୍ଣ୍ଣନା କରିଥିଲେ। ଏହି ଅବସରରେ ଗଣିଆ ବ୍ଲକର ସମସ୍ତ ଲୋକପ୍ରତିନିଧି ମାନଙ୍କୁ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନାର ନୂତନ କାର୍ଡ ପ୍ରଦାନ କରିବା ସହିତ ବିଧବା ଏବଂ ବାର୍ଦ୍ଧକ୍ୟ ଭତ୍ତା ପ୍ରଦାନ କରିଥିଲେ। ଗଣିଆ ବ୍ଲକର ସମସ୍ତ କର୍ମଚାରୀ ଏହି କାର୍‌ଯ୍ୟକ୍ରମରେ ସଂପୂର୍ଣ୍ଣ ସହଯୋଗ କରିଥିଲେ। ଗଣିଆ -ଓ୍ୱାଲିପୁର ରାସ୍ତାର ଶିଳାନ୍ୟାସ,ବେଲପଡାପାଟଣା ଦଧିବାମନଜିଉ ମନ୍ଦିର ପ୍ରତିଷ୍ଠା ଉତ୍ସବରେ ଯୋଗଦାନ ତଥା କାଳିଆପଡା ମା ବ୍ରାହ୍ମଣୀ ଦେବୀଙ୍କ ନୂତନ ମନ୍ଦିର ପ୍ରତିଷ୍ଠା କାର୍ଯ୍ୟକ୍ରମରେ ଯୋଗଦାନ କରିଥିଲେ।

## ହାତୀ ଆକ୍ରମଣରେ ବୃଦ୍ଧା ଗୁରୁତର

ବେଗୁନିଆ, ୨୪।୬ (ସମିସ): ବେଗୁନିଆ ବ୍ଲକ ଦେଉଳି ପଞ୍ଚାୟତ ଅନ୍ତର୍ଗତ ଗୋପୀନାଥପୁର ଗ୍ରାମର ଶଙ୍କର ବଳିୟାରସିଂହଙ୍କ ପତ୍ନୀ ଗୋଲାପ (୭୨)ହାତୀ ଆକ୍ରମଣର ଶିକାର ହୋଇ ଗୁରୁତର ଅବସ୍ଥାରେ ବେସରକାରୀ ଚିକିତ୍ସାଳୟରେ ଚିକିତ୍ସିତ ହେଉଛନ୍ତି । ମଙ୍ଗଳବାର ଦିନ ସନ୍ଧ୍ୟା ସମୟରେ ଶୌଚ ହେବା ପାଇଁ ଯାଇଥିବାବେଳେ ଏକ ହାତୀ ତାଙ୍କୁ ଆକ୍ରମଣ କରିବାରୁ ଦୁଇଟି ଗୋଡ଼ ଭାଙ୍ଗି ଯାଇ ଥିବାରୁ ଗୁରୁତର ଆହତ ହୋଇଥିଲେ । ତୁରନ୍ତ ଆମ୍ବୁଲାନ୍ସ ଯୋଗେ ଖୋର୍ଦ୍ଧା ଡାକ୍ତରଖାନାକୁ ନେଇଯାଇଥିବା ବେଳେ ଅବସ୍ଥା ଗୁରୁତର ହେବାରୁ ଭୁବନେଶ୍ୱରସ୍ଥିତ ବେସରକାରୀ ଚିକିତ୍ସାଳୟରେ ନେଇ ଯାଇଥିଲେ । ତେବେ ପ୍ରଶାସନ ପକ୍ଷରୁ ସରକାରୀ ସହାୟତା ଯୋଗାଇ ଦେବା ପାଇଁ ବିଧାୟକ ପ୍ରଦୀପ କୁମାର ସାହୁ ଓ ସରପଞ୍ଚ ଅକ୍ଷୟ କୁମାର ରାଉତରାୟଙ୍କ ସମେତ ଗ୍ରାମବାସୀ ମାନେ ଦାବୀ କରିଛନ୍ତି । ଏହି ବ୍ଲକର ସିକୋ ଖଡ଼ିପଦର ରାସ୍ତା ଉପରେ ୧୭ ଟିକିଆ ହାତୀପଲ ବିଚରଣ କରୁଥିବାବେଳେ ଦେଉଳି, ଓଗାଳପୁର, କୁରୁମ ଓ ଗୋପୀନାଥପୁର ଗ୍ରାମବାସୀ ମାନଙ୍କୁ ବନ ବିଭାଗ ପକ୍ଷରୁ ସତର୍କ ସୂଚନା ଦିଆଯାଇଛି ।

## ଶ୍ରୀଜଗନ୍ନାଥ ଉତ୍ସବର ଦ୍ୱିତୀୟ ସନ୍ଧ୍ୟା

ବେଗୁନିଆ,୨୪।୬ (ସମିସ): ବେଗୁନିଆ ବ୍ଲକ ପଙ୍ଗାରସିଂହ ପଞ୍ଚାୟତ ଅନ୍ତର୍ଗତ ଲେଖନପୁର/ସାମନ୍ତରାୟପୁର ଗ୍ରାମର ଆଞ୍ଚଳିକ ପଞ୍ଚବଟି କୁଟୀର ପକ୍ଷରୁ ଶ୍ରୀ ଜଗନ୍ନାଥ ମନ୍ଦିର ପ୍ରତିଷ୍ଠା ଉତ୍ସବର ଦ୍ୱିତୀୟ ସନ୍ଧ୍ୟାରେ ସମ୍ବଲପୁରୀ ଜନ ସାଧାରଣଙ୍କ ମନମୋହି ପାରିଥିଲା । ବୁଧବାର ଦିନ ପୂର୍ବାହ୍ନରେ ଯଜ୍ଞାଚାର୍ଯ୍ୟ ମାଗୁଣୀ ଚରଣ ମିଶ୍ରଙ୍କ ତତ୍ୱାବଧାନରେ ବିଘ୍ନରାଜ ପଟ୍ଟନାୟକ ଓ ପତ୍ନୀ ସୁଜାତା କର୍ତ୍ତା ଭାବେ ଉପବେଶନ କରି ବୈଦିକ ରୀତି ନୀତି ଅନୁଯାଇ ଯଜ୍ଞ କାର୍ଯ୍ୟ ଆରମ୍ଭ ହୋଇଥିଲା । ସନ୍ଧ୍ୟାରେ କଇଁରୀ ସମ୍ବଲପୁରୀ ଟିଟିଲାଗଡ,କରଞ୍ଜିଆ ମୟୂରଭଞ୍ଜ ଦି ପଲ୍ଲଭି ମାଲଖମ୍ବ, ଭକ୍ତି ପ୍ରାର୍ଥନା ବିଜେତା ବୋଲଗଡର ଅନନ୍ୟା ସାଇ ସୌମ୍ୟକାନ୍ତ ସମେତ ସ୍ଥାନୀୟ କଳାକାର ମାନେ ବିନୋଦ ବିହାରୀ ପଟ୍ଟନାୟକଙ୍କ ସଂଯୋଜନାରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ । ଏଥିରେ ସଂସ୍କୃତିପ୍ରେମୀ ଶିଶିର କୁମାର ଆଚାର୍ଯ୍ୟ,ଜିଲା ପରିଷଦ ସଭ୍ୟ ପ୍ରକାଶ ଚନ୍ଦ୍ର ସାହୁ, ସାଂସଦ ପ୍ରାର୍ଥୀ କ୍ୟାପଟେନ ମନ୍ମଥ କୁମାର ରାଉତରାୟ, ପୂର୍ବତନ ସରପଞ୍ଚ ସୁକାନ୍ତ କୁମାର ଜୟସିଂହ ଓ ଯୁବ ସମାଜସେବୀ ସୌମ୍ୟ ରଞ୍ଜନ ଜୟସିଂହ ପ୍ରମୁଖ ଉପସ୍ଥିତ ରହି ଉତ୍ସାହିତ କରିଥିଲେ । କାର୍ଯ୍ୟକ୍ରମକୁ ଜୟକୃଷ୍ଣ ପଟ୍ଟନାୟକ, ଗୋବର୍ଦ୍ଧନ ପଟ୍ଟନାୟକ, ସୁଶାନ୍ତ କୁମାର ଦାସ, ବିଦ୍ୟାଧର ସାମଲ ଓ ପ୍ରମୋଦ କୁମାର ଦାସ ସହଯୋଗ କରିଥିଲେ ।

### ଖୋର୍ଦ୍ଧା ବନଖଣ୍ଡ କାର୍ଯ୍ୟାଳୟ

# ଲାଗିବ ଦେଢ଼ ଲକ୍ଷ, ବଣ୍ଟାଯିବ ୮ ଲକ୍ଷ ଚାରା

ଖୋର୍ଦ୍ଧା,୨୪।୬(ସମିସ): ପ୍ରାକୃତିକ ବିପର୍ଯ୍ୟୟ ଜିଲ୍ଲା ପିଛା ଛାଡୁନି । ଫନି ଓ ହୁଡୁହୁଡୁ ଭଳି ଅନେକ ବିପର୍ଯ୍ୟୟ ପ୍ରଭାବରେ ବହୁ ଜଙ୍ଗଲ ନଷ୍ଟ ହୋଇଥିଲା । କୃତିମ ଉପାୟରେ ମଧ୍ୟ ଜଙ୍ଗଲ ନଷ୍ଟ ହେବାରେ ଲାଗିଛି । ଏହାର କୁପ୍ରଭାବ ପଡିବା ଦ୍ୱାରା ଜଳବାୟୁରେ ମଧ୍ୟ ବ୍ୟାପକ ପରିବର୍ତ୍ତନ ହେବାରେ ଲାଗିଛି । ତେଣୁ ପରିବେଶ ମଧ୍ୟରେ ସନ୍ତୁଳନ ରକ୍ଷା କରିବାକୁ ବ୍ୟାପକ ସଚେତନତା ସତ୍ତ୍ୱେ ଜଙ୍ଗଲ ଅବକ୍ଷୟ ଏବେ ପରିବେଶବିତ୍‌ଙ୍କ ଚିନ୍ତା ବଢ଼ାଇ ଦେଇଛି । ତେଣୁ ଚଳିତ ବର୍ଷ ମଧ୍ୟ ବନଖଣ୍ଡ ପକ୍ଷରୁ ଚାରା ରୋପଣକୁ ଗୁରୁତ୍ୱ ଦିଆଯାଇଛି । ଏଥିପାଇଁ ବନ ବିଭାଗ ଖୋର୍ଦ୍ଧା ଡିଭିଜନ ୮ଟି ସ୍ଥାୟୀ ସରକାରୀ ନର୍ସରୀ ସହ ଆଉ ୪ଟି ଅସ୍ଥାୟୀ ନର୍ସରୀରେ ପ୍ରାୟ ୮ ଲକ୍ଷରୁ ଉଦ୍ଧ୍ୱର୍ ଚାରା ପ୍ରସ୍ତୁତ କରାଯାଇଛି । ନର୍ସରୀ ଗୁଡିକରେ ନୂଆ ୬ମାସିଆ ଚାରା ଓ ୧୮ମାସିଆ ଚାରା ରହିଛି । ଖୋର୍ଦ୍ଧା ବନଖଣ୍ଡ ତରଫରୁ ୬ମାସିଆ ଦେଢ ଲକ୍ଷ ଚାରାରୋପଣ କରାଯିବ । ପଂଚାୟତରୁ ସହର ଯାଏଁ ରୋପଣ କରାଯିବ । ସେହିପରି ଲୋକଙ୍କୁ ଚାରା ବଂଟନ କରି ବୃକ୍ଷରୋପଣ କରିବାକୁ ଉତ୍ସାହିତ କରାଯିବ । ଚଳିତ ବର୍ଷ ପ୍ରାୟ ୮ ଲକ୍ଷ ଚାରା (୬ମାସିଆ) ଜନସାଧାରଣଙ୍କୁ ବଣ୍ଟନ କରାଯିବ ବୋଲି ଖୋର୍ଦ୍ଧା ବନଖଣ୍ଡ କାର୍ଯ୍ୟାଳୟ ସୂତ୍ରରୁ ଜଣାଯାଇଛି । ବନ ମହୋତ୍ସବ ସପ୍ତାହ ଅବସରରେ ଜୁଲାଇ ପହିଲାରୁ ଚାରା ବିତରଣ କରାଯିବ । ଖୋର୍ଦ୍ଧା ବନଖଣ୍ଡ ଅଧିନ ଖୋର୍ଦ୍ଧା ରେଞ୍ଜର କେତକୀ ଝର ନର୍ସରୀ ଓ ଚିରାମାଳା, ଟାଙ୍ଗୀ ରେଞ୍ଜର ପଥରବନ୍ଧ ନର୍ସରୀ, ରଣପୁର ର ନାରୋଗୋଦା ଓ ଶଙ୍ଖଯୋଡି, ବାଲୁଗାଁ ରେଞ୍ଜ ବର୍ବରା ନର୍ସରୀ ଓ ଜୀବନଦେଇପୁର, ଡେଲାଙ୍ଗ, ଭଁଅରା ଆଦି ସ୍ଥାନରେ ଏହି ଚାରା ପ୍ରସ୍ତୁତ କାର୍ଯ୍ୟ କରାଯାଇଛି । ଶିଶୁ, ଶାଗୁଆନ, ବାହାଡା, ହରିଡା, ଅଁଳା, ଆକାଶିଆ, ୟୁକାଲିପ୍ଟସ, ବେଲ, ବଉଳ, ଫାସି, ନିମ, କରଞ୍ଜ, ଆମ୍ବ, ପଣସ, ଡିମିରି, ଶିମିଳି ଆଦି ଗଛର ଚାରା ମହଜୁଦ ରହିଥିବା ଜଣାଯାଇଛି ।

ସହର ଠାରୁ ଗ୍ରାମାଞ୍ଚଳ ପର୍ଯ୍ୟନ୍ତ ଲୋକ ନିକଟରେ ଚାରା ପହଁଚାଇବା ଲକ୍ଷ୍ୟରେ ୧୩ଟି ଚାରା ଉତ୍ପାଦନ କେନ୍ଦ୍ରରେ ବିତରଣ କରାଯିବ । ସହାରାଂଚଳରେ ଜଣପିଛା ସର୍ବଧିକ ୫ଟି ଏବଂ ଗ୍ରାମାଂଚଳରେ ସର୍ବାଧିକ ୧୦ଟି ଚାରା ଯୋଗାଇ ଦିଆଯିବ । ଅଧିକ ଚାରା ଲାଗି ଆଗ୍ରହ ରଖିଥିବା ବ୍ୟକ୍ତି ଚାରା ଉତ୍ପାଦନ କେନ୍ଦ୍ରରୁ ନେଇପାରିବେ ବୋଲି



ସହକାରୀ ବନସଂରକ୍ଷକ ସୁଶାନ୍ତ ବନ୍ଧ ସୂଚନା ଦେଇଛନ୍ତି । କୌଣସି ସଂସ୍ଥା, ବେସରକାରୀ ତଥା ସରକାରୀ ଅନୁଷ୍ଠାନକୁ ମଧ୍ୟ ଚାରାଷ୍ଟଲ ପକ୍ଷରୁ ଶହେ ଚାରା ଦିଆଯିବ । କୌଣସି ମୂଲ୍ୟ ଦେବାକୁ ପଡିବ । ଏକ ପେଡ ମା'କେ ନାମ ଯୋଜନାରେ ସ୍କୁଲ, କଲେଜ ଓ ସରକାରୀ ଦପ୍ତରକୁ ମାଗଣା ଚାରା ମିଳିବ । ସମସ୍ତ ଅନୁଷ୍ଠାନ, ସଂସ୍ଥା, ପଞ୍ଜିକୃତ ଅନୁଷ୍ଠାନ,

### ଜୁଲାଇ ପ୍ରଥମ ସପ୍ତାହରୁ ଚାରାରୋପଣ, ବଣ୍ଟନ ଅଭିଯାନ

ସଂସ୍ଥା, ଅନୁଷ୍ଠାନ ଅଧିକ ଚାରା ଆବଶ୍ୟକ କରୁଥିଲେ, ବନଖଣ୍ଡ ଅଧିକାରୀଙ୍କୁ ଦରଖାସ୍ତ କରିବେ । ସେମାନଙ୍କ ଆବଶ୍ୟକତାକୁ ବିଚାର କରାଯାଇ ସର୍ବାଧିକ ୧ହଜାର ପର୍ଯ୍ୟନ୍ତ ଚାରା ଯୋଗାଇ ଦିଆଯିବ । ସର୍ବସାଧାରଣ ନିମନ୍ତେ ଚାରା ପ୍ରତି ୧ଟଙ୍କା ବନସୁରକ୍ଷା ସମିତି ଏବଂ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ଚାରା ଯୋଗାଇ ଦିଆଯିବ । ବିଭିନ୍ନ ସରକାରୀ ଦପ୍ତର ଓ ବିଦ୍ୟାଳୟ ଗୁଡିକ ସବୁଜିମା ପାଇଁ ବିଶେଷ ଗୁରୁତ୍ୱ ଦିଆଯାଇଛି ।

ତେଣୁ ବିଭିନ୍ନ ଶିକ୍ଷାନୁଷ୍ଠାନ, ସ୍କୁଲ, କଲେଜ, ରାସ୍ତା ପାଶ୍ୱର୍ରେ ବ୍ୟାପକ ଚାରା ରୋପଣ କରିବାକୁ ବିଭାଗ ଯୋଜନା କରିଥିବା ଜଣାଯାଇଛି । ବରିଷ୍ଠ ସାମ୍ବାଦିକ ଶୁଭ୍ରାଂଶୁ ସାମନ୍ତରାୟଙ୍କ କହିବା କଥା ସବୁଜବନାନୀ ନଷ୍ଟ ହେବା ଦ୍ୱାରା ବର୍ଷା ଦିନରେ ବି ପୂର୍ବଭଳି ବର୍ଷା ନାହିଁ । ବରଂ ବର୍ଷା ପରିବର୍ତ୍ତେ ତାତି ଅନୁଭୂତ ହେଉଛି । ତେଣୁ ପରିବେଶର ସନ୍ତୁଳନ ରକ୍ଷା ନିମନ୍ତେ ବନବିଭାଗର ଏ ପଦକ୍ଷେପ ଅତ୍ୟନ୍ତ ସ୍ୱାଗତଯୋଗ୍ୟ ।

ପ୍ରକାଶ ଥାଉକି, ଖୋର୍ଦ୍ଧା ବନଖଣ୍ଡ କାର୍ଯ୍ୟାଳୟ ଅଧୀନରେ ଖୋର୍ଦ୍ଧା, ଟାଙ୍ଗୀ, ବାଲୁଗାଁ, ବାଲିପାଟଣା, ରଣପୁର ଓ ଡେଲାଙ୍ଗ ପ୍ରମୁଖ ୬ଗୋଟି ବନାଂଚଳ ରହିଛି । ତନ୍ମଧ୍ୟରୁ ବାଲୁଗାଁ ବନାଞ୍ଚଳରେ ଦାମିଆ ବରବରା, ଭାଲେରୀ, ଝରଣା, ସୋଲାରୀ ସଂରକ୍ଷିତ ଜଙ୍ଗଲ ରହିଥିବାବେଳେ ଖୋର୍ଦ୍ଧା ବନାଞ୍ଚଳ ଅଧିନରେ ୪୮୨ହେକ୍ଟର ପରିମିତ ବରୁଣେଇ, ଜରିପୁଟ, ତରତୁଆ, ଡୁବୁରୀ, ବ୍ରାହ୍ମଣୀଦେବୀ-୧ ଓ ୨ ସଂରକ୍ଷିତ ଜଙ୍ଗଲ ମଧ୍ୟ ରହିଛି । ସେହିପରି ଟାଙ୍ଗି ବନାଞ୍ଚଳରେ କଦମ୍ବ ଝରି, ବଡପାରୀ, କାଣ୍ଡଗାଡିଆ, ନାଳସିଂହ, ରାମେଶ୍ୱର, ଜଳାଭର, ଭୂଷଣ୍ଡପୁର ପ୍ରମୁଖ ସଂରକ୍ଷିତ ଜଙ୍ଗଲ ରହିଛି ।

## ରାଜ୍ୟ ସୁଟିଂରେ ସତ୍ୟମଙ୍କୁ ଡବଲ ମେଡାଲ

ଖୋର୍ଦ୍ଧା, ୨୪।୬ (ସମିସ): ରାଜ୍ୟ ସୁଟିଂରେ ସତ୍ୟମଙ୍କୁ ଡବଲ ମେଡାଲ ଖୋର୍ଦ୍ଧା ଜିଲ୍ଲା ନେଗୁନିଆ ପାଇଁ ପୁଣି ଗୌରବ ଆଣିଲେ ସତ୍ୟମ ବିଷୋୟୀ । ଭୁବନେଶ୍ୱରରେ ଅନୁଷ୍ଠିତ ରାଜ୍ୟ ସୁଟିଂ ଚାମ୍ପିୟନସିପ-୨୦୨୬ ରେ ବେଗୁନିଆର ସତ୍ୟମ ବିଷୋୟୀ ଡବଲ ମେଡାଲ ଜିତିଛନ୍ତି । ସତ୍ୟମ ୧୦ ମିଟର ଏୟାର ରାଇଫଲ ଇଭେଣ୍ଟ ୟୁଥ କ୍ୟାଟାଗୋରୀରେ ରୌପ୍ୟ ପଦକ ଜିଣିଥିବାବେଳେ ଜୁନିଅର କାଟାଗୋରୀରେ ବ୍ରୋଞ୍ଜ ପଦକ ହାସଲ କରିଛନ୍ତି । ସତ୍ୟମ ଭୁବନେଶ୍ୱରସ୍ଥିତ କେନ୍ଦ୍ରୀୟ ବିଦ୍ୟାଳୟ-୩ରେ ଅଷ୍ଟମ ଶ୍ରେଣୀରେ ପଢୁଛନ୍ତି । ସେ ବେଗୁନିଆ ବଜାରର ଜଣାଶୁଣା ବ୍ୟବସାୟୀ ଅଧିକାରୀ ବିଷୋୟୀଙ୍କ ନାତି ଅଟନ୍ତି । ଗତବର୍ଷ ସତ୍ୟମ ପଞ୍ଜାବ ଫଗୱାଡାରେ ଆୟୋଜିତ ଜାତୀୟ କ୍ରୀଡା ସୁଟିଂରେ ଓଡିଶାକୁ ପ୍ରଥମ ପଦକ ଦେଇ ଗୌରବ ଅର୍ଜନ କରିଥିବା ବେଳେ ଭୋପାଳରେ କ୍ରୀଡାରେ ଅଂଶ ଗ୍ରହଣ କରିଥିଲେ । ସତ୍ୟମଙ୍କ ସଫଳତା ପାଇଁ ତାଙ୍କୁ ବେଗୁନିଆ - ବୋଲଗଡ଼ ଅଞ୍ଚଳରୁ ଶୁଭେଚ୍ଛାର ସୁଅ ଛୁଟିଛି ।



## ଶିଶୁ ସୁରକ୍ଷାକୁ ସୁଦୃଢ଼ ପାଇଁ ଜିଲ୍ଲାସ୍ତରୀୟ ପରାମର୍ଶ କର୍ମଶାଳା



ଖୋର୍ଦ୍ଧା,୨୪।୬(ସମିସ): ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ ଓ ପ୍ଲାନ ଇଣ୍ଡିଆର ମିଳିତ ଆନୁକୂଲ୍ୟରେ ଶିଶୁମାନଙ୍କର ସୁରକ୍ଷା, ଯତ୍ନ, ବିକାଶ ଓ ଅଧିକାର ସୁନିଶ୍ଚିତ କରିବା ଉଦ୍ଦେଶ୍ୟରେ ଆଜି ଖୋର୍ଦ୍ଧା ଜିଲ୍ଲାରେ ମିଶନ ବାତ୍ସଲ୍ୟ ଅଧୀନରେ ଶିଶୁ ସୁରକ୍ଷା ବ୍ୟବସ୍ଥାକୁ ସୁଦୃଢ଼ କରିବା ଶୀର୍ଷକ ଜିଲ୍ଲାସ୍ତରୀୟ ପରାମର୍ଶ କର୍ମଶାଳା ଅତିରିକ୍ତ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ଚନ୍ଦ୍ର ବେଉରା ଅଧ୍ୟକ୍ଷତା କରିଥିଲେ । ଏହି କର୍ମଶାଳାରେ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍, ଶିଶୁ କଲ୍ୟାଣ ସମିତି, ଜୁଭେନାଇଲ ଜଷ୍ଟିସ ବୋର୍ଡ, ଶିକ୍ଷା, ସ୍ୱାସ୍ଥ୍ୟ, ମହିଳା ଓ ଶିଶୁ ବିକାଶ ବିଭାଗ, ବିଭିନ୍ନ ଶିଶୁ ଯତ୍ନ ଅନୁଷ୍ଠାନର ପ୍ରତିନିଧିମାନେ ଯୋଗଦେଇଥିଲେ । ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ବାଣୀଶ୍ରୀ ପଟ୍ଟନାୟକ ସ୍ୱାଗତ ଭାଷଣ ଦେବା ସହିତ କର୍ମଶାଳାର ଆଭିମୁଖ୍ୟ ଉପରେ ଆଲୋଚନା କରିଥିଲେ । ପ୍ଲାନ ଇଣ୍ଡିଆର ରାଜ୍ୟ ସଂଯୋଜକ ପ୍ରଦ୍ୟୁତ ରଞ୍ଜନ ରାଉତ ଶିଶୁ ସୁରକ୍ଷା ବ୍ୟବସ୍ଥାକୁ ଅଧିକ ପ୍ରଭାବଶାଳୀ ଓ ସମନ୍ୱିତ କରିବା, ଶିଶୁ ନିର୍ଯାତନା, ଶିଶୁ ବିବାହ, ଶିଶୁ ଶ୍ରମ ଓ ଅନ୍ୟାନ୍ୟ ବିପଦରୁ ଶିଶୁମାନଙ୍କୁ ସୁରକ୍ଷା ଦେବା ନେଇ ବିସ୍ତୃତ ଆଲୋଚନା କରିଥିଲେ । ଏହି ଯୋଜନା ଶିଶୁ ଅଧିକାର, ପରିବାର ଭିତିକ ଯତ୍ନ, ପୁନର୍ବାସନ ଓ ଶିଶୁ ସୁରକ୍ଷା ବ୍ୟବସ୍ଥାର ସୁଦୃଢ଼ୀକରଣ ଉପରେ ଅନ୍ୟତମ ବକ୍ତା ତଥା ଖୋର୍ଦ୍ଧା ଶିଶୁ ମଙ୍ଗଳ ସମିତିର ଅଧ୍ୟକ୍ଷା କାନ୍ତା ମହାନ୍ତି, ଅତିରିକ୍ତ ଶିଶୁ ମଙ୍ଗଳ ସମିତିର ଅଧ୍ୟକ୍ଷା ମମତା ସାହୁ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ କୁସୁମ ପ୍ରହରାଜ, ଜୁଭେନାଇଲ ଜଷ୍ଟିସ ବୋର୍ଡରେ ସଦସ୍ୟ ଜବାହାର ପ୍ରସାଦ ତ୍ରିପାଠୀ, ସଦସ୍ୟା ଅଞ୍ଜୁରାମ ଏବଂ ଜିଲ୍ଲା ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍ ର ସୁରକ୍ଷା ଅଧିକାରୀ (ଆନୁଷ୍ଠାନିକ ଯତ୍ନ) ଶଚିନ୍ଦ୍ର ନାଥ ସାହୁ ପ୍ରମୁଖ ଗୁରୁତ୍ୱ ଦେଇଥିଲେ । ଏହି କର୍ମଶାଳକୁ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍ ର ସମସ୍ତ କର୍ମଚାରୀଙ୍କ ସହିତ ପ୍ଲାନ୍ ଇଣ୍ଡିଆ ର ଜିଲ୍ଲା ସଂଯୋଜିକ ଅମିତା ସିଂହ ପ୍ରମୁଖ ପରିଚାଳନା କରିଥିଲେ ।

## ବିଜେଡିର ପଞ୍ଚାୟତସ୍ତରୀୟ ସାଂଗଠନିକ ବୈଠକ



ବେଗୁନିଆ,୨୪।୬ (ସମିସ): ବେଗୁନିଆ ବ୍ଲକ ଅନ୍ତର୍ଗତ ଦେଉଳି ପଞ୍ଚାୟତ ଅନ୍ତର୍ଗତ ଗୋଡା ଗ୍ରାମର ଲୋକନାଥ ଦେବଙ୍କ ପୀଠରେ କଣ୍ଟାବାଡ ପଞ୍ଚାୟତର ବିଜେଡ଼ିର ସାଙ୍ଗଠନିକ ବୈଠକ ଅନୁଷ୍ଠିତ ହୋଇଛି । ଏଥିରେ ବିଧାୟକ ପ୍ରଦୀପ କୁମାର ସାହୁ ଯୋଗ ଦେଇ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଶାସନ ସମୟରେ ଓଡ଼ିଶାର ପୁରପଲ୍ଲୀରେ ସର୍ବାଙ୍ଗୀନ ବିକାଶର ଧାରା ଚରମ ସୀମାରେ ରହିଥିଲା । ବର୍ତ୍ତମାନର ଲୋକଙ୍କ ସରକାର ବିକାଶର ଡିଣ୍ଡିମ ପିଟୁଥିବା ବେଳେ କୋମା ଅବସ୍ଥାରେ ରଖି ଅଯଥା ବାହାବା ନେବା ପାଇଁ ପ୍ରୟାସ ଜାରି ରଖିଛି । ଏହାକୁ ପ୍ରତିରୋଧ କରିବା ସହ ଆଗାମୀ ଦିନରେ ତୃଣମୂଳ ସ୍ତରରେ ବିଜେଡ଼ି ଦଳକୁ ଅଧିକ ଶକ୍ତିଶାଳୀ କରିବା ପାଇଁ ପ୍ରତିଟି ଘରେ ବିଜେଡ଼ି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ବିକାଶର ବାର୍ତ୍ତା ପହଞ୍ଚାଇବା ପ୍ରତ୍ୟେକ କର୍ମୀଙ୍କ ପ୍ରଥମ କର୍ତ୍ତବ୍ୟ ହେବା ଉଚିତ୍ ବୋଲି ବିଧାୟକ ଶ୍ରୀ ସାହୁ କହିଥିଲେ ।

## ଟିସିଏଚ୍ ୱେଲଫେୟାର ଟ୍ରଷ୍ଟ ପକ୍ଷରୁ ସରବତ ବଣ୍ଟନ



ନିରାକାରପୁର, ୨୪।୬ (ସମିସ): ପବିତ୍ର ମହରମ ଉପଲକ୍ଷେ ସ୍ଥାନୀୟ ନିରାକାରପୁର କଲେଜ ଛକ ନିକଟରେ "ଟି.ସି.ଏଚ୍ ୱେଲଫେୟାର ଟ୍ରଷ୍ଟ' ଆନୁକୂଲ୍ୟରେ ସରବତ ବଣ୍ଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଅତିଥି ଭାବେ ଟ୍ରଷ୍ଟର ସଭାପତି ସୌକତ ଅଲ୍ଲୀ ଶାହା, ସ୍ଥାନୀୟ ଅଞ୍ଚଳର ପୂର୍ବତନ ସରପଞ୍ଚ ବିପିନ ବିହାରୀ ଜୟସିଂହ, ସଖା ସଂଘ କ୍ରୀଡା ସଂସଦ ଉପସଭାପତି ମାନସ ଚନ୍ଦ୍ର ପଟ୍ଟନାୟକ,ସମ୍ପାଦକ ଦୀପକ କୁମାର ପ୍ରଧାନ, ଚିତ୍ତରଞ୍ଜନ ମହାରଣା, ରଜାକ ଖାନ ଏବଂ ପତିତପାବନ ହାତୀ ପ୍ରମୁଖ ଉପସ୍ଥିତ ରହି ସେବା କାର୍ଯ୍ୟକୁ ଉତ୍ସାହିତ କରିଥିଲେ । ଆୟୋଜକ ସାହେନେସାବ ଅଲ୍ଲୀ ଶାହାଙ୍କ ପ୍ରତ୍ୟକ୍ଷ ନେତୃତ୍ୱରେ ସମସ୍ତ କାର୍ଯ୍ୟକ୍ରମଟି ଅତି ସଫଳତାର ସହ ସମ୍ପନ୍ନ ହୋଇଥିଲା ।

## ନବନିର୍ମାଣ ଖୋର୍ଦ୍ଧା ଜିଲ୍ଲା ସାଂଗଠନିକ ସମ୍ମିଳନୀ

ଖୋର୍ଦ୍ଧା,୨୪।୬(ସମିସ): ସ୍ଥାନୀୟ ବାଟମଙ୍ଗଳା ମନ୍ଦିର ପରିସରରେ ଖୋର୍ଦ୍ଧା ଜିଲ୍ଲା ନବନିର୍ମାଣ କୃଷକ ସଂଗଠନର ଜିଲ୍ଲା ସାଂଗଠନିକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ସଂଯୋଜକ ସୁରେଶ ଚନ୍ଦ୍ର ମାନସିଂହଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସମ୍ମିଳନୀରେ ସଂଗଠନର ରାଜ୍ୟ ସଂଯୋଜକ ଶେଷଦେବ ନନ୍ଦ, ରାଜ୍ୟ ମହିଳା ନେତ୍ରୀ ମଧୁମିତା ସାମଲ, ଯୁବ ଛାତ୍ର ସଂଯୋଜକ ମନୱର ଅଲ୍ଲୀ ପ୍ରମୁଖ ଅତିଥି ଭାବେ ଯୋଗଦେଇ ଥିଲେ । ବୈଠକ ଆରମ୍ଭରେ ରାଜ୍ୟ ମହିଳା ନେତ୍ରୀ ମଧୁମିତା ସାମଲ ଏବଂ ଜିଲ୍ଲା ସଂଯୋଜକ ସୁରେଶ ଚନ୍ଦ୍ର ମାନସିଂହ ବୈପ୍ଳବିକ ସଂଗୀତ ଗାନ କରିଥିଲେ । ରାଜ୍ୟ ସଂଯୋଜକ ଶେଷଦେବ ନନ୍ଦ ଯୋଗଦେଇ ଆମେ କେବଳ ଧାନର ଦର୍ ବୃଦ୍ଧି କିମ୍ବା, ଚାଷୀଙ୍କ ପାଇଁ ଲଢେଇ କରୁନେ, ଆମେ ସମାଜରେ ସମ୍ପୂର୍ଣ୍ଣ ବ୍ୟବସ୍ଥା ପରିବର୍ତନ ପାଇଁ ଏ ଲଢେଇ କରୁଛୁ ବୋଲି କହିଥିଲେ । ଯୁବ ଛାତ୍ର ସଂଯୋଜକ ମନୱର ଅଲ୍ଲୀ ଯୋଗଦେଇ ନବନିର୍ମାଣ କୃଷକ ସଂଗଠନର ଐତିହାସିକ ଲଢେଇ ଫଳରେ କେବଳ କାଳିଆ, ଧାନ ଦର ବୃଦ୍ଧି, କିମ୍ବା ବାର୍ଦ୍ଧକ୍ୟ ଭତା ନୁହେଁ ପଲ୍ୟୁସନ ପର୍ଯ୍ୟନ୍ତ ସରକାର ବ୍ରେକ୍ ଲଗାଇଛନ୍ତି । ନବନିର୍ମାଣ ସବୁବେଳେ ବୈପ୍ଳବିକ ସଂସ୍ଥା ଭାବେ ଲୋକଙ୍କ ପାଇଁ ଲଢେଇ କରିଛି । ସଂଗଠନର ରାଜ୍ୟ ମହିଳା ନେତ୍ରୀ ମଧୁମିତା ସାମଲ ଅକ୍ଷୟ କୁମାରଙ୍କ ନେତୃତ୍ୱରେ କ୍ରମାଗତ ଚାଲିଥିବା ଚାଷୀ ଆନ୍ଦୋଳନ ଓଡ଼ିଶା ଚାଷୀଙ୍କ ଆଶା ଓ ଭରସାର କେନ୍ଦ୍ରବିନ୍ଦୁ ପାଲଟିଛି ବୋଲି କହିଥିଲେ । ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ସଂଗଠନ ଜୟନ୍ତ ତ୍ରିପାଠୀ, ବେଗୁନିଆ ସଂଗଠକ ମଦନ ସାହୁ, ବୋଲଗଡ଼ ସଂଯୋଜକ କାହ୍ନୁ ବେହେରା, ସମିତି ସଭ୍ୟ ରଞ୍ଜନ ପଣ୍ଡା, ମୃତ୍ୟୁଞ୍ଜୟ ପ୍ରଧାନ, ରାଜକିଶୋର ଦାସ, ନିକୁଞ୍ଜ ବିହାରୀ ଦାସ, ନାରାୟଣ ସେନ, ରସିକ୍ ସେନ୍, ସଞ୍ଜୟ ପାତ୍ର, ଅଧିକାରୀ ବେହେରା, ନିରଞ୍ଜନ ପ୍ରଧାନ, ପ୍ରସନ୍ନ ପ୍ରଧାନ, ପ୍ରସନ୍ନ ଭଞ୍ଜ, ସୁବାଷ ଚନ୍ଦ୍ର ରାଏ, ପ୍ରଫୁଲ୍ଲ ପରିଡ଼ା, ମୁରଲୀ ଜେନା ପ୍ରମୁଖ ଉପସ୍ଥିତ ଥିଲେ ।



## ମହିଳାଙ୍କୁ ଅସଦାଚରଣ; ଅଭିଯୁକ୍ତକୁ ଜେଲ ସହ ଜରିମାନା

ବାଲୁଗାଁ,୨୪।୬(ସମିସ) : ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ଥାନା ଅଧୀନ ହାଟବରଡ଼ି ଗ୍ରାମର ଲିପୁନି ବେହେରା (୨୭) ବିଳମ୍ବିତ ରାତ୍ରିରେ ଉକ୍ତ ଗ୍ରାମର ଜଣଙ୍କ ଘରେ ପଶି ମହିଳାଙ୍କୁ ଅସଦାଚରଣ କରିବା ସହ ମାଡ଼ ମାରିବା ଭଳି ଏକ ସମ୍ବେଦନଶୀଳ ମାମଲାର ବିଚାର କରି ଚିଲିକା ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ଯୁଧିଷ୍ଠିର ଦଳେଇ ସମ୍ପୃକ୍ତ ଅଭିଯୁକ୍ତଙ୍କୁ ଭାରତୀୟ ନ୍ୟାୟ ସଂହିତା ଧାରା ୪୪୮ ଅନୁଯାୟୀ ୬ ମାସ ଜେଲ ଦଣ୍ଡାଦେଶ ସହ ୧ ହଜାର ଟଙ୍କା ଜୋରିମାନା ଦଣ୍ଡ ଓ ଜୋରିମାନ ଅନାଦେୟ ବାବଦକୁ ଅତିରିକ୍ତ ୧୫ ଦିନ ଜେଲ ଦଣ୍ଡ ଏବଂ ଧାରା ୩୫୪ ଅନୁଯାୟୀ ୨ ବର୍ଷ ଜେଲ ଦଣ୍ଡାଦେଶ ସହ ୧୦ ହଜାର ଟଙ୍କା ଜୋରିମାନା ଦଣ୍ଡ ରାୟ ଶୁଣାଣି କରି ଥିବା ବେଳେ ଜୋରିମାନ ଅନାଦେୟ ବାବଦକୁ ଅତିରିକ୍ତ ୪ ମାସ ଜେଲ ଦଣ୍ଡ ଭୋଗିବାକୁ ପଡିବ ବୋଲି ରାୟରେ ଉଲ୍ଲେଖ କରିଛନ୍ତି ବିଚାରପତି । ଗତ ୨୦୨୩ ଅକ୍ଟୋବର ୨୮ ରେ ହାଟବରଡ଼ି ଗ୍ରାମର କାଳୁରୀ ବେହେରା କୌଣସି କାର୍ଯ୍ୟରେ ବାହାରକୁ ଯାଇଥିବା ବେଳେ ଘରେ ପତ୍ନୀ ବିଳାସୀ ଓ ପିଲାମାନେ ଥିଲେ । ରାତ୍ରିରେ ବିଳାସୀ ଓ ପିଲାମାନେ ଘରେ ଶୋଇଥିବା ବେଳେ ବିଳମ୍ବିତ ରାତି ପ୍ରାୟ ୨ଘଟିକା ସମୟରେ ଉକ୍ତ ଗ୍ରାମର ଲିପୁନି ବେହେରା ହଠାତ ଘରେ ପଶି ବିଳାସୀଙ୍କୁ ଅସଦାଚରଣ କରିବା ସହ ଟଣା ଓଟରା କରିଥିଲା । ପାଟି ଶୁଣି ବଡ଼ ପୁଅ ଉଠି ପଡିବାରେ ଲିପୁନିର ମାଡ଼ରେ ତାର ମୁଣ୍ଡ ଫାଟି ଯାଇଥିଲା । ଫଳରେ ପିଲାମାନଙ୍କ କାନ୍ଦ ଓ ଚିତ୍କାର ଶୁଣି ପଡୋଶୀ ଉଠି ପଡ଼ିବାରେ ଲିପୁନି ସେଠାରୁ ଖସି ପଳାଇଥିଲା । ଖବର ପାଇ କାଳୁରୀ ସକାଳୁ ଘରକୁ ଫେରି ସମସ୍ତ ଘଟଣା ଶୁଣିବା ପରେ ଏ ନେଇ ଟାଙ୍ଗୀ ଥାନାରେ ଏକ ଲିଖିତ ଅଭିଯୋଗ କରିଥିଲେ । ଅଭିଯୋଗକୁ ଭିତ୍ତି କରି ଟାଙ୍ଗୀ ପୁଲିସ ଏକ ମାମଲା ରୁଜୁ କରିଥିଲା । ପରବର୍ତ୍ତୀ ସମୟରେ ଏହି ମାମଲାଟି ଚିଲିକା ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ଅଦାଲତରେ ବିଚାରଧୀନ ଥିଲା । ସରକାରଙ୍କ ପକ୍ଷରୁ ଆଇନଜୀବୀ ପ୍ରଦୀପ୍ତ କୁମାର ନନ୍ଦ ଏହି ମାମଲା ପରିଚାଳନା କରୁଥିବା ବେଳେ ମାଜିଷ୍ଟ୍ରେଟ ଯୁଧିଷ୍ଠିର ଦଳେଇ ମାମଲାର ବିଚାର କରି ସମସ୍ତ ସାକ୍ଷ୍ୟ ପ୍ରମାଣ ଆଧାରରେ ବୁଧବାର ଉପରୋକ୍ତ ଦଣ୍ଡାଦେଶ ରାୟ ଶୁଣାଣି କରିଛନ୍ତି ।

## ଜମାକାରୀ ଶିକ୍ଷା ଓ ସଚେତନତା କାର୍ଯ୍ୟକ୍ରମ




ଟାଙ୍ଗୀ, ୨୪।୬ (ସମିସ): ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ବ୍ଲକ ସମ୍ମିଳନୀ କକ୍ଷରେ ଆଜି ରିଜର୍ଭ ବ୍ୟାଙ୍କ ସହଭାଗୀତାରେ ଭୁବନେଶ୍ୱରସ୍ଥିତ ସ୍ୱେଚ୍ଛାସେବୀ ଅନୁଷ୍ଠାନ ମଦର୍ ପକ୍ଷରୁ ଅନୁଷ୍ଠାନର ମୁଖ୍ୟ ପ୍ରମୋଦ କୁମାର ଦାଶଙ୍କ ତତ୍ତ୍ୱାବଧାନରେ ଜମାକାରୀ ଶିକ୍ଷା ଓ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବିଡ଼ିଓ ରୁମାନା ଜାଫ୍ରି, ବ୍ଲକ ଉପାଧ୍ୟକ୍ଷ ଏସ ବି ଆଇର ଅବସର ପ୍ରାପ୍ତ ଅଧିକାରୀ ତଥା ମାଷ୍ଟର ଟ୍ରେନର ଦିଲ୍ଲୀପ ଭୂୟାଁ , ଅବସର ପ୍ରାପ୍ତ ବ୍ୟାଙ୍କ ଅଧିକାରୀ ପ୍ରମୋଦ ମହାପାତ୍ର, ଅବସରପ୍ରାପ୍ତ ୟୁକୋ ବ୍ୟାଙ୍କ ଅଧିକାରୀ ସୁଧାକର ଶତପଥି ମଞ୍ଚରେ ଉପସ୍ଥିତ ରହି ବିଭିନ୍ନ ଜାତୀୟ କରଣ ବ୍ୟାଙ୍କ ବିଭିନ୍ନ ଯୋଜନା, ସୁଫଳ, ବିଭିନ୍ନ ପ୍ରକାର ବୀମା, ବିଭିନ୍ନ ବ୍ୟାଙ୍କ ରେ ଥିବା ଦାବୀହୀନ ସମ୍ପତ୍ତି, ସାଇବର ଠକେଇ ଓ ଏହାର ସୁରକ୍ଷା ଭଳି ଅନେକ ଉପାଦେୟ ତଥ୍ୟ ଉପସ୍ଥିତ ଲୋକଙ୍କୁ ବୁଝାଇଥିଲେ । ଉକ୍ତ କାର୍ଯ୍ୟକ୍ରମଟି ଚିଲିକା ସି.ଏଫ.ଏଲର ସଂଯୋଜକ ସନ୍ତୋଷ ପଣ୍ଡା, କାଉନସିଲର ସୁମିତ୍ରା ପଣ୍ଡା, ସୁଧୀର ପଣ୍ଡା, ମଧୁସ୍ମିତା ସାହୁ ଙ୍କ ସମ୍ପୂର୍ଣ୍ଣ ସହଯୋଗରେ ସଫଳତାର ସହ ପରିଚାଳିତ ହୋଇଥିଲା ।

### ଦେଶରେ ଅମୃତ ନୁହେଁ ବିଷ ସରକାର ଚାଲିଛି

# କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଉପରେ ବର୍ଷିଲା କଂଗ୍ରେସ

ଖୋର୍ଦ୍ଧା,୨୪।୬(ସମିସ): ସ୍ଥାନୀୟ କଂଗ୍ରେସ କାର୍ଯ୍ୟାଳୟ ପରିସରରେ ଆଜି ଜିଲ୍ଲା କଂଗ୍ରେସ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀ କରଯାଇ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଅପାରଗତା ଉପରେ ବର୍ଷିଛନ୍ତି ନେତା । ଜିଲ୍ଲା କଂଗ୍ରେସ ସଭାପତି ରାଜୀବ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଓଡ଼ିଶା ପ୍ରଦେଶ କଂଗ୍ରେସ ମୁଖ୍ୟପାତ୍ର ଦେବାଶିଷ ଭୂଆଁ ନିଟ୍ ପ୍ରଶ୍ନପତ୍ର ଲିକ୍ ଏବଂ ପ୍ରଥମଠାରୁ ଅଷ୍ଟମ ଶ୍ରେଣୀ ପୁସ୍ତକ ତ୍ରୁଟି ପ୍ରସଂଗରେ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଉପରେ ବର୍ଷିଥିଲେ । କେନ୍ଦ୍ର ସରକାର ଦେଶରେ ଅମୃତ ସରକାର ଚାଲୁଥିବା କହୁଥିବା ବେଳେ ଶିକ୍ଷାବିଭାଗ ଅପାରଗତା ଯୋଗୁଁ ପ୍ରତ୍ୟେକ ଦିନ ହଜାର ହଜାର ସଂଖ୍ୟକ ଛାତ୍ରଛାତ୍ରୀ ଆତ୍ମହତ୍ୟା କରୁଥିବା ଅଭିଯୋଗ କରିଥିଲେ । ତେଣୁ ଡବଲ ଇଞ୍ଜିନ ସରକାର ଅମୃତ ନୁହେଁ ବରଂ ବିଷ ସରକାର ଚାଲୁଥିବା ପ୍ରକାଶ କରିଥିଲେ ।

ଜିଲ୍ଲା ସଭାପତି ଶ୍ରୀ ପଟ୍ଟନାୟକ ବିଜେପି ସରକାର ଶିକ୍ଷା ବ୍ୟବସ୍ଥାକୁ ଦଲାଲ ହାତରେ ଟେକିଦେଇଥିବା ଅଭିଯୋଗ ଆଣିବା ସହ କେନ୍ଦ୍ର ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ଉପରେ ବର୍ଷିଥିଲେ । ଉଚ୍ଚ ଶିକ୍ଷା ମନ୍ତ୍ରୀ ଜଣେ ଓଡ଼ିଆ ହୋଇଥିବାବେଳେ ଓଡ଼ିଶାର ହଜାର ହଜାର ଭଲ ଶିକ୍ଷକ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ସହ ଖେଳ ଖେଳୁଥିବା ଅଭିଯୋଗ ଆଣିଥିଲେ । ଅଟଳ ବସଷ୍ଟାଣ୍ଡ ନିର୍ମାଣ ପ୍ରସଙ୍ଗରେ ଖୋର୍ଦ୍ଧାରେ ଉନ୍ନତମାନର ବସଷ୍ଟାଣ୍ଡ ନିର୍ମାଣକୁ ସ୍ୱାଗତ




କରୁଛୁ । ମାତ୍ର ତରବରିଆଭାବେ ନିଷ୍ପତି ନେଇ କିମ୍ବା ନେତା ବ୍ୟକ୍ତିଗତ ସ୍ୱାର୍ଥ ରଖି ବସଷ୍ଟାଣ୍ଡ ନିର୍ମାଣ ନାଁରେ ପୁଣି ଶହ ଶହ ଦୋକାନୀଙ୍କୁ ଉଛେଦ କରିଲେ କଂଗ୍ରେସ ଏହାର ପ୍ରତିବାଦ କରିବ ଏବଂ ରାଜରାସ୍ତାକୁ ଓହ୍ଲାଇବ ବୋଲି ସେ କହିଛନ୍ତି । ବିଗତ ଦିନରେ ରାସ୍ତା ପ୍ରଶସ୍ତିକରଣ ଆଳରେ ଶହ ଶହ ଦୋକାନୀଙ୍କୁ ଉଛେଦ କରିଥିଲେ ମଧ୍ୟ ପ୍ରାୟ ବର୍ଷେ ହେବ ବହୁ ଦୋକାନୀ ଦୋକାନ ନପାଇ ଦହଗଞ୍ଜ ହେଉଛନ୍ତି । ତେଣୁ ଲୋକ ମଙ୍ଗଳ ଦୃଷ୍ଟିରୁ ସରକାର ପ୍ରସ୍ତାବିତ ସ୍ଥାନ ପରିବର୍ତେ ଏକ ଉପଯୁକ୍ତ ଜାଗା ଚିହ୍ନଟ କରି ଉକ୍ତ ସ୍ଥାନରେ ବସଷ୍ଟାଣ୍ଡ ନିର୍ମାଣ କରନ୍ତୁ ବୋଲି ଶ୍ରୀ ପଟ୍ଟନାୟକ କହିଛନ୍ତି । ପ୍ରଦେଶ କଂଗ୍ରେସ ପର୍ଯ୍ୟବେକ୍ଷକ ବାଙ୍କନିଧି ବେହେରା ବର୍ତମାନ ସରକାର ସମୟରେ ଶିକ୍ଷା ଏକ ଶିଳ୍ପରେ ପରିଣତ ହୋଇଥିବା କହି ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରକୁ ଟାର୍ଗେଟ କରିଥିଲେ । ଶିକ୍ଷା ବ୍ୟବସ୍ଥାକୁ ସମୃଦ୍ଧ ଏବଂ ଘରୋଇ ବିଦ୍ୟାଳୟ ଗୁଡ଼ିକରେ ଛାତ୍ରଛାତ୍ରୀଙ୍କ ଶୋଷଣ ଓ ନୀତି ନିୟମ ଉଲ୍ଲଂଘନ କରୁଥିବା ଶିକ୍ଷାନୁଷ୍ଠାନ ଗୁଡ଼ିକ ଉପରେ କାର୍ଯ୍ୟାନୁଷ୍ଠାନ ନେବାକୁ ଚାପ ପକାଇବାକୁ କଂଗ୍ରେସ ପକ୍ଷରୁ ଏକ ଟିମ୍ ଗଠନ କରାଯିବ ବୋଲି କହିଥିଲେ ।

ଅନ୍ୟମାନଙ୍କ ମଧ୍ୟରେ ଖୋର୍ଦ୍ଧା ବିଧାୟକ ପ୍ରାର୍ଥୀନୀ ସୋନାଲୀ ସାହୁ, ଚିଲିକା ବିଧାୟକ ପ୍ରାର୍ଥୀ ପ୍ରଦୀପ ସ୍ୱାଇଁ, ସ୍ୱାଗତିକା ପଟ୍ଟନାୟକ, ଖୋର୍ଦ୍ଧା ନଗର ସଭାପତି ରଣଜିତ୍ ମହାପାତ୍ର, ପିସିସି ସଭ୍ୟ ଶିଶିର ପରିଡ଼ା, ମହିଳା କଂଗ୍ରେସ ରାଜ୍ୟ ଉପସଭାପତି ଜୟଶ୍ରୀ ପଟ୍ଟନାୟକ, ଜିଲ୍ଲା ଉପସଭାପତି ସୁବାଷ ପାତ୍ର, ପ୍ରମୋଦ ସ୍ୱାଇଁ, ଜୟନ୍ତ ଦାସ, ଜିଲ୍ଲା ସାଧାରଣ ସମ୍ପାଦକ ସୌମ୍ୟ ପଟ୍ଟନାୟକ, ଅଶୋକ ମଙ୍ଗରାଜ, ଖୋର୍ଦ୍ଧା ବ୍ଲକ ସଭାପତି ତାପସ ମିଶ୍ର, ଟାଙ୍ଗୀ ବ୍ଲକ ସଭାପତି ଶିଶିର ପଟ୍ଟନାୟକ, ବୋଲଗଡ ବ୍ଲକ ସଭାପତି ରମାକାନ୍ତ ପଟ୍ଟନାୟକ, ବାଲିପାଟଣା ବ୍ଲକ ସଭାପତି ଶୈଳେନ୍ଦୁ ଦାସ, ଜଟଣୀ ବ୍ଲକ ସଭାପତି ଶୁଭ୍ରାଂଶୁ ଶେଖର ପଟ୍ଟନାୟକ, ଜଟଣୀ ନଗର ସଭାପତି ଶିବପ୍ରସାଦ ଦାସ, ଯୁବ କଂଗ୍ରେସ କାର୍ଯ୍ୟକାରୀ ସଭାପତି ସୌମ୍ୟ ବରାଳ, ମହିଳା କଂଗ୍ରେସ ଜିଲ୍ଲା ସଭାପତି ଅପସନା ବେଗମ, ଛାତ୍ର କଂଗ୍ରେସ ନେତା ମନୱର୍ ଅଲ୍ଲୀ, ସାଦିକ୍ ଖାନ୍, ଦେବୀ ଦାସ, ଶ୍ରୀୟା ସେଠୀ ପ୍ରମୁଖ ଉପସ୍ଥିତ ଥିଲେ ।

# ଅଭାବରେ ମହାପ୍ରଭୁ ବନ୍ଦ ହେବ ଦ୍ୱିତୀୟ ଶ୍ରୀକ୍ଷେତ୍ର ରଥଯାତ୍ରା !

ବାରିପଦା, ୨୪।୬ (ସମିସ): ଆଉ ତିନି ସପ୍ତାହ ପରେ ରଥଯାତ୍ରା। ଦ୍ୱିତୀୟ ଶ୍ରୀକ୍ଷେତ୍ର ବାରିପଦା ସମେତ ମୟୂରଭଞ୍ଜ ଜିଲ୍ଲାର ବିଭିନ୍ନ ଦେବୋତ୍ତର ବିଭାଗ ଅଧୀନ ମଠ ଓ ମନ୍ଦିରରେ ଚଳିତ ବର୍ଷ ରଥଯାତ୍ରା ପାଇଁ ପ୍ରସ୍ତୁତି ଜୋରସୋରରେ ଚାଲିଛି। ଦେବୋତ୍ତର ବିଭାଗ ଅଧୀନରେ ହେଉଥିବା ରଥଯାତ୍ରା ପାଇଁ ଏଥର ମୋଟ ୧ କୋଟି ୩୪ ଲକ୍ଷ ୭୦ ହଜାର ଟଙ୍କା ଖର୍ଚ୍ଚ ଅଟକଳ ଉପସ୍ଥାପିତ ହୋଇଛି। ମଙ୍ଗଳବାର ଜିଲ୍ଲାପାଳ ହେମକାନ୍ତ ସଏଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଦ୍ୱିତୀୟ ପ୍ରସ୍ତୁତି ବୈଠକରେ ଏହି ଅଟକଳ ଉପସ୍ଥାପିତ ହୋଇଛି। ବାରିପଦା ଦ୍ୱିତୀୟ ଶ୍ରୀକ୍ଷେତ୍ର ଶ୍ରୀଶ୍ରୀ ହରିବଳଦେବଜୀଉ ମନ୍ଦିର ପାଇଁ ଏଥର ରଥଯାତ୍ରା ଖର୍ଚ୍ଚ ଅଟକଳ ୬୬ ଲକ୍ଷ ୧୦ ହଜାର ଟଙ୍କା ରହିଛି। ଏଥିରେ ଚାରିଟି ରଥ ନିର୍ମାଣ ଓ ଖୋଲା, ରଥ କାଠ ଓ ପରିବହନ, ରଥ ଦଉଡି, ଲୁହା ସାମଗ୍ରୀ, ଦେବତାଙ୍କ ସାଜସଜ୍ଜା, ଗହଣା ରଙ୍ଗ ଓ ମରାମତି, ଟାହିଆ, ଆଲୋକ ବ୍ୟବସ୍ଥା, ଟେଣ୍ଟ, ଜେନେରେଟର, ସିସି କ୍ୟାମେରା ଆଦି ସମସ୍ତ ଖର୍ଚ୍ଚ ଅନ୍ତର୍ଭୁକ୍ତ। ସେହିପରି ମାଣତ୍ରୀ ମନ୍ଦିର ପାଇଁ ୨.୬୦ ଲକ୍ଷ ଟଙ୍କା, ପ୍ରତାପପୁର ମନ୍ଦିର ଓ ରାସଗୋବିନ୍ଦପୁର ଖୁଣ୍ଟା ମଠ ପାଇଁ ୧.୬୦ ଲକ୍ଷ ଟଙ୍କା ଲେଖାଏଁ, କାନ୍ଠିଥ ମଠ ପାଇଁ ୧.୧୦ ଲକ୍ଷ ଟଙ୍କା, ଅମର୍ଦ୍ଦା ମଠ ପାଇଁ ୧ ଲକ୍ଷ ଟଙ୍କା ଓ ମଙ୍ଗଳପୁର ମଠ ପାଇଁ ୭୦ ହଜାର ଟଙ୍କାକୁ ମିଶାଇ ୮ ଲକ୍ଷ ୬୦ ହଜାର ଟଙ୍କା ଧାର୍ଯ୍ୟ କରାଯାଇଛି। ଏହା ମିଶି ଚଳିତବର୍ଷ ରଥଯାତ୍ରା ପାଇଁ ଦେବୋତ୍ତର ବିଭାଗ ପକ୍ଷରୁ ମୋଟ ୭୪ ଲକ୍ଷ ୭୦ ହଜାର ଟଙ୍କାର ଅଟକଳ ହୋଇଛି। ସର୍ବାଧିକ ଚିନ୍ତାର ବିଷୟ ହେଉଛି ଚଳିତ ବର୍ଷ ଜାନୁଆରୀ ମାସରୁ ଜୁନ୍ ପର୍ଯ୍ୟନ୍ତ ଦୈନନ୍ଦିନ ଖର୍ଚ୍ଚ ବାବଦ ୬୦ ଲକ୍ଷ ଟଙ୍କା ବକେୟା ରହିଛି। ଏଣୁ ବକେୟା ଟଙ୍କା ପ୍ରଦାନ ନ କରିବା ଯାଏଁ ଯୋଗାଣକାରୀ ଦୋକାନୀ ବା ବ୍ୟବସାୟୀ ରଥଯାତ୍ରା ପାଇଁ ସାମଗ୍ରୀ ଦେବା ଆଶା ଚିନ୍ତାର ବିଷୟ। ଏହି ବକେୟା ସହ ମୋଟ ଖର୍ଚ୍ଚ ଅଟକଳ ୧ କୋଟି ୩୪ ଲକ୍ଷ ୭୦ ହଜାର ଟଙ୍କା ପର୍ଯ୍ୟନ୍ତ ପହଞ୍ଚିଛି। ଦେବୋତ୍ତର ବିଭାଗ ଏହି ଅଟକଳ ଉପସ୍ଥାପନ କରିଥିବାବେଳେ ବକେୟା ଟଙ୍କା ସମୟରେ ମିଳିଲେ ହିଁ ସମୟମତେ ରଥଯାତ୍ରା ସମ୍ପନ୍ନ ହୋଇପାରିବ ବୋଲି ଭକ୍ତ ମହଲ ଆଶା କରୁଛି। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ରଥଯାତ୍ରା ଯେପରି କୌଣସି ଅସୁବିଧା ବିନା ସୁଚାରୁରୂପେ ସମ୍ପନ୍ନ ହୁଏ, ସେ ଦିଗରେ ପ୍ରଶାସନ ଓ ସମ୍ପୃକ୍ତ ବିଭାଗର ଦୃଷ୍ଟି ଆକର୍ଷଣ କରୁଛି ଏହି ଅଟକଳ।

ବାରିପଦା ଦେବୋତ୍ତର ବିଭାଗ ଅଧୀନରେ ଶ୍ରୀଶ୍ରୀ ହରିବଳଦେବଜୀଉଙ୍କ ମନ୍ଦିର ସହ ୧୦ଟି ମଠ ଓ ମନ୍ଦିର ପରିଚାଳିତ ହେଉଛି। ଏଥିନିମନ୍ତେ ୪୪ ହଜାର ୭ ଶହ ଏକର ଜମି ଖଞ୍ଜାଯାଇଥିବାବେଳେ ପାଖାପାଖି ୪୦ ହଜାର ଜମି ବିଭିନ୍ନ ସରକାରୀ ସଂସ୍ଥା, ମୁଷ୍ଟିମେୟ ଲୋକ ଜବରଦଖଲ, କାଜୁ ନିଗମ ଓ ବାରିପଦା ପୌର ପରିଷଦ ଅଧୀନରେ ରହିଛି। ଫଳରେ ଉକ୍ତ ଜମିରୁ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ଆଦାୟ ହୋଇପାରୁନାହିଁ। ଉକ୍ତ ଜମିକୁ ଦେବୋତ୍ତର ବିଭାଗ ଅଧୀନକୁ ଆଣି ମଠ ମନ୍ଦିର ପରିଚାଳନରେ ସୁବ୍ୟବସ୍ଥା କରାଗଲେ ଉପରୋକ୍ତ ଅଭାବ ପରିଲକ୍ଷିତ ହୁଅନ୍ତା ନାହିଁ ବୋଲି ରାଜ୍ୟ ସେବାୟତ ସଂଘର ସଭାପତି କାମେଶ୍ୱର ତ୍ରିପାଠୀ କହିଛନ୍ତି।



**ଅଟକଳ ୭୪ ଲକ୍ଷ ୭୦ ହଜାର**

**ଜାନୁଆରୀରୁ ବାକିପଡ଼ିଛି ୬୦ ଲକ୍ଷ**

---

‘ଡିଜିଟାଲ୍ ଆରେଷ୍ଟ’ ଠକେଇ

# ଅବସରପ୍ରାପ୍ତ ପ୍ରଫେସର ଫେରିପାଇଲେ ୧.୧୦ କୋଟି

କଟକ,୨୪।୬(ସମିସ): ‘ଡିଜିଟାଲ୍ ଆରେଷ୍ଟ’ ଠକେଇର ଶିକାର ହୋଇଥିବା ଭୁବନେଶ୍ୱରର ଜଣେ ଅବସରପ୍ରାପ୍ତ ପ୍ରଫେସରଙ୍କ ଆକାଉଣ୍ଟରୁ ଯାଇଥିବା ୨.୪୫ କୋଟି ଟଙ୍କା ମଧ୍ୟରୁ ୧କୋଟି ୧୦ ଲକ୍ଷ ଫେରସ୍ତ ଆଣିବାରେ ସଫଳ ହୋଇଛି କ୍ରାଇମବ୍ରାଞ୍ଚ। ‘୧୯୩୦’ ସାଇବର ହେଲ୍ପଲାଇନ୍ ମାଧ୍ୟମରେ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯାଇ ଏହି ଅର୍ଥ ଉଦ୍ଧାର କରାଯାଇପାରିଛି ବୋଲି କ୍ରାଇମବ୍ରାଞ୍ଚ ପକ୍ଷରୁ କୁହାଯାଇଛି। ମିଳିଥିବା ସୂଚନା ଅନୁଯାୟୀ, ଭୁବନେଶ୍ୱରରେ ରହୁଥିବା ଏହି ଅବସରପ୍ରାପ୍ତ ପ୍ରଫେସର ଜଣକ ଗତ ଫେବୃଆରୀ ୨୦୨୬ରେ ଡିଜିଟାଲ୍ ଆରେଷ୍ଟର ଶିକାର ହୋଇ ପ୍ରାୟ ୨କୋଟି ୪୫ଲକ୍ଷ ଟଙ୍କା ହରାଇଥିଲେ। ଏନେଇ ସେ ଗତ ମେ ୧୫ରେ ସେ ଜାତୀୟ ସାଇବର ଅପରାଧ ରିପୋର୍ଟିଂ ପୋର୍ଟାଲ (ଏନସିଆରପି)ରେ ଅଭିଯୋଗ କରିଥିଲେ। ଏହାପୂର୍ବରୁ ତଥା ଗତ ମାର୍ଚ୍ଚ ୨ତାରିଖରେ ସେ କ୍ରାଇମବ୍ରାଞ୍ଚ ସାଇବର କ୍ରାଇମ ଥାନାରେ ଏକ ମାମଲା ମଧ୍ୟ ରୁଜୁ କରିଥିଲେ। ଏହି ପ୍ରକ୍ରିୟାରେ ଠକେଇ ସହ ଜଡ଼ିତ କେତେକ ବ୍ୟାଙ୍କ ଆକାଉଣ୍ଟ ଚିହ୍ନଟ କରାଯାଇଥିଲା ଏବଂ ସେଗୁଡ଼ିକୁ ତୁରନ୍ତ ଫ୍ରିଜ୍ ବା ଅଚଳ କରିବାକୁ ପଦକ୍ଷେପ ନିଆଯାଇଥିଲା। ବ୍ୟାଙ୍କ କର୍ତ୍ତୃପକ୍ଷଙ୍କ ସହ ସମନ୍ୱୟ ରକ୍ଷା କରି ‘ୟେସ୍ ବ୍ୟାଙ୍କ’ର ଏକ ଆକାଉଣ୍ଟରେ ଥିବା ୧କୋଟି ୧୦ଲକ୍ଷ ଟଙ୍କାକୁ ଅଟକାଇ ଦିଆଯାଇଥିଲା। ପରବର୍ତ୍ତୀ ସମୟରେ, କୋର୍ଟଙ୍କ ଆଦେଶ ଅନୁଯାୟୀ ସମସ୍ତ ଆଇନଗତ ପ୍ରକ୍ରିୟା ଶେଷ କରି ଏହି ସମ୍ପୂର୍ଣ୍ଣ ଅର୍ଥକୁ ଅଭିଯୋଗକାରୀ ପ୍ରଫେସରଙ୍କ ଆକାଉଣ୍ଟକୁ ସଫଳତାର ସହ ଫେରସ୍ତ ଅଣାଯାଇଛି।

କ୍ରାଇମବ୍ରାଞ୍ଚ ପକ୍ଷରୁ ଦିଆଯାଇଥିବା ତଥ୍ୟ ଅନୁଯାୟୀ ଗତ ୨୦୨୫ରେ ଏନସିଆରପିରେ ମୋଟ ୪୩୨.୨୮ କୋଟି ଟଙ୍କା ଠକେଇ ନେଇ ୪୯୪୨୬ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ଏହି ଅଭିଯୋଗ ଗୁଡିକ ଆଧାରରେ ୬୮.୭୧କୋଟି ଟଙ୍କାକୁ ବିଭିନ୍ନ ବ୍ୟାଙ୍କରେ ଫ୍ରିଜ କରାଯାଇଥିବା ବେଳେ ୫.୩୧କୋଟି ଟଙ୍କା ଅଭିଯୋଗକାରୀ ମାନଙ୍କୁ ଫେରସ୍ତ ଦିଆଯାଇପାରିଛି। ସେହିଭଳି ୨୦୨୬ ଏପ୍ରିଲ୩୦ ସୁଦ୍ଧା ୧୩୪.୨୪କୋଟି ଟଙ୍କା ଠକେଇ ନେଇ ୧୬୩୩୫ଟି ଅଭିଯୋଗ ହୋଇଥିବା ବେଳେ ୨୪.୨୬କୋଟି ଟଙ୍କା ବିଭିନ୍ନ ବ୍ୟାଙ୍କରେ ଫ୍ରିଜ କରାଯାଇ ରଖାଯାଇଛି। ଏଥିରୁ ୨.୯୭କୋଟି ଟଙ୍କା ଅଭିଯୋଗକାରୀ ମାନେ ଫେରସ୍ତ ପାଇଛନ୍ତି। ଏଭଳି କୌଣସି ସନ୍ଦିଗ୍ଧ ଫୋନ କଲ୍ ଆସିଲେ ନିଜର ବ୍ୟକ୍ତିଗତ ଓ ବ୍ୟାଙ୍କ ତଥ୍ୟ ସେୟାର ନକରିବାକୁ କୁହାଯାଇଛି। ଏଭଳି ଘଟଣା ଘଟିଲେ ତୁରନ୍ତ ଟୋଲ୍ ଫ୍ରି ସାଇବର କ୍ରାଇମ ହେଲ୍ପଲାଇନ୍ ନମ୍ବର ୧୯୩୦କୁ କଲ୍ କିମ୍ବା www.cybercrime.gov.inରେ ଅଭିଯୋଗ ଯେତେ ଶୀଘ୍ର କରାଯିବ ତେବେ ଟଙ୍କା ଫ୍ରିଜ୍ ହେବାର ଏବଂ ଫେରସ୍ତ ମିଳିବାର ସମ୍ଭାବନା ସେତେ ଅଧିକ ରହିବ ବୋଲି କ୍ରାଇମବ୍ରାଞ୍ଚ ପକ୍ଷରୁ କୁହାଯାଇଛି।

**୪ ମାସରେ ୧୬୩୩୫ଟି ସାଇବର ଠକେଇ ଅଭିଯୋଗ**

# ବ୍ରାହ୍ମଣୀରେ ବୁଡ଼ି ଯୁବକଙ୍କ ମୃତ୍ୟୁ

କଣିହାଁ,୨୪।୬(ସମିସ): କଣିହାଁ ବ୍ଲକ ରେଙ୍ଗାଳି ଡ୍ୟାମ ନିମ୍ନଭାଗ କଦଳିପାଳ ନିକଟରେ ବ୍ରାହ୍ମଣୀ ନଦୀରେ ବୁଡ଼ି ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ଏହି ଘଟଣା ମଙ୍ଗଳବାର ଅପରାହ୍ଣରେ ଘଟିଥିବା ଜଣାପଡ଼ିଛି। ସୂଚନା ଅନୁଯାୟୀ, ରେଙ୍ଗାଳି ଡ୍ୟାମ ତଳ ଅଞ୍ଚଳ କଦଳିପାଳ ନିକଟ ବ୍ରାହ୍ମଣୀ ନଦୀରେ ଜଣେ ଯୁବକ ଗାଧୋଇବା ବେଳେ ଅସାବଧାନତାବଶତଃ ବୁଡ଼ି ଯାଇଥିଲେ। ଘଟଣା ଦେଖି ସେଠାରେ ଥିବା କିଛି ସ୍ଥାନୀୟ ଲୋକେ ନଦୀରୁ ତାଙ୍କୁ ଉଦ୍ଧାର କରି ନିକଟସ୍ଥ ଡାକ୍ତରଙ୍କ ନିକଟକୁ ନେଇଥିଲେ। ପରବର୍ତ୍ତୀ ସମୟରେ ଆମ୍ବୁଲାନ୍ସ ଯୋଗେ ତାଙ୍କୁ କଣିହାଁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ସ୍ଥାନାନ୍ତର କରାଯାଇଥିଲା। ତେବେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତ ଯୁବକ ଜଣକ କଣିହାଁ ବ୍ଲକ ଖାମାର ଗ୍ରାମର ରାଜେଶ ଗୋଚ୍ଛାୟତ ବୋଲି ଜଣାପଡ଼ିଛି। ପୁଲିସ ଖବର ପାଇ ଘଟଣାର ତଦନ୍ତ ଆରମ୍ଭ କରିଛି।

# ଷ୍ଟ୍ରିଟ୍ ଲାଇଟ୍ କାମରେ ଦୁର୍ନୀତି ଅଭିଯୋଗ

ଭୁବନେଶ୍ୱର ୨୪।୬ (ସମିସ): ଗ୍ରାମାଞ୍ଚଳରେ ଷ୍ଟ୍ରିଟ୍ ଲାଇଟ୍ ସ୍ଥାପନ କାର୍ଯ୍ୟରେ ଦୁର୍ନୀତି ଅଭିଯୋଗର ତଦନ୍ତ ଆରମ୍ଭ କରିଛି ଭିଜିଲାନ୍ସ। ବୁଧବାର ଭିଜିଲାନ୍ସ ଟିମ୍ କେନ୍ଦୁଝର, ନୟାଗଡ଼ ଓ ଯାଜପୁର ଜିଲ୍ଲାର ବିଭିନ୍ନ ଗ୍ରାମ ପଞ୍ଚାୟତକୁ ଯାଇ ତଦନ୍ତ କରିଛି। ଭିଜିଲାନ୍ସ ପକ୍ଷରୁ ୮୧ ଜଣ ଅଧିକାରୀଙ୍କୁ ନେଇ ୨୪ଟି ଟିମ୍ ଗଠନ କରାଯାଇଛି। ପ୍ରତ୍ୟେକ ଜିଲ୍ଲାରେ ୨୭ ଜଣ ଅଧିକାରୀ ନିୟୋଜିତ ହୋଇ ତଦନ୍ତ କରୁଛନ୍ତି। ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନା ଓ ୫ମ ରାଜ୍ୟ ଅର୍ଥ କମିଶନ ଅନୁଦାନରେ କାର୍ଯ୍ୟକାରୀ ହୋଇଥିବା ଏହି ପ୍ରକଳ୍ପରେ ଦୁର୍ନୀତିର ଗନ୍ଧ ବାରିଛି ଭିଜିଲାନ୍ସ। ଟେଣ୍ଡର ନିୟମ ଉଲ୍ଲଂଘନ ସହ ଏନର୍ଜି ମିଟର, କେବୁଲ, ଏମସିସିବି, ଫଟୋ ସ୍ୱିଚ୍ ଟାଇମର ଆଦି ସ୍ଥାପନ ନକରି ମଧ୍ୟ ବିଲ୍ ଉଠାଯାଇଥିବା ଅଭିଯୋଗ ହୋଇଛି। ଆଜି ଭିଜିଲାନ୍ସର ଟିମ୍ ୩ଟି ଜିଲ୍ଲାର ୫୦ଟି ସ୍ଥାନରେ ପ୍ରାୟୋଗିକ ଯାଞ୍ଚ ଓ ସ୍ଥଳ ପରିଦର୍ଶନ କରିଛନ୍ତି। ଏଥିରେ କେତେ ଦୁର୍ନୀତି ହୋଇଛି ଓ ସରକାରୀ କର୍ମଚାରୀ, କାର୍ଯ୍ୟନିର୍ବାହୀ ସଂସ୍ଥାମାନଙ୍କର ଭୂମିକା କ’ଣ ରହିଛି, ତା’ର ତଦନ୍ତ ଆରମ୍ଭ ହୋଇଛି ।

**୩ ଜିଲ୍ଲାରେ ଭିଜିଲାନ୍ସ ଯାଞ୍ଚ**

■ ଛତ୍ରପୁର ଅଞ୍ଚଳରେ ଗୁଣିଆ ସନ୍ଦେହରେ ହତ୍ୟା ମାମଲା

# ଅଭିଯୁକ୍ତ ୨୪ ବର୍ଷ ପରେ ହାଇକୋର୍ଟରୁ ଦୋଷମୁକ୍ତ

କଟକ,୨୪।୬(ସମିସ): ଏକ ହତ୍ୟା ଘଟଣାରେ ଜଣେ ଅଭିଯୁକ୍ତ ଦୀର୍ଘ ୨୪ବର୍ଷ ପରେ ହାଇକୋର୍ଟରୁ ଦୋଷମୁକ୍ତ ହୋଇଛନ୍ତି। ସାକ୍ଷୀଙ୍କ ବୟାନରେ ବିରୋଧାଭାସ ଏବଂ ଦୁର୍ବଳ ଅନୁସନ୍ଧାନ କାରଣରୁ ଏକ ଦୀର୍ଘ ଦିନର ହତ୍ୟା ମାମଲାରେ ଓଡ଼ିଶା ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଶୁଣାଇଛନ୍ତି। ୨୦୦୩ରୁ ଚାଲିଆସୁଥିବା ମାମଲାର ଶୁଣାଣି କରି ନିମ୍ନ ଅଦାଲତଙ୍କ ଆଜୀବନ କାରାଦଣ୍ଡାଦେଶକୁ ହାଇକୋର୍ଟ ରଦ୍ଦ କରିବା ସହ ଅଭିଯୁକ୍ତ ତଥା ଆବେଦନକାରୀ ବାବୁ ଦାସଙ୍କୁ ସମସ୍ତ ଦୋଷରୁ ମୁକ୍ତ କରିଛନ୍ତି। ଜଷ୍ଟିସ ମାନସ ରଞ୍ଜନ ପାଠକ ଓ ଜଷ୍ଟିସ ଶଶିକାନ୍ତ ମିଶ୍ରଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ନିମ୍ନ ଅଦାଲତ ପ୍ରମାଣରେ ଥିବା ବଡ଼ ଫାଙ୍କଗୁଡ଼ିକୁ ଅଣଦେଖା କରିଥିଲେ। ଆଇନ ଅନୁଯାୟୀ ପ୍ରସିକ୍ୟୁସନକୁ ନିଜ ମାମଲା ସନ୍ଦେହରୁ ଊର୍ଦ୍ଧ୍ୱରେ ପ୍ରମାଣ କରିବାକୁ ପଡ଼ିଥାଏ, କିନ୍ତୁ ଏଠାରେ ନିମ୍ନ ଅଦାଲତ ଓଲଟା ଅଭିଯୁକ୍ତ ଉପରେ ନିଜକୁ ନିର୍ଦ୍ଦୋଷ ପ୍ରମାଣ କରିବାର ଭାର ଲଦି ଦେଇଛନ୍ତି, ଯାହା ଆଇନଗତ ଭାବେ ଗ୍ରହଣୀୟ ନୁହେଁ ବୋଲି ହାଇକୋର୍ଟ କହିଛନ୍ତି।

**‘ନିର୍ଦ୍ଦୋଷ ପ୍ରମାଣ ପାଇଁ ଅଭିଯୁକ୍ତ ଉପରେ ବୋଝ ଲଦିବା ଗ୍ରହଣୀୟ ନୁହେଁ’**

ମାମଲାରୁ ପ୍ରକାଶ ଯେ ଗତ ୨୦୦୨ ମସିହା ମେ’ ୨୮ ତାରିଖରେ ଗଞ୍ଜାମ ଜିଲ୍ଲା ଛତ୍ରପୁର ଅଞ୍ଚଳର ସାରୁ ଗ୍ରାମର ଗୁଣିଆ ନଟବର ଗୌଡ଼ଙ୍କୁ ଲାଠିରେ ପିଟି ପିଟି ହତ୍ୟା କରାଯାଇଥିବା ଅଭିଯୋଗ ହୋଇଥିଲା। ଅଭିଯୁକ୍ତ ବାବୁ ଦାସ ନିଜ ପରିବାର ଉପରେ ଗୁଣି ଗାରେଡ଼ି ସନ୍ଦେହ କରି ଏହି ହତ୍ୟାକାଣ୍ଡ ଘଟାଇଥିବା ପ୍ରସିକ୍ୟୁସନ ଦାବି କରିଥିଲା। ୩୧ ଅକ୍ଟୋବର ୨୦୦୩ରେ ଛତ୍ରପୁର ଫାଷ୍ଟ ଟ୍ରାକ୍ କୋର୍ଟ ଅଭିଯୁକ୍ତକୁ ଦୋଷୀ ସାବ୍ୟସ୍ତ କରି ଆଜୀବନ କାରାଦଣ୍ଡାଦେଶ ଦେଇଥିଲେ, ଯାହାକୁ ଚ୍ୟାଲେଞ୍ଜ କରି ଅଭିଯୁକ୍ତ ତରଫରୁ ହାଇକୋର୍ଟରେ ଅପିଲ୍ କରାଯାଇଥିଲା। ପ୍ରସିକ୍ୟୁସନର ସମସ୍ତ ପ୍ରମାଣ ସନ୍ଦେହଘେରରେ ଥିବାରୁ, ଆଇନର ‘ବେନିଫିଟ୍ ଅଫ୍ ଡାଉଟ୍’ ବା ସନ୍ଦେହର ଲାଭ ଅଭିଯୁକ୍ତଙ୍କ ସପକ୍ଷରେ ଯିବା ଉଚିତ ବୋଲି ହାଇକୋର୍ଟ ପ୍ରକାଶ କରିଛନ୍ତି। ଏହି ଆଧାରରେ ଆବେଦନକାରୀଙ୍କୁ ନିର୍ଦ୍ଦୋଷରେ ଖଲାସ କରାଯାଇଛି।

■ ଜଷ୍ଟିସ ନାଇଡୁ କମିସନ ରିପୋର୍ଟ ଗାଏବ୍ ଘଟଣା

# ସିବିଆଇ ତଦନ୍ତ ପାଇଁ ହାଇକୋର୍ଟରେ ଆବେଦନ

କଟକ,୨୪।୬(ସମିସ): ସ୍ୱାମୀ ଲକ୍ଷ୍ମଣାନନ୍ଦ ସରସ୍ୱତୀଙ୍କ ହତ୍ୟା ଘଟଣାରେ ଜଷ୍ଟିସ ଏ.ଏସ.ନାଇଡୁ ତଦନ୍ତ କମିସନଙ୍କ ରିପୋର୍ଟ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ ଗାଏବ ଘଟଣାକୁ ନେଇ ମାମଲା ହାଇକୋର୍ଟରେ ପହଞ୍ଚିଛି। ପୂର୍ବରୁ ସ୍ୱାମୀ ଲକ୍ଷ୍ମଣାନନ୍ଦଙ୍କ ହତ୍ୟା ଘଟଣାର ସିବିଆଇ ତଦନ୍ତ ଦାବିରେ ହାଇକୋର୍ଟରେ ମାମଲା ଦାୟର ହୋଇଥିଲା। ତେବେ ଏହି ମାମଲାରେ ଜଷ୍ଟିସ ନାଇଡୁ କମିସନଙ୍କ ରିପୋର୍ଟ ଗାଏବ ପ୍ରସଙ୍ଗକୁ ନେଇ ଆଇନଜୀବୀ ତଥା ଆବେଦନକାରୀ ଇଂ ଦେବାଶିଷ ହୋତା ହାଇକୋର୍ଟରେ ଏକ ଅନ୍ତରୀଣ ଆବେଦନ ଦାଖଲ କରିଛନ୍ତି। ଆବେଦନକାରୀ ଦର୍ଶାଇଛନ୍ତି ଯେ କନ୍ଧମାଳର ଜଲେସପଟା ଆଶ୍ରମରେ ଭିଏଚପି ନେତା ସ୍ୱାମୀ ଲକ୍ଷ୍ମଣାନନ୍ଦ ସରସ୍ୱତୀ ଏବଂ ତାଙ୍କର ୪ଜଣ ଅନୁଗାମୀଙ୍କ ୨୦୦୮ ମସିହାରେ ହୋଇଥିବା ନିର୍ମମ ଓ ସୁଚିନ୍ତିତ ହତ୍ୟାକାଣ୍ଡର ତଦନ୍ତ ପାଇଁ ବିଶେଷ ଭାବେ ଜଷ୍ଟିସ ଏ.ଏସ.ନାଇଡୁ କମିସନ ଗଠନ କରାଯାଇଥିଲା। ଏହି ଗୁରୁତ୍ୱପୂର୍ଣ୍ଣ କମିସନର ତଦନ୍ତ ରିପୋର୍ଟ ସେପ୍ଟେମ୍ବର ୨୦୧୬ରେ ସିଏମଓକୁ ପଠାଯାଇଥିଲା। ଏବେ ସେହି ରିପୋର୍ଟ ମିଳୁ ନଥିବା ନେଇ କ୍ୟାପିଟାଲ ଥାନାରେ ଗତ ୨୦ ଜୁନ୍‌ରେ ଏକ ଅପରାଧିକ ମାମଲା ରୁଜୁ କରିଛି। ତେବେ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଭଳି ସଂସ୍ଥା ମାଧ୍ୟମରେ ଏହାର ତଦନ୍ତ ଆବଶ୍ୟକତା ରହିଥିବା ନେଇ ଆବେଦନକାରୀ ଦର୍ଶାଇଛନ୍ତି।

# ତାମିଲନାଡୁ ଗ୍ୟାସ୍ ଲିକ୍ ଦୁର୍ଘଟଣାରେ କେନ୍ଦୁଝର ଜିଲ୍ଲାର ଆଉ ଜଣେ ମୃତ

କେନ୍ଦୁଝର, ୨୪।୬(ସମିସ): ତାମିଲନାଡୁ ଗ୍ୟାସ ଲିକ ଦୁର୍ଘଟଣାରେ କେନ୍ଦୁଝର ଜିଲ୍ଲାର ଆଉ ଜଣଙ୍କର ମୃତ୍ୟୁ ହୋଇଥିବା ଜଣାପଡିଛି। ଏହି ମୃତ୍ୟୁ ସଂଖ୍ୟା ବର୍ତ୍ତମାନ ମୋଟ ୮ରେ ପହଞ୍ଚିଛି। ବୁଧବାର ପୁଣି ଚିକିତ୍ସାଧୀନ ଅବସ୍ଥାରେ ହରିଚନ୍ଦନପୁର ବ୍ଲକ କନ୍ତଲା ବାଲିସାହିର ସୁବାଶୀ ଯୁଆଙ୍ଗଙ୍କର ମୃତ୍ୟୁ ହୋଇଥିବା ଜଣାପଡିଛି। ଶ୍ରମିକମାନେ ତାମିଲନାଡୁ ରାଜ୍ୟର ତିରୁଭାଲୁର ଜିଲ୍ଲାରେ ଥିବା ସେଣ୍ଟ ପିଟର୍ସ ଆଣ୍ଡ ପଲ୍ ସି ଫୁଡ୍ ଏକ୍ସପୋର୍ଟସ ପ୍ରାଇଭେଟ ଲିମିଟେଡ କମ୍ପାନୀରେ କେନ୍ଦୁଝର ଜିଲ୍ଲାରୁ ଯାଇ କାମ କରୁଥିଲେ। କାରଖାନାର ଆମୋନିଆ ଗ୍ୟାସ୍ ଲିକ୍ ଦୁର୍ଘଟଣାରେ ସଦର ଥାନା ଅନ୍ତର୍ଗତ କୋଡିପଶା ଗ୍ରାମର ଫୁଲମଣୀ ଜୁଆଙ୍ଗ, କେନ୍ଦୁଝର ଜିଲ୍ଲା ତେଲକୋଇ ଥାନା ଅନ୍ତର୍ଗତ ଦୁବନାଳୀଟାଙ୍ଗିରୀ ଗ୍ରାମର ଶିବାନୀ ଜୁଆଙ୍ଗ, ତେଲକୋଇ ଥାନା ଦୁବନାଳୀ ଟାଙ୍ଗିରୀ ଗ୍ରାମର ଗୀତା ଜୁଆଙ୍ଗ, ତେଲକୋଇ ଥାନା ରଙ୍ଗାମାଟିଆ ଗ୍ରାମର ଗୁମନୀ ଜୁଆଙ୍ଗ ଓ ସଦର ଥାନା ଅନ୍ତର୍ଗତ ତଳଚମ୍ପେଇ ଗ୍ରାମର ଚମ୍ପାବତୀ ଜୁଆଙ୍ଗ ମୃତ୍ୟୁ ହୋଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ପୁଣି କେନ୍ଦୁଝର ଟାଉନ ଥାନା କୋଡିପଶା ଗ୍ରାମର ସୃଜନୀ ଜୁଆଙ୍ଗ, ତେଲକୋଇ ଥାନା ରଙ୍ଗାମାଟିଆ ଗ୍ରାମର ଯାମିନୀ ଜୁଆଙ୍ଗଙ୍କ ମୃତ୍ୟୁ ସୂଚନା ମିଳିଥିଲା। ଏହି ଘଟଣାରେ ଆଉ ଜଣଙ୍କ ଅବସ୍ଥା ଏବେ ମଧ୍ୟ ଗୁରୁତର ରହିଥିବା ଜଣାପଡ଼ିଛି।

**KASTURBA GANDHI BALIKA VIDYALAYA, KOTANA**

Kotana, Block-Jharbandh, Dist-Bargarh, PIN-768042

Letter No.: 301, Date: 24.06.2026

**SHORT TENDER CALL NOTICE**

Sealed Tenders are invited from the registered/reputed firms and manufacturers having valid PAN and valid Goods and Service Tax (GST) Registration Certificate for supply of the following items like Grocery, Cosmetics, Dress Material, Course Books, Medicines, Non-Veg Items, Milk Products, Toilet Items, Vegetables and Fruits to Kasturba Gandhi Balika Vidyalaya, Kotana, Block-Jharbandh, Dist-Bargarh, PIN-768042 for the year 2026-27.

The last date for receipt of tender forms is **09.07.2026 at 4.00 PM.**

For further details, interested parties may contact the undersigned during office hours.

Sd/- Headmistress-cum-Convener
KGBV, Kotana, Bargarh.

**ZILLA SWASTHYA SAMITI, ANGUL**

O/o The Chief District Medical & Public Health Officer, Angul

10001/304/2627

**TENDER CALL NOTICE FOR SUPPLY OF CALIBRATED BLOOD COLLECTION DRAPES**

No: 1844Date: 22/06/2026

Sealed Tenders are invited from the interested firms / agencies / organization for SUPPLY OF CALIBRATED BLOOD COLLECTION DRAPES for Angul district and details of terms and conditions are available in Angul district website i.e. **https://angul.odisha.gov.in.** Interested firms/agencies/organization are requested to submit Tender (under two bid system) along with necessary documents (Technical & Financial Bid separately and outer envelope must contain the said two bids documents) to the office of the CDM & PHO, Angul, District Head Quarter Hospital, PIN – 759122 on or before **15.07.2026 (till 11:00 AM)** through Registered Post/Speed Post/Courier only.The authority reserves all the rights to cancel or reject partially or all tender without assigning any reason thereof.

Sd/-
CDM & PHO-cum-District Mission Director, Angul

OIPR-10001/10142/1/26-27/0009

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ନୂଆ ବିଏସ୍-୬...

ନିର୍ଗତ କରନ୍ତି। ଏହି କାରଣରୁ ସେଗୁଡିକ ପାଇଁ ନିୟମ କୋହଳ କରାଯାଇପାରେ। ତେବେ ନିୟମାବଳୀ ଅନୁଯାୟୀ ପିୟୁସିସି ନ ଥିଲେ ଜଣଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇପାରିବ। କେବଳ ୧୦,୦୦୦ ଟଙ୍କା ପର୍ଯ୍ୟନ୍ତ ଜରିମାନା ଏବଂ ୬ ମାସ ପର୍ଯ୍ୟନ୍ତ ଜେଲଦଣ୍ଡ ମଧ୍ୟ ହୋଇପାରେ।

### କୋଲକାତାରେ ନିର୍ମାଣାଧୀନ...

ନିଆଯାଉଛି। ବର୍ତ୍ତମାନ ସୁଦ୍ଧା ୨୧ ଜଣଙ୍କୁ ଉଦ୍ଧାର କରାଯାଇ ଏସଏସକେଏମ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ତେବେ ପ୍ରାୟ ୧୨ ରୁ ୧୫ ଜଣ ଏବେ ମଧ୍ୟ ଫସି ରହିଥିବା ଆଶଙ୍କା କରାଯାଉଛି।

ଉଦ୍ଧାରକାରୀ ଦଳ ଅନୁଯାୟୀ, ଭଗ୍ନସ୍ତୂପ ତଳୁ ଶ୍ରମିକମାନଙ୍କର ସାହାଯ୍ୟ ପାଇଁ ଆର୍ତ୍ତନାଦ ଶୁଣାଯାଉଛି। କିଛି ଶ୍ରମିକଙ୍କ ସହ ଯୋଗାଯୋଗ ସମ୍ଭବ ହୋଇଛି ଏବଂ ସେମାନଙ୍କୁ ପାଇପ୍ ଜରିଆରେ ଖାଦ୍ୟ ଓ ପାଣି ଯୋଗାଇ ଦିଆଯାଉଛି। ଗ୍ୟାସ କଟର ଏବଂ ଡ୍ରିଲିଂ ମେସିନ ସାହାଯ୍ୟରେ କଂକ୍ରିଟ ସ୍ଲାବ୍ କାଟି ସେମାନଙ୍କ ପାଖରେ ପହଞ୍ଚିବାକୁ ଚେଷ୍ଟା କରାଯାଉଛି। ମୁଖ୍ୟମନ୍ତ୍ରୀ ଶୁଭେନ୍ଦୁ ଅଧିକାରୀ ଘଟଣାସ୍ଥଳ ପରିଦର୍ଶନ କରି ସ୍ଥିତି ସମୀକ୍ଷା କରିଛନ୍ତି। ପ୍ରାଥମିକ ତଦନ୍ତରୁ ବିଲ୍ଡିଂ ପ୍ଲାନରେ ତ୍ରୁଟି ଏବଂ ନିର୍ମାଣ ସାମଗ୍ରୀର ନିମ୍ନମାନର ଗୁଣବତ୍ତା ଯୋଗୁଁ ଏହି ଦୁର୍ଘଟଣା ଘଟିଥାଇପାରେ ବୋଲି ସନ୍ଦେହ କରାଯାଉଛି। ମୁଖ୍ୟମନ୍ତ୍ରୀ କୋଲକାତା ମ୍ୟୁନିସିପାଲିଟି ଅଧୀନରେ ଥିବା ସମସ୍ତ ନିର୍ମାଣାଧୀନ କାର୍ଯ୍ୟକୁ ତୁରନ୍ତ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହାସହ ସମସ୍ତ ବ୍ୟବସାୟିକ ପ୍ରକଳ୍ପର ସୁରକ୍ଷା ଅଡିଟ୍ ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ଅଗଷ୍ଟ ୧ ପର୍ଯ୍ୟନ୍ତ କୌଣସି ନୂତନ ନିର୍ମାଣ କାର୍ଯ୍ୟ ହୋଇପାରିବ ନାହିଁ ବୋଲି ଘୋଷଣା କରାଯାଇଛି। ଅନେକ ଶ୍ରମିକ ଅନ୍ୟ ରାଜ୍ୟରୁ ଆସିଥିବା ପ୍ରବାସୀ ଶ୍ରମିକ ବୋଲି ଜଣାପଡ଼ିଛି। ରାଜ୍ୟ ସରକାର ଏହି ଘଟଣାର ଏକ ଉଚ୍ଚସ୍ତରୀୟ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

### ସରିଲା ତଦନ୍ତ...

ପଡ଼ିଛନ୍ତି। ସାରା ରାଜ୍ୟରେ ଏହାକୁ ନେଇ ତୀବ୍ର ଅସନ୍ତୋଷ ଦାନା ବାନ୍ଧିଥିବାବେଳେ ସରକାରଙ୍କ କାର୍ଯ୍ୟାନୁଷ୍ଠାନକୁ ସମସ୍ତେ ଅପେକ୍ଷା କରିଛନ୍ତି।

ବିଶେଷକରି ପୁସ୍ତକ ପାଠ୍ୟକ୍ରମ ପ୍ରସ୍ତୁତି ଓ ସମୀକ୍ଷା ପାଇଁ ଗଠିତ ୨୪ ଜଣିଆ କୋର୍ କମିଟି ସଦସ୍ୟଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଖଣ୍ଡା ଝୁଲୁଛି। ଏହାସହ ଓସେପା, ଏସ୍‌ସିଇଆର୍‌ଟି ଓ ମୁଦ୍ରଣ, ଲିଖନ ସାମଗ୍ରୀ ଓ ପ୍ରକାଶନ ନିର୍ଦ୍ଦେଶାଳୟର କିଛି ବରିଷ୍ଠ ଅଧିକାରୀଙ୍କ ବିରୋଧରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ଆଶଙ୍କା ରହିଛି। ରାଜ୍ୟ ସମେତ ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଥିବା ଏହି ପ୍ରସଙ୍ଗରେ ଏକ ବଡ଼ ଧରଣର କାର୍ଯ୍ୟାନୁଷ୍ଠାନ ନେବାକୁ ଚାରିଆଡୁ ଚାପ ମଧ୍ୟ ବଢ଼ିବାରେ ଲାଗିଥିବାରୁ ସରକାରଙ୍କ ପାଇଁ ଅଡୁଆ ପରିସ୍ଥିତି ସୃଷ୍ଟି ହୋଇଛି। ସବୁଠାରୁ ବଡ଼ ପ୍ରଶ୍ନବାଚୀ ହେଲା, ତଦନ୍ତ ସରିଥିଲେ ମଧ୍ୟ ରିପୋର୍ଟକୁ ସରକାର ସାର୍ବଜନୀନ କରିବେ ନା ବଡ଼ବଡ଼ିଆ ଅଧିକାରୀଙ୍କୁ ସୁରକ୍ଷା ଦେବାକୁ ପ୍ରୟାସ କରିବେ ବୋଲି ରାଜନୈତିକ ସମୀକ୍ଷକମାନେ ପ୍ରଶ୍ନ କରିଛନ୍ତି।

### ଇଂରାଜୀ ବହିକୁ...

ବି ଲୋକମାନେ କଟାକ୍ଷ କରିଛନ୍ତି।

ଗୁରୁବାର ଦିନ ତମାମ୍ ସାମାଜିକ ଗଣମାଧ୍ୟମରେ ଇଂରାଜୀ ବହିରେ ରଜଦୋଳି ଗୀତର ଭିଡିଓ ଭାଇରାଲ୍ ହୋଇଛି। ଜଣେ ଶିକ୍ଷୟିତ୍ରୀ ଭିଡିଓକୁ ପ୍ରସ୍ତୁତ କରିଥିବା କୁହାଯାଉଛି। ଇଂରାଜୀ ପୁସ୍ତକରେ ଓଡ଼ିଆ ଭାଷାରେ ରଜଦୋଳି ଗୀତ ସେ କିପରି ପଢ଼ାଇବେ ବୋଲି ପ୍ରଶ୍ନ କରିଛନ୍ତି। ପଞ୍ଚମ ଶ୍ରେଣୀର ଇଂରାଜୀ ପୁସ୍ତକ ‘ପଲ୍ଲଭୀ’ ର ମଧ୍ୟ ଭାଗରେ ଓଡ଼ିଆ ଭାଷାରେ ରଜଦୋଳି ଗୀତ ଲେଖା ହୋଇଥିବା ଲୋକଲୋଚନକୁ ଆସିବା ପରେ ଅନେକ ଅସମାହିତ ପ୍ରଶ୍ନ ଛିଡ଼ା ହୋଇଛି। ଇଂରାଜୀରେ ଲେଖାଯାଇଥିବା ଏନ୍‌ସିଇଆର୍‌ଟି ପୁସ୍ତକକୁ ଏଆଇ ଉପଯୋଗ କରି ଓଡ଼ିଆରେ ଅନୁବାଦ କରାଯାଇଥିବାରୁ ମାଳମାଳ ବନାନ୍ ଓ ବାକ୍ୟ ଭୁଲ୍ ହୋଇଥିବା ଅଭିଯୋଗ ହୋଇଥିଲା। ମାତ୍ର ଇଂରାଜୀ ବହିରେ ଓଡ଼ିଆ କିପରି ପ୍ରବେଶ କଲା? ଏହା ତ ଏଆଇ ର ଅବଦାନ ହୋଇ ନ ଥିବ! ଏପରି ଗୁରୁଚଣ୍ଡାଳ ତ୍ରୁଟି କେବଳ ପୁସ୍ତକ ପ୍ରସ୍ତୁତି ଦାୟିତ୍ୱରେ ଥିବା ଅଧିକାରୀଙ୍କ ମନମାନୀ ଓ ଖାମଖିଆଲ୍ ନୀତି ଦ୍ୱାରା ହିଁ ସମ୍ଭବ। ରାଜ୍ୟର ପ୍ରାୟ ୫୭ ଲକ୍ଷ କୋମଳମତି ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ଜୀବନ ସହ ଖେଳିଥିବା ଏହି ଅଧିକାରୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ଏବେ ଦାବି ଜୋର୍ ଧରିଛି। ଏପରିକି ତ୍ରୁଟିପୂର୍ଣ୍ଣ ପୁସ୍ତକ ପ୍ରସ୍ତୁତି କରିଥିବା ସମସ୍ତ ବରିଷ୍ଠ ଓ ଅଭିଜ୍ଞ (!) ଶିକ୍ଷାବିତ ଏବଂ ଅଧିକାରୀଙ୍କ ଠାରୁ ମୁଦ୍ରଣ ବାବଦକୁ ଖର୍ଚ୍ଚ ହୋଇଥିବା ସମସ୍ତ ଅର୍ଥ ଭରଣା କରିବାକୁ ଦାବି ତୀବ୍ର ହୋଇଛି। ସାମାଜିକ ଗଣମାଧ୍ୟମରେ ଆବାଳବୃଦ୍ଧବନିତା ସରକାରଙ୍କ ଏପରି ତ୍ରୁଟିକୁ ଅକ୍ଷମଣୀୟ କହିବା ସହ କଠୋର ସମାଲୋଚନା ଜାରି ରଖିଛନ୍ତି।

### ସାମୁଦ୍ରିକ ବାଣିଜ୍ୟ...

ଗଭୀର-ସମୁଦ୍ର ବନ୍ଦର ଏବଂ ପାରାଦୀପ ନିକଟରେ ଏକ ସିପ୍ ବିଲ୍ଡିଂ କ୍ଲଷ୍ଟର ନିର୍ମାଣ କରାଯାଉଛି। ଭାରତ ସରକାରଙ୍କ ‘ସାଗର’, ‘ଆକ୍ଟ ଇଷ୍ଟ ପଲିସି’, “ବିମଷ୍ଟେକ’ ଏବଂ ‘କୋଷ୍ଟାଲ ସିକ୍ୟୁରିଟି ସ୍କିମ ଫେଜ-୩’ ଭଳି ପ୍ରଗତିଶୀଳ ନୀତିକୁ ଓଡ଼ିଶା ସରକାର ସମ୍ପୂର୍ଣ୍ଣ ସମର୍ଥନ କରୁଛନ୍ତି । ସାମୁଦ୍ରିକ ସୁରକ୍ଷା କ୍ଷେତ୍ରରେ କୃତ୍ରିମ ବୁଦ୍ଧିମତ୍ତା, ଅନ୍‌ମ୍ୟାନ୍‌ଡ ସିଷ୍ଟମ ଏବଂ ଅତ୍ୟାଧୁନିକ ମନିଟରିଂ ନେଟୱାର୍କର ଉପଯୋଗ ଉପରେ ମୁଖ୍ୟମନ୍ତ୍ରୀ ଏହି ଅବସରରେ ଗୁରୁତ୍ୱାରୋପ କରିଛନ୍ତି। ଏହି ବୈଠକରେ ଜାତୀୟ ମାରିଟାଇମ୍ ସୁରକ୍ଷା ସମନ୍ୱୟକାରୀ ଅବସରପ୍ରାପ୍ତ ଭାଇସ୍ ଆଡମିରାଲ୍ ବିଶ୍ୱଜିତ୍ ଦାସଗୁପ୍ତା, ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ପ୍ରମୁଖ ବକ୍ତବ୍ୟ ରଖିଥିଲେ। ମୁଖ୍ୟମନ୍ତ୍ରୀଙ୍କ ପରାମର୍ଶଦାତା ପ୍ରକାଶ ମିଶ୍ର, ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା, ପୁଲିସ ମହାନିର୍ଦ୍ଦେଶକ ୱାଇ. ବି. ଖୁରାନିଆଙ୍କ ସମେତ ଉପକୂଳବର୍ତ୍ତୀ ରାଜ୍ୟର ସାମୁଦ୍ରିକ ସୁରକ୍ଷା ସମନ୍ୱୟକାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବରିଷ୍ଠ ପଦାଧିକାରୀ ଉପସ୍ଥିତ ଥିଲେ।

### ମୁଁ ମାନିବାକୁ...

ହୋଇଥିବା ସଂଘର୍ଷକୁ ନେଇ କଂଗ୍ରେସ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଥିଲା। ଏପରିକି ଟ୍ରମ୍ପଙ୍କ ଦଳର କିଛି ସଦସ୍ୟ ମଧ୍ୟ ଏହି ଯୁଦ୍ଧକୁ ସମର୍ଥନ କରୁନଥିବା ଏହି ଭୋଟିଂରୁ ସ୍ପଷ୍ଟ ହୋଇଛି। ବର୍ତ୍ତମାନ ଟ୍ରମ୍ପ ପ୍ରଶାସନ ଇରାନ ସହିତ ଏକ ଶାନ୍ତି ଚୁକ୍ତି ପାଇଁ ଆଲୋଚନା ଚଳାଇଥିବା ବେଳେ ଏହି ନିଷ୍ପତ୍ତି ତାଙ୍କ ଉପରେ ଚାପ ସୃଷ୍ଟି କରିଛି। ସିନେଟର ଏହି ନିଷ୍ପତ୍ତିକୁ ହ୍ୱାଇଟ୍ ହାଉସ ଅସାମ୍ବିଧାନିକ ବୋଲି ଦର୍ଶାଯାଇଛି ଏବଂ ଏହା କାର୍ଯ୍ୟକାରୀ ହେବା ପାଇଁ ବାଧ୍ୟତାମୂଳକ ନୁହେଁ ବୋଲି ଦାବି କରାଯାଇଛି। ଆଇନ ବିଶେଷଜ୍ଞଙ୍କ ମତରେ, ଏହି ପ୍ରସଙ୍ଗଟି ଆଗକୁ ଏକ ଆଇନଗତ ଲଢେଇର ରୂପ ନେଇପାରେ। ଶେଷରେ ନ୍ୟାୟାଳୟ ଦ୍ୱାରା ହିଁ ଏହାର ସମାଧାନ ହେବର ସମ୍ଭାବନା ରହିଛି ବୋଲି କୁହାଯାଇଛି। ଅନ୍ୟପକ୍ଷରେ ରାଷ୍ଟ୍ରପତି ଟ୍ରମ୍ପ ଏଭଳି ପ୍ରସ୍ତାବ/ନିର୍ଦ୍ଦେଶକୁ ଅର୍ଥହୀନ ବୋଲି କହିଛନ୍ତି। ସେ ଏହାକୁ ମାନିବା ଲାଗି ବାଧ୍ୟ ନୁହନ୍ତି ବୋଲି କହିଛନ୍ତି।

### ହୋଟେଲ ମାଲିକଙ୍କୁ...

ଚନ୍ଦନ ସେହି ହୋଟେଲକୁ ନିଜ କବ୍‌ଜାକୁ ନେବାଲାଗି ଉଦ୍ୟମ କରୁଥିବାରୁ ମାଲିକ ପବିତ୍ରଙ୍କ ସହିତ କିଛିଦିନ ହେବ ବିବାଦ ଲାଗିରହିଥିଲା।

ପୁଲିସ ସୂତ୍ରରୁ ପ୍ରକାଶ ଯେ ମଙ୍ଗଳବାର ବିଳମ୍ବିତ ରାତିରେ ହୋଟେଲରେ ରହୁଥିବା କିଛି ଯାତ୍ରୀଙ୍କ ଫୋନ୍ ପରେ ପବିତ୍ର ହୋଟେଲକୁ ଯାଇଥିଲେ। ମ୍ୟାନେଜର ଏବଂ କିଛି କର୍ମଚାରୀ ଆବଶ୍ୟକ ସେବା ଦେଉ ନ ଥିବା ଅଭିଯୋଗ କରିଥିଲେ କିଛି ଯାତ୍ରୀ। ଫଳରେ ମାଲିକ ପବିତ୍ର ମ୍ୟାନେଜର ଚନ୍ଦନକୁ ତାଗିଦ କରିଥିଲେ। ଏହାକୁ ନେଇ ଉଭୟଙ୍କ ମଧ୍ୟରେ କଥା କଟାକଟି ପରେ ବିବାଦ ଉଗ୍ରରୂପ ଧାରଣ କରିଥିଲା। ଚନ୍ଦନ ନିଜ ପାଖରେ ରଖିଥିବା ଏକ ଛୁରୀରେ ପବିତ୍ରଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ଘଟଣାସ୍ଥଳରେ ହିଁ ପବିତ୍ରଙ୍କର ମୃତ୍ୟୁ ଘଟିଥିଲା। ଖବର ପାଇ ଘଟଣାସ୍ଥଳରେ ପହଞ୍ଚିଥିଲା ବଳିଆପଣ୍ଡା ଥାନା ପୁଲିସ। ମୁଖ୍ୟ ଅଭିଯୁକ୍ତ ସେହି ହୋଟେଲର ମ୍ୟାନେଜର ଚନ୍ଦନ ଜାଣିବା ପରେ ପୁଲିସ ଧରିବା ପାଇଁ ବିଭିନ୍ନ ସ୍ଥାନରେ ଚଢ଼ଉ କରିଥିଲା।

ବିଶେଷ ସୂତ୍ରରୁ ପୁଲିସକୁ ଖବର ମିଳିଥିଲା ମାତା ମଠ ନିକଟ ଏକ କାଜୁ ଜଙ୍ଗଲରେ ଲୁଚି ରହିଛି ଚନ୍ଦନ। ସେଠାରେ ପୁଲିସ ପହଞ୍ଚିବା ପରେ ଚନ୍ଦନ ପୁଲିସ ଉପରକୁ ଗୁଳି ଚଳାଇ ଖସିଯିବାକୁ ଚେଷ୍ଟା କରିଥିଲା। ହେଲେ ପୁଲିସ ଗୁଳିରେ ଆହତ ହୋଇଥିଲା। ଚନ୍ଦନର ବାମପଟ ଗୋଡ଼ରେ ପୁଲିସର ଗୁଳି ବାଜିଥିବା ବେଳେ ତାକୁ ଚିକିତ୍ସା ପାଇଁ ପ୍ରଥମେ ପୁରୀ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ମୃତକଙ୍କ ପରିବାର ଓ ସମ୍ପର୍କୀୟମାନେ ମେଡିକାଲରେ ପହଞ୍ଚିବା ପରେ ଉତ୍ତେଜନା ପ୍ରକାଶ ପାଇଥିଲା। ଏସ୍‌ପି ପ୍ରତୀକ୍ ସିଂ ଏବଂ ପୁଲିସ ଅଧିକାରୀ ସ୍ଥିତିକୁ ନିୟନ୍ତ୍ରଣ କରିବା ସହିତ ଚନ୍ଦନକୁ କଟକ ସ୍ଥାନାନ୍ତର କରାଯାଇଥିଲା। ଏହି ଘଟଣାରେ ସମ୍ପୃକ୍ତ ଥିବା ଅନ୍ୟ ଅଭିଯୁକ୍ତଙ୍କୁ ଧରିବା ପାଇଁ ପୋଲିସ ଉଦ୍ୟମ ଜାରି ରଖିଥିବା ଏସ୍‌ପି ଶ୍ରୀ ସିଂ ସୂଚନା ଦେଇଛନ୍ତି। ଏସ୍‌ପି କହିଛନ୍ତି, ଆଉ କିଛି ବ୍ୟକ୍ତି ଏହି ଅପରାଧରେ ସାମିଲ ଥିବା ଜଣାପଡ଼ିଛି। ସେମାନଙ୍କୁ ଧରିବା ପାଇଁ ଉଦ୍ୟମ ଜାରି ରହିଛି ବୋଲି ଏସ୍‌ପି କହିଛନ୍ତି।

### ଜେଲ୍‌ବାବୁଙ୍କୁ ବାନ୍ଧିବ...

ଆଉଟ୍ ରେଜିଷ୍ଟରରେ ଶ୍ରୀ ରାଉଳ କରିଥିବା ଦସ୍ତଖତର ସମୟ ମେଳ ଖାଉ ନାହିଁ ବୋଲି ତଦନ୍ତ ରିପୋର୍ଟରେ ଉଲ୍ଲେଖ ରହିଥିଲା। କାର୍ଯ୍ୟାନୁଷ୍ଠାନରୁ ବର୍ତ୍ତିବା ପାଇଁ ଶ୍ରୀ ରାଉଳ ରେଜିଷ୍ଟରରେ ଦସ୍ତଖତ ଜାଲିଆତି ଭଳି ସାଙ୍ଘାତିକ ଭୁଲ୍ କରିଥିଲେ ବୋଲି ସ୍ପଷ୍ଟ ହୋଇଥିଲା। ଘଟଣାରେ ମୁଖ୍ୟ ୱାର୍ଡର ଓ ଜଣେ ୱାର୍ଡରଙ୍କୁ ନିଲମ୍ବନ କରାଯାଇଥିଲେ ମଧ୍ୟ ବରିଷ୍ଠ ଅଧୀକ୍ଷକଙ୍କ ଦେହରେ ଧୂଳି ଲାଗିନଥିଲା।

ଇଏ କେବଳ ଦୁଇଟି ଘଟଣା ନୁହେଁ, ଏପରି ଅନେକ ଉଦାହରଣ ମଧ୍ୟ ରହିଛି। ବିପର୍ଯ୍ୟସ୍ତ ଆଇନଶୃଙ୍ଖଳାକୁ ନେଇ ରାଜ୍ୟ ପୁଲିସ ଅପବାଦ ମୁଣ୍ଡାଇଥିବା ବେଳେ ଅପାରଗ ଅଧିକାରୀଙ୍କ ଲାଗି ସୁରକ୍ଷା ତ୍ରୁଟି ଜେଲ୍ ବିଭାଗ ମଧ୍ୟ ବଦନାମ ହେଉଛି। ରାଜ୍ୟର ଗୋଟିଏ ପରେ ଗୋଟିଏ ଜେଲରେ ସୁରକ୍ଷା ଜନିତ ତ୍ରୁଟି ଠାରୁ ଆରମ୍ଭ କରି ବିଭିନ୍ନ ବିଶୃଙ୍ଖଳା ଲାଗି ରହିଛି। ତଳତଳିଆ କର୍ମଚାରୀଙ୍କୁ ବଳି ପକାଇ ବଡ଼ବଡ଼ିଆଙ୍କୁ ସୁରକ୍ଷା ଦିଆଯାଉଥିବାରୁ ଏହି ଧାରା ବଢ଼ିବାରେ ଲାଗିଛି।

## ଆଜିର ରାଶିଫଳ

**ମେଷ:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତ ହେବ। ଚାକିରିରେ ପରିବର୍ତ୍ତନ ହେବ। ରାଜନୀତିରେ ସଫଳ ହେବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ପରିବାର ସଦସ୍ୟଙ୍କ ସହଯୋଗ ମିଳିବ।

**ବୃଷ:** ବ୍ୟସ୍ତତା ଭିତରେ ଦିନଟି କଟିବ। ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଧାର୍ମିକ ସ୍ଥାନକୁ ଯାତ୍ରା କରିବେ। ପ୍ରେମ ଜୀବନ ସୁଖମୟ ହେବ।

**ମିଥୁନ:** ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ସ୍ୱାସ୍ଥ୍ୟରେ ସୁଧାର ଆସିବ। ପାରିବାରିକ ଜୀବନ ସୁଖମୟ ହେବ। ବାଦବିବାଦରୁ ଦୂରେଇ ରହିବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**କର୍କଟ:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ଉଧାର ଧନ ଫେରିପାଇବେ। ଚାକିରିରେ ନୂଆ ସୁଯୋଗ ଜୁଟିବ। ମାନସିକ ଶାନ୍ତି ପାଇଁ ଧାର୍ମିକ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ସିଂହ:** ନିବେଶରୁ ଲାଭ ପାଇବେ। କାର୍ଯ୍ୟରେ ସଫଳତା ମିଳିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ତରିବରିଆ ଭାବେ କୌଣସି ନିଷ୍ପତ୍ତି ନେବେ ନାହିଁ। ଶିକ୍ଷା କ୍ଷେତ୍ରରେ ସମ୍ମାନ ମିଳିବ।

**କନ୍ୟା:** ନୂଆ ରଣନୀତିରେ କାରବାରକୁ ଆଗକୁ ନେବେ। ଘର ସାଜସଜ୍ଜାରେ ଅଧିକ ଖର୍ଚ୍ଚାନ୍ତ ହେବେ। ଭାଇ, ଭଉଣୀଙ୍କ ସହ ସୁଖଦୁଃଖ ବାଣ୍ଟିବେ। ପଡ଼ୋଶୀଙ୍କ ସହ ମତାନ୍ତର ଦୂର ହେବ।

**ତୁଳା:** ସରକାରୀ କ୍ଷେତ୍ରରେ ଲାଭ ମିଳିବ। ଧାର କରଜ କରିବାରୁ ରକ୍ଷା ପାଇବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ବିଛା:** ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ କରିବେ। ସମୟ ପୂର୍ବରୁ ସମସ୍ତ କାର୍ଯ୍ୟ ପୂରା କରିବେ। ଇଚ୍ଛା ପୂରଣ ହେବ। ଦାମ୍ପତ୍ୟ ଜୀବନ ଖୁସିରେ ବିତିବ। ବନ୍ଧୁଙ୍କ ସହ ବୁଲିବାକୁ ଯିବେ।

**ଧନୁ:** ଧାର୍ମିକ ସ୍ଥାନକୁ ଯାତ୍ରାଯୋଗ ଅଛି। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଆର୍ଥିକ ଉନ୍ନତିକୁ ନେଇ ପ୍ରସନ୍ନ ରହିବେ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ।

**ମକର:** ନାଚ, ଗୀତରେ ସଫଳତା ମିଳିବ। ଛାତ୍ରଛାତ୍ରୀ ପଢ଼ା ପ୍ରତି ଆଗ୍ରହ ପ୍ରକାଶ କରିବେ। ଭଉଣୀଙ୍କ ସ୍ୱାସ୍ଥ୍ୟରେ ସୁଧାର ଆସିବ। ଦାମ୍ପତ୍ୟ ଜୀବନରେ ସମସ୍ୟା ଦେଖା ଦେବ।

**କୁମ୍ଭ:** ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଭଲ। ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ସହ ସମୟ ଅତିବାହିତ କରିବେ। ଛାତ୍ରଛାତ୍ରୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ।

**ମୀନ:** ବ୍ୟସ୍ତତା ଭିତରେ ନିଜ ପାଇଁ ସମୟ ବାହାର କରିବେ। ଧାର୍ମିକ କାର୍ଯ୍ୟରେ ନିୟୋଜିତ ହେବେ। ପୈତୃକ ସମ୍ପତ୍ତି ବିବାଦର ସମାଧାନ ହେବ। ବ୍ୟବସାୟରେ ପରିବର୍ତ୍ତନ ଆଣିବେ।

## ଆଜିର ଇତିହାସ

- ୧୭୮୮ - ଭର୍ଜିନିଆ ଆମେରିକୀୟ ସମ୍ବିଧାନକୁ ଆପଣାଇବାରେ ୧୦ମ ରାଜ୍ୟ ହେଲା।
- ୧୯୪୧- ଫିନ୍‌ଲ୍ୟାଣ୍ଡ ସୋଭିଏତ୍ ସଂଘ ଉପରେ ଆକ୍ରମଣ ପାଇଁ ଘୋଷଣା କଲା।
- ୧୯୫୦-ଉତ୍ତର କୋରିଆ ଓ ଦକ୍ଷିଣ କୋରିଆ ମଧ୍ୟରେ ଗୃହଯୁଦ୍ଧ ଆରମ୍ଭ ହେଲା।
- ୧୯୭୫- ଭାରତରେ ଜରୁରିକାଳିନ ପରିସ୍ଥିତି ଘୋଷଣା କରାଗଲା।




## ଛଅ ପ୍ରକାର ବାଦ୍ୟଯନ୍ତ୍ରରେ ନଦୀ ସୁରକ୍ଷା ବାର୍ତ୍ତା

ଆଜିକାଲି ସମସ୍ତେ ସୋସିଆଲ ମିଡିଆରେ ପ୍ରସିଦ୍ଧ ହେବା ପାଇଁ ଭିଡିଓ ବନାଉଥିବା ବେଳେ ଏମିତି ଜଣେ ବ୍ୟକ୍ତି ଅଛନ୍ତି ଯିଏ ସଙ୍ଗୀତକୁ ନଦୀମାନଙ୍କର ସ୍ୱରଭାବେ ଉପସ୍ଥାପିତ କରୁଛନ୍ତି। ତାଙ୍କର ଏହି ଶୈଳୀ ସୋସିଆଲ ମିଡିଆରେ ଖୁବ୍ ଭାଇରାଲ୍ ହେବାରେ ଲାଗିଛି। ପୁନେର ସ୍ୱପ୍ନିଲ ଠାକୁର ଏକାକାଳୀନ ୧୪ କିଲୋ ବାଦ୍ୟଯନ୍ତ୍ର ବଜାଇ ନଦୀ ସୁରକ୍ଷାର ବାର୍ତ୍ତା ପ୍ରଦାନ କରୁଛନ୍ତି। ତାଙ୍କର ଏହି କାର୍ଯ୍ୟ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ଆଇଟି ଇଞ୍ଜିନିୟର୍‌ରୁ ପରିବେଶ ସଚେତନତା ଅଭିଯାନ ଚଳାଉଥିବା ସ୍ୱପ୍ନିଲ ଏବେ ଚର୍ଚ୍ଚାରେ ଅଛନ୍ତି। ସେହିପରି ଇନ୍‌ଷ୍ଟାରେ ସେ ସ୍ୱପ୍ନିଲ ନଦୀୱାଲା ନାଁରେ ଲୋକପ୍ରିୟ। ସେ ଏକାକାଳୀନ ୬ ଅଲଗା ଅଲଗା ବାଦ୍ୟଯନ୍ତ୍ର ବଜାନ୍ତି। ସେ ଏମିତି ଶୈଳୀରେ ବଜାନ୍ତି ଯେ, ଶୁଣିବା ଲୋକେ ପୂରା ଅର୍କେଷ୍ଟ୍ରା ବଜାଇବା ଭଳି ଅନୁଭବ କରନ୍ତି। ସ୍ୱପ୍ନିଲ ଆଇଟି ଇଞ୍ଜିନିୟର ଭାବେ କାର୍ଯ୍ୟ କରୁଥିଲେ। ହେଲେ ଏକ ଗୁରୁତର ଦୁର୍ଘଟଣା ତାଙ୍କ ଜୀବନର ମୋଡ଼ ବଦଳାଇ ଦେଲା। ଏହି ଘଟଣା ପରେ ସେ ହାର୍ ମାନିବା ପରିବର୍ତ୍ତେ ଜୀବନକୁ ଏକ ନୂଆ ଉଦ୍ଦେଶ୍ୟ ଲାଗି ସମର୍ପଣ କଲେ। ଏବେ ସେ ପୁନେ ରାଜରାସ୍ତାରେ ପ୍ରାୟ ୧୪ କେଜି ଓଜନର ବାଦ୍ୟଯନ୍ତ୍ର ସହିତ ଗୀତ ଗାଆନ୍ତି ଏବଂ ଲୋକଙ୍କୁ ନଦୀ ବଞ୍ଚାଇବାର ବାର୍ତ୍ତା ଦେଉଛନ୍ତି। ସେ ବିଶ୍ୱାସ କରନ୍ତି, ନଦୀ କେବଳ ଏକ ଜଳ ସ୍ରୋତ ନୁହେଁ, ବରଂ ଜୀବନର ଆଧାର। ସେ ତାଙ୍କ ସଙ୍ଗୀତ ମାଧ୍ୟମରେ ଲୋକଙ୍କୁ ପରିବେଶ ସଂରକ୍ଷଣ ଏବଂ ଜଳ ସ୍ରୋତର ଗୁରୁତ୍ୱ ବୁଝାଇବାକୁ ଚେଷ୍ଟା କରୁଛନ୍ତି। ତାଙ୍କର ଏହି ପ୍ରୟାସକୁ ଲୋକେ ଖୁବ୍ ପ୍ରଶଂସା କରୁଛନ୍ତି। ପିଠିରେ ୧୪ କିଲୋର ବୋଝ, ହାତରେ ଛଅଟି ବାଦ୍ୟଯନ୍ତ୍ର ଏବଂ ହୃଦୟରେ କେବଳ ଗୋଟିଏ ଉଦ୍ଦେଶ୍ୟ, ଲୋକମାନଙ୍କ ପାଖରେ ଏହି ସନ୍ଦେଶ ପହଞ୍ଚାଇବା ଯେ, ଆମ ନଦୀଗୁଡ଼ିକ ବିପଦରେ ଅଛି। ଏବେ ତାଙ୍କର ଏହି ନିଆରା ଶୈଳୀ ସୋସିଆଲ ମିଡିଆରେ ଲକ୍ଷ ଲକ୍ଷ ଲୋକଙ୍କ ଦୃଷ୍ଟି ଆକର୍ଷଣ କରୁଛି। ଲୋକମାନେ ତାଙ୍କର ଏହି ଆଗ୍ରହ ଓ ସାହସକୁ ମଧ୍ୟ ପ୍ରଶଂସା କରୁଛନ୍ତି।

## ରଜନୀକାନ୍ତଙ୍କୁ ପଛରେ ପକାଇଲେ ରଣବୀର





ବଲିଉଡ୍ ଅଭିନେତା ରଣବୀର ସିଂହ ଏବେ ବକ୍ସ ଅଫିସ୍‌ର ସବୁଠୁ ଦାମୀ ଅଭିନେତା। ନିକଟରେ ପ୍ରକାଶ ପାଇଥିବା ଏକ ରିପୋର୍ଟ ଅନୁଯାୟୀ, ରଣବୀର ଗୋଟିଏ ପ୍ରୋଜେକ୍ଟରୁ ପାଖାପାଖି ୩୨୫ କୋଟି ଟଙ୍କା ରୋଜଗାର କରିଛନ୍ତି। ଭାରତୀୟ ଚଳଚ୍ଚିତ୍ର ଜଗତରେ କୌଣସି ଅଭିନେତାଙ୍କୁ ଗୋଟିଏ ପ୍ରୋଜେକ୍ଟ ପାଇଁ ଏହା ମିଳିଥିବା ସର୍ବାଧିକ ଅର୍ଥରାଶି ବୋଲି କୁହାଯାଉଛି। ଏହା ମାଧ୍ୟମରେ ସେ ଆୟ ମାମଲାରେ ଏକ ନୂଆ ରେକର୍ଡ କରିଛନ୍ତି। ରଣବୀରଙ୍କୁ ଏହି ଅର୍ଥ ତାଙ୍କର ସୁପରହିଟ୍ ଫିଲ୍ମ 'ଧୁରନ୍ଧର' ସିରିଜ୍‌ରୁ ମିଳିଛି। ଏହି ସିରିଜ୍‌ର ଦୁଇଟି ଯାକ ଫିଲ୍ମକୁ ଦର୍ଶକେ ଖୁବ୍ ପସନ୍ଦ କରିଥିଲେ। ଏହି ଦୁଇଟି ଫିଲ୍ମ ମିଶି ସାରା ବିଶ୍ୱରେ ପାଖାପାଖି ୩୨୦୦ କୋଟି ଟଙ୍କାର ବ୍ୟବସାୟ କରିଥିବା ବେଳେ କେବଳ ଭାରତୀୟ ବଜାରରୁ ହିଁ ଏହା ୧୯୦୦ କୋଟିରୁ ଅଧିକ ଟଙ୍କା ଆୟ କରିଛି। ତେବେ ରଣବୀର ଏହି ପ୍ରୋଜେକ୍ଟ ପାଇଁ କୌଣସି ମୋଟା ଅଙ୍କର ଫିସ୍ ମଧ୍ୟ ନେଇ ନ ଥିଲେ। ପ୍ରତିବଦଳରେ ପ୍ରଫିଟ୍ ଶେୟାରିଂ ବିକଳ୍ପ ବାଛିଥିଲେ। ଏହା ସହିତ ଫିଲ୍ମର ବଜେଟ୍ ବଢ଼ିବା ଯୋଗୁଁ ସେ ନିଜ ଆଡ଼ୁ ମଧ୍ୟ କିଛି ଅର୍ଥ ବିନିଯୋଗ କରିଥିଲେ, ଯାହାଫଳରେ ତାଙ୍କର ଫିଲ୍ମର ଲାଭରେ ଅଂଶୀଦାର ଆହୁରି ବଢ଼ିଯାଇଥିଲା। ଏଠାରେ ପ୍ରକାଶ ଥାଉ କି, ରଣବୀରଙ୍କ ପୂର୍ବରୁ ରଜନୀକାନ୍ତଙ୍କ ନାମ ସବୁଠାରୁ ଆଗରେ ଥିଲା। ରଜନୀକାନ୍ତ 'ଜେଲର୍' ଚଳଚ୍ଚିତ୍ରରୁ ୨୫୦ କୋଟିରୁ ଅଧିକ ଟଙ୍କା ରୋଜଗାର କରିଥିଲେ। ଏହା ସହିତ ଅଲ୍ଲୁ ଅର୍ଜୁନ ଏବଂ ପ୍ରଭାସ ମଧ୍ୟ ନିଜ ନିଜ ଚଳଚ୍ଚିତ୍ର ଦ୍ୱାରା ୨୦୦ କୋଟିରୁ ଅଧିକ ଟଙ୍କା ରୋଜଗାର କରିସାରିଛନ୍ତି। ଏବେ ବଲିଉଡ୍‌ର ଆଗଧାଡ଼ିର କଳାକାରମାନେ ବି ଫିସ୍ ନ ନେଇ ପ୍ରଫିଟ୍ ସେୟାରିଂରେ ଭାଗୀଦାର ହେଉଛନ୍ତି। ଏଥିରେ ଗୁରୁତ୍ୱପୂର୍ଣ୍ଣ କଥାଟି ହେଲା, ଯଦି ଫିଲ୍ମଟି ବକ୍ସ ଅଫିସ୍‌ରେ ଫ୍ଲପ୍ ସାବ୍ୟସ୍ତ ହେଲା, କଳାକାର ଜଣକ ତାଙ୍କର ପାରିଶ୍ରମିକ ହରାଇ ବସନ୍ତି।

## ଠିଆଠିଆରେ ବାରବର୍ଷ

ଭାରତରେ ସାଧୁସନ୍ଥମାନଙ୍କର ତପସ୍ୟା ଏବଂ ତ୍ୟାଗର କାହାଣୀ ଶତାବ୍ଦୀ ଶତାବ୍ଦୀ ଧରି ଲୋକଙ୍କୁ ଆକର୍ଷିତ କରିଆସିଛି। ଏହି କ୍ରମରେ ସୋସିଆଲ ମିଡିଆରେ ଏମିତି ଜଣେ ସାଧୁଙ୍କ କାହାଣୀ ଚର୍ଚ୍ଚାରେ ଅଛି, ଯିଏ ନିଜର ଅନନ୍ୟ ସାଧନା ଯୋଗୁଁ ଲୋକଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ଦୁଲାଲ ଗିରି ଜୀ ମହାରାଜ ନାମକ ଜଣେ ସାଧୁ ଦୀର୍ଘଦିନ ଧରି ଠିଆ ହୋଇ ତପସ୍ୟା କରିବା ପାଇଁ ବିଶ୍ୱସ୍ତରରେ ଚର୍ଚ୍ଚାରେ ଅଛନ୍ତି। ସେ ବିଗତ ପ୍ରାୟ ୧୨ ବର୍ଷ ହେଲାଣି ଖଡ଼େଶ୍ୱରୀ ତପସ୍ୟା ମାଧ୍ୟମରେ ମହାଦେବଙ୍କ ଦିବ୍ୟ ଦର୍ଶନ ଓ ଆଧ୍ୟାତ୍ମିକ ଜ୍ଞାନ ପ୍ରାପ୍ତି କରିବାକୁ ଲକ୍ଷ୍ୟ ରଖିଛନ୍ତି। ସେ ନିଜର ବିଶ୍ୱବିଦ୍ୟାଳୟ ଶିକ୍ଷା ଅଧାରୁ ଛାଡ଼ି ଆଧ୍ୟାତ୍ମିକ ମାର୍ଗ ଆପଣେଇଥିଲେ। ଭଗବାନ ଶିବଙ୍କ ପ୍ରତି ଥିବା ଅଗାଧ ଭକ୍ତି ଯୋଗୁଁ ସେ ସଂସାର ତ୍ୟାଗ କରି ସନ୍ନ୍ୟାସୀ ଜୀବନ ଗ୍ରହଣ କରିଥିଲେ। ସେ ବିଗତ ପ୍ରାୟ ୧୨ ବର୍ଷ ହେବ ଲଗାତାର ଠିଆ ହୋଇ ରହିଛନ୍ତି। ଦିନ ହେଉ କି ରାତି, ଭୋଜନ ହେଉ କି ବିଶ୍ରାମ ସବୁକିଛି ସେ ଠିଆ ହୋଇ କରୁଛନ୍ତି। ଦୀର୍ଘ ସମୟ ଧରି ଏଭଳି ଜୀବନଯାପନ କରିବା ଫଳରେ ତାଙ୍କ ପାଦରେ ସମସ୍ୟା ଦେଖାଦେଇଥିଲେ ମଧ୍ୟ ତାଙ୍କ ସଂକଳ୍ପ କେବେ ଦୁର୍ବଳ ହୋଇନାହିଁ। ଶୋଇବା ସମୟରେ ମଧ୍ୟ ସେ ଏକ ସ୍ୱତନ୍ତ୍ର ଷ୍ଟାଣ୍ଡ ଦ୍ୱାରା ଠିଆ ହୋଇ ବିଶ୍ରାମ ନିଅନ୍ତି। ଏହି କାଠପଟା ଉପରେ ସେ ତାଙ୍କ ଶରୀରର ଅଧା ଅଂଶକୁ ଝୁଲାଇ ରଖି ବିଶ୍ରାମ ନିଅନ୍ତି। ଏତେ ବର୍ଷ ଧରି ଲଗାତାର ଭାବେ ଠିଆ ହୋଇ ରହିବା ଯୋଗୁଁ ତାଙ୍କ ଶରୀର ଉପରେ ମଧ୍ୟ ଏହାର ଗଭୀର ପ୍ରଭାବ ପଡ଼ିଛି। ତାଙ୍କର ଦୁଇଟି ଯାକ ଗୋଡ଼ ଫୁଲି କଳା ପଡ଼ି ଯାଇଛି।



## ମକାଉତ୍ପାଦରୁ ପରିବେଶ ସଚେତନତା ବାର୍ତ୍ତା





**ରାଜ୍ୟ ଗ୍ରାମୀଣ ଆଜିବୀକା ମିଶନ ଏବଂ ସ୍ୱୟଂ ସହାୟକ ଗୋଷ୍ଠୀ ସହ ଯୋଡ଼ି ହୋଇ ମହିଳାମାନଙ୍କୁ ସ୍ୱ-ରୋଜଗାରର ଅବସର ପ୍ରଦାନ କରାଯାଉଛି। ଏହି କ୍ରମରେ ଏବେ ଉତ୍ତରାଖଣ୍ଡର ମହିଳାମାନେ ସ୍ୱୟଂ ସହାୟକ ଗୋଷ୍ଠୀ ସହ ଯୋଡ଼ି ହୋଇ ପ୍ଲାଷ୍ଟିକ୍ ମୁକ୍ତ ହିମାଳୟ ଅଭିଯାନରେ ସାମିଲ ହୋଇ ମକା ଚୋପାରୁ ପରିବେଶ ଅନୁକୂଳ ବାଲ୍‌ଟି ଏବଂ ଅନ୍ୟାନ୍ୟ ସାମଗ୍ରୀ ତିଆରି କରି ହିମାଳୟ ପାହାଡ଼କୁ ସ୍ୱଚ୍ଛ ରଖିବା ସହ ନିଜେ ରୋଜଗାରକ୍ଷମ ହେଉଛନ୍ତି। ଏପରି କରି ସେମାନେ ପ୍ଲାଷ୍ଟିକ୍ ମୁକ୍ତ ପରିବେଶ ଗଠନର ବାର୍ତ୍ତା ଦେଉଛନ୍ତି।**

### ମକାଚୋପାରୁ ଉତ୍ପାଦ

ଉତ୍ତରାଖଣ୍ଡ ରାଜ୍ୟ ଗ୍ରାମୀଣ ଆଜିବୀକା ମିଶନରେ ଯୋଡ଼ି ହୋଇ ମହିଳାମାନେ ମକା ଚୋପାକୁ ବ୍ୟବହାର କରି ପରିବେଶ ଅନୁକୂଳ ବାଲ୍‌ଟି ସମେତ ଅନ୍ୟାନ୍ୟ ଜିନିଷ ତିଆରି କରନ୍ତି। ଏହାକୁ ତୀର୍ଥଯାତ୍ରୀମାନେ ପ୍ରସାଦ ରଖିବା ଏବଂ ଅନ୍ୟାନ୍ୟ ସାମଗ୍ରୀ ରଖିବା ପାଇଁ ବ୍ୟବହାର କରିଥାନ୍ତି। ଏଥିସହ ମହିଳାମାନେ ସୁନ୍ଦର ସୁନ୍ଦର ଥାଳି ମଧ୍ୟ ତିଆରି ଥାନ୍ତି। ଏଥିରେ ଭଳିକି ଭଳି ଡିଜାଇନ୍ କରିବା ସହ ଯମୁନା ନଦୀର କଳାକୃତି କରିଥାନ୍ତି। ଏହାଦ୍ୱାରା ସ୍ଥାନୀୟ କଳା ଏବଂ ସଂସ୍କୃତିକୁ ଏକ ନୂଆ ବଜାର ମିଳିଛି।

### ପ୍ଲାଷ୍ଟିକ୍ ମୁକ୍ତ ଅଭିଯାନ

ଏହି ଅଭିଯାନର ମୁଖ୍ୟ ଉଦ୍ଦେଶ୍ୟ ହେଉଛି, ତୀର୍ଥଯାତ୍ରୀଙ୍କ ଯୋଗୁ ସୃଷ୍ଟି ହେଉଥିବା ପ୍ଲାଷ୍ଟିକ୍ ପ୍ରଦୂଷଣକୁ ରୋକିବା। କାରଣ ଏଠାକୁ ଅଧିକ ସଂଖ୍ୟାର ତୀର୍ଥଯାତ୍ରୀ ଆସୁଥିବାରୁ ଏହି ସ୍ଥାନରେ ପଲିଥିନ୍ ସହ ଅନ୍ୟାନ୍ୟ ପ୍ଲାଷ୍ଟିକ୍ ଜିନିଷଗୁଡ଼ିକର ଆବର୍ଜନା ବୃଦ୍ଧି ପାଏ। ଏହା ମାଟିରେ ପଡ଼ି ରହି ମୃତ୍ତିକା ପ୍ରଦୂଷଣ କରିଥାଏ। ତେଣୁ ଏସବୁ ସମସ୍ୟାର ସମାଧାନ ପାଇଁ ସ୍ଥାନୀୟ ମହିଳାମାନେ ଏଭଳି ପରିବେଶ ଅନୁକୂଳ ଉତ୍ପାଦ ପ୍ରସ୍ତୁତ କରୁଛନ୍ତି।

### ବଢ଼ୁଛି ଲୋକପ୍ରିୟତା

ସ୍ୱୟଂ ସହାୟକ ଗୋଷ୍ଠୀର ପୁନମ୍ ବଧାନୀଙ୍କ କହିବାନୁଯାୟୀ, ପ୍ରଥମେ ରୋଜଗାର ପାଇଁ ସୀମିତ ସଂସାଧନ ଥିଲା। ହେଲେ ସମୟ କ୍ରମେ ମିଶନରେ ଯୋଡ଼ି ହେବା ପରେ ସେମାନଙ୍କୁ ରୋଜଗାରର ଅନେକ ପନ୍ଥା ମିଳିଛି। ମହିଳାମାନେ ଅନ୍‌ଲାଇନ୍‌ରେ ମଧ୍ୟ ଏହି ହାତ ତିଆରି ଜିନିଷ ବିକ୍ରି ପାଇଁ ପ୍ରସ୍ତୁତି ଆରମ୍ଭ କରୁଛନ୍ତି। ସ୍ୱୟଂ ସହାୟକ ଗୋଷ୍ଠୀରେ ଯୋଡ଼ି ହେବା ପରେ ମହିଳାଙ୍କ ଆତ୍ମବିଶ୍ୱାସ ବୃଦ୍ଧି ପାଇଛି।

### ବେକରୀ ଉତ୍ପାଦରୁ ମିଳିଛି ପରିଚୟ

ବିକାଶ ଖଣ୍ଡ ନୌଗାଁଆର ମହିଳାମାନେ ବେକରୀ ଉଦ୍ୟୋଗରୁ ମଧ୍ୟ ଭଲ ଆୟ କରୁଛନ୍ତି। ମହିଳାମାନେ ମାଣ୍ଡିଆରୁ ବିସ୍କୁଟ୍, ମଲ୍‌ଟିଗ୍ରେନ୍ ଅଟା କ୍ରିମ ରୋଲ୍ ସମେତ ଅନ୍ୟାନ୍ୟ ଜିନିଷ ତିଆରି କରୁଛନ୍ତି। ଗୋଷ୍ଠୀର ମହିଳା କୃଷ୍ଣାଦେବୀଙ୍କ କହିବାନୁଯାୟୀ ଏହାଦ୍ୱାରା ପରିବାରର ଆୟ ବଢ଼ିବା ସହ ନିଜେ ନିଷ୍ପତି ନେବା ସକ୍ଷମ ବୃଦ୍ଧି ପାଇଛି।

## ସୁଶ୍ରୀ

### ହଜିଯାଉଥିବା ସ୍ୱାଦ

## ମାଟିହାଣ୍ଡି ନଡ଼ିଆ ମାଛ



**ଆବଶ୍ୟକ ସାମଗ୍ରୀ**

ଭାକୁର ମାଛ– ୫୦୦ ଗ୍ରାମ୍, ନଡ଼ିଆ କୋରା – ଅଧା କପ୍, ପିଆଜ - ଦୁଇ କପ୍, ଅଦା, ରସୁଣ ବଟା – ଏକ ଚାମଚ, ଜିରାଗୁଣ୍ଡ – ଅଧା ଚାମଚ, ଲଙ୍କାଗୁଣ୍ଡ– ଅଧା ଚାମଚ, ଫୁଟଣ – ଅଧା ଚାମଚ, କଞ୍ଚାଲଙ୍କା – ଦୁଇଟି, ଧନିଆ ପତ୍ର – ଅଳ୍ପ, ତେଲ – ଆବଶ୍ୟକତା ଅନୁସାରେ, ଲୁଣ – ସ୍ୱାଦ ଅନୁସାରେ।

**ପ୍ରସ୍ତୁତି ପ୍ରଣାଳି**

ମାଛରେ ହଳଦୀ, ଲୁଣ ଗୋଳାଇ ଚୁଲାରେ କଡ଼େଇ ବସାଇ ଭାଜନ୍ତୁ। ଏହାପରେ ଗରମ ପାଣିରେ କୋରା ନଡ଼ିଆ ଦେଇ ଚିପୁଡ଼ି କ୍ଷୀର ବାହାର କରନ୍ତୁ। ଆଉ ଏକ ହାଣ୍ଡି ନେଇ ତେଲ, ଫୁଟଣ, ପିଆଜ ପକାଇ ଭାଜନ୍ତୁ। ପିଆଜ ନାଲି ହୋଇ ଆସିଲେ ଏଥିରେ ଅଦାରସୁଣ, ଲଙ୍କାଗୁଣ୍ଡ, ହଳଦୀଗୁଣ୍ଡ ଦେଇ କଷନ୍ତୁ। ପରେ ନଡ଼ିଆ କ୍ଷୀର ଦେଇ ଫୁଟାନ୍ତୁ। ଝୋଳ ଫୁଟିଆସିଲେ, ଭଜାମାଛ ଦେଇ ଗ୍ୟାସ୍ ବନ୍ଦ କରି ଦିଅନ୍ତୁ। ପ୍ରସ୍ତୁତ ହୋଇଗଲା ସ୍ୱାଦିଷ୍ଟ 'ମାଟିହାଣ୍ଡି ନଡ଼ିଆ ମାଛ'।

## ଲୋଫା ବ୍ୟବହାର କରୁଥିଲେ...

ଅଧିକାଂଶ ମହିଳା ଗାଧୋଇବାରେ ଲୋଫା ବ୍ୟବହାର କରିଥାନ୍ତି। ଏହା ଶରୀରରେ ଥିବା ମଇଳାକୁ ସଫା କରି ଏକ ସତେଜ ଅନୁଭୂତି ଦେଇଥାଏ। ହେଲେ ଏହାକୁ ବାରମ୍ବାର ବ୍ୟବହାର କରିବା ଦ୍ୱାରା ଏଥିରେ ମଇଳା ଜମିଯାଏ। ତେଣୁ ଏହାକୁ ମଝିରେ ମଝିରେ ସଫା କରିବା ଜରୁରି।

- ଗାଧୋଇବା ପରେ ଲୋଫାକୁ ଭଲରେ ଧୁଅନ୍ତୁ। ଏହାକୁ ଚିପୁଡ଼ି ଶୁଖାଇବା ଜରୁରି।
- ବାଥ୍‌ରୁମ୍ ବାହାରେ ଏହାକୁ ଖୋଲା ସ୍ଥାନରେ ଶୁଖାନ୍ତୁ।
- ସପ୍ତାହକୁ ଥରେ ଏହାକୁ ନଖ ଉଷୁମ ପାଣିରେ ଧୁଅନ୍ତୁ।
- ସେହିପରି ଚାହିଁଲେ ନଖ ଉଷୁମପାଣିରେ ବୁଡ଼ାଇ ଏଥିରେ ଥିବା ଜୀବାଣୁଙ୍କୁ କମ୍ କରାଯାଇପାରିବ।
- ସେହିପରି ଦୁଇ, ଚାରି ସପ୍ତାହରେ ନିଜର ଲୋଫା ବଦଳାନ୍ତୁ।
- ସମ୍ବେଦନଶୀଳ ତ୍ୱଚା, ଏକ୍‌ଜିମା, ବ୍ରଣ ଆଦି ଥିଲେ ଏହା ବ୍ୟବହାର ନ କରିବା ଭଲ।



**ଅଧିକାଂଶ ମହିଳା ଦାମୀ ଏବଂ ବ୍ରାଣ୍ଡେଡ୍ ପୋଷାକ ପିନ୍ଧିବାକୁ ପସନ୍ଦ କରନ୍ତି। ଏହା ଷ୍ଟାଇଲିଶ୍ ଦିଶିବା ସହ ଏଥିରୁ ଏକ ରିଚ୍ ଲୁକ୍ ମିଳିଥାଏ ବୋଲି ଅନେକ ଭାବନ୍ତି। ହେଲେ, କିଛି ସହଜ ଉପାୟ ଆପଣାଇ ସାଧାରଣ ପୋଷାକରୁ ମଧ୍ୟ ରିଚ୍ ଲୁକ୍ ପାଇପାରିବେ।**

### ଫିଟିଙ୍ଗ୍‌ର ଧ୍ୟାନ

ଦାମୀ ହେଉ ବା ଶସ୍ତା ପୋଷାକର ଫିଟିଙ୍ଗ୍ ମୁଖ୍ୟ ହୋଇଥାଏ। ତେଣୁ ନୂଆ ପୋଷାକ କିଣିଲେ ପ୍ରଥମେ ଏହାକୁ ନିଜ ଶରୀରରେ ଅନୁସାରେ ଫିଟିଙ୍ଗ୍ କରିବା ଜରୁରି। ଏହାକୁ ଅଧିକ ଢିଲା କିମ୍ବା ଟାଇଟ୍ କରନ୍ତୁନି।

### ରଙ୍ଗଚୟନ

ଯେକୌଣସି ପୋଷାକ ଆକର୍ଷଣୀୟ ଦେଖାଯିବା ପାଇଁ ରଙ୍ଗ ମୁଖ୍ୟଭୂମିକା ନିଭାଇଥାଏ। ଏଥିପାଇଁ ପୋଷାକ ପିନ୍ଧିବା ପୂର୍ବରୁ କେଉଁ ରଙ୍ଗ ମାନିବ ତାକୁ ଧ୍ୟାନ ଦିଅନ୍ତୁ। ସାଧାରଣତଃ କଳାଧଳା କମ୍ବିନେସନ୍ ଖୁବ୍ ସୁନ୍ଦର ଦିଶିଥାଏ। ସେହିପରି ନୀଳ ଏବଂ ନାଲି ରଙ୍ଗ ମଧ୍ୟ ଖୁବ୍ ଆକର୍ଷଣୀୟ ଦିଶେ।

### ଆକର୍ଷଣୀୟ ଗହଣା ପିନ୍ଧନ୍ତୁ

ଓଜନିଆ ଅଳଙ୍କାର ପିନ୍ଧିବା ପରିବର୍ତ୍ତେ ମିନିମାଲିଷ୍ଟ ଅଳଙ୍କାର ପିନ୍ଧନ୍ତୁ। ଏହା ସୁନ୍ଦର ଦିଶିବା ସହ ଏଥିରୁ ଏକ ଆକର୍ଷଣୀୟ ଲୁକ୍ ମିଳିଥାଏ। ଏଥିପାଇଁ ପତଳା ଚେନ୍, ବ୍ରେସ୍‌ଲେଟ୍ ଏବଂ ରିଙ୍ଗ କାନଫୁଲ ପିନ୍ଧିପାରିବେ। ଅବଶ୍ୟ ଚାହିଁଲେ, ହାଲୁକା ମୁଦି ମଧ୍ୟ ପିନ୍ଧିପାରିବେ। ଏଥିରୁ ଏକ ଭିନ୍ନ ଲୁକ୍ ମିଳିଥାଏ।

## କେଶମୂଳର ଯତ୍ନ

**ଧୂଳି, ମାଟି ଏବଂ ରାସାୟନିକ ପ୍ରସାଧନ ବ୍ୟବହାର ଦ୍ୱାରା କେଶମୂଳରେ ମଇଳା ଜମି ରହେ। ଏପରି ସ୍ଥଳେ ସ୍କାଲ୍‌ପ ଡିଟକ୍ସ ଆବଶ୍ୟକ। ଏହା କେଶମୂଳକୁ ଗଭୀରରୁ ସଫା କରିବା ସହ କେଶ ମଜବୁତ୍ ଏବଂ ବୃଦ୍ଧିରେ ସାହାଯ୍ୟ କରିଥାଏ। ଏଥିସହ କେଶରେ ରକ୍ତ ସଞ୍ଚାଳନ ଉନ୍ନତ କରିଥାଏ। ତେବେ ଘରେ କିପରି ସ୍କାଲ୍‌ପ ଡିଟକ୍ସ କରିବେ ଜାଣନ୍ତୁ।**



### ଆପଲ୍ ସାଇଡ୍ ଭିନେଗାର୍

ଏହା ଏକ ପ୍ରାକୃତିକ କ୍ଲିନ୍‌ଜର୍ ଭଳି କାର୍ଯ୍ୟ କରିଥାଏ। ଏକ କପ୍ ପାଣିରେ ଦୁଇଚାମଚ ଆପଲ୍ ସାଇଡ୍ ଭିନେଗାର ନେଇ କେଶରେ ଲଗାଇ କିଛି ସମୟ ରଖି ସଫା କରନ୍ତୁ। ଏହା କେଶମୂଳରେ ଜମିଥିବା ମୃତକୋଷ, ଅପରିଷ୍କାର କାଢ଼ିବାରେ ସହାୟକ ହୋଇଥାଏ।

### ନିମ୍ବ ତୁଳସୀ ମାସ୍କ

ନିମ୍ବ ଏବଂ ତୁଳସୀ କେଶମୂଳ ପାଇଁ ଅତ୍ୟନ୍ତ ଉପକାରୀ ହୋଇଥାଏ। ଏଥିରେ ଆଣ୍ଟି ବ୍ୟାକ୍ଟେରିଆ ଏବଂ ଆଣ୍ଟି ଫଙ୍ଗଲ୍ ଗୁଣ ଥାଏ। ଯାହା କେଶମୂଳକୁ ସଂକ୍ରମଣରୁ ସୁରକ୍ଷା ଦେଇଥାଏ। ଏଥିପାଇଁ ତୁଳସୀ, ନିମ୍ବପତ୍ର ଗ୍ରାଇଣ୍ଡି କରି କେଶରେ ଲଗାନ୍ତୁ। ଲଗାଇବାର ୩୦ ମିନିଟ୍ ପରେ ଧୋଇ ଦିଅନ୍ତୁ।


### ଟି –ଟ୍ରି ଅଏଲ୍ ମସାଜ୍

ଟି ଟ୍ରି ଅଏଲ୍ କେଶମୂଳକୁ ସଫା ରଖିବାରେ ସହାୟକ ହୋଇଥାଏ। ଏହାକୁ ନଡ଼ିଆ କିମ୍ବା ବାଦାମ ତେଲରେ ମିଶାଇ ଲଗାଇପାରିବେ।

ସକାଳ THE SAKALA

www.sakalaepaper.com



# ୬ଟି ବିଶ୍ୱକପ୍‌ରେ ଗୋଲ ଦେବାରେ ରୋନାଲ୍ଡୋ ପ୍ରଥମ

ହଷ୍ଟନ, ୨୪।୬ (ଏଜେନ୍ସି): ଫିଫା ବିଶ୍ୱକପ୍‌ର ୬ଟି ସଂସ୍କରଣରେ ଗୋଲ ଦେବାରେ ପର୍ତ୍ତୁଗାଲର ସୁପରଷ୍ଟାର କ୍ରିଷ୍ଟିଆନୋ ରୋନାଲ୍ଡୋ ବିଶ୍ୱର ପ୍ରଥମ ଖେଳାଳି ହୋଇଛନ୍ତି। ଆର୍ଜେଣ୍ଟିନାର ଲିଓନେଲ ମେସି ୬ଟି ବିଶ୍ୱକପ୍ ଖେଳିଥିଲେ ମଧ୍ୟ ଏଭଳି ରେକର୍ଡ କରିପାରି ନାହାନ୍ତି। ଏଠାରେ ମଙ୍ଗଳବାର ଖେଳାଯାଇଥିବା ଗ୍ରୁପ୍-କେ'ର ଦ୍ୱିତୀୟ ରାଉଣ୍ଡ ମ୍ୟାଚ୍‌ରେ ପର୍ତ୍ତୁଗାଲ ୫-୦ ଗୋଲରେ ଉଜ୍‌ବେକିସ୍ତାନକୁ ପରାସ୍ତ କରିଥିଲା। ଏହି ମ୍ୟାଚ୍‌ରେ ରୋନାଲ୍ଡୋ ୨ଟି ଗୋଲ ଦେବା ଫଳରେ ଏହି ବିରଳ ରେକର୍ଡର ଅଧିକାରୀ ହୋଇଛନ୍ତି। ଏହି ଗୋଲ ବଳରେ ଫିଫା ବିଶ୍ୱକପ୍‌ରେ ତାଙ୍କ ଗୋଲ ସଂଖ୍ୟା ୧୦ରେ ପହଞ୍ଚିଛି ଓ ସେ ନିଜ ଦେଶର କିଂବଦନ୍ତୀ ଖେଳାଳି ୟୁସେବିଓଙ୍କ ୯ଟି ଗୋଲର ରେକର୍ଡକୁ ଅତିକ୍ରମ କରିଥିଲେ। ୪୧ ବର୍ଷ ୧୩୮ ଦିନରେ ରୋନାଲ୍ଡୋ ବିଶ୍ୱକପ୍‌ରେ ଗୋଲ ଦେବାରେ ଦ୍ୱିତୀୟ ବୟୋଜ୍ୟେଷ୍ଠ ଖେଳାଳି ହୋଇଛନ୍ତି। ୪୨ବର୍ଷ ୩୯ ଦିନରେ ଗୋଲ ଦେଇଥିବା ଇଜିପ୍ଟର ରୋଜର ମିଲାଙ୍କ ନାମରେ ଏହି ରେକର୍ଡ ରହିଛି। ରୋନାଲ୍ଡୋ ୨୦୦୬, ୨୦୧୦ ଓ ୨୦୧୪ ବିଶ୍ୱକପ୍‌ରେ ଗୋଟିଏ ଲେଖାଏଁ, ୨୦୧୮ରେ ୪ଟି, ୨୦୨୨ରେ ଗୋଟିଏ ଓ ଏବେ ଚାଲିଥିବା ୨୦୨୬ରେ ୨ଟି ଗୋଲ ସ୍କୋର କରିଛନ୍ତି।

# ଲୋକପ୍ରିୟତା ଶୀର୍ଷରେ କେପ୍ ଭର୍ଡର ଭୋଜିନା

ଡଲାସ,୨୪।୬(ଏଜେନ୍ସି): ଫୁଟବଲରେ ନିଜର ପ୍ରତିଭା ପ୍ରଦର୍ଶନ କରିବାର ସର୍ବଶ୍ରେଷ୍ଠ ପ୍ଲାଟଫର୍ମ ହେଉଛି ଫିଫା ବିଶ୍ୱକପ୍। ଫିଫା ପକ୍ଷରୁ



ଏଥର ଟିମ୍ ସଂଖ୍ୟା ୪୮କୁ ବୃଦ୍ଧି କରିବା ଫଳରେ ଆଫ୍ରିକୀୟ ରାଷ୍ଟ୍ର କେପ୍ ଭର୍ଡକୁ ଅଂଶଗ୍ରହଣ କରିବାର ସୁଯୋଗ ମିଳିଛି। ଏହି ଦେଶ ପୂରା ଫାଇଦା ଉଠାଇ ପ୍ରଥମ ୨ଟି ମ୍ୟାଚ୍‌ରେ ଅପରାଜିତ ରହିଛି। ଏହି ଦଳକୁ ଅପରାଜିତ ରଖିବାରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇଛନ୍ତି ଗୋଲରକ୍ଷକ ୪୦ ବର୍ଷୀୟ ଭୋଜିନା। ଭୋଜିନାଙ୍କ ବୀରତ୍ୱପୂର୍ଣ୍ଣ ପ୍ରଦର୍ଶନ ଯୋଗୁଁ ଦଳ ତ ଅପରାଜିତ ରହିଛି, ସେ ମଧ୍ୟ ଲୋକପ୍ରିୟତାର ଶୀର୍ଷରେ ପହଞ୍ଚିଛନ୍ତି। ତାଙ୍କର ଏହି ପ୍ରଦର୍ଶନ ସାମାଜିକ ଗଣମାଧ୍ୟମ ଇନଷ୍ଟାଗ୍ରାମ୍‌ରେ ଫଲୋଅର୍ସଙ୍କ ସଂଖ୍ୟା ୧୫.୬ ମିଲିଅନ୍‌ରେ ପହଞ୍ଚିଛି। ଫଳରେ ଚଳିତ ଫିଫା ବିଶ୍ୱକପ୍‌ରେ ସେ ସବୁଠାରୁ ଲୋକପ୍ରିୟ ତଥା ଅଧିକ ଫଲୋଅର୍ସ ଗୋଲକିପର ହୋଇଛନ୍ତି। ଜର୍ମାନୀର ଗୋଲରକ୍ଷକ ମାନୁଏଲ ନୁଏର ଏବଂ ଆମେରିକାର କିଂବଦନ୍ତୀ ଏନ୍‌ଏଫଏଲ୍ ଖେଳାଳି ଟମ୍ ବ୍ରାଡିଙ୍କୁ ପଛରେ ପକାଇଦେଇଛନ୍ତି। ତାଙ୍କ ଚମତ୍କାରିତା ଯୋଗୁଁ କେପ୍ ଭର୍ଡ ପ୍ରଥମ ମ୍ୟାଚ୍‌ରେ ସ୍ପେନ୍ ସହ ଗୋଲଶୂନ୍ୟ ଓ ଦ୍ୱିତୀୟ ମ୍ୟାଚ୍‌ରେ ଉରୁଗୁଏ ସହ ୨-୨ ଗୋଲରେ ମ୍ୟାଚ୍ ଡ୍ର ରଖିଥିଲା।

# ଇଂଲଣ୍ଡ ସହ ମ୍ୟାଚ୍ ଡ୍ର ରଖିଲା ଘାନା

ଫକ୍ସବରୋ,୨୪।୬(ଏଜେନ୍ସି)

ଶକ୍ତିଶାଳୀ ତଥା ଟାଇଟଲର ଅନ୍ୟତମ ଆଶାୟୀ ଇଂଲଣ୍ଡ ସହ ମ୍ୟାଚ୍ ଡ୍ର ରଖିଛି ଘାନା। ବୋଷ୍ଟନ ଷ୍ଟାଡିୟମ୍‌ରେ ମଙ୍ଗଳବାର ରାତିରେ ଖେଳାଯାଇଥିବା ଫିଫା ବିଶ୍ୱକପ୍ ୨୦୨୬ ଗ୍ରୁପ୍-ଏ'ର ଏକ ଲିଗ୍ ମୁକାବିଲାରେ ଏହା ଦେଖିବାକୁ ମିଳିଛି। ଦୁଇ ଦେଶ ମଧ୍ୟରେ ଏହି ମ୍ୟାଚ୍‌ଟି ବେଶ ପ୍ରତିଦ୍ୱନ୍ଦ୍ୱିତାମୂଳକ ଓ ଉପଭୋଗ୍ୟ ହୋଇଥିଲା। ଉଭୟ ଦଳର ରକ୍ଷଣଭାଗ ଏତେ ଶକ୍ତିଶାଳୀ ଥିଲେ, ଯେ ଗୋଲ ଦେବା ତ ଦୂରର କଥା, ଗୋଲ ପୋଷ୍ଟ ଉପରେ କେହି ଠିକ୍‌ରେ ଆକ୍ରମଣ କରିବାରେ ସମର୍ଥ ହୋଇ ନ ଥିଲେ। ଉଭୟ ଦଳର ରଣକୌଶଳ ଏହି ମ୍ୟାଚ୍‌ରେ ଖୁବ୍ ଉଚ୍ଚକୋଟୀର ହୋଇଥିଲା। ବିଶେଷକରି ଘାନା ଗୋଲ ରକ୍ଷକ ବେଞ୍ଜାମିନ ଆସାରେଙ୍କ ପ୍ରଦର୍ଶନ ସବୁଠାରୁ ଆକର୍ଷୀୟ ହୋଇଥିଲା। ସେ ବିଶ୍ୱର ଦୁଇ ପ୍ରସିଦ୍ଧ ଫରୱାର୍ଡ ଖେଳାଳି ଇଂଲଣ୍ଡର ହ୍ୟାରୀ କେନ୍ ଓ ଜୁଡ୍ ବେଲିଂହାମ୍‌ଙ୍କ ଗୋଟିଏ ହେଲେ ସଟ୍‌କୁ ପୋଷ୍ଟ ମଧ୍ୟକୁ ଛାଡ଼ି ନ ଥିଲେ। ଏହି ଗ୍ରୁପ୍‌ରେ ଖେଳାଯାଇଥିବା ଅନ୍ୟ ଏକ ମୁକାବିଲାରେ କ୍ରୋଏସିଆ ୧-୦ ଗୋଲରେ ପାନାମାକୁ ପରାସ୍ତ କରିଛି। ଦ୍ୱିତୀୟ ରାଉଣ୍ଡ ମୁକାବିଲା ଶେଷରେ ଉଭୟ ଇଂଲଣ୍ଡ ଓ ଘାନା ସମାନ ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଛନ୍ତି। କିନ୍ତୁ ଗୋଲ ବ୍ୟବଧାନରେ ଇଂଲଣ୍ଡ ନଂ-୧ ଓ ଘାନା ନଂ-୨ ସ୍ଥାନରେ ରହିଛନ୍ତି। ଶେଷରାଉଣ୍ଡ ମୁକାବିଲାରେ ଇଂଲଣ୍ଡ ସହ ପାନାମାର ଓ କ୍ରୋଏସିଆ ସହ ଘାନାର ମୁକାବିଲା ହେବ। ଏହି ଗ୍ରୁପ୍‌ରୁ ୩ଟି ଦଳ ନକ୍‌ଆଉଟ ବା ରାଉଣ୍ଡ ଅଫ୍ ୩୨ରେ ପ୍ରବେଶ କରିବା ଏକପ୍ରକାର ନିଶ୍ଚିତ ହୋଇଛି।

ଏହି ମୁକାବିଲା ଆରମ୍ଭରୁ ଇଂଲଣ୍ଡ ଆକ୍ରମଣ କରିଥିଲା।



ଘାନା ୫-୪-୧ରେ ଖେଳିଥିଲା। ଫଳରେ ଇଂଲଣ୍ଡର ଫରୱାର୍ଡ ବାହିନୀ ଘାନାର ରକ୍ଷଣଭାଗକୁ ଭେଦ କରିପାରି ନ ଥିଲେ। ବିଶେଷକରି ହ୍ୟାରୀ କେନ୍ ଓ ଜୁଡ୍ ବେଲିଂହାମ୍‌ଙ୍କ ଭଳି ଟାଣୁଆ ଫରୱାର୍ଡ ଖେଳାଳିଙ୍କୁ ଘାନା ରକ୍ଷଣଭାଗରେ ପ୍ରବେଶ କରିବା କଷ୍ଟକର ହୋଇପଡ଼ିଥିଲା। ଇଂଲଣ୍ଡ ଦଳ ନିକଟରେ ବଲ ନିୟନ୍ତ୍ରଣ ୭୮.୮ ଶତକଡ଼ା ରହିଥିଲା। ତଥାପି ଦଳ ଗୋଲ କରି ପାରି ନ ଥିଲା। ବିଶ୍ୱକପ୍‌ରେ ଏତେ ଅଧିକ ସମୟ ବଲ ନିୟନ୍ତ୍ରଣରେ ରଖି ଗୋଲ କରି ନ ପାରିବାରେ ଇଂଲଣ୍ଡ ଏକ ନକରାତ୍ମକ ରେକର୍ଡ କରିଛି। ଅନ୍ୟ ପକ୍ଷରେ ଇଂଲଣ୍ଡ ଉପରେ ଘାନାର ଆକ୍ରମଣ ଅତି ନଗଣ୍ୟ ରହିଥିଲା। ଦଳ ମାତ୍ର ଜଣେ ଫରୱାର୍ଡ ଖେଳାଳିଙ୍କୁ ନେଇ ସମଗ୍ର ମ୍ୟାଚ୍‌ରେ ଖେଳିଥିଲା। ଦଳର କୋଚ୍ କାର୍ଲୋସ କ୍ୱିରୋଜ୍‌ଙ୍କ ରଣ କୌଶଳ ଆଗରେ ଗୋଲ ଦେବାରେ ଫେଲ ମାରିଥିଲା ତାରକା ଖଚିତ ଇଂଲଣ୍ଡ ଦଳ। କ୍ରୋଏସିଆକୁ ୪-୨ ଗୋଲରେ ହରାଇବା ପରେ ଇଂଲଣ୍ଡ ଏହି ମୁକାବିଲାକୁ ଜିତି ଆଗୁଆ ରାଉଣ୍ଡ ଅଫ୍ ୩୨ରେ ପହଞ୍ଚିବାକୁ ଯେଉଁ ଲକ୍ଷ୍ୟ ରଖିଥିଲା ତାହା ଘାନାର ଡିଫେନ୍ସ କରିବାକୁ ଦେଇ ନ ଥିଲା। ଦଳର ଗୋଲରକ୍ଷକ ବେଞ୍ଜାମିନ ଆସାରେ ବେଶ ଚମତ୍କାର ଖେଳ ପ୍ରଦର୍ଶନ କରି କେନ୍-ବେଲିଂହାମ-ଗର୍ଡନ-ରାଶଫୋର୍ଡଙ୍କ ଆକ୍ରମଣକୁ ଅଟକାଇବାରେ ସଫଳ ହୋଇଥିଲେ।

# କ୍ରୋଏସିଆ ଆଶା ଉଜ୍ଜୀବିତ

ଟରଣ୍ଟୋ,୨୪ ।୬(ଏଜେନ୍ସି): ପାନାମାକୁ ୧-୦ ଗୋଲରେ ପରାସ୍ତ କରି କ୍ରୋଏସିଆର ଚଳିତ ଫିଫା ବିଶ୍ୱକପ୍‌ରେ ନକ୍‌ଆଉଟ ଖେଳିବା ଆଶା ଉଜ୍ଜୀବିତ ରହିଛି। ଏହି ମ୍ୟାଚ୍ ପରେ ୨ଟି ମୁକାବିଲାରୁ କ୍ରୋଏସିଆ ଗୋଟିଏ ପଏଣ୍ଟ ପାଇ ଗ୍ରୁପ୍-ଏଲ'ରେ ତୃତୀୟ ସ୍ଥାନରେ ରହିଛି। ଦଳ ଶେଷ ଲିଗ୍ ମ୍ୟାଚ୍‌ରେ ଘାନା ସହ ଖେଳିବ। ଦଳ ଏହି ମ୍ୟାଚ୍‌କୁ



ଡ୍ର ରଖିପାରିରେ ନିଶ୍ଚିତ ନକ୍‌ଆଉଟରେ ପ୍ରବେଶ କରିଛ। ପ୍ରଥମ ଦୁଇଟି ସ୍ଥାନ ହାସଲ ନ କଲେ ମଧ୍ୟ ଶ୍ରେଷ୍ଠ ତୃତୀୟ ସ୍ଥାନିତ ୮ଟି ଦଳ ମଧ୍ୟରେ ରହିବ। ବିଜୟୀ କ୍ରୋଏସିଆ ପକ୍ଷରୁ ଦ୍ୱିତୀୟାର୍ଦ୍ଧରେ ଆଣ୍ଟେ ବୁଦିମିର ଏକମାତ୍ର ଗୋଲଟି ସ୍କୋର କରିଥିଲେ। ପୂର୍ବରୁ ଦଳ ପ୍ରଥମ ମୁକାବିଲାରେ ଇଂଲଣ୍ଡ ନିକଟରୁ ୨-୪ ଗୋଲରେ ପରାଜିତ ହୋଇଥିଲା।


# କଙ୍ଗୋକୁ ହରାଇ ନକ୍‌ଆଉଟ୍‌ରେ କଲମ୍ବିଆ

ଫକ୍ସବରୋ,୨୪।୬(ଏଜେନ୍ସି): ଡାନିଏଲ୍ ମୁନୋଜଙ୍କ ଏକମାତ୍ର ଗୋଲ ବଳରେ ଏଠାରେ ଅନୁଷ୍ଠିତ ବିଶ୍ୱକପ୍ ଗ୍ରୁପ୍-କେ'ର ଏକ ଲିଗ୍ ମ୍ୟାଚ୍‌ରେ କଲମ୍ବିଆ ୧-୦ ଗୋଲରେ କଙ୍ଗୋକୁ ପରାସ୍ତ କରିଛି। ଏହା ଫଳରେ କ୍ରମାଗତ ବିଜୟ ସହ କଲମ୍ବିଆ ଗୋଟିଏ ମ୍ୟାଚ୍ ଖେଳିବାକୁ ବାକିଥାଇ ପ୍ରଥମେ ନକ୍‌ଆଉଟ ବା ରାଉଣ୍ଡ ଅଫ୍ ୩୨ରେ ପ୍ରବେଶ କରିଛି। ଦଳ ତାହାର ଶେଷ ମ୍ୟାଚ୍‌ରେ ଶକ୍ତିଶାଳୀ ପର୍ତ୍ତୁଗାଲ୍‌କୁ ଭେଟିବ। ଏହି ଗ୍ରୁପ୍‌ରେ ଗତକାଲି ଖେଳାଯାଇଥିବା ଅନ୍ୟ ଏକ ମୁକାବିଲାରେ ପର୍ତ୍ତୁଗାଲ ୫-୦ ଗୋଲରେ ଡେବ୍ୟୁଟାଣ୍ଟ ଉଜ୍‌ବେକିସ୍ତାନକୁ ପରାସ୍ତ କରିଛି। ଏହା ଫଳରେ ଦଳ ୪ ପଏଣ୍ଟ ପାଇ ନକ୍‌ଆଉଟ ଖେଳିବା ଆଶା ଉଜ୍ଜୀବିତ କରିଛି। ପର୍ତ୍ତୁଗାଲ ସହ ପ୍ରଥମ ମ୍ୟାଚ୍ ଡ୍ର ରଖିଥିବା କଙ୍ଗୋ ଶେଷ ଲିଗ୍ ମ୍ୟାଚ୍‌ରେ ଉଜ୍‌ବେକିସ୍ତାନକୁ ହରାଇପାରିଲେ ନକ୍‌ଆଉଟ



ଖେଳିବା ଦୌଡ଼ରେ ତିଷ୍ଠି ରହିବ।

କଙ୍ଗୋ ବିପକ୍ଷରେ ଗୋଲ ଦେବାକୁ କଲମ୍ବିଆକୁ ପ୍ରଥମାର୍ଦ୍ଧରେ ସଂଘର୍ଷ କରିବାକୁ ପଡ଼ିଥିଲା। କଙ୍ଗୋର ରକ୍ଷଣଭାଗ ବେଶ ସ୍ମାର୍ଟ ଥିଲା ଓ କଲମ୍ବିଆର ଆକ୍ରମଣକୁ ପ୍ରତିହତ କରିବାରେ ସଫଳ ହୋଇଥିଲା। କଲମ୍ବିଆ ନିକଟରେ ୬୬ ଶତକଡ଼ା ବଲ ନିୟନ୍ତ୍ରଣ ୮୮ ଶତକଡ଼ା ସଠିକ୍ ପାସ୍ ଓ ଟାର୍ଗେଟରେ ୯ଟି ସଟ୍ ମାରିଥିଲେ ମଧ୍ୟ କେବଳ ଗୋଟିଏ ଗୋଲ କରିବାକୁ ସଫଳ ହୋଇଥିଲା। ଦ୍ୱିତୀୟାର୍ଦ୍ଧ ଖେଳର ୭୬ତମ ମିନିଟ୍‌ରେ ଡାନିଏଲ ମୁନୋଜ ଗୋଲ ସ୍କୋର କରି ସଂଘର୍ଷ କରୁଥିବା କଲମ୍ବିଆର ଖେଳାଳି ଓ ସମର୍ଥକମାନଙ୍କୁ ଆଶ୍ୱସ୍ତ କରିଥିଲେ। କିନ୍ତୁ ଟୁର୍ଣ୍ଣାମେଣ୍ଟରେ ଏବେଠାରୁ ଭଲ ଦଳ ବିପକ୍ଷରେ ଖେଳିବାକୁ ହେବ। ଇଂଲଣ୍ଡ ଓ ପର୍ତ୍ତୁଗାଲ ଭଳି ପରବର୍ତ୍ତୀ ମ୍ୟାଚ୍ ଗୁଡିକରେ ଖେଳରେ ଉନ୍ନତି ନ ଆଣିଲେ ଦଳକୁ ମ୍ୟାଚ୍ ଜିତିବା କଷ୍ଟକର ହୋଇପଡ଼ିବ।



| ଫିଫା ବିଶ୍ୱକପ୍ ମୁକାବିଲା |
| --- |
| ଜୁନ୍-୨୫, ଗୁରୁବାର ରାତି |
| ଆଇଭରୀ କୋଷ୍ଟ-କ୍ୟୁରାସାଓ |
| ଫିଲାଡେଲ୍‌ଫିଆ, ରାତି ୧.୩୦ |
| ଜର୍ମାନୀ-ଇକ୍ୱେଡର |
| ନ୍ୟୁ ଜର୍ସି, ରାତି ୧.୩୦ |
| ନେଦରଲାଣ୍ଡସ-ଟ୍ୟୁନିସିଆ |
| କାନସାସ୍ ସିଟି, ରାତି ୪ଟା ୩୦ (୨୬ ତାରିଖ ଭୋର) |
| ସ୍ୱିଡେନ-ଜାପାନ |
| ଆରଲିଙ୍ଗଟନ, ରାତି ୪ଟା ୩୦ (୨୬ ତାରିଖ ଭୋର) |
| ଜୁନ୍-୨୬ ଶୁକ୍ରବାର ସକାଳ |
| ଆମେରିକା-ତୁର୍କୀ |
| ଲସ୍ ଏଞ୍ଜେଲ୍ସ, ସକାଳ ୭.୩୦ |
| ଅଷ୍ଟ୍ରେଲିଆ-ପାରାଗୁଏ |
| ସାଣ୍ଟା କ୍ଲାରା, ସକାଳ ୭.୩୦ |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

# ୪୮ ମ୍ୟାଚ୍ ପରେ ୫ ଟିମ୍ ବିଦା

ଡଲାସ,୨୪।୬ (ଏଜେନ୍ସି): ଉତ୍ତରଆମେରିକାରେ ଚାଲିଥିବା ୨୩ତମ ଫିଫା ବିଶ୍ୱକପ୍‌ରେ ଏଥର ୪୮ଟି ଟିମ୍ ଅଂଶଗ୍ରହଣ କରିଛନ୍ତି। ଏହା ମଧ୍ୟରୁ ଲିଗ୍ ପର୍ଯ୍ୟାୟ ଶେଷରେ ୧୬ଟି ଟିମ୍ ସ୍ୱଦେଶ ଫେରିବେ ଓ ୩୨ଟି ଟିମ୍ ନକ୍‌ଆଉଟକୁ ଉନ୍ନୀତ ହେବେ। ଏଥର ୧୦୪ଟି ମ୍ୟାଚ୍ ଖେଳାଯିବାକୁ ଥିଲାବେଳେ ଲିଗ୍ ପର୍ଯ୍ୟାୟରେ ୭୨ଟି ମ୍ୟାଚ୍ ଅନୁଷ୍ଠିତ ହେବ। ଟୁର୍ଣ୍ଣାମେଣ୍ଟ ନିୟମ ଅନୁଯାୟୀ ଏଥର ଭାଗ ନେଇଥିବା ୪୮ଟି ଦଳକୁ ୧୨ଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଗୋଟିଏ ଗ୍ରୁପ୍‌ରେ ୪ଟି ଲେଖାଏଁ ଦଳ ସ୍ଥାନ ପାଇଥିଲାବେଳେ ଦୁଇ ଶ୍ରେଷ୍ଠ ଦଳ ଅର୍ଥାତ୍ ୨୪ଟି ଟିମ୍ ସିଧାସଳଖ ରାଉଣ୍ଡ ଅଫ୍ ୩୨ରେ ପ୍ରବେଶ କରିବେ। ବାକି ୮ଟି ଦଳ କିପରି ଆସିବେ। ନିୟମ ଅନୁଯାୟୀ ଗ୍ରୁପ୍‌ରେ ତୃତୀୟ ସ୍ଥାନ ଅଧିକାର କରିଥିବା ୧୨ଟି ଦଳ ମଧ୍ୟରୁ ଶ୍ରେଷ୍ଠ ୮ଟି ଦଳ ରାଉଣ୍ଡ ଅଫ୍ ୩୨ର ସ୍ଥାନ ପୂରଣ କରିବେ। ପ୍ରଥମ ୪୮ଟି ମ୍ୟାଚ୍ ପରେ ୭ଟି ଦଳ ଯଥା ଯୁଗ୍ମ ଆୟୋଜକ ମେକ୍ସିକୋ ଓ ଆମେରିକା, କଲମ୍ବିଆ, ୪ଥରର ଚାମ୍ପିଅନ ଜର୍ମାନୀ, ୩ଥରର ଚାମ୍ପିଅନ ଆର୍ଜେଣ୍ଟିନା, ୨ଥରର ଚାମ୍ପିଅନ ଫ୍ରାନ୍ସ ଓ ନରୱେ ଟିମ୍ ରାଉଣ୍ଡ ଅଫ୍ ୩୨ରେ ସ୍ଥାନ ସୁରକ୍ଷିତ କରିଛନ୍ତି। ତୃତୀୟ ରାଉଣ୍ଡ ଖେଳ ହେବା ପୂର୍ବରୁ ଯେଉଁ ଦଳଗୁଡିକ ନିଜ ଗ୍ରୁପ୍‌ରେ ଦୁଇଟି ଲେଖାଏଁ ମ୍ୟାଚ୍ ହାରିବା ପରେ ତୃତୀୟ ସ୍ଥାନ ହାସଲ କରିବାର ସମ୍ଭାବନା ନାହିଁ ସେହି ଦଳଗୁଡିକ ବାଦ୍ ପଡ଼ିଛନ୍ତି। ଏହି ୫ଟି ଟିମ୍ ହେଲେ ଗ୍ରୁପ୍-ସି'ରେ ହାଇତି, ଗ୍ରୁପ୍-ଡି'ରେ ତୁର୍କୀ, ଗ୍ରୁପ୍-ଏଫ୍'ରେ ଟ୍ୟୁନିସିଆ, ଗ୍ରୁପ୍-ଏଲ୍'ରେ ପାନାମା ଓ ଗ୍ରୁପ୍-ଜେ'ରେ ଜୋର୍ଡାନ। ଗ୍ରୁପ୍-ଆଇ'ରେ ୨ଟି ଦଳ ପ୍ରଥମ ୨ଟି ମ୍ୟାଚ୍ ହାରିଛନ୍ତି, ଗ୍ରୁପ୍-କେ'ରେ ଉଜ୍‌ବେକିସ୍ତାନ ୨ଟି ହାରିଥିଲାବେଳେ କଙ୍ଗୋ ଗୋଟିଏ ମ୍ୟାଚ୍ ଡ୍ର ରଖିଥିବାରୁ କେଉଁ ଦଳ ବିଦା ହେବ ତାହା ସ୍ପଷ୍ଟ ହୋଇନାହିଁ।

# ଭୁବନେଶ୍ୱର ଆନ୍ତଃସ୍କୁଲ ଫୁଟବଲ

ଭୁବନେଶ୍ୱର,୨୪।୬(ସମିସ): ୟୁନିଟ୍-୬ ଆଥ୍‌ଲେଟିକ୍ ଆସୋସିଏସନ ଆନୁକୂଲ୍ୟରେ ଜୟନ୍ତ ମେମୋରିଆଲ ଭୁବନେଶ୍ୱର ଆନ୍ତଃସ୍କୁଲ ଫୁଟବଲ ପ୍ରତିଯୋଗିତା ଅଗଷ୍ଟ ୮ରୁ ୨୮ ତାରିଖଯାଏ ଖେଳାଯିବ। ଏଥର ଚାମ୍ପିଅନ ଦଳକୁ ୧ଲକ୍ଷ ଓ ରନର୍ସ ଅପ୍ ଦଳକୁ ୫୦,୦୦୦ ଟଙ୍କାର ପୁରସ୍କାର ଦିଆଯିବ। ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରିବାକୁ ଆଗ୍ରହୀ ସ୍କୁଲ ଗୁଡିକ ଆସୋସିଏସନର ସମ୍ପାଦକ ଦିଲୀପ ଦାସଙ୍କୁ ମୋ-୬୩୭୨୮୮୭୦୬୯ କିମ୍ବା କୋଷାଧ୍ୟକ୍ଷ ଚିତ୍ତରଞ୍ଜନ ପାତ୍ରଙ୍କୁ ମୋ-୯୯୩୭୧୪୧୮୬୧ରେ ଯୋଗାଯୋଗ କରିବାକୁ ସଭାପତି ତପନ ମହାନ୍ତି ଅନୁରୋଧ କରିଛନ୍ତି।

# ଛତିଶଗଡ଼ରେ ନ୍ୟାସନାଲ୍ ମିନି ଗଲ୍ଫ

ଭୁବନେଶ୍ୱର,୨୪।୬(ସମିସ): ଛତିଶଗଡ଼ର ରାୟପୁରସ୍ଥିତ ଦେବରା ବିଶ୍ୱବିଦ୍ୟାଳୟଠାରେ ଆସନ୍ତାକାଲିଠାରୁ ନ୍ୟାସନାଲ ମିନି ଗଲ୍ଫ ଚାମ୍ପିଅନସିପ୍ ଆରମ୍ଭ ହେବ। ଏହି ପ୍ରତିଯୋଗିତାରେ ବିକାଶ ଚନ୍ଦ୍ର ପଟ୍ଟନାୟକ ଓ ସ୍ମୃତିରେଖା ପଟ୍ଟନାୟକଙ୍କ ନେତୃତ୍ୱରେ ୨୪ଜଣିଆ ଓଡ଼ିଶା ଦଳ ଅଂଶଗ୍ରହଣ କରୁଛି। ଏହି ନ୍ୟାସନାଲ ପ୍ରତିଯୋଗିତାରେ ୨୧ଟି ରାଜ୍ୟର ପ୍ରତିନିଧିକ ଅଂଶଗ୍ରହଣ କରୁଛନ୍ତି। ଓଡ଼ିଶା ଏଥର ଭଲ ସଫଳତା ପାଇବ ବୋଲି ଓଡ଼ିଶା ମିନି ଗଲ୍ଫ ସଂଘର ସଭାପତି ସତ୍ୟବ୍ରତ ମୀନକେତନ ଆଶା ପ୍ରକାଶ କରିଛନ୍ତି।




■ ଆଇସିସି ଦିନିକିଆ ର୍‍ୟାଙ୍କିଙ୍ଗ୍

# କୋହଲିଙ୍କ ଟପିଲେ ଗିଲ୍

ଦୁବାଇ,୨୪।୬(ଏଜେନ୍ସି): ଆଫଗାନିସ୍ତାନ ବିପକ୍ଷ ଶୃଙ୍ଖଳାରେ ୮୪ ଓ ୧୫୪ ରନ୍ କରିଥିବା ଭାରତର ଅଧିନାୟକ ଶୁବମନ ଗିଲ୍ ସର୍ବଶେଷ ଦିନିକିଆ ମାନ୍ୟତାରେ ବିରାଟ କୋହଲିଙ୍କୁ ହଟାଇ ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛନ୍ତି। ନ୍ୟୁଜିଲାଣ୍ଡର ଡାରିଲ ମିଚେଲ ନଂ-୧ସ୍ଥାନରେ ଥିଲାବେଳେ କୋହଲି ତୃତୀୟ ସ୍ଥାନକୁ ଖସିଆସିଛନ୍ତି। ଭାରତର ରୋହିତ ଶର୍ମା ଚତୁର୍ଥ ସ୍ଥାନରେ ରହିଛନ୍ତି। ସେ ଆଫଗାନିସ୍ତାନ ବିପକ୍ଷ ସିରିଜ୍‌ରେ ୧୬, ୪୮ ଓ ୭୯ ରନ୍ କରିଥିଲେ। ନିକଟରେ ଇଂଲଣ୍ଡ ବିପକ୍ଷରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଖେଳାଯିବ। ଏଥିରେ ପୁଣିଥରେ ମାନ୍ୟତାରେ ପରିବର୍ତ୍ତନ ହେବାର ସମ୍ଭାବନା ରହିବ।

# ଇଂଲଣ୍ଡ ଗସ୍ତରେ ସୂର୍ଯ୍ୟବଂଶୀଙ୍କୁ ଅଲଗା ଡ୍ରେସିଂ ରୁମ୍



ଲଣ୍ଡନ, ୨୪।୬(ଏଜେନ୍ସି): ଇଂଲଣ୍ଡ ବିପକ୍ଷ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଲାଗି ଭାରତୀୟ ଦଳରେ ସ୍ଥାନ ପାଇଥିବା ୧୫ ବର୍ଷୀୟ ବିସ୍ମୟ ବାଳକ ବୈଭବ ସୂର୍ଯ୍ୟବଂଶୀଙ୍କ ଲାଗି ଅଲଗା ଡ୍ରେସିଂ ରୁମ୍‌ର ବ୍ୟବସ୍ଥା କରାଯାଇଛି। ଆଇସିସି ନିୟମ ଅନୁଯାୟୀ ମ୍ୟାଚ୍ ଖେଳାଯିବାକୁ ଥିବା ୫ଟି ଯାକ ଷ୍ଟାଡିୟମ୍‌ରେ ଏହି ବ୍ୟବସ୍ଥା ଲାଗୁ ହେବ, ବୈଭବ କେବଳ ଟିମ୍ ମିଟିଂ ଓ ଖେଳବେଳେ ସେ ଟିମ୍ ଡ୍ରେସିଂରୁମ୍‌କୁ ଯାଇପାରିବେ। ସେହିପରି ଜଣେ ପ୍ରାପ୍ତବୟସ୍କ ହୋଇ ନ ଥିବାରୁ ସେ ତାଙ୍କ ମାତାପିତାଙ୍କ ସହ ରହିବ। ଏଥିଲାଗି ମା' ଆରତୀ ଓ ପିତା ଅଜିତ ସୂର୍ଯ୍ୟବଂଶୀଙ୍କୁ ଇଂଲଣ୍ଡ ପଠାଇବାକୁ ବିସିସିଆଇ ନିଷ୍ପତ୍ତି ନେଇଛି। ବୈଭବ ଯେପରି ଏକୁଟିଆ ଅନୁଭବ ନ କରିବେ ସେଥିଲାଗି ଏହି ପଦକ୍ଷେପ ନିଆଯାଇଛି। ପୂର୍ବରୁ ଫୁଟବଲ୍ ଖେଳରେ ଏଭଳି ଘଟଣା ଦେଖିବାକୁ ମିଳିଛି।

# ପ୍ରଜ୍ଞାଙ୍କୁ କାଂସ୍ୟ, ଜ୍ୟୋତିଙ୍କୁ ସ୍ୱର୍ଣ୍ଣ

ଭୁବନେଶ୍ୱର,୨୪।୬(ସମିସ)

ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍‌ରେ ଆଜିଠାରୁ ଆରମ୍ଭ ହୋଇଛି ୬୫ତମ ଜାତୀୟ ଆନ୍ତଃରାଜ୍ୟ ଦୌଡ଼କୁଦ ପ୍ରତିଯୋଗିତା। ୫ ଦିନ ଧରି ଆୟୋଜିତ ହେବାକୁ ଥିବା ଏହି ପ୍ରତିଯୋଗିତାକୁ କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଆନୁଷ୍ଠାନିକ ଉଦ୍‌ଘାଟନ କରିଛନ୍ତି। ପ୍ରତିଯୋଗିତାର ପ୍ରଥମ ଦିନରେ ଓଡ଼ିଆ ଧାବିକା ପ୍ରଜ୍ଞାପ୍ରଶାନ୍ତ ସାହୁ ୧୦୦ମିଟର ହର୍ଡଲ୍ସରେ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି। ପ୍ରଜ୍ଞା ୧୩.୪୮ ସେକେଣ୍ଡ ସମୟ ନେଇ ତୃତୀୟ ଓ ସବିତା ଟପ୍ପୋ ୧୩.୭୮ ସେକେଣ୍ଡ ସମୟ ନେଇ ଚତୁର୍ଥ ସ୍ଥାନରେ ରହିଛନ୍ତି। କିନ୍ତୁ ଏହି ବିଭାଗରେ ସ୍ୱର୍ଣ୍ଣପଦକ ଜିତିଛନ୍ତି ରିଲାଏନ୍ସ ଆଥଲେଟିକ୍ ଫାଉଣ୍ଡେସନର ଜ୍ୟୋତି ୟାରାଜୀ। କଳିଙ୍ଗ ଷ୍ଟାଡିୟମ୍‌ରେ ପ୍ରଶିକ୍ଷଣ ନେଉଥିବା ଜ୍ୟୋତି ଆଘାତ ସମସ୍ୟାରୁ ଫେରିବା ପରେ ୧୨.୯୯ ସେକେଣ୍ଡ ସମୟ ନେଇ ସ୍ୱର୍ଣ୍ଣପଦକ ଜିତି ସଫଳ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଏହା ସହ ସେ ମଧ୍ୟ ଜାପାନ ଏସିଆନ୍ ଗେମ୍ସ ଲାଗି ଯୋଗ୍ୟତା ଅର୍ଜନ କରିଛନ୍ତି। ପୁରୁଷ ପୋଲ ଭଲ୍ଟରେ ଏମ୍‌ପିର



ଦେବ ମୀନା ୫.୪୫ ମିଟରକୁ ଡେଇଁ ସ୍ୱର୍ଣ୍ଣ ବିଜୟ ସହ ଏସିଆନ ଗେମ୍ସକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ମହିଳା ହାମର ଥ୍ରୋ'ରେ ୟୁପିର ଅନୁଷ୍କା ଯାଦବ ୬୭.୦୨ ମିଟର ଦୂରତାକୁ ଫିଙ୍ଗି ଏହି ରେକର୍ଡ କରିଛନ୍ତି। ସେ ମଧ୍ୟ ଜାପାନ ଏସିଆନ ଗେମ୍ସକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଓଡ଼ିଆଙ୍କ ମଧ୍ୟରେ ମହିଳା ଟ୍ରିପଲ ଜମ୍ପରେ ମେରୀମୁକ୍ତା ସୋରେଙ୍ଗ ୬ଷ୍ଠ, ମହିଳା ହାମର ଥ୍ରୋରେ ସନ୍ଧ୍ୟା ସାଣ୍ଡିଲ୍ୟ ୬ଷ୍ଠ ଓ ମହିଳା ୮୦୦ ମିଟର ଦୌଡ଼ର ହିଟ୍ସ-୨ରେ ଦୀପ୍ତିରାଣୀ ସାହୁ ୬ଷ୍ଠରେ ରହିଛନ୍ତି।

# ଟେଷ୍ଟ ବୋଲିଂ ଶୀର୍ଷରେ ବୁମ୍‌ରା ଓ ହେନ୍‌ରୀ

ଦୁବାଇ, ୨୪।୬(ଏଜେନ୍ସି): ଆଇସିସିର ସଦ୍ୟତମ ଟେଷ୍ଟ ବୋଲିଂ ମାନ୍ୟତାରେ ଫାଷ୍ଟବୋଲର ମ୍ୟାଟ୍ ହେନ୍‌ରୀ ୩୬ ବର୍ଷ ପରେ ନ୍ୟୁଜିଲାଣ୍ଡର ପ୍ରଥମ ବୋଲର ଭାବେ ଟେଷ୍ଟ ବୋଲିଂ ମାନ୍ୟତାର ଶୀର୍ଷରେ ପହଞ୍ଚିଛନ୍ତି। ୩୪ ବର୍ଷ ବୟସ୍କ ହେନ୍‌ରୀ ଭାରତୀୟ ତାରକା ଫାଷ୍ଟବୋଲର ଯଶପ୍ରୀତ ବୁମ୍‌ରାଙ୍କ ସହ ଯୁଗ୍ମ ଶୀର୍ଷ ସ୍ଥାନରେ ରହିଛି। ଉଭୟ ବୁମ୍‌ରା ଓ ହେନ୍‌ରୀ ସମାନ ୮୭୦ ପଏଣ୍ଟ ପାଇଛନ୍ତି। ବିଶ୍ୱର ୧ନଂ ଟେଷ୍ଟ ବୋଲର ହେବାରେ ମ୍ୟାଟ୍ ହେନ୍‌ରୀ ନ୍ୟୁଜିଲାଣ୍ଡର ତୃତୀୟ ବୋଲର। ୧୯୪୭ରେ ନ୍ୟୁଜିଲାଣ୍ଡର ଜ୍ୟାକ୍ କୋୱି ଓ ୧୯୮୪ରୁ ୧୯୯୦ ମଧ୍ୟରେ ରିଚାର୍ଡ ହାଡ୍‌ଲି ବିଶ୍ୱର ୧ନଂ ଟେଷ୍ଟ ବୋଲର ହୋଇଥିଲେ।

■ ମହିଳା ଟି-୨୦ ବିଶ୍ୱକପ୍

# ଭାରତ-ବାଂଲାଦେଶ ଲଢ଼େଇ ଆଜି

ମାଞ୍ଚେଷ୍ଟର,୨୪।୬(ଏଜେନ୍ସି): ଭାରତ ଓ ବାଂଲାଦେଶ ମଧ୍ୟରେ ଏଠାରେ ଚାଲିଥିବା ମହିଳା ଟି-୨୦ ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତାର ଏକ ଗୁରୁତ୍ୱପୂର୍ଣ୍ଣ ମୁକାବିଲା ଆସନ୍ତାକାଲି ଖେଳାଯିବ। ଉଭୟ ଦେଶ ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲାବେଳେ ଏହି ମ୍ୟାଚ୍‌ରେ ପରାଜିତ ଦଳ ସେମିଫାଇନାଲ ଦୌଡ଼ରୁ ବାଦ୍ ପଡ଼ିବ। ଆଜି ଅଷ୍ଟ୍ରେଲିଆ ଦଳ କ୍ରମାଗତ ଚତୁର୍ଥ ବିଜୟ ପରେ ସେମିଫାଇନାଲ ଖେଳିବା ସ୍ପଷ୍ଟ କରିଛି। ଭାରତ ବାଂଲାଦେଶକୁ ହରାଇଲେ ମଧ୍ୟ ସେମିଫାଇନାଲ ଖେଳିବାକୁ ହେଲେ ରବିବାର ଖେଳାଯିବାକୁ ଥିବା ଶେଷ ଲିଗ୍ ମ୍ୟାଚ୍‌ରେ ଅଷ୍ଟ୍ରେଲିଆକୁ ହରାଇବାକୁ ପଡ଼ିବ। ଏଣୁ ଆସନ୍ତାକାଲି ମ୍ୟାଚ୍‌ରେ ଭାରତ ତାହାର ଫର୍ମ ପ୍ରଦର୍ଶନ କରିବାକୁ ହେବ।

● ଇଂଲଣ୍ଡ ଗସ୍ତ ଲାଗି ଭାରତୀୟ

# କନିଷ୍ଠ ମହିଳା ହକି ଦଳ ଘୋଷିତ

ନୂଆଦିଲ୍ଲୀ,୨୪।୬(ଏଜେନ୍ସି): ଭାରତର ୨୪ ଜଣିଆ କନିଷ୍ଠ ମହିଳା ହକି ଦଳ ଗ୍ରେଟବ୍ରିଟେନ୍ ଗସ୍ତରେ ଯିବ। ଏହି ଗସ୍ତ ଲାଗି ସେଇଲିମା ଚାନୁଙ୍କ ନେତୃତ୍ୱରେ ଘୋଷିତ ଦଳରେ ଓଡ଼ିଶାରୁ ଗୋଲରକ୍ଷକ ଏଞ୍ଜିଲ ହର୍ଷାରାଣୀ ମିଞ୍ଜ, ଡିଫେଣ୍ଡର ପୂଜା ସାହୁ, ମିଡ୍‌ଫିଲ୍ଡର ତନୁଜା ଟପ୍ପୋ ଓ ସୁପ୍ରିୟା କୁଜୁରଙ୍କୁ ସ୍ଥାନ ମିଳିଛି। ଜୁଲାଇ ୫ରୁ ୧୪ ତାରିଖଯାଏ ହେବାକୁ ଥିବା ଏହି ଗସ୍ତରେ ସ୍କଟଲାଣ୍ଡ ଓ ଇଂଲଣ୍ଡ ସହ ଭାରତ ଖେଳିବ। ଏସିଆ କପ୍ ପୂର୍ବରୁ ଏହା ଦଳର ଭଲ ପ୍ରସ୍ତୁତି ହେବ ବୋଲି ନୂଆ ହେଡ୍ କୋଚ୍ ଟିମ୍ ହ୍ୱାଇଟ୍ କହିଛନ୍ତି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS